

‘ରାମାୟଣ’ ବିଭୀଷଣ ଭୂମିକାରେ ବିବେକ

▸ପୃଷ୍ଠା ୧୧ ଦେଖନ୍ତୁ...


RNI REGD NO: 42041/83
www.sakalaepaper.com
/sakalanews
/sakalanews
www.thesakala.in

# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

◆VOLUME- 43 ◆ISSUE-128 ◆TUESDAY ◆4 NOVEMBER 2025 ◆PAGE-12 ◆₹ 6.00 | PANIKOILI | ◆ବର୍ଷ-୪୩ ◆ସଂଖ୍ୟା-୧୨୮ ◆ମଙ୍ଗଳବାର ◆୪ ନଭେମ୍ବର ୨୦୨୫ ◆ପୃଷ୍ଠା-୧୨ ◆ଟ.୬.୦୦


## ଜୁକରବର୍ଗଙ୍କୁ ପଛରେ ପକାଇଲେ | ୨୨ ବର୍ଷୀୟ ୩ ଯୁବକ ବିଶ୍ୱ ଅରବପତି



■ **ନୂଆଦିଲ୍ଲୀ, ୩।୧୧ (ଏଜେନ୍ସି):** ଭାରତୀୟ ବଂଶୋଭବ ଏବଂ ଆମେରିକାର ୨୨ ବର୍ଷୀୟ ତିନି ଯୁବକ ରେକର୍ଡ କରିଛନ୍ତି। ଏହି ତିନି ଜଣ ମେଟା ମାଲିକ ମାରକ ଜୁକରବର୍ଗଙ୍କୁ ପଛରେ ପକାଇ ଦେଇଛନ୍ତି। ମର୍କୋର କମ୍ପାନୀର ଏହି ତିନି ପ୍ରତିଷ୍ଠାତା ବିଶ୍ୱର ସବୁଠାରୁ ଯୁବ ଅରବପତି (ନିଜ ପ୍ରଚେଷ୍ଟା) ପାଲଟି ଯାଇଛନ୍ତି। ୨୦୦୮ରେ ୨୩ ବର୍ଷ ବୟସରେ ମାର୍କ ଜୁକରବର୍ଗ ଅରବପତି ତାଲିକାରେ ସାମିଲ ହୋଇଥିଲେ। କିନ୍ତୁ ଏବେ ଏଆଇ ନିଯୁକ୍ତି ଷ୍ଟାର୍ଟଅପ୍ ‘ମର୍କୋର’ ପ୍ରତିଷ୍ଠା କରିଥିବା ଉଚ୍ଚ ବିଦ୍ୟାଳୟର ତିନି ବନ୍ଧୁ ବ୍ରେଣ୍ଡନ ଫୁଡି, ଆଦର୍ଶ ହେରମଥ ଏବଂ ସୂର୍ଯ୍ୟା ମିଧା ଏହି ତାଲିକାରେ ସାମିଲ ହୋଇଛନ୍ତି।

ଫୋର୍ବସର ରିପୋର୍ଟ ଅନୁଯାୟୀ, ସାନ୍ ଫ୍ରାନ୍‌ସିସ୍‌କୋ ସ୍ଥିତ ଏହି ଷ୍ଟାର୍ଟଅପ୍ ନିକଟରେ ୩୫ କୋଟି ଡଲାରର ପାଣ୍ଠି ସଂଗ୍ରହ କରିଥିଲା। ଏହା ଦ୍ୱାରା କମ୍ପାନୀର ମୂଲ୍ୟାଙ୍କନ ବଢ଼ି ୧୦ ବିଲିୟନ ଡଲାରରେ ପହଞ୍ଚି ଯାଇଛି। ଏହି ପାଣ୍ଠି ହାସଲ ପରେ ଏଆଇ କମ୍ପାନୀର ସିଇଓ ବ୍ରେଣ୍ଡନ ଫୁଡି, ଏହାର ଭାରତୀୟ ବଂଶୋଭବ ସିଟିଓ ଆଦର୍ଶ ହେରମଥ ଏବଂ ବୋର୍ଡ ଅଧ୍ୟକ୍ଷ ସୂର୍ଯ୍ୟା ମିଧା ବିଶ୍ୱର ▸ପୃଷ୍ଠା-୭

## ମଦ୍ୟପ ଡ୍ରାଇଭରର ଉତ୍ପାତ | ୨୦ଟି ଗାଡ଼ି ଉପରେ ଚଢ଼ାଇ ଦେଲା ଡମ୍ଫର, ୧୯ ମୃତ



■ **ଜୟପୁର, ୩।୧୧(ଏଜେନ୍ସି):** ରାଜସ୍ଥାନରେ ଆଜି ଏକ ଅଭାବନୀୟ ଦୁର୍ଘଟଣା ଦେଖିବାକୁ ମିଳିଛି। ଡମ୍ଫର ଟ୍ରକ ଚଳାଉଥିବା ଜଣେ ମଦ୍ୟପ ଡ୍ରାଇଭରର ତାଣ୍ଡବରେ ରକ୍ତରଞ୍ଜିତ ହୋଇଛି ଜୟପୁର ରାସ୍ତା। ଅତ୍ୟଧିକ ମଦପାନ କରି ସେ ଏମିତି ଟ୍ରକ ଚଳାଉଥିଲା ଯେ ତା ସାମନାରେ ଯିଏ ଆସିଲା, ତାକୁ ମଡ଼ାଇଚାଲିଲା। ଏମିତି ପାଞ୍ଚ କିଲୋମିଟର ଯାଏଁ ସେ ରଚିଥିଲା ଏମିତି ତାଣ୍ଡବ। ଯିଏ ଯେତେ ଅଟକାଇଲେ ବି ସେ ଶୁଣିନଥିଲା। ଶେଷରେ ବଡ଼ ଧରଣର ଦୁର୍ଘଟଣାର ସମ୍ମୁଖୀନ ହେବାପରେ ତାର ଗାଡ଼ି ଅଟକିଥିଲା। ତା ଟ୍ରକ ତଳେ ୨୦ରୁ ଅଧିକ ଗାଡ଼ି ଚାପି ହୋଇ ଚୂରମାର ହୋଇଯାଇଥିବା ବେଳେ ୧୯ ଜଣ ବ୍ୟକ୍ତି ପ୍ରାଣ ହରାଇଛନ୍ତି ଏବଂ ୩୦ରୁ ଅଧିକ ଆହତ ହୋଇଛନ୍ତି। ଆହତମାନଙ୍କୁ ବିଭିନ୍ନ ମେଡିକାଲରେ ଭର୍ତ୍ତି କରାଯାଇଛି।

ପ୍ରତ୍ୟକ୍ଷଦର୍ଶୀଙ୍କ ଠାରୁ ପ୍ରକାଶ ଯେ ଡ୍ରାଇଭର ଏତେ ମଦ ପିଇଥିଲା ଯେ ସେ ନିଜ ନିୟନ୍ତ୍ରଣରେ ନଥିଲା। ଗୋଟିଏ ପରେ ଗୋଟିଏ ଗାଡ଼ି ଉପରେ ଟ୍ରକ ଚଢ଼ିଯାଇଥିଲା। ଏଥିରେ ଅନେକ କାର ଏବଂ ଦୁଇ ଚକିଆ ଓ ତିନି ଚକିଆ ଯାନ ରହିଛି। ୫ କିଲୋମିଟର ▸ପୃଷ୍ଠା-୭

## ବିଜେପିକୁ ନବୀନଙ୍କ ଶାଣିତ ନିଶାଣ

# ମୋ ପ୍ରତି ବେଇମାନୀ ହୋଇଛି







## ଭୋଟ ଚୋରି କରି ସରକାର ଗଢ଼ିଥିଲେ, ଏବେ ପ୍ରାର୍ଥୀ ଚୋରି

- 'ଗେମ୍ ଚେଞ୍ଜର୍' ନୁହେଁ; ବିଜେପି ସରକାର ଖାଲି 'ନେମ୍ ଚେଞ୍ଜର୍'
- ବିଜେପି ସରକାର ମିଛ ପ୍ରଚାରରେ ହିରୋ, କାମରେ ଜିରୋ
- ନୂଆପଡ଼ାବାସୀ ଭୋଟରେ ଦେବେ ବିଶ୍ୱାସଘାତକତାର ଜବାବ
- ରାଜ୍ୟ ସାରା ବିକାଶ କାମ ବନ୍ଦ, ସୀମାଟପିଛି ନାରୀ ଅତ୍ୟାଚାର

■ **ନୂଆପଡ଼ା,୩।୧୧(ସମିସ):** କୋମନାର ଧାନମଣ୍ଡି ପଡ଼ିଆଠାରେ ଆୟୋଜିତ ବିଶାଳ ସମାବେଶରେ ସିଧା ନିଶାଣ ସହ ବିଜେପିକୁ ଶାଣିତ ସମାଲୋଚନା କରିଛନ୍ତି ବିଜେଡି ସଭାପତି ନବୀନ ପଟ୍ଟନାୟକ। ମିଛ ପ୍ରତିଶ୍ରୁତି ଦେଇ କ୍ଷମତାକୁ ଆସିଥିବା ବିଜେପି କେବଳ ପ୍ରଚାରରେ ହିରୋ ଓ କାମରେ ଜିରୋ ବୋଲି ଉଲ୍ଲେଖ କରି ରାଜ୍ୟରେ ବିଜେପି ସରକାରକୁ ‘ଗେମ୍ ଚେଞ୍ଜର’ ନୁହେଁ, କେବଳ ‘ନେମ୍ ଚେଞ୍ଜର’ ବୋଲି କଟାକ୍ଷ କରିଛନ୍ତି। ବିଜେପି ସରକାର କେବଳ ରଙ୍ଗମରା ସରକାର ବୋଲି ଉଲ୍ଲେଖ କରି ୩୦୦ ୟୁନିଟ୍ ମାଗଣା ବିଜୁଳି, ବୁଢ଼ାବୁଢ଼ୀଙ୍କୁ ୩୫୦୦ ଟଙ୍କା ଭତ୍ତା, ସବୁ ପଞ୍ଚାୟତରେ ୧୦୦ ଯୁବକଙ୍କୁ ଚାକିରି, କଟନିଛଟନି ବନ୍ଦ କରିବା ପ୍ରତିଶ୍ରୁତି କୁଆଡ଼େ ଗଲା ବୋଲି ପ୍ରଶ୍ନ କରିଛନ୍ତି। ସାଧାରଣ ଲୋକଙ୍କ ମନରେ ଏଥିପାଇଁ ଯେଉଁ କ୍ରୋଧ ଓ କ୍ଷୋଭ ସୃଷ୍ଟି ହୋଇଛି; ତାହା ନିର୍ବାଚନରେ ପ୍ରତିଫଳିତ ହେବ ଏବଂ ଆସନ୍ତା ୧୧ ତାରିଖରେ ମିଛ ପ୍ରତିଶ୍ରୁତି, ବିଶ୍ୱାସଘାତକତାର ଜବାବ ନୂଆପଡ଼ାବାସୀ ଭୋଟ ଦେବେ ଓ ବିଜେଡିର ଶଙ୍ଖ ଚିହ୍ନରେ ଭୋଟ ଦେଇ ସ୍ନେହାଙ୍ଗିନୀ ଛୁରିଆଙ୍କୁ ବିଜୟୀ କରିବେ ବୋଲି ନବୀନ ଦୃଢ଼ୋକ୍ତି ବାଢ଼ିଛନ୍ତି।

ଆଜି ସ୍ୱତନ୍ତ୍ର ବିମାନ ଯୋଗେ ନବୀନ ଗୋଟମା ଏୟାରଷ୍ଟ୍ରିପରେ ପହଞ୍ଚିବା ପରେ ହେଲିକପ୍ଟର ଯୋଗେ ନୂଆପଡା କୋମନା ବ୍ଲକର ତାରାବୋଡ଼ ଅନ୍ତର୍ଗତ ଧାନମଣ୍ଡି ପଡିଆରେ ପହଞ୍ଚିଥିଲେ। ନିଜ ଉଦବୋଧନରେ ପ୍ରଥମେ ପୂର୍ବତନ ବିଧାୟକ ରାଜେନ୍ଦ୍ର ଢୋଲକିଆଙ୍କୁ ଶ୍ରଦ୍ଧାଞ୍ଜଳି ଅର୍ପଣ କରିବା ସହ ନୂଆପଡ଼ା ଜିଲ୍ଲା ଗଠନରେ ବିଜୁବାବୁଙ୍କ ଅବଦାନ ବିଷୟରେ ସ୍ମରଣ କରିଥିଲେ। ନବୀନ କହିଥିଲେ ଯେ ବିଜୁ ଜନତା ଦଳ ସରକାର ସମୟରେ ନୂଆପଡା ଜିଲ୍ଲାର ପ୍ରଭୁତ ଉନ୍ନତି ହୋଇଥିଲା। ଗମନାଗମନ ପାଇଁ ବିଜୁ ଏକ୍ସପ୍ରେସ ୱେ’ ନିର୍ମାଣ କରାଯାଇଛି, ବିଶୁଦ୍ଧ ପାନୀୟ ଜଳ ଯୋଗାଣ କରାଯାଇଛି , ୧୦ହଜାର ହେକ୍ଟରରୁ ଅଧିକ କ୍ଷେତକୁ ଜଳସେଚନ କରାଯାଇଥିଲା। ଆମ ସରକାର ସମୟରେ ସୁନାବେଡା ଅଭୟାରଣ୍ୟର ଲୋକଙ୍କ କଲ୍ୟାଣ ପାଇଁ ଅନେକ ପଦକ୍ଷେପ ନିଆଯାଇଥିଲା; କିନ୍ତୁ ବିଜେପି ସରକାର ଆସିବା ପରେ ରାଜ୍ୟରେ ପରିସ୍ଥିତି ପୁରା ବଦଳି ଯାଇଛି ବୋଲି ସେ କ୍ଷୋଭ ପ୍ରକାଶ କରିଥିଲେ।

ନବୀନ କହିଥିଲେ ଯେ ଏବେ ସାରା ରାଜ୍ୟରେ ବିକାଶ କାମ ପୁରା ବନ୍ଦ ହୋଇଯାଇଛି। ଆଇନ ଶୃଙ୍ଖଳା ଭୁଷୁଡି ପଡ଼ିଛି, ନାରୀ ଅତ୍ୟାଚାର ସବୁ ସୀମା ଟପିଛି। ଭାଇଚାରାର ରାଜ୍ୟ ଓଡ଼ିଶା ସୁନାମ ଆଜି ନଷ୍ଟ ହୋଇଛି। ମିଶନ ଶକ୍ତି ମା ମାନେ ରାଜ୍ୟରେ ଏକ ନୀରବ ଆନ୍ଦୋଳନ ଆଣିଥିଲେ। କିନ୍ତୁ ଏ ସରକାର ମିଶନ ଶକ୍ତି ମା ମାନେ ଆଜି ଋଣ ପାଉନାହାନ୍ତି, ମିଶନ ଶକ୍ତି ସହଯୋଗୀ ମାମାନେ ୮ ମାସ ହେଲା ଦରମା ପାଉ ନାହାନ୍ତି। ଏ ସରକାର କେବଳ ମିଛ ପ୍ରଚାରରେ ମାତିଛି। ରାଜ୍ୟ ସରକାର କେବଳ ରଙ୍ଗ ମରା ସରକାରରେ ପରିଣତ ହୋଇଛି ବୋଲି ଉଲ୍ଲେଖ କରି ନିର୍ବାଚନ ପୂର୍ବରୁ ବିଜେପି ଦେଇଥିବା ଗୋଟିଗୋଟି ପ୍ରତିଶ୍ରୁତି ଓ ଏହାର ଫଳଶ୍ରୁତି ସମ୍ପର୍କରେ ଲୋକଙ୍କୁ ପ୍ରଶ୍ନ କରିଥିଲେ। ମାଗଣା ବିଜୁଳି, ୩୫୦୦ ଟଙ୍କା ଭତ୍ତା , ଚାଷୀଙ୍କୁ ୟୁରିଆ ସାର ଯୋଗାଣ, କଟନୀ ଛଟନୀ ବନ୍ଦ ହେବା, ବିଏସକେୱାଇ ଭଲ କି ଆୟୁଷ୍ମାନ କାର୍ଡ ଭଲ ପଚାରିବା ସହ ରାଜ୍ୟ ସରକାରଙ୍କୁ କଟୁ ସମାଲୋଚନା କରିଥିଲେ। ▸ପୃଷ୍ଠା-୭

### ଅନିଲ ଅମ୍ବାନୀଙ୍କ ସଙ୍କଟ ବଢ଼ିଲା

## ୩୦୮୪ କୋଟିର ସମ୍ପତ୍ତି ଜବତ କଲା ଇଡି



■ **ମୁମ୍ବାଇ, ୩।୧୧ (ଏଜେନ୍ସି):** ବ୍ୟବସାୟ ଅନିଲ ଅମ୍ବାନୀଙ୍କ ସଙ୍କଟ ବଢ଼ିବାରେ ଲାଗିଛି। ପ୍ରବର୍ତ୍ତନ ନିର୍ଦ୍ଦେଶାଳୟ (ଇଡି) ବଡ଼ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରି ଅନିଲଙ୍କ ରିଲାଏନ୍ସ ଗ୍ରୁପ ସମ୍ବନ୍ଧିତ ୪୦ରୁ ଅଧିକ ସମ୍ପତ୍ତି ଜବତ କରିଛି। ଏହି ସମ୍ପତ୍ତିର ମୂଲ୍ୟ ପ୍ରାୟ ୩ ୦୮୪ କୋଟି ଟଙ୍କା ହେବ। ଜବତ ସମ୍ପତ୍ତି ମଧ୍ୟରେ ମୁମ୍ବାଇର ପାଲି ହିଲ୍ସ ସ୍ଥିତ ବିଳାସପୂର୍ଣ୍ଣ ଘର ସାମିଲ ରହିଛି। ଏଠାରେ ଅନେକ ସୁବିଧାସୁଯୋଗ ସହିତ ହେଲିପ୍ୟାଡ ରହିଛି। ଏହା ବ୍ୟତୀତ ଦିଲ୍ଲୀ, ନୋଏଡା, ଗାଜିଆବାଦ, ମୁମ୍ବାଇ, ପୁନେ, ଥାନେ, ହାଇଦାରାବଦ, ଚେନ୍ନାଇ, କାଞ୍ଚିପୁରମ ଏବଂ ଇଷ୍ଟ ଗୋଦାବରୀ ଭଳି ସହରରେ ଥିବା ସମ୍ପତ୍ତିକୁ ମଧ୍ୟ ଜବତ କରାଯାଇଛି। ଏଥିରେ ରେସିଡେନସିଆଲ ୟୁନିଟ୍ସ, ଅଫିସ ସ୍ପେସ ଏବଂ ଲ୍ୟାଣ୍ଡ ପାର୍ସଲ ରହିଛି। ମନି ଲଣ୍ଡରିଂ ମାମଲାରେ ଏହି କାର୍ଯ୍ୟାନୁଷ୍ଠାନ ନିଆଯାଇଛି। ଏହା ୟେସ ବ୍ୟାଙ୍କ ସମ୍ବନ୍ଧିତ ଋଣର ଡାଇଭର୍ସନ ସମ୍ବନ୍ଧିତ। ଲୋକଙ୍କ ଟଙ୍କା ଆଦାୟ କରିବା ପାଇଁ ଅନିଲଙ୍କ ସମ୍ପତ୍ତିକୁ ଜବତ କରାଯାଇଛି ବୋଲି ଇଡି ପକ୍ଷରୁ କୁହାଯାଇଛି।

ଗତ ଅକ୍ଟୋବର ୩୧ ତାରିଖରେ ମନି ଲଣ୍ଡରିଂ ନିରୋଧି ଆଇନର ଧାରା ୫(୧) ଅନୁଯାୟୀ ସମ୍ପତ୍ତି ଜବତ କରିବାକୁ ଇଡି ନୋଟିସ ଜାରି କରାଯାଇଥିଲା। ଏହି ମାମଲାର ତଦନ୍ତରୁ ଇଡି ଜାଣିବାକୁ ପାଇଥିଲା ▸ପୃଷ୍ଠା-୭

## ପୁଣି ଜେଲ୍‌ରେ କଏଦୀର ଆତ୍ମହତ୍ୟା

■ **ଚୌଦ୍ୱାର, ୩।୧୧ (ସମିସ):** ଚୌଦ୍ୱାର ସର୍କଲ ଜେଲରେ ଗତ କିଛିଦିନ ଧରି ଗୋଟିଏ ପରେ ଗୋଟିଏ ଅଘଟଣ ଘଟି ଚାଲିଥିବା ଚର୍ଚ୍ଚାକୁ ଆସିଛି। କେତେବେଳେ କୁଖ୍ୟାତ ଅପରାଧୀ ପାଚେରୀ ଡେଇଁ ଫେରାର ହୋଇଯାଉଛନ୍ତି ତ ଆଉ କେତେବେଳେ କଏଦୀଙ୍କ ମଧ୍ୟରେ ମାଡ଼ପିଟ ଘଟି କଏଦୀ ଗୁରୁତର ଆହତ ହେବା ଭଳି ଘଟଣାମାନ ଘଟୁଛି। ସୋମବାର ଦିନ ଜେଲ ଭିତରେ ଜଣେ ବିଚାରାଧୀନ କଏଦୀ ଆତ୍ମହତ୍ୟା କରିଥିବା ଜଣାପଡ଼ିଛି । ଲଗାତାର ଭାବେ ଏସବୁ ଅଘଟଣ ଘଟିବା ଜେଲର ସୁରକ୍ଷା ବ୍ୟବସ୍ଥାକୁ ନେଇ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି। ଆତ୍ମହତ୍ୟା ଘଟଣାରେ ମୃତକ ଜଣକ ହେଲେ ଖୋର୍ଦ୍ଧା ଜିଲ୍ଲା ବୋଲଗଡ ଥାନା ବଡମାଳି ଗ୍ରାମର ପବିତ୍ର ସାହୁ (୪୪)। ପବିତ୍ର ଏକ ଚିଟ୍‌ଫଣ୍ଡ ଠକେଇ ମାମଲାରେ ଗତ ଏକ ମାସ ତଳେ ଅନ୍ୟ ଜେଲରୁ ସ୍ଥାନାନ୍ତର ହୋଇ ଚୌଦ୍ୱାର ଜେଲକୁ ଆସିଥିଲେ। ସୋମବାର ସକାଳେ ଜେଲ ଭିତରେ ଥିବା ପାଇଖାନା ଘରେ ସେ ବେକରେ ଏକ ଗାମୁଛା ବାନ୍ଧି ଆତ୍ମହତ୍ୟା ଉଦ୍ୟମ କରି ଗୁରୁତର ହୋଇପଡିଥିଲେ। ଜେଲ କର୍ତ୍ତୃପକ୍ଷ ତୁରନ୍ତ ତାଙ୍କୁ ଚିକିତ୍ସା ନିମନ୍ତେ କଟକ ବଡ ଡାକ୍ତରଖାନା ପଠାଇଥିଲେ ହେଁ ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ତେବେ ପବିତ୍ର କାହିଁକି ଆତ୍ମହତ୍ୟା କଲେ ତାହା ସ୍ପଷ୍ଟ ହୋଇପାରି ନାହିଁ। ଖବର ପାଇ ଚୌଦ୍ୱାର ପୁଲିସ ଜେଲରେ ପହଞ୍ଚି ସନ୍ଧାନୀ କୁକୁର ସହାୟତାରେ ଘଟଣାର ତଦନ୍ତ କରୁଛି।

ସୂଚନାଯୋଗ୍ୟ ଯେ, ଗତ ଦଶହରା ସମୟରେ ବିହାର ରାଜ୍ୟର ୨ ଜଣ କୁଖ୍ୟାତ ଅପରାଧୀ ଜେଲର ▸ପୃଷ୍ଠା-୭

### ମାମୁ ଘରେ ଖେଳ ହେଲା କାଳ

## ପାଇଖାନା ଟାଙ୍କିରେ ପଡ଼ି ଚାଲିଗଲା ୩ ଶିଶୁଙ୍କ ଜୀବନ



**ମୃତକଙ୍କ ମଧ୍ୟରେ ୨ ନାବାଳକ ଓ ଜଣେ ନାବାଳିକା**

■ **ବଡ଼ମ୍ବା, ୩।୧୧ (ସମିସ):** କଟକ ଜିଲ୍ଲା ବଡ଼ମ୍ବା ଥାନା ଅନ୍ତର୍ଗତ ରଗଡ଼ିପଡ଼ା ଗାଁରେ ଏକ ହୃଦୟବିଦାରକ ଘଟଣା ଘଟିଛି। ସୋମବାର ଅପରାହ୍ଣରେ ଗ୍ରାମର ହରିଜନ ସାହି ପଛ ପାଖେ ଥିବା ଏକ ପାଇଖାନା ସେପ୍ଟିକ୍ ଟାଙ୍କିରେ ପଡ଼ି ୩ ଶିଶୁ ଅକାଳରେ ପ୍ରାଣ ହରାଇଛନ୍ତି। ମୃତକଙ୍କ ମଧ୍ୟରେ ଦୁଇଜଣ ନାବାଳକ ଓ ଜଣେ ନାବାଳିକା। ମାମୁଁଘରକୁ ବୁଲିବାକୁ ଆସି ଖେଳୁଥିବା ସମୟରେ ଏହି ଅଘଟଣ ଘଟିଥିବା ଜଣାପଡ଼ିଛି। ଏହି ଦୁଃଖଦ ଘଟଣା ଗ୍ରାମରେ ଶୋକାକୁଳ ପରିବେଶ ସୃଷ୍ଟି କରିଛି। ଶିଶୁଙ୍କ ମାମୁଘର ଓ ପରିବାରଲୋକେ ଦୁଃଖରେ ଭାଙ୍ଗି ପଡ଼ିଛନ୍ତି। ▸ପୃଷ୍ଠା-୭

## ବୁଡ଼ ପକାଇବା ବେଳେ ଅଘଟଣ | ଘୋଡ଼ାହାଡ଼ ନଦୀରେ ଭାସିଗଲେ ଦୁଇ ମହିଳା





■ **ଦିଗପହଣ୍ଡି, ୩।୧୧(ସମିସ):** ଦିଗପହଣ୍ଡି ବ୍ଲକ୍ ଖମାରୀ ଗାଁ ପଞ୍ଚାୟତ ସେବକ ଟିକରପଡ଼ା ଗ୍ରାମ ନିକଟ ଘୋଡ଼ାହାଡ଼ ନଦୀରେ ଆଜି ଏକ ଅଘଟଣ ୨ଜଣଙ୍କ ଜୀବନ ନେଇଛି। ପଞ୍ଚୁକ ପାଇଁ ବୁଡ଼ ପକାଉଥିବା ବେଳେ ନଦୀରେ ଭାସି ଦୁଇ ମହିଳା ପ୍ରାଣ ହରାଇଛନ୍ତି। ସୋମବାର ଭୋର୍ ପ୍ରାୟ ୪ଟାରେ ଏହି ଦୁଃଖଦ ଘଟଣା ଘଟିଛି। ମୃତକଦ୍ୱୟ ହେଲେ, ସେବକ ଟିକରପଡ଼ା ଗାଁର ସୀମାଞ୍ଚଳ ପାଢ଼ୀଙ୍କ ସ୍ତ୍ରୀ ଲଳିତା ପାଢ଼ୀ(୭୦) ଏବଂ ଧନୁ ଗୌଡ଼ଙ୍କ ସ୍ତ୍ରୀ ସବିତା ଗୌଡ଼(୪୨)।

ଲଳିତା ବୁଡ଼ ପକାଇ ଗାଧୋଉଥିବା ବେଳେ ଅସାବଧାନତା ବଶତଃ ତାଙ୍କ ଗୋଡ଼ ଖସି ଯାଇଥିଲା ଏବଂ ନଦୀର ପ୍ରଖର ସ୍ରୋତରେ ସେ କିଛି ଦୂରକୁ ଭାସି ଯାଇଥିଲେ। ତାଙ୍କ ଚିତ୍କାର ଶୁଣି ପାଖରେ ଗାଧୋଉଥିବା ସବିତା ତାଙ୍କୁ ଉଦ୍ଧାର କରିବା ପାଇଁ ଚେଷ୍ଟା କରିଥିଲେ। କିନ୍ତୁ ସେ ମଧ୍ୟ ନଦୀର ସୁଅରେ ଭାସି ଯାଇଥିଲେ। ଏହା ଦେଖି ପାଖରେ ଗାଧୋଉଥିବା ଅନ୍ୟ ମହିଳାମାନେ ଗ୍ରାମବାସୀଙ୍କୁ ଖବର ଦେଇଥିଲେ। ଦିଗପହଣ୍ଡି ଦମକଳବାହିନୀ ଘଟଣାସ୍ଥଳଠାରୁ ପ୍ରାୟ ୧କିମି ଦୂର ଗୋଲଣ୍ଡା ଗ୍ରାମ ନଦୀପଠାରେ ପହଞ୍ଚି କିଛି ଗ୍ରାମବାସୀଙ୍କ ସହାୟତାରେ ନଦୀରୁ ଉଭୟଙ୍କୁ ଅଚେତ ଅବସ୍ଥାରେ ▸ପୃଷ୍ଠା-୭

### ଆଇନଜୀବୀ ପୀତବାସ ପଣ୍ଡା ହତ୍ୟା ମାମଲା

## ପୁଲିସ କବ୍‌ଜାରେ ଉମା ଓ ସୁଟର୍ କୁରୁପତି

■ **ବ୍ରହ୍ମପୁର, ୩।୧୧(ସମିସ):** ବହୁଚର୍ଚ୍ଚିତ ଆଇନଜୀବୀ ପୀତବାସ ପଣ୍ଡା ହତ୍ୟା ଘଟଣାର ମାଷ୍ଟରମାଇଣ୍ଡ ତଥା ଫେରାର୍ ଅଭିଯୁକ୍ତ ଉମା ବିଶୋୟୀ ଓ ସୁଟର୍ କୁରୁପତି ଭୂୟାଁ ପୁଲିସ ପଞ୍ଝାରେ। ପୂର୍ବରୁ ଉଭୟଙ୍କ ସମ୍ପର୍କରେ ପୁଲିସ କୌଣସି ସୁରାକ ପାଇ ପାରିନଥିବା ବେଳେ ହଠାତ୍ ସେମାନଙ୍କ ଆତ୍ମସମର୍ପଣକୁ ନେଇ ଚର୍ଚ୍ଚା ଜୋର୍ ଧରିଛି।

ସୂଚନାନୁସାରେ, ଉମା ଓ କୁରୁପତି ବ୍ରହ୍ମପୁର ପୁଲିସ ମୁଖ୍ୟାଳୟ ସମ୍ମୁଖରେ କୌଣସି ଏକ ଗାଡ଼ିରୁ ଓହ୍ଲାଇଥିଲେ। ପରେ ଉଭୟ ମୁଖ୍ୟଫାଟକ ଅତିକ୍ରମ କରି ଚାଲିଚାଲି ▸ପୃଷ୍ଠା-୭

## ପୁଲିସ ଏସ୍‌ଆଇ ଚାକିରି ବିକ୍ରି ମାମଲା | ସିଲିକନ୍ ଇନ୍‌ଫୋଟେକ୍ ସିଇଓ ସୁରେଶ ଗିରଫ

■ **ଭୁବନେଶ୍ୱର,୩।୧୧(ସମିସ):** ପୁଲିସ ଏସ୍‌ଆଇ ଚାକିରି ବିକ୍ରି ମାମଲାରେ ସିଲିକନ୍ ଇନ୍‌ଫୋଟେକ୍‌ର ସିଇଓ ସୁରେଶ ଚନ୍ଦ୍ର ନାୟକଙ୍କୁ ସୋମବାର ତାଙ୍କ ପଟିଆ ବାସଭବନରୁ ଗିରଫ କରିଛି କ୍ରାଇମ୍‌ବ୍ରାଞ୍ଚ। ଏସ୍‌ଆଇ ପରୀକ୍ଷା ପରିଚାଳନା କରୁଥିବା ପଞ୍ଚସଫ୍ଟର ମୁଖ୍ୟ ଶଙ୍କର ପ୍ରୁଷ୍ଟିଙ୍କ ବୟାନ ଓ ମିଳିଥିବା ପ୍ରମାଣ ଆଧାରରେ ତାଙ୍କୁ ଗିରଫ କରାଯାଇଥିବା କ୍ରାଇମ୍‌ବ୍ରାଞ୍ଚ ସୂଚନା ଦେଇଛି। ଉତ୍ତରାଖଣ୍ଡରୁ ଗିରଫ ହୋଇଥିବା ଶଙ୍କରଙ୍କୁ ଦିନ ତମାମ୍ ଜେରା ପରେ ଚାକିରି ବିକ୍ରି ଘଟଣାରେ କ୍ରାଇମ୍‌ବ୍ରାଞ୍ଚ ସୁରେଶଙ୍କ ସିଧାସଳଖ ଲିଙ୍କ୍ ଜାଣିବାକୁ ପାଇଥିଲା। ସୁରେଶ ଏକମାତ୍ର ଲୋକ, ଯେ କି ପରୀକ୍ଷାର ପ୍ରଶ୍ନପତ୍ର ପ୍ରସ୍ତୁତ, ପ୍ରିଣ୍ଟିଂ ଏବଂ ପରିବହନ ଦାୟିତ୍ୱରେ ଥିଲେ। ଏହାପରେ ସୁରେଶ ଓ ଶଙ୍କରଙ୍କୁ ଅଲଗା ଅଲଗା। ▸ପୃଷ୍ଠା-୭

**ସିଲିକନ୍‌ର ଗୁପ୍ତ ସୂଚନା ଓ ଶଙ୍କର ନେଟ୍‌ୱର୍କ ମାଧ୍ୟମରେ ହୋଇଛି ସ୍କାମ୍**



ସୁରେଶ



ଶଙ୍କର

## ବ୍ରହ୍ମପୁର କୋର୍ଟରେ ହାଜର ହେଲେ ଶଙ୍କର, ସୁରେଶ

**୭ଦିନ ରିମାଣ୍ଡ ପାଇଁ କୋର୍ଟରେ କ୍ରାଇମବ୍ରାଞ୍ଚର ଆବେଦନ**

■ **ବ୍ରହ୍ମପୁର,୩।୧୧(ସମିସ):** ପୁଲିସ ଏସଆଇ ପରୀକ୍ଷା କେଲେଙ୍କାରୀ ଘଟଣାର ମୁଖ୍ୟ ଅଭିଯୁକ୍ତ ଶଙ୍କର ପୃଷ୍ଟିକୁ ନେପାଳ-ଉତ୍ତରାଖଣ୍ଡ ସୀମାନ୍ତରୁ କାବୁ କରିବା ପରେ କ୍ରାଇମବ୍ରାଞ୍ଚ କଟକରେ ଜେରା କରିଛି। ପରେ ଶଙ୍କରର ବୟାନ ଆଧାରରେ ସିଲିକନ ଟେକର ମାଲିକ ସୁରେଶ ନାୟକଙ୍କୁ ଗିରଫ କରାଯାଇଛି। ଫଳରେ ଏହି ମାମଲାରେ ଗିରଫ ସଂଖ୍ୟା ୧୨୫କୁ ବୃଦ୍ଧି ପାଇଛି। ଉଭୟ ଶଙ୍କର ଓ ସୁରେଶଙ୍କୁ ଆଜି କଟକରୁ କଡ଼ା ସୁରକ୍ଷା ମଧ୍ୟରେ ବ୍ରହ୍ମପୁର ▸ପୃଷ୍ଠା-୭

# ପୂରା ଗାଁର ଋଣ ପରିଶୋଧ କଲେ ବ୍ୟବସାୟୀ



ଆମରେଲି, ୩।୧୧(ଏଜେନ୍ସି): ଗୁଜରାଟର ଆମରେଲି ଜିଲ୍ଲାରେ ରହୁଥିବା ଜଣେ ବ୍ୟବସାୟୀ ନିଜ ପୂରା ଗାଁକୁ ଋଣମୁକ୍ତ କରିଛନ୍ତି। ସାବରକୁଣ୍ଡଲା ତହସିଲ୍‌ର ଜିରା ଗାଁରେ ରହୁଥିବା ବାବୁଭାଇ ଜିରାୱାଲା ନାମକ ଏହି ବ୍ୟବସାୟୀ ନିଜର ଗାଁର ୨୯୦ ଜଣ କୃଷକଙ୍କ ଗତ ୩୦ ବର୍ଷର ସବୁ ଋଣ ପରିଶୋଧ କରିଛନ୍ତି। ଏହିକ୍ରମରେ ସେ ନିଜ ମାଙ୍କ ଶ୍ରାଦ୍ଧ ଦିବସରେ ୯୦ ଲକ୍ଷ ଟଙ୍କା ପ୍ରଦାନ କରିଛନ୍ତି। ତାଙ୍କ ଏହି ଦାନ ଫଳାରେ ଗାଁର ସବୁ କୃଷକ ଏବେ ଋଣମୁକ୍ତ ହୋଇଛନ୍ତି। ୧୯୯୫ରୁ ଜିରା ସେବା ସହକାରୀ ମଣ୍ଡଳକୁ ନେଇ ଏକ ବଡ଼ ବିବାଦ ଗାଁରେ ଚାଲିଆସୁଥିଲା। ଏହି କମିଟିକୁ ସେବେକାର ପ୍ରଶାସକମାନେ କୃଷକଙ୍କ ନାମରେ ନକଲି ଋଣ ନେଇଥିଲେ। ଇତିମଧ୍ୟରେ ଏହି ଋଣ ବହୁଗୁଣା ବୃଦ୍ଧି ପାଇଥିଲା। କୃଷକଙ୍କ ଉପରେ ଋଣ ଭାର ୭ରୁ ୧୨ ଗୁଣା ବୃଦ୍ଧି ପାଇଥିଲା। ଏହି କାରଣରୁ ସରକାରଙ୍କଠାରୁ ବିଭିନ୍ନ ସହାୟତା, ଋଣ ଓ ଅନ୍ୟ ସୁବିଧା ସୁଯୋଗରୁ କୃଷକମାନେ ବଞ୍ଚିତ ହେଉଥିଲେ। ଗାଁର କୌଣସି କୃଷକଙ୍କୁ ବ୍ୟାଙ୍କ ମଧ୍ୟ ଋଣ ଦେଉ ନଥିଲା। ଫଳରେ କୃଷକମାନେ ସମସ୍ୟାରେ ପଡୁଥିଲେ। ଋଣ ପାଇଁ ଜମିର ଭାଗବଣ୍ଟା ମଧ୍ୟ ହୋଇପାରୁ ନଥିଲା। ଏଥିପାଇଁ ମୋ ମା ଚାହୁଁଥିଲେ ଯେ, ତାଙ୍କ ଗହଣା ବିକ୍ରି କରି କୃଷକଙ୍କ ଋଣ ପରିଶୋଧ କରିବାକୁ। ଶେଷରେ କୃଷକଙ୍କ ସବୁ ଋଣକୁ ପରିଶୋଧ କରିବାକୁ ଆମେ ସକ୍ଷମ ହୋଇଛୁ ବୋଲି ଜିରାୱାଲା କହିଛନ୍ତି। ଗାଁର କୃଷକଙ୍କ ଉପରେ ମୋଟ୍ ୮୯, ୮୯, ୨୦୯ ଲକ୍ଷ ଟଙ୍କା ଋଣ ଥିଲା ବୋଲି ସେ କହିଛନ୍ତି। କୃଷକମାନଙ୍କୁ ନୋ ଡିୟୁ ଅର୍ଥାତ ଋଣମୁକ୍ତ ହେବାର ପ୍ରମାଣପତ୍ର ପ୍ରଦାନ କରାଯିବା ପରେ ସାରା ଗାଁ ଖୁସିରେ ଭାବପ୍ରବଣ ହୋଇଉଠିଥିଲା। କୃଷକଙ୍କ ଆଖିରେ ଆନନ୍ଦର ଲୁହ ଦେଖିବାକୁ ମିଳିଥିଲା।

# ନକଲି ବୈଜ୍ଞାନିକ ବିଦେଶରୁ ପାଉଥିଲେ କୋଟି କୋଟି ଟଙ୍କା



ନୂଆଦିଲ୍ଲୀ, ୩।୧୧(ଏଜେନ୍ସି): ଭାବା ଅଟୋମିକ ରିସର୍ଚ୍ଚ ସେଣ୍ଟର (ବିଏଆରସି)ର ବୈଜ୍ଞାନିକ ଭାବେ ନିଜକୁ ଦର୍ଶାଉଥିବା ଅଖତାର ହୁସେନ ନାମକ ଜଣେ ୬୦ ବର୍ଷୀୟ ବ୍ୟକ୍ତି ଦେଶ ବାହରୁ କୋଟି କୋଟି ଟଙ୍କା ପାଉଥିଲେ। ସେ ୧୯୯୫ରୁ ଅର୍ଥାତ ୩୦ ବର୍ଷଧରି ଏହି ଅର୍ଥ ପାଉଥିବାର ତଥ୍ୟ ସାମ୍ନାକୁ ଆସିଛି। ସେ ନିଜକୁ ବିଏଆରସିର ଜଣେ ବରିଷ୍ଠ ବୈଜ୍ଞାନିକ ଭାବେ ପରିଚୟ ଦେଇ ଦେଶର ବିଭିନ୍ନ ଗୁରୁତ୍ୱପୂର୍ଣ୍ଣ ତଥା ସମ୍ବେଦନଶୀଳ ସ୍ଥାନକୁ ଯାଉଥିଲେ। ତାଙ୍କଠାରୁ ୧୦ଟି ନକ୍ସା ଓ ପରମାଣୁ ଅସ୍ତ୍ର ସହିତ ଜଡିତ କିଛି ସମ୍ବେଦନଶୀଳ କାଗଜପତ୍ର ଜବତ କରିଛି। ସେ ଝଡଖଣ୍ଡର ଜାମସେଦପୁର ମୂଳ ବାସିନ୍ଦା। ପୁଲିସ ଅଖତାରଙ୍କଠାରୁ ଏକାଧିକ ନକଲି ପାସପୋର୍ଟ, ଆଧାର କାର୍ଡ, ପାନକାର୍ଡ ଓ ବିଏଆରସିର ପରିଚୟପତ୍ର ଜବତ କରିଥିଲା। କିଛି ପରିଚୟ ପତ୍ରରେ ତାଙ୍କ ନା ଅଲୀ ରାଜା ଓ ଆଲେକଜାଣ୍ଡ ପାଲମର ବୋଲି ଉଲ୍ଲେଖ ରହିଛି। ଅଖତାର ଓ ତା'ର ଭାଇ ଆଦିଲ୍ ମିଳିତ ଭାବେ ୧୯୯୫ରୁ ବିଦେଶରୁ ଟଙ୍କା ପାଉଥିଲେ ବୋଲି ମୁମ୍ବଇ କ୍ରାଇମବ୍ରାଞ୍ଚ୍ କହିଛି। ଖାସ୍ କରି ୨୦୦୦ ପରଠାରୁ ସେ କୋଟି କୋଟି ଟଙ୍କା ହାସଲ କରୁଥିଲେ। ଅଖତାର ନାରେ ଗୁପ୍ତ ବ୍ୟାଙ୍କ ଆକାଉଣ୍ଟ ଥିବା ଜଣା ପଡ଼ିଛି ଓ ବହୁ ପରିମାଣରେ ଅର୍ଥ ନେଣଦେଣ ହେବା ନେଇ ପୁଲିସ ତଥ୍ୟ ହାସଲ କରିଛି। ଅଖତାର ସହ ପାକିସ୍ତାନ ଗୁଇନ୍ଦା ସଂସ୍ଥା ଆଇଏସ୍ଆଇ ସହ ସମ୍ପର୍କ ଅଛ ବୋଲି ସନ୍ଦେହ କରାଯାଉଛି। ୧୯୯୬ରେ ଅଖତାର ନିଜର ପୈତୃକ ସମ୍ପତି ବିକ୍ରି କରିଦେଇଥିଲା। କିନ୍ତୁ ଏହି ପୁରୁଣା ଠିକଣାକୁ ଆଧାର କରି ନକଲି କାଗଜପତ୍ର ହାସଲ କରିଥିଲା। ଏହି ନକଲି ଦସ୍ତାବିଜ ସହ ଦୁହେଁ ଏକାଧିକବାର ବିଦେଶ ଗସ୍ତ କରିଥିଲେ।

# ଲୁଚାଛପାରେ ଚାଲିଛି ପରମାଣୁ ପରୀକ୍ଷା !

ୱାସିଂଟନ୍, ୩।୧୧(ଏଜେନ୍ସି): ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ପୁଣିଥରେ ସମସ୍ତଙ୍କୁ ଚକିତ କଲା ଭଳି ମନ୍ତବ୍ୟ ଦେଇଛନ୍ତି। ପରମାଣୁ ଅସ୍ତ୍ର ପରୀକ୍ଷଣ ନେଇ ସେ ଏଥର ମନ୍ତବ୍ୟ ଦେଇ ହଇଚଇ ସୃଷ୍ଟି କରିଛନ୍ତି। ପାକିସ୍ତାନ ପରମାଣୁ ଅସ୍ତ୍ର ପରୀକ୍ଷା କରୁଛି ବୋଲି ସେ କହିଛନ୍ତି। ରବିବାର ସିବିଏସ୍ ନ୍ୟୁଜକୁ ସାକ୍ଷାତ୍କାର ଦେବା ଅବସରରେ ସେ ଏହି କଥା କହିଛନ୍ତି। ପୁଣିଥରେ ଆମେରିକାକୁ ପରମାଣୁ ପରୀକ୍ଷଣ ଆରମ୍ଭ କରିବାର ଅବଶ୍ୟକତା ଅଛି ବୋଲି ସେ କହିଛନ୍ତି। ଆମେରିକା ପାଖରେ ପର୍ଯ୍ୟାପ୍ତ ପରିମାଣର ପରୁମାଣୁ ଅସ୍ତ୍ର ରହିଛି। ଏହି ଅସ୍ତ୍ରକୁ ବ୍ୟବହାର କରି ଆମେରିକା ବିଶ୍ୱକୁ ୧୫୦ଥର ଧ୍ୱଂସ କରିବାର କ୍ଷମତା ରଖୁଛି ବୋଲି ସେ ଦାବି କରିଛନ୍ତି। ଉତ୍ତର କୋରିଆକୁ ବାଦ୍ ଦେଲେ ଆଉ କୌଣସି ଦେଶ ପରମାଣୁ ପରୀକ୍ଷା କରୁନାହାନ୍ତି। ତେଣୁ ଆମେରିକା କାହିଁକି ପରୀକ୍ଷା କରିବ ବୋଲି ପ୍ରଶ୍ନ ହେବାରୁ ଟ୍ରମ୍ପ କହିଛନ୍ତି ଯେ, ପାକିସ୍ତାନ ଓ ଚୀନ୍ ଗୁପ୍ତ ଭାବେ ପରୀକ୍ଷା କରୁଛନ୍ତି। କିନ୍ତୁ ବିଶ୍ୱକୁ ଏ ନେଇ କୌଣସି ସୂଚନା ମିଳିନାହିଁ। ଟ୍ରମ୍ପ ପୂର୍ବରୁ ମଧ୍ୟ ପ୍ରତିରକ୍ଷା ମନ୍ତ୍ରଣାଳୟ (ପେଣ୍ଟାଗନ)କୁ ପରମାଣୁ ଅସ୍ତ୍ର ପରୀକ୍ଷା ଆରମ୍ଭ କରିବା ପାଇଁ ଆଦେଶ ଦେଇସାରିଛନ୍ତି।



- ■ ପାକିସ୍ତାନ, ଚୀନର ମୁଖା ଖୋଲିଲେ ଟ୍ରମ୍ପ
- ■ ବିଶ୍ୱକୁ ୧୫୦ଥର ଧ୍ୱଂସ କରିବା ପାଇଁ ପରମାଣୁ ଅସ୍ତ୍ର ଆମ ପାଖରେ ରହିଛି

ସେ ପୁଣିଥରେ ଭାରତ ଓ ପାକିସ୍ତାନ ମଧ୍ୟରେ ହୋଇଥିବା ଯୁଦ୍ଧକୁ ରୋକିବାରେ ବଡ଼ ଭୂମିକା ନିର୍ବାହ କରିଛନ୍ତି ବୋଲି କହିଛନ୍ତି। ଦକ୍ଷିଣ ଏସିଆର ଏହି ଦୁଇ ଦେଶ ମଧ୍ୟରେ ପରମାଣୁ ଯୁଦ୍ଧ ହେବାର ଅବକାସ ସୃଷ୍ଟି ହୋଇଥିଲା। ଯଦି ଦୁଇ ଦେଶ ମଧ୍ୟରେ ଅସ୍ତ୍ରବିରତି ନ କରାଇଥାନ୍ତି, ତାହେଲେ ଲକ୍ଷ ଲକ୍ଷ ଲୋକ ମୃତ୍ୟୁ ବରଣ କରିଥାନ୍ତେ ବୋଲି ସେ ଏହି ସାକ୍ଷାତକାରରେ କହିଛନ୍ତି। ମଧ୍ୟସ୍ଥତା କରିବା ପରେ ସ୍ଥିତି ଶାନ୍ତ ହୋଇଥିଲା ଓ ଦୁଇ ଦେଶ ମଧ୍ୟରେ ଯୁଦ୍ଧ ଆଗକୁ ବଢ଼ି ନଥିଲା। ପୂର୍ବରୁ ମଧ୍ୟ ଟ୍ରମ୍ପ ଏ ନେଇ ଏକାଧିକ ବାର ଦାବି କରିଆସିଛନ୍ତି। ସେ ମୋଟ ଉପରେ ୭୦ଥର ଏପରି ଦାବି କରିଛନ୍ତି। ଗତ ସପ୍ତାହରେ ଟ୍ରମ୍ପ ଦକ୍ଷିଣ କୋରିଆରେ ଏପରି ଦାବି କରିଥିଲେ। ଭାରତ ଓ ପାକିସ୍ତାନ ଉପରେ ୨୫୦ ପ୍ରତିଶତ ଟାରିଫ ଲାଗୁ କରିବାକୁ ଧମକ ଦେବା ପରେ ଦୁଇ ଦେଶ ଫୋନ୍ କରି ଅସ୍ତ୍ରବିରତି ନେଇ ସହମିତ ପ୍ରକାଶ କରିଥିଲେ। ସେହିପରି ସେ ଚୀନ୍ ଓ ତାଇୱାନ ନେଇ ନିଜର ମତ ରଖିଥିଲେ। ଯଦି ତାଇୱାନ ଉପରେ ଚୀନ୍ ଆକ୍ରମଣ କରେ ତେବେ ଗମ୍ଭୀର ପରିଣାମ ଭୋଗିବାକୁ ହେବ ବୋଲି ସେ କହିଥିଲେ। ସେ ମଧ୍ୟ ରୁଷ ରାଷ୍ଟ୍ରପତି ଭ୍ଲାଦିମିର ପୁତିନ ଓ ଚୀନ୍ ରାଷ୍ଟ୍ରପତି ସି ଜିନପିଙ୍ଗ୍‌ଙ୍କୁ ପ୍ରଶଂସା କରିଥିଲେ। ଯଦି ଆମେରିକା ପରମାଣୁ ପରୀକ୍ଷା କରେ ତେବେ ୩ ଦଶନ୍ଧି ପରେ ଏପରି ହେବ। ଚୀନ୍ ଓ ରୁଷ୍ ଏପରି କରୁଥିବାର ଆମେରିକା ମଧ୍ୟ ପରମାଣୁ ଅସ୍ତ୍ର ପରୀକ୍ଷା କରିବା ଯଥାର୍ଥ ହେବ ବୋଲି ସେ କହିଥିଲେ।

# ଆଫଗାନରେ ଭୂକମ୍ପ; ୨୦ ମୃତ

କାବୁଲ୍, ୩।୧୧(ଏଜେନ୍ସି): ଆଫଗାନିସ୍ତାନରେ ଗତ ରାତିରେ ୬.୩ ତୀବ୍ରତାର ଭୂକମ୍ପର ଝଟ୍‌କା ଅନୁଭୂତ ହୋଇଥିଲା। ଉତ୍ତର ଆଫଗାନିସ୍ତାନର ମଜାରେ-ଇ-ଶରିଫ୍‌ରେ ଏହି ଭୂକମ୍ପ ଆସିବାରୁ ୨୦ ଜଣ ଲୋକ ମୃତ୍ୟୁବରଣ କରିଛନ୍ତି ଓ ୩୨୦ ଜଣ ଆହତ ହୋଇଛନ୍ତି ବୋଲି ତାଲିବାନ ସ୍ୱାସ୍ଥ୍ୟ ମନ୍ତ୍ରଣାଳୟ ତରଫରୁ କୁହାଯାଇଛି। ମଜାରେ-ଇ- ସରିଫ୍‌ର ଖଲ୍ମ ସହରଠାରୁ ୨୩ କିମି ଦୂରରେ ଭୂକମ୍ପର କେନ୍ଦ୍ର ଥିଲା ବୋଲି ନ୍ୟାସନାଲ ସେଣ୍ଟର ଫର ସିସ୍‌ମୋଲୋଜି (ଏନସିଏସ୍) ତରଫରୁ ସୂଚନା ଦିଆଯାଇଛି। ରବିବାର ରାତି ୧ଟାରେ ଭୂକମ୍ପର ଝଟ୍‌କା ଅନୁଭୂତ ହୋଇଥିଲା ବୋଲି ୟୁନାଇଟେଡ ଷ୍ଟେଟ୍‌ସ ଜିଓଲୋଜିକାଲ ସର୍ଭେ (ୟୁଏସ୍‌ଜିଏସ୍) କହିଛି। ମାଜାରେ-ଇ- ସିରଫ୍‌ର ବ୍ଲୁ ମସଜିଦ ମଧ୍ୟ ଏଥିରେ କ୍ଷତିଗ୍ରସ୍ତ ହୋଇଛି। ଏହି ମସଜିଦ ଆଫଗାନିସ୍ତାନର ସବୁଠାରୁ ପବିତ୍ର ଧାର୍ମିକ ସ୍ଥଳି ବିବେଚିତ ହୋଇଥାଏ। ଏଠାରେ ମହାପୁରୁଷ ମହମ୍ମଦଙ୍କ ସମ୍ପର୍କୀୟ ଭାଇଙ୍କର ସମାଧି ରହିଛି ବୋଲି ବିଶ୍ୱାସ କରାଯାଏ। ଏହି ସହରରେ ୫, ୨୩, ୦୦୦ ଲୋକ ରହୁଛନ୍ତି। ୧୫୦୦ ଶତାବ୍ଦୀରେ ଏହି ମସ୍‌ଜିତ ନିର୍ମାଣ କରାଯାଇଥିଲା। ଭୂକମ୍ପର ବିଭିନ୍ନ ଭିଡିଓ ସୋସିଆଲ ମିଡିଆରେ ଭାଇରାଲ ହୋଇଛି। ଗତ ଅଗଷ୍ଟରେ ମଧ୍ୟ ଆଫଗାନିସ୍ତାନରେ ଏକାଧିକବାର ଭୂକମ୍ପ ଆସିଥିଲା ଓ ଏଥିରେ ୨, ୨୦୦ ଲୋକ ମୃତ୍ୟୁବରଣ କରିଥିଲେ। ଭୂକମ୍ପ ପୀଡିତଙ୍କୁ ଉଦ୍ଧାର କରିବାକୁ ଉଦ୍ଧାର କାର୍ଯ୍ୟ ଜାରି ରହିଛି।

# ବିମାନବନ୍ଦର ନିକଟରେ ଛାତ୍ରୀଙ୍କୁ ଗଣଦୁଷ୍କର୍ମ

କୋଏମ୍ବାଟୁର, ୩।୧୧(ଏଜେନ୍ସି): ତାମିଲନାଡୁର କୋଏମ୍ବାଟୁର ବିମାନବନ୍ଦରରେ ରବିବାର ରାତିରେ ଏକ ଲଜ୍ଜାଜନକ ଘଟଣା ଘଟିଛି। ଜଣେ ଛାତ୍ରୀଙ୍କୁ ୩ ଜଣ ବ୍ୟକ୍ତି ଗଣଦୁଷ୍କର୍ମ କରିଛନ୍ତି। ପୀଡିତା ରାତି ୧୧ଟାରେ ନିଜର ଜଣେ ବନ୍ଧୁଙ୍କ ସହ କାର୍‌ରେ ବସିଥିବା ବେଳେ ୩ ଅଭିଯୁକ୍ତ ସେଠାରେ ପହଞ୍ଚିଥିଲେ। ବନ୍ଧୁଙ୍କୁ ଆକ୍ରମଣ କରିବା ପରେ ଛାତ୍ରୀଙ୍କୁ ଜୋର ଜବରଦସ୍ତି କାର୍ ବାହରକୁ ଆଣି ସେଠାରୁ ଶୂନସାନ ସ୍ଥାନକୁ ନେଇଯାଇ ଏହି କାଣ୍ଡ ଘଟାଇଥିଲେ। ଦୁଷ୍କର୍ମ କରିବା ପରେ ଅଭିଯୁକ୍ତମାନେ ଛାତ୍ରୀଙ୍କୁ ସେଠାରେ ଛାଡି ଦେଇ ଚାଲିଯାଇଥିଲେ। ଆହତ ହୋଇଥିବା ଛାତ୍ରୀଙ୍କ ବନ୍ଧୁ ପୁଲିସକୁ ଏ ନେଇ ସୂଚନା ଦେଇଥିଲେ। ପୁଲିସ ରାତିସାରା ଛାତ୍ରୀଙ୍କୁ ଖୋଜିବା ପରେ ତାଙ୍କୁ ବିମାନ ବନ୍ଦରଠାରୁ ଏକ କିମି ଦୂରରେ ଏକ ଘରୋଇ କଲେଜ ପାଖରେ ବେହୋଶ ଅବସ୍ଥାରେ ଉଦ୍ଧାର କରିଥିଲା। ଛାତ୍ରୀଙ୍କୁ ହସ୍ପିଟାଲରେ ଭର୍ତ୍ତି କରାଯାଇଛି। ତାଙ୍କ ବନ୍ଧୁଙ୍କର କୋଏମ୍ବାଟୁର ମେଡିକାଲ କଲେଜରେ ଚିକିତ୍ସା କରାଯାଉଛି। ଅଭିଯୁକ୍ତଙ୍କୁ ଧରିବା ପାଇଁ ପୁଲିସ ୭ଟି ଟିମ୍ ଗଠନ କରିଛି। ଏହି ୩ ଜଣ ଘଟଣା ଘଟାଇବା ପୂର୍ବରୁ ଏକ ବାଇକ୍ ଚୋରି କରିଥିଲେ ବୋଲି ପ୍ରାଥମିକ ଯାଞ୍ଚରୁ ଜଣାପଡ଼ିଛି। ଏବେ ଏହି ଘଟଣା ନେଇ ରାଜନୀତି ଆରମ୍ଭ ହୋଇଛି। ତାମିଲନାଡୁରେ ଏମ୍‌କେ ଷ୍ଟାଲିନ ସରକାରଙ୍କ ବିରୋଧରେ ଆଇନ ଶୃଙ୍ଖଳା ସ୍ଥିତି ଭୁଶୁଡି ପଡ଼ିବା ନେଇ ବିରୋଧୀ ଦଳ ଅଭିଯୋଗ ଆଣିଛନ୍ତି।

# ଦିଲ୍ଲୀ ପ୍ରଦୂଷଣ : ରିପୋର୍ଟ ମାଗିଲେ ସୁପ୍ରିମ୍‌କୋର୍ଟ

ନୂଆଦିଲ୍ଲୀ, ୩।୧୧(ଏଜେନ୍ସି): ଦିଲ୍ଲୀ- ଏନ୍‌ସିଆରରେ ଦିନକୁ ଦିନ ବୃଦ୍ଧି ପାଉଥିବା ପ୍ରଦୂଷଣ ନେଇ ସୁପ୍ରିମକୋର୍ଟରେ ସୋମବାର ଶୁଣାଣି ହୋଇଥିଲା। କୋର୍ଟ ଏ ନେଇ ସରକାରଙ୍କଠାରୁ ରିପୋର୍ଟ ମାଗିଛନ୍ତି। ଦୀପାବଳି ପରେ ପ୍ରଦୂଷଣ ବହୁ ଗୁଣରେ ବୃଦ୍ଧି ପାଇଛି। ବାୟୁ ଗୁଣବତ୍ତା ପ୍ରବନ୍ଧନ ଆୟୋଗ (ସିଏକ୍ୟୁଏମ୍)କୁ ଏ ସଂକ୍ରାନ୍ତରେ ସତ୍ୟପାଠ ଦାଖଲ କରିବାକୁ ନିର୍ଦ୍ଦେଶ ଦେଇଛନ୍ତି। ମୁଖ୍ୟ ବିଚାରପତି ବିଆର ଗଭାଇ ଓ ଜଷ୍ଟିସ କେ ବିନୋଦ ଚନ୍ଦ୍ରନଙ୍କ ଖଣ୍ଡପୀଠ ଏମ୍‌ସି ମେହେଟା ମାମଲାର ଶୁଣାଣି କରୁଥିଲା। ବରିଷ୍ଠ ଓକିଲ ତଥା ନ୍ୟାୟମିତ୍ର ଅପରାଜିତା ସିଂ କୋର୍ଟଙ୍କୁ କହିଥିଲେ ଯେ, ଦୀପାବଳି ଦିନ ୩୭ରୁ କେବଳ ୯ଟି ଏୟାର କ୍ୱାଲିଟି ମନିଟରିଂ ଷ୍ଟେସନ ଲାଗତର କାର୍ଯ୍ୟ କରୁଥିଲା। ଯଦି ଏହା କାମ କରୁନାହିଁ, ତେବେ ଗ୍ରେଡେଡ ରେସପନ୍ସ ଆକ୍ସନ ପ୍ଲାନ (ଜିଆରଏପି) କେତେବେଳେ ଲାଗୁ କରାଯିବ ତାହା କିପରି ଜାଣିବା ବୋଲି ସେ ପ୍ରଶ୍ନ କରିଛନ୍ତି। ଏପର୍ଯ୍ୟନ୍ତ ପ୍ରଦୂଷଣ ରୋକିବାକୁ କି ପଦକ୍ଷେପ ସବୁ ନିଆଯାଇଛି ସେ ନେଇ କୋର୍ଟ ସିଏକ୍ୟୁଏମ୍‌କୁ ପ୍ରଶ୍ନ ପଚାରିଛନ୍ତି। ପ୍ରଦୂଷଣ ଭୟଙ୍କର ସ୍ଥିତିରେ ପହଞ୍ଚିବା ପୂର୍ବରୁ ଆଗୁଆ ଦୃଷ୍ଟାନ୍ତମୂଳକ ପଦକ୍ଷେପ ଗ୍ରହଣ କରାଯାଉ ବୋଲି କୋର୍ଟ କହିଛନ୍ତି। ଉଲ୍ଲେଖଥାଉ କି, ଦିପାବଳୀ ପରେ ଦିଲ୍ଲୀର ଅଧିକାଂଶ ସ୍ଥାନରେ ବାୟୁ ଗୁଣବତ୍ତା ସୂଚକାଙ୍କ (ଏକ୍ୟୁଆଇ) ୪୦୦ ପାର କରିଥିଲା ଓ ବାୟୁରେ ଛୋଟ ଛୋଟ ଧୂଳିକଣା (ପିଏମ୍ ୨.୫) ଗତ ୫ ବର୍ଷ ମଧ୍ୟରେ ସର୍ବାଧିକ ବୃଦ୍ଧି ପାଇଥିଲା।

# ତେଲଙ୍ଗାନାରେ ବସ୍-ଡମ୍ପର ଧକ୍କା; ୧୯ ମୃତ

ରଙ୍ଗାରେଡ୍ଡୀ, ୩।୧୧(ଏଜେନ୍ସି): ତେଲଙ୍ଗାନାର ରଙ୍ଗାରେଡ୍ଡୀ ଜିଲ୍ଲାରେ ସୋମବାର ସକାଳେ ହାଇଦରାବାଦ- ବିଜାପୁର ରାଜପଥରେ ଏକ ଭୟଙ୍କର ମର୍ମନ୍ତୁଦ ଦୁର୍ଘଟଣା ଘଟିଛି। ତେଲଙ୍ଗାନା ରୋଡ ଟ୍ରାନ୍ସପୋର୍ଟ କର୍ପୋରେସନ (ଟିଏସ୍‌ଆରଟିସି)ର ଏକ ବସ ଓ ଗୋଡି ତଥା କଂକ୍ରିଟ୍ ଭର୍ତ୍ତି ଏକ ଡମ୍ପର ମଧ୍ୟରେ ଧକ୍କା ହୋଇଥିଲା। ଏହି ଦୁର୍ଘଟଣାରେ ୧୯ ଜଣ ଲୋକ ମୃତ୍ୟୁବରଣ କରିଥିବା ବେଳେ ୨୦ ଜଣ ଆହତ ହୋଇଛନ୍ତି। ମୃତକଙ୍କ ମଧ୍ୟରେ ୧୦ ମାସର ଏକ ଶିଶୁ ସହ ୧୦ ଜଣ ମହିଳା ଓ ଦୁଇ ଗାଡ଼ିର ଡ୍ରାଇଭର ସାମିଲ ଅଛନ୍ତି। ଆହତଙ୍କୁ ଭିନ୍ନ ଭିନ୍ନ ହସ୍ପିଟାଲରେ ଚିକିତ୍ସା କରାଯାଉଛି। ହାଇଦରାବାଦ୍‌ଠାରୁ ୬୦ କିମି ଦୂରରେ ଥିବା ଚେଭେଲା ଥାନା କ୍ଷେତ୍ରର ଖାନ୍‌ପୁର ଗେଟ୍ ନିକଟରେ ଏହି ଦୁର୍ଘଟଣା ଘଟିଛି। ଏହି ବସ୍ ବିକାରବାଦ ଜିଲ୍ଲାର ତନ୍ଦୁରରୁ ହାଇଦରାବାଦ ଯାଉଥିଲା। ଭୁଲ ଦିଗରୁ ଆସୁଥିବା ଏହି ଡମ୍ପର ବସ୍‌କୁ ଏତେ ଜୋରରେ ଧକ୍କା ଦେଇଥିଲା ଯେ, ବସ୍ ପୁରାପୂରି କ୍ଷତିଗ୍ରସ୍ତ ହୋଇଥିଲା। ଡମ୍ପରରେ ଥିବା ଗୋଡି ବସ୍‌ରେ ବସିଥିବା ଯାତ୍ରୀଙ୍କ ଉପରେ ପଡ଼ିଥିଲା। ଫଳରେ କେତେଜଣ ଯାତ୍ରୀ ଗୋଡି ଭିତରେ ଦବି ଯାଇଥିଲେ। ଏହି ଘଟଣାର ହୃଦୟ ବିଦାରକ ଦୃଶ୍ୟର ଭିଡିଓ ଏବେ ସାମ୍ନାକୁ ଆସିଛି। ଗୋଡି ତଳେ ଦବି ରହିଥିବା ଯାତ୍ରୀ ସାହାଯ୍ୟ ପାଇଁ ଚିତ୍କାର କରୁଥିବା ଦେଖାଯାଇଛି। ସୂଚନା ପାଇଁ ପୁଲିସ ଓ ଉଦ୍ଧାରକାରୀ ଦଳ ଘଟଣାସ୍ଥଳରେ ପହଞ୍ଚି ଲୋକଙ୍କୁ ବାହାର କରୁଛନ୍ତି। ମୃତଦେହଗୁଡିକୁ ବାହର କରିବାକୁ ଉଦ୍ଧାରକାରୀ ଦଳକୁ ବସ୍‌କୁ କାଟିବାକୁ ପଡୁଛି। ଡ୍ରାଇଭର ଓ ତାଙ୍କ ସିଟ୍‌ର ପଛଭାଗ ଅଂଶ କ୍ଷତିଗ୍ରସ୍ତ ହୋଇଛି। ଏଠାରେ ବସିଥିବା ଯାତ୍ରୀମାନେ ଘଟଣାସ୍ଥଳରେ ହିଁ ମୃତ୍ୟୁବରଣ କରିଥିଲେ। ଏହି ଦୁର୍ଘଟଣାକୁ ତେଲଙ୍ଗାନା ସରକରା ଗମ୍ଭୀରତା ସହ ଗ୍ରହଣ କରି ଉଦ୍ଧାରକାର୍ଯ୍ୟକୁ ତ୍ୱରାନ୍ୱିତ କରିବାକୁ ନିର୍ଦ୍ଦେଶ ଦେଇଛନ୍ତି। ଦୁର୍ଘଟଣା ପରେ ଜାତୀୟ ରାଜପଥରେ ଭୀଷଣ ଭିଡ଼ ଦେଖିବାକୁ ମିଳିଛି। ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଏଥିରେ ଦୁଃଖ ପ୍ରକାଶ କରିଛନ୍ତି।

# ଡିଜିଟାଲ ଆରେଷ୍ଟ ନେଇ ସୁପ୍ରିମକୋର୍ଟ କ୍ଷୁବ୍ଧ



ନୂଆଦିଲ୍ଲୀ, ୩।୧୧(ଏଜେନ୍ସି): ଦେଶବ୍ୟାପୀ ଡିଜିଟାଲ ଆରେଷ୍ଟ ଓ ସାଇବର ଠକେଇ ମାମଲା ଦିନକୁ ଦିନ ବୃଦ୍ଧି ପାଉଥିବାରୁ ସୁପ୍ରିମକୋର୍ଟ ଅସନ୍ତୋଷ ଜାହିର କରିଛନ୍ତି। ସରକାର ସାଇବର ଠକେଇ ସହ ଜଡିତ ତଥ୍ୟ ଦେଇଥିଲେ। ଦେଶବ୍ୟାପୀ ଏହି ଠକେଇରେ ପୀଡିତମାନଙ୍କଠାରୁ ପାଖାପାଖି ୩ ହଜାର କୋଟି ଟଙ୍କା ଲୁଟି ନିଆଯାଇଛି ବୋଲି ସରକାରଙ୍କ ତରଫରୁ କୁହାଯାଇଥିଲା। ଜଷ୍ଟିସ ସୂର୍ଯ୍ୟକାନ୍ତ ଓ ଜୟମାଲ୍ୟ ବାଗ୍‌ଚୀଙ୍କ ଖଣ୍ଡପୀଠ କହିଛନ୍ତି ଯେ, ଏହି ମାମଲାକୁ କଠୋରତା ସହ ମୁକାବିଲା କରିବାକୁ ହେବ। ଦେଶର ୩ ହଜାର କୋଟି ଟଙ୍କାର ସାଇବର ଠକେଇ ହେବା ନିଶ୍ଚିତ ଭାବେ ଆଶ୍ଚର୍ଯ୍ୟ ଓ ଚିନ୍ତାଜନକ ବୋଲି କୋର୍ଟ କହିଛନ୍ତି। ଏନେଇ ଖୁବ୍‌ଶୀଘ୍ର ଦିଶା ନିର୍ଦ୍ଦେଶ ଜାରି କରାଯିବ।

ପୂର୍ବରୁ ଅକ୍ଟୋବର ୨୭ରେ ହୋଇଥିବା ଶୁଣାଣିରେ ସବୁ ରାଜ୍ୟରେ ହୋଇଥିବା ଡିଜିଟାଲ ଆରେଷ୍ଟ ସମ୍ପର୍କିତ ଏଫ୍‌ଆଇଆରର ସମ୍ପର୍କରେ ସୂଚନା ମାଗିଥିଲେ। ଏଥିସହ ସିବିଆଇ ପାଖରେ ଏହି ମାମଲାଗୁଡିକର ଯାଞ୍ଚ ପାଇଁ ପର୍ଯ୍ୟାପ୍ତ ସଂଶାଧନ ଅଛି କି ବୋଲି ସୁପ୍ରିମକୋର୍ଟ ପ୍ରଶ୍ନ କରିଥିଲେ। କେନ୍ଦ୍ର ଗୃହମନ୍ତ୍ରଣାଳୟ ଓ ସିବିଆଇ ଏ ନେଇ କୋର୍ଟଙ୍କୁ ଏକ ଲଫାପାରେ ବନ୍ଦ ହୋଇଥିବା ରିପୋର୍ଟ ପ୍ରଦାନ କରିଥିଲେ।

- ■ ୩ ହଜାର କୋଟିର ସାଇବର ଠକେଇ
- ■ କଡ଼ା କାର୍ଯ୍ୟାନୁଷ୍ଠାନ ଜରୁରୀ

ଗୃହ ମନ୍ତ୍ରଣାଳୟ ଭିନ୍ନ ଭିନ୍ ବିଭାଗ ଏ ନେଇ କାର୍ଯ୍ୟ କରୁଛନ୍ତି ବୋଲି ସଲିସିଟର ଜେନେରାଲ ତୁଷାର ମେହେଟା କହିଛନ୍ତି। ଏହି ମାମଲାର ପରବର୍ତ୍ତୀ ଶୁଣାଣି ନଭେମ୍ବର ୧୦ରେ ହେବ ବୋଲି କୋର୍ଟ କହିଛନ୍ତି। ଉଲ୍ଲେଖଥାଉ କି, ହରିୟାଣାର ଏକ ବୃଦ୍ଧ ଦମ୍ପତି ସେପ୍ଟେମ୍ବର ୩ରୁ ୧୬ ମଧ୍ୟରେ ୧.୦୫ କୋଟି ଟଙ୍କାର ସାଇବର ଠକେଇର ଶିକାର ହୋଇଥିଲେ। ଏ ନେଇ ଏହି ଦମ୍ପତି ସେପ୍ଟେମ୍ବର ୨୧ରେ ମୁଖ୍ୟ ବିଚାରପତି ଭିଆର ଗଭାଇଙ୍କୁ ଚିଠି ଲେଖି ଜଣାଇଥିଲେ। ଏହାପରେ କୋର୍ଟ ନିଜର ଏହି ମାମଲାରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିଥିଲେ।

# ଅଶ୍ଳୀଳ ଭିଡିଓ ଶୁଣାଣି ପାଇଁ ମନାକଲେ ସୁପ୍ରିମକୋର୍ଟ

ନୂଆଦିଲ୍ଲୀ, ୩।୧୧(ଏଜେନ୍ସି): ଅଶ୍ଳୀଳ ତଥା ପର୍ଣ୍ଣ ଭିଡିଓକୁ ନିଷିଦ୍ଧ କରିବା ନେଇ ହୋଇଥିବା ଆବେଦନର ଶୁଣାଣି କରିବାକୁ ସୁପ୍ରିମକୋର୍ଟ ସୋମବାର ମନା କରିଦେଇଛନ୍ତି। ଏହିକ୍ରମରେ କୋର୍ଟ ନେପାଳରେ ହୋଇଥିବା ଜେନ- ଜେଡ ଆନ୍ଦୋଳନର ଉଦାହରଣ ଦେଇଛନ୍ତି। ନେପାଳରେ ସୋସିଆଲ ମିଡିଆକୁ ନିଷିଦ୍ଧ କରିବା ପରେ କ'ଣ ହେଲା, ତାହା ଦେଖନ୍ତୁ ବୋଲି କୋର୍ଟ କହିଛନ୍ତି। ତେବେ ମୁଖ୍ୟ ବିଚାରପତି ବିଆର ଗଭାଇଙ୍କ ଅଧ୍ୟକ୍ଷତା କରୁଥିବା ଖଣ୍ଡପୀଠ କହିଛନ୍ତି ଯେ, ପର୍ଣ୍ଣୋଗ୍ରାଫି ନେଇ ହୋଇଥିବା ଆବେଦନର ଶୁଣାଣି ୪ ସପ୍ତାହ ପରେ କରାଯିବ। ଉଲ୍ଲେଖ ଯୋଗ୍ୟ ଯେ, ନଭେମ୍ବରେ ୨୩ରେ ହେବାକୁ ଥିବା ଏହି ଶୁଣାଣି ପୂର୍ବରୁ ଗଭାଇ ନିଜ ପଦରୁ ଅବସର ନେଇ ସାରିଥିବେ। ଏହି ଆବେଦନରେ କେନ୍ଦ୍ର ସରକାର ଅଶ୍ଳୀଳ କଣ୍ଟେଟ୍ ଉପରେ ନିଷେଧାଦେଶ ଜାରି କରିବା ନେଇ ପଲିସି ଆଣିବାକୁ ଦାବି କରାଯାଇଥିଲା। ଏଥିସହ ଛୋଟପିଲାଙ୍କ ନିକଟରେ ଏହି କଣ୍ଟେଟ୍ ନ ପହଞ୍ଚିବ ଯେଭଳି ସେ ନେଇ ବ୍ୟବସ୍ଥା କରିବାକୁ କୁହାଯାଇଥିଲା। ପବ୍ଲିକ୍ ପ୍ଲାଟଫର୍ମରେ ଏହି ଭିଡିଓ ହଟାଇବାକୁ ଦାବି କରାଯାଇଛି।


# ଟ୍ରମ୍ପଙ୍କ ଲୋକପ୍ରିୟତା ୧୮ ପ୍ରତିଶତ କମିଛି

ୱାଶିଂଟନ, ୩।୧୧(ଏଜେନ୍ସି): ନଭେମ୍ବର ୫ରେ ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କ ଦ୍ୱିତୀୟ କାର୍ଯ୍ୟକାଳ ଗୋଟିଏ ବର୍ଷ ପୂରଣ କରିବ। କିନ୍ତୁ ଏହାର ଗୋଟିଏ ଦିନ ପୂର୍ବରୁ ଅର୍ଥାତ ନଭେମ୍ବର ୪ରେ ସେ ସବୁଠାରୁ ବଡ଼ ଅଗ୍ନିପରୀକ୍ଷାର ସମ୍ମୁଖୀନ ହେବାକୁ ଯାଉଛନ୍ତି। ଏହି ଦିନ ଆମେରିକାର ନ୍ୟୁୟର୍କ ସିଟିର ମେୟର ନିର୍ବାଚନ ଆୟୋଜନ ହେବ। ଏଥିସହ ଭିର୍ଜିନିଆ ଓ ନ୍ୟୁଜର୍ସି ରାଜ୍ୟରେ ଗର୍ଭନର ଓ ବିଧାନସଭା ନିର୍ବାଚନ ହେବ। ଗତ ଗୋଟିଏ ବର୍ଷ ହେବ ଟ୍ରମ୍ପଙ୍କ ନେଟ୍ ଆପ୍ରୁଭାଲ ରେଟିଂ ଅର୍ଥାତ ଲୋକପ୍ରିୟତା ନଭେମ୍ବର ଆରମ୍ଭରେ ୧୮ ପତିଶତ ତଳକୁ ଖସିଛି।

ଏହା ପୂର୍ବତନ ରାଷ୍ଟ୍ରପତି ଓବାମା ଓ ଜୋ ବାଇଡେନଙ୍କ ପ୍ରଥମ ବର୍ଷ ତୁଳନାରେ ବହୁତ କମ୍ ସାବ୍ୟସ୍ତ ହୋଇଛି। ଓବାମା ପ୍ରଥମବର୍ଷ ଶେଷରେ ଏହା ୩ ପ୍ରତିଶତ ଓ ବାଇଡେନଙ୍କ ୭ ପ୍ରତିଶତ କମ୍ ହୋଇଥିଲା। ୱାସିଂଟନଠାରୁ ଆରମ୍ଭ କରି ଭିର୍ଜିନିଆ ଓ ନ୍ୟୁୟର୍କ ପର୍ଯ୍ୟନ୍ତ ସମସ୍ତଙ୍କ ନଜର ଏହି ନିର୍ବାଚନ ଉପରେ ରହିଛି। ଆମେରିକାର ଜନସାଧରଣ ଟ୍ରମ୍ପଙ୍କ କାର୍ଯ୍ୟରେ ସନ୍ତୁଷ୍ଟ ଅଛନ୍ତି କି ନା ତାହା ଏହି ନିର୍ବାଚନ ହିଁ ସ୍ପଷ୍ଟ କରିବ। ଟ୍ରମ୍ପଙ୍କ ରିପବ୍ଲିକାନ ପାର୍ଟି ଏହାକୁ ନୀତିଗତ ଦୃଢ଼ତା ବିବେଚନା କରୁଥିବା ବେଳେ ବିରୋଧୀ ଡେମୋକ୍ରାଟ୍ସ ଏହାକୁ 'ମିନି ରେଫ୍ରେଣ୍ଡମ' ବା ଲଘୁ ଜନମତ ବୋଲି କହିଛି। ଉଲ୍ଲେଖଥାଉ କି, ନ୍ୟୁୟର୍କ ମେୟର ନିର୍ବାଚନରେ ଭାରତୀୟ ବଂଶୋଦ୍ଭବ ପ୍ରାର୍ଥୀ ତଥା ଯୁବନେତା ଜୋହରାନ ମମଦାନୀ (୩୩) ଏବ ବଡ଼ ଚେହରା ଭାବେ ଉଦୟ ହୋଇଛନ୍ତି। ସେ ନ୍ୟୁୟର୍କ ଷ୍ଟେଟ ଆସେମ୍ବ୍ଲିର ସଦସ୍ୟ ଅଛନ୍ତି। ଜୋହରାନ ଆଫ୍ରିକାର ୟୁଗାଣ୍ଡାର ଲେଖକ ମହମୁଦ ମମ୍‌ଦାନୀ ଓ ଭାରତୀୟ ଫିଲ୍ମ ନିର୍ଦ୍ଦେଶିକା ମୀରା ନାଏରଙ୍କ ପୁଅ। ମମଦାନୀ ଏବେ ୧୪ ପ୍ରତିଶତର ବଡ଼ ଅନ୍ତରରେ ଆଗରେ ରହିଛନ୍ତି। ନିର୍ବାଚନରେ ମମଦାନୀଙ୍କ ବିରୋଧରେ ୬୭ ବର୍ଷୀୟ ପୂର୍ବତନ ଗଭର୍ନର ଆଣ୍ଡ୍ରୁ କୁମୋ ଅବତୀର୍ଣ୍ଣ ହୋଇଛନ୍ତି। ଯଦି ମମ୍‌ଦାନୀ ମେୟର ଭାବେ ନିର୍ବାଚିତ ହେଉଛନ୍ତି ତେବେ, ନ୍ୟୁୟର୍କକୁ ସଂଘୀୟ ସହାୟତା ପାଣ୍ଠି ବନ୍ଦ କରିବାକୁ ଟ୍ରମ୍ପ ପୂର୍ବରୁ ଧମକ ଦେଇସାରିଛନ୍ତି।

# ଅନନ୍ତ ସିଂହଙ୍କ ପାଇଁ ଭୋଟ ମାଗିଲେ କେନ୍ଦ୍ରମନ୍ତ୍ରୀ

ପାଟନା, ୩।୧୧ (ଏଜେନ୍ସି): ଯାହା ଅନ୍ୟ କେଉଁଠି ଦେଖିବାକୁ ମିଳି ନ ଥାଏ ତାହା ରାଜନୀତିରେ ଦେଖାଯାଇଥାଏ। ଏହାର ନିଚ୍ଛକ ଦୃଶ୍ୟ ବିହାରରୁ ସାମ୍‌ନାକୁ ଆସିଛି। ଗ୍ୟାଙ୍ଗଷ୍ଟାର ରାଜନୀତିକୁ ଆସି ନିର୍ବାଚନ ଲଢୁଛନ୍ତି। ଆଉ ଧଳା ପୋଷାକ ତଳେ ରହି ଲୋକେ କଳା ସାମ୍ରାଜ୍ୟ ଚଳାଉଛନ୍ତି। ଏଭଳି ଦୁଇ ନେତା ହେଉଛନ୍ତି ଦୁଲାରଚାନ୍ଦ ଯାଦବ ଏବଂ ବାହୁବଳୀ ଅନନ୍ତ ସିଂହ ଓରଫ ଛୋଟେ ସରକାର। ଗ୍ୟାଙ୍ଗଷ୍ଟାରରୁ ରାଜନେତା ପାଲଟି ଥିବା ଆରଜେଡି ନେତା ଦୁଲାରଚାନ୍ଦଙ୍କ ହତ୍ୟା ମାମଲାରେ ମୋକାମାର କ୍ଷମତାସୀନ ଜେଡିୟୁ ପ୍ରାର୍ଥୀ ତଥା ବାହୁବଳୀ ତଥା ଛୋଟେ ସରକାର ଅନନ୍ତ ସିଂହଙ୍କୁ ଗିରଫ କରାଯାଇଛି। ମାତ୍ର ଏହି କାର୍ଯ୍ୟାନୁଷ୍ଠାନର ଦିନକ ପରେ ଅନନ୍ତଙ୍କ ପାଇଁ ପ୍ରଚାର କରିବାକୁ ମୋକାମାରେ ଅନେକ ହେଭିୱେଟ ପହଞ୍ଚି ଯାଇଛନ୍ତି। ଏହି ଆସନର ପ୍ରଚାରପ୍ରସାର ଦାୟିତ୍ୱ କେନ୍ଦ୍ରମନ୍ତ୍ରୀ ତଥା ଜେଡିୟୁ ନେତା ଲଲନ ସିଂହ ନିଜ ହାତକୁ ନେଇଛନ୍ତି। ସେ ସୋମବାର ଅନନ୍ତ ସିଂହଙ୍କ ପାଇଁ ପ୍ରଚାର କରି ଭୋଟ ଭିକ୍ଷା କରିଛନ୍ତି। ଖାଲି ସେତିକି ନୁହେଁ, ଉପମୁଖ୍ୟମନ୍ତ୍ରୀ ତଥା ବିଜେପିର ବରିଷ୍ଠ ନେତା ସମ୍ରାଟ ଚୌଧୁରୀ ମଧ୍ୟ ଆଜି ମୋକାମାରେ ରୋଡ୍ ଶୋ' କରିଛନ୍ତି।



ଲଲନ ସିଂହ କହିଛନ୍ତି ଯେ ଅନନ୍ତ ଜେଲ୍ ଯିବା ପରେ ଦାୟିତ୍ୱ ବଢ଼ି ଯାଇଛି। ଜଣେ ଜଣେ ବ୍ୟକ୍ତିଙ୍କୁ ଅନନ୍ତ ସିଂହ ହୋଇ ନିର୍ବାଚନ ଲଢ଼ିବାକୁ ହେବ। ସେହିପରି ଅନନ୍ତଙ୍କୁ ଜେଲ୍ ପଠାଇବା ପାଇଁ ଷଡ଼ଯନ୍ତ୍ର କରାଯାଇଛି ବୋଲି ସେ ଦାବି କରିଛନ୍ତି। ସେହିପରି ବିଜେପି ସାଂସଦ ବୃଜଭୂଷଣ ଶରଣ ସିଂହ ମଧ୍ୟ ଅନନ୍ତଙ୍କ ସପକ୍ଷରେ ବାହାରିଛନ୍ତି। ସେ ଏହି ବାହୁବଳୀଙ୍କୁ ନିର୍ଦ୍ଦୋଷ କହିଛନ୍ତି। ତାଙ୍କ ବିରୋଧରେ ମିଥ୍ୟା ଏତଲା ଦାଏର କରାଯାଇଥିବା କୁହାଯାଉଛି। ତେବେ ନିଜ ସରକାର ଥିବାବେଳେ ଛୋଟେ ସରକାରଙ୍କ ବିରୋଧରେ ମିଥ୍ୟା ଏତଲା କେମିତି ଦାଏର କରାଯାଇପାରିବ ବୋଲି ପ୍ରଶ୍ନ ଉଠୁଛି।

# ପରସ୍ପର ବିରୋଧରେ ମଇଦାନକୁ ଓହ୍ଲାଇଲେ ଦୁଇ ଭାଇ

ବିହାରର ସବୁଠାରୁ ହଟ୍ ସିଟ୍ ମହୁଆ ଏବଂ ରାଘୋପୁରରେ ଆରଜେଡି ମୁଖ୍ୟ ଲାଲୁ ଯାଦବଙ୍କ ଦୁଇ ପୁଅ ମୈଦାନକୁ ଓହ୍ଲାଇଛନ୍ତି। ଏହି ଦୁଇ ଆସନ ଦୁଇ ଭାଇଙ୍କ ମଧ୍ୟରେ ଲଢେଇର କ୍ଷେତ୍ର ପାଲଟି ଯାଇଛି। ପ୍ରେମ ବିବାହକୁ ନେଇ ବଡ଼ ପୁଅ ତେଜପ୍ରତାପଙ୍କୁ ୬ ବର୍ଷ ପାଇଁ ଦଳରୁ ବାହାରି କରିଦେଇଥିବା ଲାଲୁଙ୍କ ନିମନ୍ତେ ସେ ହିଁ କଣ୍ଟା ପାଲଟି ଯାଇଛନ୍ତି। ଲାଲୁଙ୍କ ସାନ ପୁଅ ତେଜସ୍ୱୀ ହେଲିକପ୍ଟରରୁ ମହୁଆରେ ଓହ୍ଲାଇ ଭୋଟ ମାଗିବାରୁ ରାଜନୈତିକ ଚିତ୍ର ବଦଳି ଯାଇଛି। ମହୁଆରୁ ବଡ଼ ଭାଇ ତେଜପ୍ରତାପଙ୍କ ବିରୋଧରେ ତେଜସ୍ୱୀ ଭୋଟ ମାଗିଛନ୍ତି। ଏହାର ପ୍ରତି ବଦଳରେ ସାନ ଭାଇ ତେଜସ୍ୱୀଙ୍କ ନିର୍ବାଚନ କ୍ଷେତ୍ର ରାଘୋପୁରର ୨ଟି ସ୍ଥାନରେ ହେଲିକପ୍ଟର ଓହ୍ଲାଇ ଜବାବ ଦେବେ ବୋଲି ତେଜପ୍ରତାପ କହିଛନ୍ତି। ଦୁଇ ଭାଇଙ୍କ ବିବାଦ ଖୋଲାଖୋଲି ଭାବେ ସାମ୍‌ନାକୁ ଆସିଯାଇଛି।

ସୂଚନା ଅନୁଯାୟୀ ଘରୁ ଏବଂ ଦଳରୁ ବାହାର କରାଯିବା ପରେ ତେଜପ୍ରତାପ ଜନଶକ୍ତି ଜନତା ପାର୍ଟି ଗଢିଛନ୍ତି। ସେ ବୈଶାଳୀର ମହୁଆ ସିଟ୍‌ରୁ ଲଢୁଛନ୍ତି। ସେହିପରି ତେଜସ୍ୱୀ ବିରୋଧୀଙ୍କ ମହାମେଣ୍ଟ ଇଣ୍ଡିଆର ମୁଖ୍ୟମନ୍ତ୍ରୀ ପ୍ରାର୍ଥୀ ଅଛନ୍ତି। ସେ ମହୁଆରେ କହିଥିଲେ ଯେ ଦଳଠାରୁ ବଡ଼ କେହି ନୁହେଁ। ଦଳ ହିଁ ତାଙ୍କର ବାପାମାଆ। ଦଳ ଅଛି ତ ସବୁ ଅଛି; ଦଳ ନ ଥିଲେ କିଛି ନାହିଁ। ଏହାର ଜବାବରେ ତେଜପ୍ରତାପ କହିଛନ୍ତି ଯେ ଜନତାଙ୍କଠାରୁ ବଡ଼ କେହି ନୁହେଁ ବୋଲି ମୋର ବାଳୁତ ଭାଇ ବୁଝିବା ଦରକାର। ଜନତା ହିଁ ମାଲିକ। ଗଣତନ୍ତ୍ରରେ କୌଣସି ପାର୍ଟି କିମ୍ବା ପରିବାର ନୁହେଁ, ଜନତା ହିଁ ସବୁଠୁ ବଡ଼।





ଉପନିର୍ବାଚନ ପାଇଁ ସୋମବାର ନୂଆପଡ଼ାରେ ବିଜେଡି ସୁପ୍ରିମୋ ନବୀନ ପଟ୍ଟନାୟକଙ୍କ ନିର୍ବାଚନୀ ସଭା

# ତ୍ରିବିକ୍ରମ ବେଶରେ ଦର୍ଶନ ଦେଲେ ମହାପ୍ରଭୁ

ପୁରୀ,୩।୧୧(ସମିସ): କାର୍ତ୍ତିକ ଶୁକ୍ଳ ତ୍ରୟୋଦଶୀ ତଥା ପଞ୍ଚୁକର ଦ୍ୱିତୀୟ ଦିବସରେ ସୋମବାର ରତ୍ନସିଂହାସନରେ ମହାପ୍ରଭୁଙ୍କ ତ୍ରିବିକ୍ରମ ବା ଡାଳିକିଆ ବେଶ ଅନୁଷ୍ଠିତ ହୋଇଛି। ଏହି ବେଶ ଦର୍ଶନ ଲାଗି ଶ୍ରୀମନ୍ଦିରରେ ପ୍ରବଳ ଭିଡ଼ ହୋଇଥିଲା। ଅବକାଶ ନୀତି ଶେଷ ହେବା ପରେ ଠାକୁରମାନଙ୍କ ତ୍ରିବିକ୍ରମ ବେଶ କରାଯାଇଥିଲା। ଏହି ବେଶରେ ଶ୍ରୀଜଗନ୍ନାଥ ଏବଂ ବଳଭଦ୍ରଙ୍କ ଶ୍ରୀମସ୍ତକରେ ସୋଲ, କନା, ବେତ, ଜମ୍ବୁରା, କଇଁଥ ଅଠା ଇତ୍ୟାଦିରେ ନିର୍ମିତ ଦୁଇଟି ଚୂଳ ଲାଗି ହୋଇଥିଲା। ଏହି ଚୂଳରେ ସୋଲ, ଜରି ଓ ରଙ୍ଗ ଲଗାଯାଇ ପ୍ରସ୍ତୁତ ବହୁତ ଫୁଲ ଶ୍ରୀମସ୍ତକରେ ସଜା ଯାଇଥିଲା। ଏଥିରେ ସୁନାର କିଆ ମଧ ଖଞ୍ଜା ଯାଇଥିଲା। ଏଥିସହ ଅନେକ ସୁବର୍ଣ୍ଣ ଅଳଙ୍କାରରେ ଠାକୁରଙ୍କୁ ବିଭୂଷିତ କରାଯାଇଥିଲା। ଶ୍ରୀଜଗନ୍ନାଥ ଶଙ୍ଖ, ଚକ୍ର ଏବଂ ଶ୍ରୀବଳଭଦ୍ର ହଳ, ମୂଷଳ ଧାରଣ କରିଥିଲେ। ଏହା ଅତ୍ୟନ୍ତ ମନୋମୁଗ୍ଧକର ବେଶ। ଏହି ବେଶକୁ ଶ୍ରଦ୍ଧାଳୁ ତ୍ରୟୋଦଶୀ ତିଥିରେ ଦର୍ଶନ କଲେ ଅପାର କରୁଣା ଲାଭ କରିବା ସହ ଅଶେଷ ପୁଣ୍ୟପ୍ରାପ୍ତି ହୋଇଥାଏ ବୋଲି ବିଶ୍ୱାସ ରହିଛି। ମଙ୍ଗଳବାର ମହାପ୍ରଭୁଙ୍କର ଲକ୍ଷ୍ମୀନୃସିଂହ ବେଶ ଅନୁଷ୍ଠିତ ହେବ।

# ଶ୍ରୀମନ୍ଦିରରୁ ଡାଲ୍‌ଡା ଘିଅ ଜବତ

ପୁରୀ, ୩।୧୧(ସମିସ): ଶ୍ରୀମନ୍ଦିର ମଧ୍ୟରେ କେବଳ ଓମ୍‌ଫେଡ୍ ଘିଅ ବ୍ୟବହାର ହେବ। ଅନ୍ୟ କୌଣସି ପ୍ରକାର ଘିଅ ବ୍ୟବହାର କରାଯିବ ନାହିଁ ବୋଲି ଶ୍ରୀମନ୍ଦିର ପରିଚାଳନା କମିଟି ସ୍ଥିର କରିଥିଲା। ଏ ସଂକ୍ରାନ୍ତରେ ସୁଆର ମହାସୁଆର ସେବକଙ୍କୁ ନିର୍ଦ୍ଦେଶ ବି ଦିଆଯାଇଥିଲା। ହେଲେ



ଏଥିରେ ବ୍ୟତିକ୍ରମ ଦେଖିବାକୁ ମିଳିଛି। ସୋମବାର ଶ୍ରୀମନ୍ଦିର ଭିତରୁ ଡାଲଡା ଘିଅ ଜବତ କରାଯାଇଛି। ଜଣେ ମହାସୁଆର ସେବକ ଏହି ନିର୍ଦ୍ଦେଶର ଉଲ୍ଲଂଘନ କରିଥିବାରୁ ତାଙ୍କୁ ଶ୍ରୀମନ୍ଦିର

- କେବଳ ଓମ୍‌ଫେଡ ଘିଅ ବ୍ୟବହାର ଲାଗି ଥିଲା ନିର୍ଦ୍ଦେଶ
- ଉଲ୍ଲଂଘନକାରୀ ମହାସୁଆର ସେବକଙ୍କୁ କୈଫିୟତ ତଲବ

ପ୍ରଶାସନ କୈଫିୟତ ତଲବ କରିଛି। କୌଣସି ପ୍ରକାର ବିଶୃଙ୍ଖଳାକୁ ବରଦାସ୍ତ କରାଯିବ ନାହିଁ ବୋଲି ସ୍ପଷ୍ଟ କରିଛନ୍ତି ମୁଖ୍ୟ ପ୍ରଶାସକ ଡ. ଅରବିନ୍ଦ ପାଢ଼ୀ।

ମହାପ୍ରସାଦ ହେଉ କିମ୍ବା ଶୁଖିଲି ଭୋଗ; ସବୁଥିରେ କେବଳ ଓମଫେଡ୍ ଘିଅ ବ୍ୟବହାର କରାଯିବ। ପୂର୍ବରୁ ବିଭିନ୍ନ ପ୍ରକାର ନିମ୍ନମାନର ଘିଅ ବ୍ୟବହାର କରାଯାଉଥିବା ବାରମ୍ବାର ଅଭିଯୋଗ ଆସିବା ପରେ ପରିଚାଳନା କମିଟି ଏହି ନିଷ୍ପତ୍ତି ନେଇଥିଲା। ତେଣୁ ଏନେଇ ସହଯୋଗ କରିବାକୁ ଗତବର୍ଷ ଅକ୍ଟୋବର ୨୪ ତାରିଖରେ ଓମ୍‌ଫେଡକୁ ଅନୁରୋଧ କରିଥିଲେ ମୁଖ୍ୟ ପ୍ରଶାସକ ଡ. ପାଢ଼ୀ। ଶ୍ରୀମନ୍ଦିରର ଆବଶ୍ୟକତାକୁ ନଜରରେ ରଖି ମନ୍ଦିର ପାଇଁ ଏକ ସ୍ୱତନ୍ତ୍ର ଡିପୋ ଖୋଲାଯିବା ନେଇ ଓମଫେଡ୍ ପରିଚାଳନା ନିର୍ଦ୍ଦେଶକଙ୍କୁ ପତ୍ର ଲେଖିଥିଲେ। ଅନ୍ୟପକ୍ଷରେ ଶ୍ରୀମନ୍ଦିର ମଧ୍ୟକୁ ଓମଫେଡ୍ ବ୍ୟତୀତ ଯେପରି ଅନ୍ୟ କୌଣସି ଘିଅ ପ୍ରବେଶ ନ କରେ, ସେଥିପ୍ରତି ପଦକ୍ଷେପ ନେବାକୁ ନିର୍ଦ୍ଦେଶ ଦେଇଥିଲେ ମୁଖ୍ୟ ପ୍ରଶାସକ। ତଦନୁସାରେ ଶ୍ରୀମନ୍ଦିର ପ୍ରଶାସନ ପକ୍ଷରୁ ସୁଆର ମହାସୁଆର ନିଯୋଗକୁ ଜଣାଇ ଦିଆଯାଇଥିଲା। ବରିଷ୍ଠ ସୁପରଭାଇଜର ଏବଂ କମାଣ୍ଡର୍ ଏଥିପ୍ରତି ଆବଶ୍ୟକ ପଦକ୍ଷେପ ନେବାକୁ ନିର୍ଦ୍ଦେଶ ରହିଥିଲା। ଏଥିରେ କୌଣସି ପ୍ରକାର ବ୍ୟତିକ୍ରମକୁ ବରଦାସ୍ତ କରାଯିବ ନାହିଁ। ଅନ୍ୟ ଛାପ ଘିଅ ଶ୍ରୀମନ୍ଦିରକୁ ନେବାକୁ ଚେଷ୍ଟା କଲେ ଦୃଢ଼ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ବୋଲି ସତର୍କ କରି ଦିଆଯାଇଥିଲା। ଏହାସତ୍ତ୍ୱେ ସୋମବାର ପବିତ୍ର କାର୍ତ୍ତିକ ମାସ ପଞ୍ଚୁକରେ ଶ୍ରୀମନ୍ଦିର ଭିତରୁ ଡାଲ୍‌ଡା ଘିଅ ଜବତ ହୋଇଛି।

## ମନିସୁଖ ସିକ୍ୟୁରିଟି ସଂସ୍ଥା

# ଓଡ଼ିଶାରୁ ଠକିଛି ୫ଶହ କୋଟି

ଭୁବନେଶ୍ୱର,୩।୧୧(ସମିସ): ୨ ମାସରେ ମୂଳଧନ ଦୁଇଗୁଣା କରିଦେବାର ଲୋଭ ଦେଖାଇ 'ମନିସୁଖ ସିକ୍ୟୁରିଟି' ନାମକ ଏକ ସଂସ୍ଥା ଓଡ଼ିଶାରୁ ୫ଶହ କୋଟି ଠକିନେଇଛି। ଏନେଇ ଥାନାରେ ଅଭିଯୋଗ କଲେ ମଧ ପୁଲିସ ଶୁଣୁନି। ଅଭିଯୁକ୍ତମାନଙ୍କୁ ଧରିବା ତ ଦୂରର କଥା, ତଦନ୍ତ ବି କରୁନାହିଁ। ଏପରି ଅଭିଯୋଗ ଆଣି ଭଦ୍ରକ ଜିଲ୍ଲା ଚାରିଗାଁର ପ୍ରହଲ୍ଲାଦ ସେଠୀ ରାଜ୍ୟ ମାନବାଧିକାର କମିସନ୍ (ଓଏଚ୍ଆର୍‌ସି)ର ଦ୍ୱାରସ୍ଥ ହୋଇଛନ୍ତି। ସେ ଅଭିଯୋଗରେ ଦର୍ଶାଇଛନ୍ତି ଯେ ଗତ ୨୦୨୪ ଜୁଲାଇ ୧୩ ତାରିଖରେ ସେ ଏ ସଂପର୍କରେ ଭଦ୍ରକ ଟାଉନ୍ ଥାନାରେ ଅଭିଯୋଗ କରିଥିଲେ। କିନ୍ତୁ ପୁଲିସ ତଦନ୍ତ କରିବା ପରିବର୍ତ୍ତେ ହାତ ବାନ୍ଧି ଚୁପ୍ ବସିଛି। ଏହାର ଫାଇଦା ନେଇ ଅଭିଯୁକ୍ତମାନେ ବାହାରେ ବସି ଜଣଙ୍କ ପରେ ଜଣଙ୍କୁ ଠକି ଚାଲିଛନ୍ତି। ଏହି ଘଟଣାରେ ଆୟୋଗ ଅସନ୍ତୋଷ ପ୍ରକାଶ କରିବା ସହ ଭଦ୍ରକ ଏସ୍‌ପିଙ୍କୁ ରିପୋର୍ଟ ତଲବ କରିଛନ୍ତି। ଆସନ୍ତା ୧୫ତାରିଖ ସୁଦ୍ଧା ରିପୋର୍ଟ ଦେବାକୁ କହିଛନ୍ତି। ରିପୋର୍ଟ ନଦେଲେ ଆୟୋଗ ନିଜଆଡୁ ମାମଲାର ଅନ୍ତିମ ରାୟ ପ୍ରକାଶ କରିବେ ବୋଲି ଜଣାପଡ଼ିଛି।

'ମନିସୁଖ ସୁକ୍ୟୁରିଟି ଫାଇନାନ୍ସ ଲିମିଟେଡ୍'ର ଦିଲ୍ଲୀରେ ଅଫିସ୍ ରହିଛି। ସଂସ୍ଥା ଏଠାରେ ଲୋକଙ୍କୁ ଠକିବା ପାଇଁ ଯୋଜନା କରି ଲୋଭନୀୟ ଅଫର୍ ରଖିଥିଲା। ମନିସୁଖ ସିକ୍ୟୁରିଟ୍ ଆପ୍‌ରେ ଟଙ୍କା ଲଗାଇଲେ ତାହା ୨ ମାସରେ ଦୁଇଗୁଣା ହୋଇଯିବ ବୋଲି ପ୍ରତିଶ୍ରୁତି ଦେଉଥିଲା। ଲୋଭରେ ପଡ଼ି ଓଡ଼ିଶାର ଏକାଧିକ ଲୋକ ଏଥିରେ ନିବେଶ କରିଥିଲେ। ହେଲେ, ଲାଭ ଦୂର କଥା, ମୂଳ ବି ମିଳିଲାନି।

- ପୁଲିସ ଶୁଣିଲାନି, ଓଏଚ୍ଆରସିଙ୍କ ଦ୍ୱାରସ୍ଥ ହେଲେ ଯୁବକ
- ଭଦ୍ରକ ଏସ୍‌ପିଙ୍କୁ ଜବାବ ତଲବ; ୧୫ ସୁଦ୍ଧା ରିପୋର୍ଟ ଦେବେ
- ଦେଶରୁ ୧୦ ହଜାର କୋଟିର ଠକିଛି ସଂସ୍ଥା

ଶେଷରେ ଆପ୍‌ଟି ମଧ ବନ୍ଦ ହୋଇଯାଇଥିଲା। ଖାଲି ଓଡ଼ିଶା ନୁହେଁ, ଏହି ସଂସ୍ଥା ୧୦ ହଜାର କୋଟି ଟଙ୍କା ଠକେଇ କରିଛି।

ଭଦ୍ରକର ପ୍ରହଲ୍ଲାଦ ନାମକ ଜଣେ ଯୁବକ ମଧ ଏହି ସଂସ୍ଥା ଦ୍ୱାରା ଠକେଇର ଶିକାର ହୋଇଛନ୍ତି। ସଂସ୍ଥା ତାଙ୍କଠାରୁ ୩୩ଲକ୍ଷ ୭୮ ହଜାର ଟଙ୍କା ଠକି ନେଇଛି। ପ୍ରହଲ୍ଲାଦଙ୍କ କହିବା କଥା, ତାଙ୍କ ହ୍ୱାଟ୍ସଆପ୍‌କୁ ପ୍ରଥମେ ଏକ ଅଜଣା ନମ୍ବରରୁ ମେସେଜ୍ ଆସିଥିଲା। ମନିସୁଖ ସିକ୍ୟୁରିଟି ସଂସ୍ଥା ଆପ୍‌ରେ ଟଙ୍କା ଲଗାଇଲେ, ଦୁଇଗୁଣା ଅର୍ଥ ମିଳିବ ବୋଲି ସେଥିରେ କୁହାଯାଇଥିଲା। ମେସେଜ୍ ଆସିଥିବା ଫୋନ୍ ନମ୍ବରକୁ କଲ୍ କରିବା ପରେ ଠକ ତାଙ୍କୁ ଏକ ହ୍ୱାଟ୍ସଆପ୍ ଗ୍ରୁପ୍‌ରେ ଆଡ୍ କରିଥିଲେ। ଏହାପରେ ସେଠାରେ ତାଙ୍କୁ ମନିସୁଖ ସିକ୍ୟୁରିଟି ଆପ୍‌କୁ ଡାଉନ୍‌ଲୋଡ୍ କରି ଟଙ୍କା ବିନିଯୋଗ କରିବାକୁ କୁହାଯାଇଥିଲା। ଆଗପଛ ବିଚାର ନ କରି ସେ ୩୩ଲକ୍ଷ ୭୮ହଜାର ଟଙ୍କା ବିନିଯୋଗ କରିଥିଲେ। ବଦଳରେ ସଂସ୍ଥା ତାଙ୍କୁ ୧କୋଟି ୧୪ଲକ୍ଷ ଟଙ୍କା ଦେବ ବୋଲି ପ୍ରତିଶ୍ରୁତି ଦେଇଥିଲା। କିନ୍ତୁ ଦୁଇ ମାସ ପରେ ସେ ଆପ୍‌ରୁ ଆଉ ଟଙ୍କା ଉଠାଇ ପାରିନଥିଲେ। ପ୍ରହଲ୍ଲାଦ ଠକାମିର ଶିକାର ହୋଇଥିବା ଜାଣିବା ପରେ ୨୦୨୪ରେ ଭଦ୍ରକ ଟାଉନ୍ ଥାନାରେ ଅଭିଯୋଗ କରିଥିଲେ। ବହୁ ଦିନ ବିତିଯାଇଥିଲେ ମଧ ପୁଲିସର ତଦନ୍ତ କିଛି ଆଗକୁ ବଢ଼ି ନଥିବାରୁ ସେ ରାଜ୍ୟ ମାନବାଧିକାର କମିସନ୍‌ଙ୍କ ନିକଟରେ ଅଭିଯୋଗ କରିଛନ୍ତି।

# ହାତୀ ଶିକାରୀ ଗିରଫ, ୩ ଦେଶୀ ବନ୍ଧୁକ ସହ ଗୁଳି ଜବତ

ଭଞ୍ଜନଗର, ୩।୧୧(ସମିସ): ବାଇବାଲି ଜଙ୍ଗଲର ଭାଗ ନମ୍ବର-୬ର ବାଣିଆପଲ୍ଲୀ ଗାଁ ପାଖ ଜଙ୍ଗଲରେ ୧୫ ବର୍ଷୀୟ ଦନ୍ତା ହାତୀକୁ ଗୁଳି କରି ମାରିବା ଘଟଣାରେ ବନ କର୍ମଚାରୀମାନେ ଉମାକାନ୍ତ ପ୍ରଧାନ ଓରଫ ନଣ୍ଡା (୫୦)କୁ ଗିରଫ କରିଛନ୍ତି। ତାଙ୍କ ନିକଟରୁ ୩ଟି ଦେଶୀ ବନ୍ଧୁକ ସହ ବିପୁଳ ପରିମାଣର ଦେଶୀ ବୁଲେଟ୍ ଓ ଗୁଳିରେ ମିଶାଉଥିବା ବିଷାକ୍ତ ବିସ୍ଫୋରକ ଜବତ କରାଯାଇଛି। ଏ ସମ୍ପର୍କରେ ମୁଜାଗଡ଼ ରେଞ୍ଜ କାର୍ଯ୍ୟାଳୟରେ ସୋମବାର ଡିଏଫ୍‌ଓ ହିମାଂଶୁ ଶେଖର ମହାନ୍ତି ଓ ଏସିଏଫ୍ ବିବେକ ଦାଶ, ବିମଳ ପ୍ରଧାନ ଓ ରେଞ୍ଜର ବିମ୍ବାଧର ସାହୁ ଏକ ପ୍ରେସ୍ ମିଟ୍‌ରେ ସୂଚନା ଦେଇଛନ୍ତି। ମୁଜାଗଡ଼ ରେଞ୍ଜ କେଶ୍ ନମ୍ବର ଓଆର- ୪୩୨/୨୦୨୫-୨୬ ପ୍ରକାରେ ଅଭିଯୁକ୍ତକୁ ଗିରଫ କରାଯାଇ କୋର୍ଟଚାଲାଣ କରାଯିବ ବୋଲି ଡିଏଫ୍‌ଓ ଶ୍ରୀ ମହାନ୍ତି କହିଛନ୍ତି।



ଅଭିଯୁକ୍ତ ଉମାକାନ୍ତ ଗତ ଗୁରୁବାର ରାତିରେ ନିଜ ଧାନ ଜମିକୁ ଜଗିବାକୁ ଗୋଟିଏ ଗୁଳି ଭର୍ତ୍ତି ଦେଶୀ ବନ୍ଧୁକ ଧରି ଯାଇଥିଲା। ଏହି ସମୟରେ ୨୪ ଟିକିଆ ହାତୀ ପଲ ମଧ୍ୟରୁ ୨ଟି ହାତୀ ତା'ର ଧାନ ଜମିରେ ପଶିଥିଲେ। ହାତୀକୁ ଦେଖି ସେ ପ୍ରଥମେ ୨ଟି ବାଣ ଫୁଟାଇଥିଲା। କିନ୍ତୁ ହାତୀ ଜମିରୁ ନଯିବା ଓ ତା' ଆଖି ଆଗରେ ଧାନ ଫସଲ ଖାଇବା ଦେଖି ହାତରେ ଧରିଥିବା ବନ୍ଧୁକରୁ ଗୁଳି ଫୁଟାଇଥିଲା। ପରେ ସେ ଘଟଣାସ୍ଥଳରୁ ଖସି ଆସି ନିଜ ଜମି ପାଖରେ ଏକ ବୁଦା ମୂଳେ ପାଲ ଘୋଡ଼ାଇ ବନ୍ଧୁକ ରଖି ଘରକୁ ଚାଲିଯାଇଥିଲା। ଅପରପକ୍ଷରେ ହାତୀଟି ମରିଥିବା ନେଇ ବନ କର୍ମଚାରୀମାନେ ଶନିବାର ଜାଣିବାକୁ ପାଇଥିଲେ। ଶବ ବ୍ୟବଚ୍ଛେଦ ବେଳେ ହାତୀର ଆଗ ପଟର ଡାହାଣ ଗୋଡ଼ ସନ୍ଧିରେ ଗୁଳିମାଡ଼ ହେବା ପରେ ହାତୀଟି ଘଟଣାସ୍ଥଳରୁ ପାଖାପାଖି ୪ ଶହ ମିଟର ଯାଇ ପଡ଼ିଯାଇଥିଲା ଓ ସେଠାରେ ହିଁ ମୃତ୍ୟୁବରଣ କରିଥିଲା ବୋଲି ଡିଏଫ୍‌ଓ ସୂଚନା ଦେଇଛନ୍ତି। ରବିବାର ରାତିରେ ବାଣିଆପଲ୍ଲୀ ଗାଁରେ ବନ ବିଭାଗ ପକ୍ଷରୁ ଫରେଷ୍ଟର ଟୁନା ମଲିକ, ବବୁଲ କୁମାର ସେଠୀ, ଅନୁପ କୁମାର ବିଷୋୟୀ ଓ ରାଜେନ୍ଦ୍ର ଦଳେଇଙ୍କ ସମେତ ବହୁ ଗଜସାଥୀ ଚଢ଼ଉ କରି ଅଭିଯୁକ୍ତଙ୍କୁ ଧରିଥିଲେ।

# ଆଜିଠୁ କମିବ ତାପମାତ୍ରା

ଭୁବନେଶ୍ୱର, ୩।୧୧(ସମିସ): ଆସନ୍ତା ଦୁଇ ଦିନ ଭିତରେ ରାଜ୍ୟର ତାପମାତ୍ରା ୨ରୁ ୩ଡିଗ୍ରୀ ପର୍ଯ୍ୟନ୍ତ ହ୍ରାସ ପାଇବ। ଫଳରେ ଥଣ୍ଡା ବଢ଼ିବ। ବିଶେଷକରି, ଆଭ୍ୟନ୍ତରୀଣ ଓ ଦକ୍ଷିଣ ଓଡ଼ିଶାରେ ଥଣ୍ଡାର ପ୍ରଭାବ ଅଧିକ ରହିବ। ବର୍ତ୍ତମାନ ଅଧିକାଂଶ ଅଞ୍ଚଳରେ ରାତି ତାପମାତ୍ରା ହାରାହାରି ୨୦ ଡିଗ୍ରୀ ମଧ୍ୟରେ ରହୁଛି। ଗତ ୨୪ ଘଣ୍ଟାରେ କୋରାପୁଟରେ ସର୍ବନିମ୍ନ ତାପମାତ୍ରା ୧୬ଡିଗ୍ରୀ ରେକର୍ଡ ହୋଇଥିବା ବେଳେ ଦାରିଙ୍ଗବାଡ଼ିରେ ୧୮ ଡିଗ୍ରୀ, ଫୁଲବାଣୀରେ ୧୮ ଡିଗ୍ରୀ, ଅନୁଗୁଳ ଓ ଭଦ୍ରକରେ ତାପମାତ୍ରା ୧୯ ଡିଗ୍ରୀ ଲେଖାଏଁ ରେକର୍ଡ କରାଯାଇଛି। ଅନ୍ୟପଟେ ମ୍ୟାଁମାର ଉପକୂଳରେ ଥିବା ଘୂର୍ଣ୍ଣିବଳୟ ପ୍ରଭାବରେ ଏକ ଲଘୁଚାପ ସୃଷ୍ଟି ହୋଇଛି। ଏହା ପ୍ରଭାବରେ ରାଜ୍ୟକୁ ଉତ୍ତରା ଶୁଷ୍କ ପବନ ଆସିବାରେ ମଧ ସ୍ଥିତି ସହାୟକ ହେଉଛି। ତେଣୁ, ରାଜ୍ୟକୁ ଉତ୍ତରା-ପଶ୍ଚିମ ଶୁଷ୍କ ଥଣ୍ଡା ବାୟୁ ପଶିବା ଯୋଗୁଁ ରାତିର ତାପମାତ୍ରା ହ୍ରାସ ହେବାରେ ଲାଗିଛି। ମ୍ୟାଁମାର୍ ଉପକୂଳରେ ଥିବା ଏହି ଲଘୁଚାପର କୌଣସି ସିଧାସଳଖ ପ୍ରଭାବ ଓଡ଼ିଶା ଉପରେ ପଡ଼ିବ ନାହିଁ। ଏହା ବାଂଲାଦେଶ ମୁହାଁ ହେବାର ସମ୍ଭାବନା ରହିଛି। ତେଣୁ ରାଜ୍ୟରେ ଆସନ୍ତା ୭ଦିନ ମଧ୍ୟରେ କାଁ ଭାଁ ଅଞ୍ଚଳକୁ ଛାଡ଼ିଦେଲେ ବାକି ସବୁ ଅଞ୍ଚଳରେ ପାଗ ମୁଖ୍ୟତଃ ଶୁଖିଲା ଓ ଖରାଟିଆ ରହିବାର ସମ୍ଭାବନା ରହିଛି।

## ଯନ୍ତ୍ରୀଙ୍କ ନାଁରେ ସଂଗିନ୍ ଅଭିଯୋଗ

# ଅନ୍ତେବାସୀଙ୍କ ସହ ଅପ୍ରାକୃତିକ ଯୌନ ସଂପର୍କ

ବାରିପଦା, ୩।୧୧(ସମିସ): ବାରିପଦା ସଦର ଥାନା ଅଧୀନ ହରିଶ୍ଚନ୍ଦ୍ରପୁରସ୍ଥିତ ଭଞ୍ଜଭୂମି ସଂସ୍କୃତ ବିଦ୍ୟାଳୟର ଆଦିବାସୀ ଛାତ୍ରାବାସର ଅନ୍ତେବାସୀଙ୍କ ସହ ଜଣେ ଯନ୍ତ୍ରୀ ଅପ୍ରାକୃତିକ ଯୌନ ସଂପର୍କ ରଖିବା ନେଇ ଥାନାରେ ଅଭିଯୋଗ ହୋଇଛି। ଏ ସଂପର୍କରେ ପ୍ରଧାନ ପଣ୍ଡିତ ସେବତୀ ମହାନ୍ତ ସଦର ଥାନାରେ ଲିଖିତ ଅଭିଯୋଗ କରିଛନ୍ତି। ଅଭିଯୋଗ ପାଇ ପୁଲିସ ତଦନ୍ତ ଆରମ୍ଭ କରିଛି। ଶ୍ୟାମାଖୁଣ୍ଟା ବ୍ଲକର ଜଣେ ସହକାରୀ ନିର୍ବାହୀ ଯନ୍ତ୍ରୀଙ୍କ ନାମରେ ଏହି ସଂଗିନ୍ ଅଭିଯୋଗ ଆସିଛି।

ସୂଚନାଯୋଗ୍ୟ ଯେ, ଭଞ୍ଜଭୂମି ସଂସ୍କୃତ ବିଦ୍ୟାଳୟରେ ଏକ ଶୌଚାଳୟ ନିର୍ମାଣ କାର୍ଯ୍ୟ ତଦାରଖ କରିବାକୁ ଯନ୍ତ୍ରୀଜଣକ ରବିବାର ଆସି ଅନ୍ତେବାସୀଙ୍କୁ ନାନା ଧମକଚମକ ଦେଇଥିଲେ। ସେହିଦିନ ସନ୍ଧ୍ୟା ସାଢ଼େ ୭ଟାରେ ପୁଣି ଯନ୍ତ୍ରୀଜଣକ ଛାତ୍ରାବାସକୁ ଆସି ଅନ୍ତେବାସୀଙ୍କ ସହ ମିଶି ଯାଇଥିଲେ। ପରେ କଥାବାର୍ତ୍ତା କରି ୯ ଜଣ ନାବାଳକଙ୍କୁ ଅଫିସ କୋଠରୀକୁ ନେଇ ଅପ୍ରାକୃତିକ ଯୌନ ସମ୍ପର୍କ ରଖିଥିଲେ। ଏ ସମ୍ପର୍କରେ କାହାକୁ ଜଣାଇଲେ ସ୍କୁଲ ବନ୍ଦ କରିଦେବା ସହ ଜୀବନରୁ ମାରିଦେବାର ଧମକଚମକ ଦେଇଥିଲେ। ଏପରିକି, ଜାତିଆଣ ଆକ୍ଷେପ କରି ଗାଳିଗୁଲଜ କରିବା ସହ ନାଲି ଆଖି ଦେଖାଇଥିବା ଅଭିଯୋଗରେ ଦର୍ଶାଯାଇଛି। ଏହାର ବିଧିବଦ୍ଧ ତଦନ୍ତ ପୂର୍ବକ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ଏତଲାରେ ଦର୍ଶାଯାଇଛି। ଏ ସମ୍ପର୍କରେ ଯନ୍ତ୍ରୀଙ୍କ ସହ ଯୋଗାଯୋଗ ସମ୍ଭବ ହୋଇପାରି ନଥିବାବେଳେ ଏଭଳି ଘଟଣାକୁ ନେଇ ଅଞ୍ଚଳରେ ଚର୍ଚ୍ଚାର ବିଷୟ ହୋଇଛି। ତେବେ ଆଦିବାସୀ ଛାତ୍ରଙ୍କ ପ୍ରତି ଯନ୍ତ୍ରୀଙ୍କ ଏଭଳି ଆଚରଣକୁ ନେଇ ଅଭିଭାବକମହଲରେ ତୀବ୍ର ପ୍ରତିକ୍ରିୟା ପ୍ରକାଶ ପାଇଛି। ଏ ସଂକ୍ରାନ୍ତରେ ବାରିପଦା ସଦର ଏସ୍‌ଡିପିଓ ପ୍ରଭାତ କୁମାର ମଲ୍ଲିକଙ୍କୁ ଯୋଗାଯୋଗ କରିବାରୁ, ଅଭିଯୋଗ କରିଥିବା ପ୍ରଧାନ ପଣ୍ଡିତ, ଛାତ୍ର, ବିଡିଓ ଓ ସଂପୃକ୍ତ ଯନ୍ତ୍ରୀଙ୍କୁ ପଚରାଉଚରା କରାଯିବା ସହ ସହ ତଦନ୍ତ ଜାରି ରହିଛି ବୋଲି କହିଛନ୍ତି।

# ପାଟଣା ରେଞ୍ଜରେ ବୁଲୁଛି ବାଘ

କେନ୍ଦୁଝର/ତୁରୁମୁଙ୍ଗା, ୩।୧୧(ସମିସ): କେନ୍ଦୁଝର ଜିଲ୍ଲା ପାଟଣା ରେଞ୍ଜ ସାହାରପଡ଼ା ସେକ୍ସନ ମାଛଗଡ଼ ବିଟ୍ ଅନ୍ତର୍ଗତ କେନ୍ଦୁଝର-ମୟୂରଭଞ୍ଜ ସୀମାର ଗୋପୀନାଥପୁରଠାରେ ଏକ ବାଘର ପାଦଚିହ୍ନ ଠାବ ହୋଇଛି। ଦୁଇ ଦିନ ତଳେ ୧୨ ସେଣ୍ଟିମିଟର୍ ବିଶିଷ୍ଟ ଏକ ବାଘ ପାଦଚିହ୍ନ ଠାବ ହେବା ଆଖପାଖ ଅଞ୍ଚଳରେ ଭୟର ବାତାବରଣ ଖେଳିଯାଇଛି। ଏପରିକି, କିଛି ସ୍ଥାନୀୟ

- ପାଦଚିହ୍ନ ଠାବ ପରେ ଆତଙ୍କ
- ବନ ବିଭାଗ ଲଗାଇଲା ୩୫ ଟ୍ରାପ୍ କ୍ୟାମେରା



ଲୋକ ବାଘକୁ ଦେଖିଥିବା ମଧ କହିଛନ୍ତି। ଫଳରେ ସନ୍ଧ୍ୟା ହେଲେ ତାଟିକବାଟ ପଡ଼ିଯାଉଛି। ଏପରି ସ୍ଥିତିରେ ବାଘକୁ ଧରିବା ପାଇଁ ବନ ବିଭାଗ ତନାଘନା ଆରମ୍ଭ କରିଦେଇଛି। ଅଟେଇ ସଂରକ୍ଷିତ ଜଙ୍ଗଲରେ ୩୫ଟି ଟ୍ରାପ୍ କ୍ୟାମେରା ଲଗାଯାଇଥିବା କେନ୍ଦୁଝର ଡିଏଫ୍‌ଓ ଏଚ୍.ଡି ଧନରାଜ ସୂଚନା ଦେଇଛନ୍ତି। ତେବେ ୨ଦିନ ମଧ୍ୟରେ ଏଯାଏଁ ଏଠାରେ ବାଘ ଦେଖାଯାଇ ନଥିବା ମଧ ସେ କହିଛନ୍ତି।

ଏହି ଅଞ୍ଚଳ ଏକ ବ୍ୟାଘ୍ର କରିଡର୍ ହୋଇଥିବାରୁ ସମୟ ସମୟରେ ଶିମିଳିପାଳରୁ ଅଟେଇ ଜଙ୍ଗଲକୁ ବାଘ ଆସି ପୁନର୍ବାର ଫେରି ଯାଇଥାନ୍ତି। ଅଟେଇ ସଂରକ୍ଷିତ ଜଙ୍ଗଲ ମଧ୍ୟରେ ବାଘ ପାଇଁ ଅଧିକ ତୃଣଭୋଜି ବନ୍ୟପ୍ରାଣୀ ରହିଥିବାରୁ ବାଘ ଏଠାକୁ ଆସିଥା'ନ୍ତି। ୨୦-୨୨ ମାସର ଏକ ବାଘ ଶିମିଳିପାଳରୁ ବାହାରି ବ୍ୟାଘ୍ର କରିଡର୍ ମଧ୍ୟରେ ଚଳପ୍ରଚଳ କରୁଥିବା ବନଖଣ୍ଡ ଅଧିକାରୀ କହିଛନ୍ତି। ବ୍ୟାଘ୍ର କରିଡର୍ ଶିମିଳିପାଳରୁ ଆରମ୍ଭ ହୋଇ ଠାକୁରମୁଣ୍ଡା, ଆନନ୍ଦପୁର, ସନ୍ତୋଷପୁର ସଂରକ୍ଷିତ ଜଙ୍ଗଲ, ଅଟେଇ ସଂରକ୍ଷିତ ଜଙ୍ଗଲ ଦେଇ ରେବଣାଓସାତକୋଶିଆଯାଏ ଲମ୍ବିଛି। ସମୟ ବ୍ୟବଧାନରେ ଏହି କରିଡର୍ ଦେଇ ଅଟେଇ ଜଙ୍ଗଲକୁ ବାଘ ଆସି ପୁନର୍ବାର ଫେରି ଯାଉଥିବା ସେ କହିଛନ୍ତି। କେନ୍ଦୁଝର ଜିଲ୍ଲାର ଘଞ୍ଚ ଅଟେଇ ଜଙ୍ଗଲକୁ ବାଘ ଆସିବା ଏକ ଶୁଭ ସଙ୍କେତ ବୋଲି କହିବା ସହ ଏଥିପାଇଁ ବନବିଭାଗ ସମ୍ପୂର୍ଣ୍ଣ ପ୍ରସ୍ତୁତ ରହିଥିବା ଡିଏଫଓ ଧନରାଜ କହିଛନ୍ତି।

ଅପରପକ୍ଷେ, ଲୋକଙ୍କ ଧନଜୀବନ ପ୍ରତି ବିପଦ ଥିବାରୁ ଆଖପାଖ ଅଞ୍ଚଳରେ ବନ ବିଭାଗ ଲୋକଙ୍କୁ ସତର୍କ କରାଇଛି। ଜଙ୍ଗଲ ଭିତରକୁ ନିଜେ ନ ଯିବା ସହ ଗୃହପାଳିତ ପଶୁଙ୍କୁ ମଧ ନ ଛାଡ଼ିବାକୁ ଗାଁ ଗାଁରେ ସଚେତନ କରାଯାଉଛି।

## ସିଜିଏଲ୍ ଷ୍ଟାଟିଷ୍ଟିକାଲ୍ ଅଫିସର୍ ନିଯୁକ୍ତିରେ ବିଳମ୍ବ

# ଓଏସ୍ଏସ୍‌ସି କାର୍ଯ୍ୟାଳୟ ଘେରିଲେ ଆଶାୟୀ

ଭୁବନେଶ୍ୱର, ୩।୧୧(ସମିସ): ସିଜିଏଲ୍ ଷ୍ଟାଟିଷ୍ଟିକାଲ୍ ଅଫିସର୍ ପଦରେ ନିଯୁକ୍ତି ପାଇଁ ବିଜ୍ଞପ୍ତି ପ୍ରକାଶ ପାଇବାକୁ ବର୍ଷେ ପୂରିବ। ଏହାରି ମଧ୍ୟରେ ପ୍ରିଲିମିନାରୀ ପରୀକ୍ଷା ପାଇଁ ୩ଥର ବିଜ୍ଞପ୍ତି ବାହାରିଲାଣି। ପ୍ରତିଥର ପରୀକ୍ଷାର୍ଥୀଙ୍କୁ ଆଡମିଟ୍ କାର୍ଡ ମଧ ଦିଆଯାଇଛି। ହେଲେ ପରୀକ୍ଷାର ଠିକ୍ ପୂର୍ବରୁ ଏହାକୁ ବାତିଲ୍ କରି ଦିଆଯାଉଛି। ଦୀର୍ଘ ବର୍ଷେ ପରେ ମଧ ପରୀକ୍ଷା ନେଇ କୌଣସି ସ୍ୱଷ୍ଟତା ଆସୁ ନଥିବାରୁ ସୋମବାର ଓଡ଼ିଶା କର୍ମଚାରୀ ପ୍ରବରଣ ଆୟୋଗ (ଓଏସ୍ଏସ୍‌ସି) କାର୍ଯ୍ୟାଳୟକୁ ଯାଇ ଆଶାୟୀମାନେ ଜବାବ୍ ମାଗିଛନ୍ତି। କେବେ ସୁଦ୍ଧା ପରୀକ୍ଷା କରିବେ ବୋଲି ପ୍ରଶ୍ନ କରିବା ସହ ତ୍ୱରିତ ପରୀକ୍ଷା କରିବାକୁ ମଧ ନିବେଦନ କରିଛନ୍ତି।

ସୂଚନାଅନୁଯାୟୀ, ୨୦୨୪ ମସିହା ନଭେମ୍ବର ୧୮ ତାରିଖରେ ଷ୍ଟାଟିଷ୍ଟିକାଲ୍ ଅଫିସର୍ ପଦରେ ନିଯୁକ୍ତି ପାଇଁ ବିଜ୍ଞପ୍ତି ପ୍ରକାଶ ପାଇଥିଲା। ମୋଟ୍ ୧୭୪ଟି ଗ୍ରୁପ୍-ବି' ପଦରେ ନିଯୁକ୍ତି ପାଇଁ ଏପ୍ରିଲ୍ ୬ ରେ ପ୍ରିଲିମିନାରୀ ପରୀକ୍ଷା କରିବାକୁ ବିଜ୍ଞପ୍ତି ପ୍ରକାଶ ପାଇଥିଲା। ପରୀକ୍ଷାର୍ଥୀଙ୍କୁ ଆଡମିଟ୍ କାର୍ଡ ମଧ ପ୍ରଦାନ କରଯାଇଥିଲା। ହେଲେ ପରୀକ୍ଷାର ମାତ୍ର ଦୁଇଦିନ ପୂର୍ବରୁ ଅର୍ଥାତ୍ ୪ ତାରିଖରେ ଏହାକୁ ଘୁଞ୍ଚାଇ ଦିଆଯାଇଥିଲା। ମାତ୍ର ସପ୍ତାହେ ପରେ ଅର୍ଥାତ୍ ୧୩ ତାରିଖରେ ପରୀକ୍ଷା ପାଇଁ ବିଜ୍ଞପ୍ତି ପ୍ରକାଶ ପାଇଲା। ନୂତନ ଆଡମିଟ୍ କାର୍ଡ ମଧ ପ୍ରଦାନ କରାଗଲା। ହେଲେ ପୁଣିଥରେ ପରୀକ୍ଷାର ମାତ୍ର ଦୁଇଦିନ ପୂର୍ବରୁ ଅର୍ଥାତ୍ ୧୧ ତାରିଖରେ ଅନିର୍ଦ୍ଦିଷ୍ଟ କାଳ ପାଇଁ ସ୍ଥଗିତ ରଖିଥିଲା। ଏହା ଏକ ଗାଣିତିକ ପଦ ହୋଇଥିବାରୁ ତତ୍‌ସମ୍ବନ୍ଧୀୟ ଯୋଗ୍ୟତା ଥିବା



ପିଲାଙ୍କ ଆବେଦନ ହିଁ ରଖିବାକୁ ସର୍ଟଲିଷ୍ଟ କରିବେ ବୋଲି କାରଣ ଦର୍ଶାଗଲା। ଫଳରେ ପ୍ରାୟ ୮୦ ହଜାର ପିଲା ଆବେଦନକାରୀଙ୍କ ମଧ୍ୟରୁ ପାଖାପାଖି ୫୫ ହଜାର ପିଲା ବାଦ୍ ପଡ଼ିଥିଲେ। ବିଜ୍ଞପ୍ତି ପ୍ରକାଶ କରିବା ସମୟରେ ଶିକ୍ଷାଗତ ଯୋଗ୍ୟତା କଣ ରହିବ ବୋଲି କର୍ତ୍ତୃପକ୍ଷ କିପରି ଜାଣି ପାରିଲେ ନାହିଁ ତାହା ପ୍ରଶ୍ନବାଚୀ ସୃଷ୍ଟି କରିଛି। ଏହାପରେ ମାତ୍ର ୨୫ହଜାର ପିଲାଙ୍କୁ ନେଇ ପ୍ରିଲିମିନାରୀ ପରୀକ୍ଷା କରିବା ପାଇଁ ଓଏସ୍ଏସ୍‌ସି ପକ୍ଷରୁ ପୁନଃ ବିଜ୍ଞପ୍ତି ପ୍ରକାଶ ପାଇଲା। ସେପ୍ଟେମ୍ବର ୨୧ ତାରିଖରେ ପରୀକ୍ଷା କରିବା ପାଇଁ ଧାର୍ଯ୍ୟ କରିଥିବାବେଳେ ପୂର୍ବପରି ପରୀକ୍ଷାର ମାତ୍ର ଦୁଇଦିନ ଆଗରୁ ଅର୍ଥାତ୍ ୧୯ ତାରିଖରେ ବାତିଲ୍ କରିଦିଆଗଲା। ତୃତୀୟ ଥର ପାଇଁ ପରୀକ୍ଷା ବାତିଲ୍ ହେବାରୁ ବର୍ଷାଧିକ ସମୟ ପ୍ରସ୍ତୁତି କରୁଥିବା ଆଶାୟୀମାନେ ନିରାଶ ହୋଇଥିଲେ।

ଅପରପକ୍ଷରେ ଏହି ପଦ ପାଇଁ ପ୍ରକାଶିତ ତ୍ରୁଟିପୂର୍ଣ୍ଣ ବିଜ୍ଞପ୍ତି ଯୋଗୁଁ କିଛି ଆଶାୟୀ କୋର୍ଟଙ୍କ ଦ୍ୱାରସ୍ଥ ହୋଇଛନ୍ତି। ଗତ ଅକ୍ଟୋବର ୧୩ ତାରିଖରେ ଶୁଣାଣୀ ପାଇଁ ଧାର୍ଯ୍ୟ ହୋଇଥିଲେ ମଧ ଆଗକୁ ଆଉ ତାରିଖ ପଡୁନାହିଁ। ଫଳରେ ମାମଲାର ଅନ୍ତ କେବେ ଘଟିବ ସେନେଇ ସମସ୍ତଙ୍କ ମନରେ ସଂଶୟ ଲାଗି ରହିଛି। ଖୁବଶୀଘ୍ର ମାମଲାର ଶୁଣାଣୀ ପାଇଁ ଓଏସ୍ଏସ୍‌ସି ପକ୍ଷରୁ ପଦକ୍ଷେପ ନିଆଯିବ ବୋଲି ପ୍ରତିଶ୍ରୁତି ପାଇବା ପରେ ଆଶାୟୀମାନେ ଆନ୍ଦୋଳନରୁ ଓହରିଛନ୍ତି।

ସାମଗ୍ରିକ ଭାବେ ପରୀକ୍ଷା ବିଳମ୍ବର କାରଣ ତ୍ରୁଟିପୂର୍ଣ୍ଣ ବିଜ୍ଞପ୍ତି ହୋଇଥିଲେ ମଧ ସମ୍ପୃକ୍ତ ଅଧିକାରୀଙ୍କ ବିରୋଧରେ ସରକାର କୌଣସି

- ପରୀକ୍ଷାର ୨ ଦିନ ପୂର୍ବରୁ ୩ ଥର ଘୁଞ୍ଚିଲାଣି ପରୀକ୍ଷା
- ତ୍ରୁଟିପୂର୍ଣ୍ଣ ବିଜ୍ଞପ୍ତି ପାଇଁ କୋର୍ଟକୁ ଯାଇଛି ମାମଲା
- ଦୋଷୀ ଅଧିକାରୀଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ଶୂନ୍

କାର୍ଯ୍ୟାନୁଷ୍ଠାନ ନେଉ ନାହାନ୍ତି। ଫଳରେ ରାଜ୍ୟରେ ହେଉଥିବା ଅନ୍ୟ ନିଯୁକ୍ତି ପରୀକ୍ଷାରେ ମଧ ସମାନ ଧରଣର ତ୍ରୁଟି ପରିଲକ୍ଷିତ ହେଉଛି। ବାରମ୍ବାର ପରୀକ୍ଷା ପରିଚାଳନାରେ ତ୍ରୁଟି ଓ ବିଭ୍ରାଟ ପରୀକ୍ଷାର୍ଥୀଙ୍କ ମନୋବଳକୁ ଦୁର୍ବଳ କରୁଥିବାବେଳେ ପରୀକ୍ଷା ଦେଇ ନପାରି ମାନସିକ ଯନ୍ତ୍ରଣାରେ ଛଟପଟ ହେଉଥିବା ଆଶାୟୀମାନେ ଅଭିଯୋଗ କରିଛନ୍ତି।

### ରାଇରଙ୍ଗପୁର ମହାବିଦ୍ୟାଳୟକୁ ୬୨ ବର୍ଷ ପରେ ବି ମିଳୁନି ପୂର୍ଣ୍ଣ ସରକାରୀ ମାନ୍ୟତା

# ଭିତ୍ତିଭୂମି ବିକାଶ ଦାବିରେ ଛାତ୍ରଛାତ୍ରୀଙ୍କ ଶୋଭାଯାତ୍ରା



ରାଇରଙ୍ଗପୁର, ୩।୧୧(ସମିସ): ଦୀର୍ଘ ୬୨ ବର୍ଷ ପରେ ବି ରାଇରଙ୍ଗପୁର ମହାବିଦ୍ୟାଳୟକୁ ପୂର୍ଣ୍ଣ ସରକାରୀ ମାନ୍ୟତା ମିଳୁନାହିଁ। ଏ ନେଇ ବାରମ୍ବାର ଅଭିଯୋଗ ଜଣାଇବା ସତ୍ତ୍ୱେ ମାନ୍ୟତା ଅଭାବରୁ କଲେଜର ଭିତ୍ତିଭୂମିର ଉନ୍ନତି ସାଧିତ ହୋଇପାରୁନାହିଁ। ଯାହାକୁ ନେଇ ମୟୂରଭଞ୍ଜ ଆଦିବାସୀ ଛାତ୍ର ସଂଗଠନ ପକ୍ଷରୁ ଆନ୍ଦୋଳନ କରାଯାଇଛି। ଏକ ବିଶାଳ ଶୋଭାଯାତ୍ରାରେ ଛାତ୍ରଛାତ୍ରୀ ବାହାରି ରାଇରଙ୍ଗପୁର ସହର ପରିକ୍ରମା କରି ଉପଜିଲ୍ଲାପାଳଙ୍କୁ ଅଭିଯୋଗ ଜଣାଇଛନ୍ତି। ସୂଚନା ଅନୁଯାୟୀ, ରାଇରଙ୍ଗପୁର ମହାବିଦ୍ୟାଳୟ ଉପରେ ବହୁ ଆଦିବାସୀ ଛାତ୍ରଛାତ୍ରୀ ନିର୍ଭରଶୀଳ। କିନ୍ତୁ ଏ ଯାଏ ଏହି କଲେଜକୁ ପୂର୍ଣ୍ଣ ସରକାରୀ ମାନ୍ୟତା ମିଳିନଥିବାରୁ ବିଭିନ୍ନ ସମସ୍ୟା ଦେଇ ଗତିକରୁଛି। ମାନ୍ୟତା ଅଭାବରୁ ଭିତ୍ତିଭୂମିର ଉନ୍ନତି ହେଉନାହିଁ। ଫଳରେ ଗରିବ ପିଲାମାନେ ପାଠ ପଢ଼ିବାରେ ବାଧକ ସାଜିଛି। ରାଇରଙ୍ଗପୁର ଅଧିକାଂଶ ଲୋକେ ଗରିବ ଶ୍ରେଣୀର। ଅନୁଦାନ ନମିଳିବାରୁ ଛାତ୍ରଛାତ୍ରୀ ଅଧିକ ଫି ଦେଇ ପାଠ ପଢ଼ିବାକୁ ବାଧ ହେଉଛନ୍ତି। ମହାବିଦ୍ୟାଳୟଟି ସମ୍ପୂର୍ଣ୍ଣ ସରକାରୀ ମାନ୍ୟତା ପାଇଲେ ଆଡ୍‌ମିସନ ଏବଂ ପରୀକ୍ଷା ଫର୍ମ ଫିଲପ ଟଙ୍କା ଛାତ୍ରଛାତ୍ରୀଙ୍କୁ ଆଉ ଅଧିକ ଦେବାକୁ ପଡ଼ିବ ନାହିଁ। ଫଳରେ ଗରିବ ଛାତ୍ରଛାତ୍ରୀ ଉପକୃତ ହେବେ ବୋଲି ଛାତ୍ରଛାତ୍ରୀମାନେ ପ୍ରକାଶ କରିଛନ୍ତି। ଏହି କଲେଜ ଜିଲ୍ଲାର ଏକ ପୁରାତନ ଶିକ୍ଷାନୁଷ୍ଠାନ। ଏ ନେଇ ଉପଜିଲ୍ଲାପାଳ ସୌମ୍ୟ ରଞ୍ଜନ ପ୍ରଧାନଙ୍କ ନିକଟରେ ମୟୂରଭଞ୍ଜ ଆଦିବାସୀ ଛାତ୍ର ସଂଗଠନ ପକ୍ଷରୁ ଦାବି ଉପସ୍ଥାପନ କରାଯାଇଛି। ତେବେ ସେ ଏହି ଦାବିପ୍ରତି ଶୀଘ୍ର ପଦକ୍ଷେପ ଗ୍ରହଣ କରିବେ ବୋଲି ପ୍ରତିଶ୍ରୁତି ଦେଇଛନ୍ତି। ଆଗାମୀ ଦିନରେ ଏହି ଦାବି ପୂରଣ ନ ହେଲେ ଛାତଛାତ୍ରୀ ଆନ୍ଦୋଳନକୁ ଓହ୍ଲାଇବେ ବୋଲି ଚେତାବନୀ ଦେଇଛନ୍ତି। ଜିଲ୍ଲା ସଭାପତି ରାମ ମୁର୍ମୁ, କୁନି ନାଏକ, ବାଲାଇ ମାଝୀ, ଶ୍ରୁତିଶିଖା ସାହୁ, ମାସାଙ୍ଗ ହେମ୍ବ୍ରମ ସମେତ ବହୁ ଛାତ୍ରଛାତ୍ରୀ ଶୋଭାଯାତ୍ରାରେ ସାମିଲ ଥିଲେ।

## ଜାତିଆଣ ଆକ୍ଷେପକୁ ନେଇ ମୃତ୍ତିକା ସଂରକ୍ଷଣ ପ୍ରକଳ୍ପ ନିର୍ଦ୍ଦେଶକ ନାଁରେ ଅଭିଯୋଗ



ରାଇରଙ୍ଗପୁର, ୩।୧୧ (ସମିସ): ଜାମଦା ମୃତ୍ତିକା ସଂରକ୍ଷଣ ଓଭରସିଅର ପ୍ରଦୀପ କୁମାର କାଳନ୍ଦୀ ଜିଲ୍ଲା ମୃତ୍ତିକା ସଂରକ୍ଷଣ ପ୍ରକଳ୍ପ ନିର୍ଦ୍ଦେଶକଙ୍କ ନାମରେ ଥାନାରେ ଅଭିଯୋଗ କରିଛନ୍ତି। ପ୍ରକଳ୍ପ ନିର୍ଦ୍ଦେଶକ ଜାତିଆଣ ଆକ୍ଷେପ କରି ତଳିଆ କର୍ମଚାରୀଙ୍କୁ ଦୁର୍ବ୍ୟବହାର କରୁଛନ୍ତି। ଅକ୍ଟୋବର ୩୦ ତାରିଖରେ ମୃତ୍ତିକା ସଂରକ୍ଷଣ ପ୍ରକଳ୍ପ ନିର୍ଦ୍ଦେଶକ ମଳୟ କୁମାର ସାହୁ ଉନ୍ନୟନ ମୂଳକ କାର୍ଯ୍ୟର ତଦାରଖ କରିବାକୁ ବିଳମ୍ବିତ ସମୟରେ ଜାମଦାରେ ପହଞ୍ଚିଥିଲେ। ପରେ ଜଣେ ତଳିଆ କର୍ମଚାରୀଙ୍କୁ ନେଇ ଅନ୍ଧାରରେ ଉନ୍ନୟନ ମୂଳକ କାର୍ଯ୍ୟର ତଦନ୍ତ କରିଥିଲେ। ଉକ୍ତ ସମୟରେ ଦୁଇ ଜଣ କର୍ମଚାରୀଙ୍କୁ ଜାତିକୁ ନେଇ ଆକ୍ଷେପ କରିଥିବା ଅଭିଯୋଗ କରିଛନ୍ତି। ଅଭିଯୋଗକ୍ରମେ ପୁଲିସ ଏକ ମାମଲା ରୁଜୁକରି ତଦନ୍ତ କରୁଛି। ତେବେ ମାମଲା ଉଠାଇବାକୁ ସେ ଧମକ ଦେଉଥିବା ମଧ୍ୟ ଅଭିଯୋଗ ହୋଇଛି।

## ରାସ୍ତା କାମରେ ଦୁର୍ନୀତି ଅଭିଯୋଗ



କପ୍ତିପଦା, ୩।୧୧(ସମିସ): ସୋମବାର ଉଦଳା ଉପଜିଲ୍ଲାପାଳଙ୍କ ସମ୍ମିଳନୀ କକ୍ଷରେ ଅନୁଷ୍ଠିତ ଜନ ଶୁଣାଣିରେ କପ୍ତିପଦା ବ୍ଲକ ବଡ଼ ଗୁଡୁଗଡ଼ିଆ ପଞ୍ଚାୟତର ୯ ନଂ. ୱାର୍ଡରେ ହୋଇଥିବା ରାସ୍ତାକାମରେ ଦୁର୍ନୀତି ହୋଇଥିବା ନେଇ ଅଭିଯୋଗ ହୋଇଛି। ଏ ନେଇ ପଞ୍ଚାୟତର ଜଗେନ୍ଦ୍ର ପୃଷ୍ଟି, ପ୍ରଭାକର ପୃଷ୍ଟି, ମଗନ କୁମାର ବିନ୍ଧାଣି, ଦୁଷ୍ମନ୍ତ ବିନ୍ଧାଣି ଓ ଅଜୟ କୁମାର ବିନ୍ଧାଣି ଜିଲ୍ଲାପାଳଙ୍କୁ ଅବଗତ କରିଥିଲେ। ଜିଲ୍ଲାପାଳ ଅଭିଯୋଗ ପାଇ ଶନିବାର କପ୍ତିପଦା ରୁରାଲ ଡେଭଲପମେଣ୍ଟ ବିଭାଗର ଆସିଷ୍ଟାଣ୍ଟ ଇଞ୍ଜିନିୟର କର୍ମଚାରୀଙ୍କୁ ନେଇ ସରପଞ୍ଚଙ୍କ ଉପସ୍ଥିତିରେ ନିର୍ମାଣ କାର୍ଯ୍ୟ ତଦାରଖ କରିଥିଲେ। ତେବେ ତଦାରଖ ବେଳେ ଗ୍ରାମବାସୀଙ୍କ ମଧ୍ୟରେ ଉତ୍ତେଜନା ଦେଖାଦେଇଥିଲା। ତେବେ ବିଭାଗୀୟ ଅଧିକାରୀଙ୍କ ତଦନ୍ତ ପରେ କି ପ୍ରକାର କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଉଛି ତାହା ଦେଖିବାକୁ ରହିଲା।

## ଶ୍ୟାମ ବାବାଙ୍କ ବାର୍ଷିକୀ ଜନ୍ମୋତ୍ସବରେ ନିଶାନ ଯାତ୍ରା



କରଞ୍ଜିଆ, ୩।୧୧(ସମିସ): କରଞ୍ଜିଆ ମାରୱାଡି ସମାଜ ପକ୍ଷରୁ ଶ୍ୟାମ ବାବାଙ୍କ ବାର୍ଷିକୀ ଜନ୍ମୋତ୍ସବ ଅବସରରେ ନିଶାନ ଯାତ୍ରା ଅନୁଷ୍ଠିତ ହୋଇଥିଲା। ବାବାଙ୍କ ମନ୍ଦିରରେ ପ୍ରତିବର୍ଷ କାର୍ତ୍ତିକ ମାସରେ ମାରୱାଡି ସମାଜ ପକ୍ଷରୁ ଝୁଲଣ ଉତ୍ସବ ଅନୁଷ୍ଠିତ ହୁଏ। ଏକାଦଶୀ ତିଥିରେ ଶ୍ୟାମ ବାବାଙ୍କ ଜନ୍ମ ଉତ୍ସବ ମଧ୍ୟ ପାଳନ କରାଯାଏ। ନିଶାନ ଯାତ୍ରା କୁରୁଳିଆ ଜଗନ୍ନାଥ ମନ୍ଦିରରୁ ବାହାରି ସହର ପରିକ୍ରମା କରିଥିଲା। ଏହି ଯାତ୍ରାରେ ବହୁ ପୁରୁଷ, ମହିଳା ଯୋଗଦେଇଥିଲେ। ଶୋଭାଯାତ୍ରାରେ ମାରୱାଡି ଯୁବମଞ୍ଚ, ମହିଳା ଶକ୍ତି ଶାଖା, ମହିଳା ସମିତି, ମହିଳା ଜାଗୃତି ଶାଖା ଓ ମାରୱାଡି ସମାଜ ଉତ୍ସବ ପରିଚାଳନା କରିଥିଲେ। ସନ୍ଧ୍ୟାରେ ମନ୍ଦିର ପରିସର ଭଜନକୀର୍ତ୍ତନ ଆୟୋଜିତ ହୋଇଥିଲା।

## ମୋବାଇଲ ଓ ଟଙ୍କା ଛିନତାଇ ଅଭିଯୋଗ

ବଡ଼ସାହି, ୩।୧୧(ସମିସ): ବଡ଼ସାହି ଥାନା ଅଧୀନ ଭୀମଦା ହନୁମାନ ମନ୍ଦିର ନିକଟରେ କୁରାଡିହା ଗ୍ରାମର ବିଭୂତି ଭୂଷଣ ସାମଲ (୩୮) ରେମୁଣାରୁ ଘରକୁ ଫେରୁଥିବାବେଳେ ୩ଜଣ ଦୁର୍ବୃତ୍ତ ତାଙ୍କୁ ଅଟାକାଇଥିଲେ। ପରେ ତାଙ୍କ ନିକଟରୁ ମୋବାଇଲ ଓ କିଛି ଟଙ୍କା ଛିନତାଇ କରି ଫେରାର ହୋଇଯାଇଥିଲେ। ଏହାକୁ ନେଇ ସେ ଭୀମଦା ଫାଣ୍ଡି ଓ ବଡସାହି ଥାନାରେ ଅଭିଯୋଗ କରିଛନ୍ତି। ପୁଲିସ ଅଭିଯୋଗ ପାଇ ତଦନ୍ତ କରୁଛି।

## ରାଷ୍ଟ୍ରପତିଙ୍କୁ ଭେଟିଲେ ହୋ' ଭାଷା କମିଟି ପ୍ରତିନିଧି



ରାଇରଙ୍ଗପୁର, ୩।୧୧(ସମିସ): ଜାତୀୟ ଆଦିବାସୀ ହୋ' ଭାଷା କ୍ରିୟାନୁଷ୍ଠାନ କମିଟିର ଶ୍ଟଗ୍ମ ପ୍ରତିନିଧି ମଣ୍ଡଳୀ ନୂଆଦିଲ୍ଲୀରେ ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁଙ୍କୁ ସାକ୍ଷାତ କରିଛନ୍ତି। ଏହି ୧୨ ଜଣିଆ ପ୍ରତିନିଧି ମଣ୍ଡଳୀ ଆଦିବାସୀ ହୋ ଭାଷାକୁ ଭାରତୀୟ ସମ୍ବିଧାନର ଅଷ୍ଟମ ଅନୁସୂଚୀରେ ଅନ୍ତର୍ଭୁକ୍ତ କରିବା ସମ୍ବନ୍ଧରେ ଏକ ଦାବିପତ୍ର ପ୍ରଦାନ କରିଥିଲେ। ଏହା ପୂର୍ବରୁ ୨୦୨୩ରେ ମଧ୍ୟ ଏହି ପ୍ରସଙ୍ଗରେ ରାଷ୍ଟ୍ରପତିଙ୍କୁ ଏକ ଦାବିପତ୍ର ଦିଆଯାଇଥିଲା। ରାଷ୍ଟ୍ରପତି ଆଦିବାସୀ ହୋ ଭାଷାର ସ୍ୱୀକୃତି ବିଷୟରେ ପ୍ରତିନିଧି ସହିତ ଅତ୍ୟନ୍ତ ସକାରାତ୍ମକ ଆଲୋଚନା କରିଥିଲେ। ଦେଶର ୫୦ଲକ୍ଷରୁ ଅଧିକ ହୋ ଭାଷାଭାଷୀ ଲୋକେ ବସବାସ କରନ୍ତି। ଏହି ଭାଷା ସ୍ୱୀକୃତି ପାଇଁ ବହୁ ବର୍ଷ ଧରି ସମ୍ପୃକ୍ତ ଲୋକେ ସଂଘର୍ଷ ଚଳାଇଛନ୍ତି। ଏହି ପରିପେକ୍ଷୀରେ ଓଡ଼ିଶା ଏବଂ ଝାରଖଣ୍ଡ ସରକାର ଦ୍ୱାରା କେନ୍ଦ୍ର ସରକାରଙ୍କୁ ପାଖରେ ଆଦିବାସୀ ହୋ ଭାଷାକୁ ସମ୍ବିଧାନର ଅଷ୍ଟମ ଅନୁସୂଚୀରେ ଅନ୍ତର୍ଭୁକ୍ତ କରିବା ପାଇଁ ଅନୁରୋଧ କରାଯାଇଛି। ଏହାକୁ ଦୃଷ୍ଟିରେ ରଖି ଅଷ୍ଟମ ସୂଚୀରେ ଅନ୍ତର୍ଭୁକ୍ତ କରିବାକୁ ନିବେଦନ କରିଛନ୍ତି। ପ୍ରତିନିଧି ଦଳରେ ଜାତୀୟ ସଭାପତି ରାମରାଇ ମୁଣ୍ଡୁୟା, ରାଷ୍ଟ୍ରୀୟ କାର୍ଯ୍ୟନିର୍ବାହୀ ସଭାପତି ସୁରା ବିରୁଲି, ବାଜୁ ଚନ୍ଦ୍ର ସିର୍କା, ଗିରୀଶ ଚନ୍ଦ୍ର ହେମ୍ବ୍ରୋମ୍, ଶାନ୍ତି ସିଡୁ, ବସନ୍ତ କୁମାର ବୁଡିଉଲି, ଫୁଲମୁତୀ ସିର୍କା, ଖିରୋଦ ହେମ୍ବ୍ରମ, ଗୋପୀନାଥ ଲାଗୁରି, ଶାନ୍ତି ସିଦ୍ଧୁ, , ଗୋମେୟା ଓମଙ୍ଗ, ଜଗନ୍ନାଥ କେରାଇ, ନିକିତା ବିରୁଲି ପ୍ରମୁଖ ଉପସ୍ଥିତ ଥିଲେ।

## ବ୍ୟବସାୟୀଙ୍କ ଅପହରଣ ଘଟଣା; ପୂର୍ବତନ କନଷ୍ଟେବଲ ସମେତ ୨ ଗିରଫ

ବୈଶିଙ୍ଗା, ୩।୧୧(ସମିସ): ବୈଶିଙ୍ଗା ଥାନା ଇଲାକାରେ ଅପହରଣ କରିବାପରେ ବ୍ୟବସାୟୀଙ୍କ ମୁଣ୍ଡ ଜାମିନ ରଖି ୮୦ଲକ୍ଷ ଟଙ୍କା ଦାବି ଘଟଣାରେ ଶନିବାର ବାଲେଶ୍ୱର ରୁପ୍ସା ଥାନା ଅଞ୍ଚଳରୁ ୪ଜଣ ଯୁବକଙ୍କୁ ଗିରଫ କରି କୋର୍ଟ ଚାଲାଣ କରିଛି। ଅପହରଣ ଯୋଜନାର କିଙ୍ଗପିନ ସହିତ ଅନ୍ୟ ଜଣେ ଯୁବକଙ୍କୁ ଗିରଫ କରି କୋର୍ଟ ଚାଲାଣ କରିଛି ପୁଲିସ। ଘଟଣାର ମାଷ୍ଟର ମାଇଣ୍ଡ ପୂର୍ବତନ କନଷ୍ଟେବଲ ଦାମୋଦର ରାଉତ ଏବଂ ପ୍ରମୋଦ ପାତ୍ରଙ୍କୁ କେଶପୁର ଅଞ୍ଚଳରୁ ଗିରଫ କରାଯାଇଛି। ତାଙ୍କ ନିକଟରୁ ଏକ ଦାମୀ କାର ମଧ୍ୟ ଜବତ ହୋଇଛି। ସୂଚନା ଯୋଗ୍ୟ ଯେ, ବାରିପଦା ସହରର ଷ୍ଟେସନ ବଜାର ଅଞ୍ଚଳର ସୁନୀଲ ଅଗ୍ରୱାଲଙ୍କ ବୈଶିଙ୍ଗା ଅଞ୍ଚଳରେ ଏକ ରାଇସ ମିଲ ରହିଛି। ତେବେ ସେ କିଛି ଜଣଙ୍କ ସହ ମିଶି ବେତନଟୀ ଥାନା ଅଞ୍ଚଳରେ ଏକ ଜମି କାରବାର କରିଥିଲେ। ଉକ୍ତ ଜମି କାରବାରରେ ଟଙ୍କା ନେଣ ଦେଣକୁ ନେଇ ବିବାଦ ଉପୁଜିଥିଲା। ଫଳରେ କିଛି ଯୁବକ ବୈଶିଙ୍ଗା ଉପକଣ୍ଠ ଟୋଲଗେଟ ନିକଟରୁ ସୁନୀଲଙ୍କୁ ଯୋଜନା କରି ଅପହରଣ କରିଥିଲେ। ପରେ ମୁଣ୍ଡ ଜାମିନ ରଖି ୮୦ଲକ୍ଷ ଟଙ୍କା ଦାବି କରିଥିଲେ। ପୁଲିସ ବିଭିନ୍ନ ସ୍ଥାନରେ ଚଢଉ କରି ଅଭିଯୁକ୍ତଙ୍କୁ ଗିରଫ କରିଛି। ଉଭୟଙ୍କ ଜାମିନ ନାମଞ୍ଜୁର କାରଣରୁ ବିଚାର ବିଭାଗୀୟ ହାଜତକୁ ପଠାଇ ଦିଆଯାଇଛି।

## ନିଶା ବେପାରୀଙ୍କ ଚରାଭୂଇଁ ପାଲଟିଛି କରଞ୍ଜିଆ

କରଞ୍ଜିଆ, ୩।୧୧(ସମିସ): କରଞ୍ଜିଆ ଅଞ୍ଚଳ ଏବେ ନିଶା ବେପାରୀଙ୍କ ଚରାଭୂଇଁ ପାଲଟିଛି। ଦୁଇଦିନ ତଳେ କରଞ୍ଜିଆ ସହର ନିକଟ ଦେଓ ନଦୀ ପୋଲ ନିକଟରୁ ଏକ କାର୍‌ରୁ ୧ କ୍ୱିଣ୍ଟାଲ ୭୧ କିଲୋ ଗଞ୍ଜେଇ ଜବତ କରାଯିବା ସହିତ ଡ୍ରାଇଭରକୁ ଗିରଫ କରାଯାଇଥିଲା। ନାର୍କୋଟିକ୍ସ ଟିମ ଓ ଅବକାରୀ ବିଭାଗ ଚଢଉ କରି କୁରୁଳିଆବଲା ରାସ୍ତାର ଏକ ଗ୍ୟାରେଜରୁ ମହିନ୍ଦ୍ରା ଥର ଗାଡ଼ିରୁ ୮୭ କିଗ୍ରା ଗଞ୍ଜେଇ ଜବତ କରାଯିବା ସହିତ ଦୁଇଜଣଙ୍କୁ ଗିରଫ କରାଯାଇଥିଲା। ତାଟୋ ଅଞ୍ଚଳର ଏସକେ ଅନୱାର ଓ କେନ୍ଦୁଝର ଜିଲ୍ଲା ସାହାରପଡ଼ା ମାଛଗଡ଼ ଅଞ୍ଚଳର ବୀରେନ୍ଦ୍ର ସାହୁଙ୍କୁ ଗିରଫ କରାଯାଇଛି। ପରେ ତାଙ୍କ ନିକଟରୁ ୨ଟି ମୋବାଇଲ ଜବତ ହୋଇଛି।

## ଖୁଣ୍ଟାପାଳ ପଞ୍ଚାୟତରେ ବିଜେଡିର ଜନସମ୍ପର୍କ ପଦଯାତ୍ରା




ରାସଗୋବିନ୍ଦପୁର, ୩।୧୧(ସମିସ): ରାସଗୋବିନ୍ଦପୁର ବ୍ଲକ ବିଜେଡି ସଭାପତି ଜଗନ୍ନାଥ ଦାଶଙ୍କ ଆବାହକତ୍ୱରେ ଖୁଣ୍ଟାପାଳ ପଞ୍ଚାୟତରେ ଏକ ଜନସମ୍ପର୍କ ପଦଯାତ୍ରା ଅନୁଷ୍ଠିତ ହୋଇଯାଇଛି। ଏହି ଯାତ୍ରରେ ଶହ ଶହ ଦଳୀୟ କର୍ମୀ ଖୁଣ୍ଟାପାଳ ହାଟପଡ଼ିଆରେ ଏକତ୍ରିତ ହୋଇ ବିରାଟ ପଟୁଆରରେ ବାହାରି ଶାଳଡିହା ଓ ଖୁଣ୍ଟାପାଳ ଗାଁ ପରିକ୍ରମା କରିଥିଲେ। ପରେ ଅନୁଷ୍ଠିତ ଏକ ସଭାରେ ସୁଧାଂଶୁ ନାୟକ ସଭାପତିତ୍ୱ କରିଥିଲେ।। ମୁଖ୍ୟ ଅତିଥି ଭାବେ ପୂର୍ବତନ ବିଧାୟକ ରାଜକିଶୋର ଦାଶ, ସମ୍ମାନିତ ଅତିଥି ଭାବରେ ବରିଷ୍ଠ ନେତ୍ରୀ ପ୍ରୀତିନନ୍ଦା କାନୁନଗୋ ଯୋଗଦେଇ ଡବଲ ଇଞ୍ଜିନ୍ ସରକାରଙ୍କ ଶାସନ କାଳରେ ଲୋକଙ୍କ ଦୁର୍ଦ୍ଦଶା ସମ୍ପର୍କରେ ଲୋକଙ୍କୁ ଅବଗତ କରିଥିଲେ। ମିଛ ପ୍ରତିଶ୍ରୁତି ଦେଇ କ୍ଷମତାକୁ ଆସିଥିବା ବିଜେପି ସରକାରଙ୍କ ଅସଲ ଚେହେରାକୁ ଦେଖି ଆଗାମୀ ପଞ୍ଚାୟତ ନିର୍ବାଚନରେ ଉଚିତ୍ ଜବାବ ଦେବାକୁ ଆହ୍ୱାନ କରିଥିଲେ। ସେହିଭଳି ପ୍ରୀତିନନ୍ଦା କାନୁନଗୋ ନବୀନ ପଟ୍ଟନାୟକଙ୍କ ଶାସନ ସମୟରେ ମାଆ ଓ ଭଉଣୀଙ୍କ ଉନ୍ନତିର ଦେଶର ଉନ୍ନତି ଓ ରାଜ୍ୟର ଉନ୍ନତି ସମ୍ଭବ ବୋଲି ଚିନ୍ତା କରି କାମ କରୁଥିବା ବେଳେ ସେମାନଙ୍କ ଶିକ୍ଷା ଓ ସ୍ୱାସ୍ଥ୍ୟ ସେବା କ୍ଷେତ୍ରରେ ସୁଧାର ଆଣିବା ଦିଗରେ ଅହରହ ସାଧନାରତ ଥିଲେ; କିନ୍ତୁ ବର୍ତ୍ତମାନ ବିଜେପି ସରକାର ନବୀନ ସରକାର ସମୟରେ ହୋଇଥିବା ପ୍ରତ୍ୟେକ ଜନହିତକର ଯୋଜନାକୁ ନାମ ବଦଳ କରି କେବଳ ଗେରୁଆ ରଙ୍ଗ ମାରିବାରେ କୋଟି କୋଟି ଟଙ୍କା ଖର୍ଚ୍ଚ କରୁଛନ୍ତି ବୋଲି ସେ କହିଥିଲେ। ପଦଯାତ୍ରାରେ ତୁଟାପଡ଼ା ପଞ୍ଚାୟତ ସରପଞ୍ଚ ଶମ୍ଭୁନାଥ ଦେହୁରୀ, ସାନମାଣିଦା ପଞ୍ଚାୟତ ସମିତି ସଭ୍ୟା ଦୁଲାରି ହାଁସଦା, କୌସ୍ତୁଭ ଦଶ, ବିନୋଦ ବିହାରୀ ଦାସ, ଛାତନା ପଞ୍ଚାୟତର ଯୁବ ନେତା ଡାକ୍ତର ଭାଇ ଅଶୋକ କୁମାର ସାହୁ, ରବୀନ୍ଦ୍ର ବେହେରା, ରବୀନ୍ଦ୍ର ସାହୁ, ଜୟନ୍ତ ପରିଡ଼ା ସମେତ ଶତାଧିକ କର୍ମୀ ସାମିଲ ହୋଇଥିଲେ।

## ଦୁଷ୍କର୍ମ ପୀଡିତା ପରିବାରକୁ ଭେଟିଲେ ବିଜେଡି ମହିଳା ପ୍ରତିନିଧି



ମୋରଡ଼ା/ରାସଗୋବିନ୍ଦପୁର, ୩।୧୧(ସମିସ): ରାସଗୋବିନ୍ଦପୁର ଥାନା ଅଞ୍ଚଳର ଦୁଇଜଣ ଆଦିବାସୀ ନାବାଳିକା ଛାତ୍ରୀଙ୍କୁ ହୋଇଥିବା ଗଣଦୁଷ୍କର୍ମ ଘଟଣାରେ ଶନିବାର ବିଜୁ ମହିଳା ଜନତା ଦଳର ଏକ ପ୍ରତିନିଧି ଦଳ ଜିଲ୍ଲା ପରିଷଦ ଅଧ୍ୟକ୍ଷା ଭାରତୀ ହାଁସଦାଙ୍କ ନେତୃତ୍ୱରେ ପୀଡିତାଙ୍କ ପରିବାରଙ୍କୁ ଭେଟି ସମାବେଦନା ଜଣାଇଛନ୍ତି। ଦୁଷ୍କର୍ମକାରୀଙ୍କୁ କଠୋର ଦଣ୍ଡ ଦେବାସହ ପରିବାରଙ୍କୁ ନ୍ୟାୟ ପ୍ରଦାନ ସହ ସରକାରୀ ସୁବିଧା, ଆର୍ଥିକ ସହାୟତା, ଉତ୍ତମ ଶିକ୍ଷା କିପରି ମିଳିପାରିବ ସେଥି ନିମନ୍ତେ ଏସପିଙ୍କ ନିକଟରେ ଫେରାଦ ହୋଇଥିଲେ। ବିଜୁ ମହିଳା ଜନତା ଦଳର ଜିଲ୍ଲା ସଭାପତି ଦୀପ୍ତିଲତା ମିଶ୍ର, ଉ ପ ନଗରପାଳ ସୀମା ଦାସ, ପ୍ରୀତିନନ୍ଦା କାନୁନଗୋ, ଶ୍ରାବଣୀ ଦାସ, ସବିତା ବେହେରା ଉପସ୍ଥିତ ଥିଲେ।

## ହାଇସ୍କୁଲ ଛକରେ ନାହିଁ ଯାତ୍ରୀ ପ୍ରତୀକ୍ଷାଳୟ

ଉଦଳା, ୩।୧୧(ସମିସ): ଉଦଳା ସହରକୁ ଯୋଗାଯୋଗର ଏକମାତ୍ର ବିକଳ୍ପ ହେଉଛି ବସ ସେବା; ମାତ୍ର ଉଦଳାରେ ଦୂରଦୂରାନ୍ତରୁ ଆସୁଥିବା ଯାତ୍ରୀଙ୍କ ପାଇଁ କୌଣସି ସୁବିଧା ନାହିଁ। ଏଠାରେ ଥିବା ବସ୍‌ଷ୍ଟାଣ୍ଡଟି ନାମକୁ ମାତ୍ର ରହିଛି ବୋଲି ଅଭିଯୋଗ ହେଉଛି। ତେବେ ଉଦଳାରୁ ଯାଉଥିବା ବାରିପଦା ପାଇଁ ହାଇସ୍କୁଲ ଛକ ନିକଟରେ ଥିବା ବସଷ୍ଟପ କିନ୍ତୁ ସମ୍ପୂର୍ଣ୍ଣ ଅବହେଳିତ। ନାମକୁ ମାତ୍ର ବସଷ୍ଟପ୍ ଥିଲେ ମଧ୍ୟ ପ୍ରତୀକ୍ଷାଳୟ ନାହିଁ। ଫଳରେ ଯାତ୍ରୀମାନେ ନାନା ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ବିଶେଷକରି ବର୍ଷାଦିନେ ଯାତ୍ରୀମାନେ ନାହିଁ ନଥିବା ଅସୁବିଧା ଭୋଗିଥାନ୍ତି। ସୂଚନାଯୋଗ୍ୟ ଯେ ପୂର୍ବରୁ ଏକ ଯାତ୍ରୀ ପ୍ରତୀକ୍ଷାଳୟ ଥିଲା। ଜବର ଦଖଲ ଉଚ୍ଛେଦବେଳେ ଭାଙ୍ଗି ଦିଆଯାଇଥିଲା। ପରେ ନିର୍ମାଣର ପ୍ରତିଶ୍ରୁତି ଦେଇଥିଲେ ଏନଏସି କର୍ତ୍ତୃପକ୍ଷ। ଏ ନେଇ ଏନଏସି କର୍ତ୍ତୃପକ୍ଷଙ୍କୁ ଅଭିଯୋଗ କରିବା ପରେ ବି କୌଣସି ଫଳ ମିଳୁନାହିଁ।

## ବିଭିନ୍ନ ସ୍ଥାନରେ 'ସୁରଭି' କାର୍ଯ୍ୟକ୍ରମ

ବଡ଼ସାହି, ୩।୧୧(ସମିସ): ବଡସାହି ବ୍ଲକ ସ୍ତରୀୟ ସୁରଭି କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଏଥିରେ ଗୋଷ୍ଠୀ ଶିକ୍ଷା ଅଧିକାରିଣୀ ମଧୁସ୍ମିତା ଗିରିଙ୍କ ପୌରୋହିତ୍ୟ କରିଥିଲେ। ଉଦ୍‌ଘାଟନୀ ସଭାରେ ମୁଖ୍ୟ ଅତିଥି ଭାବେ ବ୍ଲକ ଅଧ୍ୟକ୍ଷା ମିନତୀ ସିଂ, ମୁଖ୍ୟବକ୍ତା ଭାବେ ତହସିଲଦାର କରୁଣାକର ଧିନ୍ଦା, ସମ୍ମାନିତ ଅତିଥି ଭାବରେ ସରପଞ୍ଚ ବୁଧୁରାମ ସିଂ, ସହଶିକ୍ଷାଧିକାରୀ ଅଭିରାମ ନାଏକ ଓ ଭାରପ୍ରାପ୍ତ ପ୍ରଧାନ ଶିକ୍ଷୟିତ୍ରୀ ସୁବର୍ଣ୍ଣ ଜେନା ଯୋଗଦାନ କରି ସୁରଭି ଦ୍ୱାରା ପିଲାଙ୍କ ସହ ଶୈକ୍ଷିକ ଶିକ୍ଷା ଉପରେ ଅଧିକ ଜ୍ଞାନଅର୍ଜନ ହୋଇପାରିବ ବୋଲି ଅଭିଭାଷଣ ରଖିଥିଲେ। ପ୍ରତ୍ୟେକ ପ୍ରତିଯୋଗିତାରେ ପ୍ରଥମ, ଦ୍ୱିତୀୟ ଓ ତୃତୀୟ ସ୍ଥାନ ହାସଲ କରିଥିବା ପ୍ରତିଯୋଗୀଙ୍କୁ ପୁରସ୍କୃତ କରାଯାଇଥିଲା। ସନ୍ଧ୍ୟାରେ ଅନୁଷ୍ଠିତ ଉଦଯାପନୀ ସଭାରେ ଗୋଷ୍ଠୀ ଶିକ୍ଷା ଅଧିକାରୀ, ସହ ଶିକ୍ଷା ଅଧିକାରୀ, ସ୍ଥାନୀୟ ସରପଞ୍ଚ, ପ୍ରଧାନ ଶିକ୍ଷୟିତ୍ରୀ ଏବଂ ମୁଖ୍ୟ ଅତିଥି ଭାବରେ ବ୍ଲକ ଉପାଧ୍ୟକ୍ଷ କାଞ୍ଚନ କୁମାର ପ୍ରଧାନ ଯୋଗ ଦେଇ ପିଲାଙ୍କୁ ଉନ୍ନତିର ମାର୍ଗ ପ୍ରଦର୍ଶନ କରିଥିଲେ। ଦେବରାଜ ନାୟକ ଧନ୍ୟବାଦ ଅର୍ପଣ କରିଥିଲେ।

**ଉଦଳା**: ଶୁକ୍ରବାର ରାଡୋ ଉଚ୍ଚ ପ୍ରାଥମିକ ବିଦ୍ୟାଳୟ (କେଜିବିଭି)ରେ ବ୍ଲକସ୍ତରୀୟ ସୁରଭି କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଗୋଷ୍ଠୀ ଶିକ୍ଷା ଅଧିକାରୀ ଦୀପକ ମିଶ୍ରଙ୍କ ସଭାପତିତ୍ୱରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ବ୍ଲକ ଅଧ୍ୟକ୍ଷା ମଞ୍ଜୁଲତା ବିଶ୍ୱାଳ, ଏନଏସି ଅଧ୍ୟକ୍ଷା ପ୍ରମିଳା ପଣ୍ଡା, ସହକାରୀ ଗୋଷ୍ଠୀ ଶିକ୍ଷାଧିକାରୀ ସନ୍ଧ୍ୟାରାଣୀ ବାରିକ, ପ୍ରଧାନଶିକ୍ଷୟିତ୍ରୀ ରାଡୋ ଉପ୍ରା ମାଳତୀ ବେହେରା ଯୋଗଦେଇଥିଲେ। ଉଦଯାପନୀ ଦିବସରେ ବିଧାୟକ ଭାସ୍କର ମଢେଇ, ସେବାନିବୃତ୍ତ ଜିଲ୍ଲା ସୂଚନା ଓ ଲୋକସମ୍ପର୍କ ଅଧିକାରୀ ରମେଶ ଚନ୍ଦ୍ର ନାୟକ, ଶିକ୍ଷକ ପ୍ରଶିକ୍ଷକ, ବାରିପଦା ପ୍ରିୟରଞ୍ଜନ ଦାଶ ପ୍ରମୁଖ ଯୋଗ ଦେଇ ଛାତ୍ରଛାତ୍ରୀଙ୍କ ନିକଟରେ ଥିବା ପ୍ରତିଭାର ବିକାଶ ପାଇଁ ବକ୍ତବ୍ୟ ରଖିଥିଲେ। ଏହି କାର୍ଯ୍ୟକ୍ରମରେ ୧୨ଟି କ୍ଲଷ୍ଟରର ସିଆରସିସି, ଶିକ୍ଷକ ଶିକ୍ଷୟିତ୍ରୀ, ସ୍ଥାନୀୟ ଅଭିଭାବକ, ଅଭିଭାବିକା ଯୋଗଦେଇଥିଲେ। ଏହି ଅବସରରେ ନୃତ୍ୟ, ସଙ୍ଗୀତ, ବକ୍ତୃତା, ତର୍କ, ସୃଜନଶୀଳ ଲିଖନ, ପ୍ରବନ୍ଧ, ହସ୍ତଶିଳ୍ପ, ପୋଷଣ, ଚିତ୍ରାଙ୍କ ଆଦି ପ୍ରତିଯୋଗିତା ଅନୁଷ୍ଠିତ ହୋଇଥିଲା। ସମସ୍ତ ବର୍ଗରେ ପ୍ରଥମ ସ୍ଥାନ ଗ୍ରହଣ କରିଥିବା ବିଜେତାମାନେ ଆଗାମୀ ଜିଲ୍ଲାସ୍ତରୀୟ ସୁରଭିରେ ଅଂଶଗ୍ରହଣ କରିବେ। ଲଳିତ କୁମାର ବେହେରା, ଶାନ୍ତନୁ କୁମାର ଦାଶ, ତପନ କୁମାର ମିଶ୍ର, ଦୀପକ ଦାସ, ମହେଶ୍ୱର ରାଉତ, ଗୌରାଙ୍ଗ ପାଲ, ନନ୍ଦନ ପଣ୍ଡା, ଆଲୋକ ପରିଡ଼ା, ଭାନୁପ୍ରସାଦ ପାତ୍ର, ବୈଶାଖୀ ସାହୁ, ଗୌରକିଶୋର ବିନ୍ଧାଣୀ, ପ୍ରମୋଦ କୁମାର ସାହୁ ପ୍ରମୁଖ ସହଯୋଗ କରିଥିଲେ।

**ରାଇରଙ୍ଗପୁର**: ଜାମଦା କସ୍ତୁରବା ଗାନ୍ଧୀ ବାଳିକା ବିଦ୍ୟାଳୟରେ ବ୍ଲକସ୍ତରୀୟ ଶିଶୁ ମହୋତ୍ସବ ସୁରଭି ଅନୁଷ୍ଠିତ ହୋଇଯାଇଛି। କାର୍ଯ୍ୟକ୍ରମରେ ବିଭିନ୍ନ ବିଭାଗରେ ୩୮ ବିଭାଗରେ ଛାତ୍ରଛାତ୍ରୀ ନିଜର ପାରଦର୍ଶିତା ପ୍ରଦର୍ଶନ କରିଥିଲେ। ଅତିରିକ୍ତ ଗୋଷ୍ଠୀ ଶିକ୍ଷା ଅଧିକାରୀ ପ୍ରତାପ ଚନ୍ଦ୍ର ନାଏକଙ୍କ ସଭାପତିତ୍ୱରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବରେ ବ୍ଲକ ଅଧ୍ୟକ୍ଷ ଡୁମୁକା ହେମ୍ବ୍ରମ, ସମ୍ମାନିତ ଅତିଥି ଭାବରେ ରାଧିଆଚରଣ ମୁଣ୍ଡା, ଗୀତାରାଣୀ ମହାନ୍ତ ଜାମଦା ଉଚ୍ଚ ପ୍ରାଥମିକ ବିଦ୍ୟାଳୟର ପ୍ରଧାନ ଶିକ୍ଷକ ପ୍ରମୁଖ ଯୋଗଦେଇ ଛାତ୍ରଛାତ୍ରୀଙ୍କୁ ଉତ୍ସାହିତ କରିଥିଲେ। ଶେଷରେ କୁନି କୁନି ଛାତ୍ରଛାତ୍ରୀଙ୍କ ମଧ୍ୟରେ ବିଭିନ୍ନ ପାରମ୍ପରିକ ନୃତ୍ୟ ଅନୁଷ୍ଠିତ ହୋଇଥିଲା। ଜିଲ୍ଲାସ୍ତରକୁ ଜାମଦା କସ୍ତୁରବା ବାଳିକା ବିଦ୍ୟାଳୟର ସାଂସ୍କୃତିକ ଦଳ ମନୋନୀତ ହୋଇଥିବା ଗୋଷ୍ଠୀ ଶିକ୍ଷା ଅଧିକାରୀ ସୂଚନା ଦେଇଛନ୍ତି।

ସପ୍ତମ ଶ୍ରାଦ୍ଧବାର୍ଷିକୀରେ ଅଶ୍ରୁଳ ଶ୍ରଦ୍ଧାଞ୍ଜଳି



ସ୍ୱର୍ଗତ ସୁଜାତା ପାତ୍ର ଦେ
ସ୍ଥାନ- ଦେଉଳି ପଞ୍ଚୁଘଣ୍ଟା, ଜଳେଶ୍ୱର
ଆବିର୍ଭାବ - ୦୬.୦୩.୧୯୭୦
ତିରୋଧାନ - ୨୧.୧୧.୨୦୧୮
ଆପଣଙ୍କ ଅନୁପସ୍ଥିତିକୁ ପ୍ରତି ମୁହୂର୍ତ୍ତରେ ଆମେମାନେ ଅନୁଭବ କରୁଛୁ। ଆପଣଙ୍କ ସ୍ନେହ, ଶ୍ରଦ୍ଧା, ଭଲ ପାଇବା ପ୍ରତ୍ୟେକ ମୁହୂର୍ତ୍ତରେ ମନେପଡୁଛି, ମହାପ୍ରଭୁ ଜଗନ୍ନାଥଙ୍କ ନିକଟରେ ପ୍ରାର୍ଥନା କରୁଛୁ ଆପଣଙ୍କ ଅମର ଆତ୍ମା ସଦଗତି ହେଉ।
ହେ ଦିବଂଗତ, ତୁମର ଅବର୍ତ୍ତମାନରେ ସଦା ତୁମକୁ ଝୁରୁଛି, ତୁମର ସ୍ୱାମୀ - ବିଦ୍ୟାପତି ଦେ, ଅଲିଅଳି କନ୍ୟା ମାମା, ଲିମା, ଶ୍ରୁତି, ଜ୍ୱାଇଁ ଦିପୁ ଓ ପରିବାର ବର୍ଗ।

ନୈନଂ ଛିନ୍ଦନ୍ତି ଶସ୍ତ୍ରାଣି ନୈନଂ ଦହତି ପାବକଃ।
ନଚୈନଂ କ୍ଲେଦୟନ୍ତ୍ୟାପୋ ନ ଶୋଷୟତି ମାରୁତଃ॥
ଦ୍ୱାଦଶାହ ଉପଲକ୍ଷେ
ଭାବପୂର୍ଣ୍ଣ ଅଶ୍ରୁଳ ଶ୍ରଦ୍ଧାଞ୍ଜଳି



୰ କୁଶଳେଶ୍ୱର ସାହୁ
ପଦରପଡା, ତରଭା, ସୋନପୁର
ଆବିର୍ଭାବ: ୦୨.୦୪.୧୯୪୮ (ଚୈତ୍ର ଶୁକ୍ଳପକ୍ଷ ଶ୍ରୀରାମ ନବମୀ)
ତିରୋଧାନ: ୨୪.୧୦.୨୦୨୫ (କାର୍ତ୍ତିକ ଶୁକ୍ଳପକ୍ଷ ତୃତୀୟା)
ତୁମେ ଆମ ପାଇଁ ସବୁକିଛି ଥିଲ। ତୁମର ନିରନ୍ତର ତ୍ୟାଗ, ସ୍ନେହର ଛାୟା ଓ ଜ୍ଞାନର ମାର୍ଗଦର୍ଶନ ଆମ ଜୀବନକୁ ଆକାର ଦେଇଛି। ଆମେ କୃତଜ୍ଞ ଯେ ତୁମେ ଆମକୁ ସତ୍ୟ, ନ୍ୟାୟ ଓ ସହନଶୀଳତାର ପାଠ ଶିଖାଇଛ, ଆମର କଷ୍ଟରେ ସାଥୀ ହୋଇଛ ଏବଂ ସ୍ୱପ୍ନଗୁଡ଼ିକୁ ପୂରଣ କରିବାର ଶକ୍ତି ଦେଇଛ। ତୁମର ଅନୁପ୍ରେରଣା ଆମକୁ ସଦା ଚାଲିବାକୁ ଶିଖାଇଛି। ତୁମର ପ୍ରତି ଆମର ଅସୀମ କୃତଜ୍ଞତା - ତୁମେ ଆମର ଜୀବନର ଆଧାର ଥିଲ, ଥିବ ଓ ରହିବ। ଆଜି ଦ୍ୱାଦଶାହ ଅବସରରେ ତୁମର ଅମର ଆତ୍ମାର ସଦ୍‌ଗତି ନିମନ୍ତେ ମା' ମେଟାକାନୀଙ୍କ ନିକଟରେ ପ୍ରାର୍ଥନା କରୁଛୁ।
ଶୋକସନ୍ତପ୍ତ
ପତ୍ନୀ - ଭଗବତୀ ସାହୁ, ପୁତ୍ର - କିର୍ତ୍ତିଚନ୍ଦ୍ର, ସୂର୍ଯ୍ୟନାରାୟଣ, ପୁତ୍ର ବଧୂ - ସରିତା, ବିଜୟଲକ୍ଷ୍ମୀ.
ଝିଅ - ଅନୁରାଧା, ମାମୀ, ଜ୍ୱାଇଁ - ମନୋରଞ୍ଜନ, ପ୍ରଶାନ୍ତ,
ନାତି ନାତୁଣୀ - ଶ୍ରେୟା, ଲିକୁନ, ସୁଦୀପ, ଶିବାଂଶ, ସାହୁ ପରିବାର ଓ ବନ୍ଧୁବର୍ଗ
ମା ମେଟାକାଳୀ ଷ୍ଟୋନ କ୍ରସର

# ସ୍ୱଧର୍ମକୁ ଫେରିଲେ ମାହାଲିବସାର ୨୧ ପରିବାର



ବାରିପଦା, ୩।୧୧(ସମିସ)

ପୂର୍ବ ଧର୍ମ ପ୍ରତି ପୁନର୍ବାର ଆସ୍ଥା ସ୍ଥାପନ କରି ଖୁଣ୍ଟା ବ୍ଲକ ଅନ୍ତର୍ଗତ ମାହାଲିବସା ଗ୍ରାମର ୨୧ଟି ପରିବାରର ୧୧୦ ଜଣ ପୁରୁଷ, ମହିଳା ଓ ଶିଶୁ ସ୍ୱଧର୍ମକୁ ପ୍ରତ୍ୟାବର୍ତ୍ତନ କରିଛନ୍ତି। ଏଥିପାଇଁ ମାହାଲିବସା ଗ୍ରାମରେ ଅନୁଷ୍ଠିତ ଏକ କାର୍ଯ୍ୟକ୍ରମରେ ୧୮ଟି ଗ୍ରାମର ଜାତି ମୁଖିଆମାନେ ଉପସ୍ଥିତ ରହି ଘରବାହୁଡା ବ୍ୟକ୍ତିଙ୍କୁ ସ୍ୱାଗତ କରିଥିଲେ। ସ୍ୱଧର୍ମକୁ ପ୍ରତ୍ୟାବର୍ତ୍ତନ କରିଥିବା ୧୧୦ ଜଣଙ୍କ ମଧ୍ୟରୁ ୫ଟି ଜନଜାତି ସାନ୍ତାଳ, ମାଙ୍କଡିଆ, ଲୋଧା, ବରାଙ୍ଗ ଓ ଭୂମିଜ ଜନଜାତିର ଥିଲେ। ଗ୍ରାମର ମୁଖିଆ ପୂଜାର୍ଚ୍ଚନା ପରେ ପାରମ୍ପରିକ ବସ୍ତ୍ର ପରିଧାନ କରି ସମସ୍ତେ ନିଜ ପୂର୍ବ ଧର୍ମକୁ ଆପଣାଇଥିଲେ। ସେମାନେ ନିଜ ଉପାସନା ପଦ୍ଧତିକୁ ତ୍ୟାଗ କରି ବହୁତ ବଡ ଭୁଲ କରିଥିବାବେଳେ ଏବେ ପୁନର୍ବାର ନିଜ ସ୍ୱଧର୍ମକୁ ଫେରିଥିବାରୁ ଆନନ୍ଦ ପ୍ରକାଶ କରିଥିଲେ। କାର୍ଯ୍ୟକ୍ରମରେ ଜନଜାତି ସୁରକ୍ଷା ମଞ୍ଚ ଓ ବନବାସୀ କଲ୍ୟାଣ ଆଶ୍ରମର କାର୍ଯ୍ୟକର୍ତ୍ତାମାନେ ଉପସ୍ଥିତ ଥିଲେ। ସଂଗଠନର ଜିଲ୍ଲା ଉପସଭାପତି ଭୀମଚରଣ ମାଝୀ, କୈଳାସ ମୁର୍ମୁ, ବୈଶାଖୁ ସର୍ଦ୍ଦାର, ଘନଶ୍ୟାମ ମହାନ୍ତ, ରାମଚନ୍ଦ୍ର ଶାହା ଓ ରାମାୟ ବେଶ୍ରା ସ୍ୱଧର୍ମ ପ୍ରତ୍ୟାବର୍ତ୍ତନକାରୀଙ୍କୁ ସ୍ୱାଗତ କରିଥିଲେ। ଏହି ଅବସରରେ ନାଚଗୀତର ଆସର ଜମିଥିଲା।

# ଜନଶୁଣାଣିରେ ୨୯୩ ଅଭିଯୋଗ; ୭ଟିର ତତ୍କାଳ ସମାଧାନ

**ବାରିପଦା, ୩।୧୧(ସମିସ):** ପୂର୍ବ ନିର୍ଦ୍ଧାରିତ କାର୍ଯ୍ୟସୂଚୀ ଅନୁଯାୟୀ ସୋମବାର ଜିଲ୍ଲାପାଳ ହେମକାନ୍ତ ସଏଙ୍କ ଅଧକ୍ଷତାରେ ସମ୍ମିଳନୀ କକ୍ଷରେ ଯୁଗ୍ମ ଜନଶୁଣାଣି ଶିବିର ଅନୁଷ୍ଠିତ ହୋଇଯାଇଛି। ଶିବିରରେ ବାରିପଦା ଉପଖଣ୍ଡର ୨୯୩ଟି ଅଭିଯୋଗର ଶୁଣାଣି ହୋଇଥିଲା। ସେଥିରୁ ୨୬୧ଟି ବ୍ୟକ୍ତିଗତ ଥିବାବେଳେ ୩୨ଟି ସାମୂହିକ ସମସ୍ୟା ସମ୍ବଳିତ ବିଷୟ ଉପରେ ଆଧାରିତ ଥିଲା। ୭ଟି ଅଭିଯୋଗର ତତ୍କାଳ ସମାଧାନ କରାଯାଇଥିଲା। ତେବେ ଅଭିଯୋଗର ଗୁରୁତ୍ୱକୁ ବିଚାର କରି ଜିଲ୍ଲାପାଳ ୭ଜଣଙ୍କୁ ମୁଖ୍ୟମନ୍ତ୍ରୀ ରିଲିଫ ପାଣ୍ଠିରୁ ୩୫ହଜାର ଟଙ୍କା ମଞ୍ଜୁର କରିଥିଲେ। ଶିବିରରେ ଜିଲ୍ଲା ଆରକ୍ଷୀ ଅଧିକ୍ଷକ ବରୁଣ ଗୁଣ୍ଟୁପାଲ୍ଲୀ, ଅତିରିକ୍ତ ଜିଲ୍ଲାପାଳ ନେତ୍ରାନନ୍ଦ ମଲ୍ଲିକ ଓ ଈଶ୍ୱର ଚନ୍ଦ୍ର ନାଏକ, ବାରିପଦା ଉପଜିଲ୍ଲାପାଳ ଡ଼. ଦୟାସିନ୍ଧୁ ପରିଡ଼ା, ମୁଖ୍ୟ ଜିଲ୍ଲା ଚିକିତ୍ସା ଓ ଜନ ସ୍ୱାସ୍ଥ୍ୟ ଅଧିକାରୀ ଡାକ୍ତର କିଶୋର କୁମାର ଆଚାର୍ଯ୍ୟ ପ୍ରମୁଖ ଯୋଗ ଦେଇଥିଲେ। ଏଥିସହିତ ବିଭିନ୍ନ ବିଭାଗର ଜିଲ୍ଲା/ଉପଖଣ୍ଡ/ବ୍ଲକ/ଲାଇନବିଭାଗ ଅଧିକାରୀ ଉପସ୍ଥିତ ରହି ଅଭିଯୋଗ ଶୁଣାଣିରେ ସହଯୋଗ କରିଥିଲେ। ଅନ୍ୟାନ୍ୟ ଅଭିଯୋଗଗୁଡିକ ଉପରେ ଅନୁଧ୍ୟାନ ପୂର୍ବକ ବିଚାର କରି ଦ୍ରୁତ ସମାଧାନ ନିମନ୍ତେ ସମ୍ପୃକ୍ତ ବିଭାଗୀୟ ଅଧିକାରୀଙ୍କୁ ଜିଲ୍ଲାପାଳ ନିର୍ଦ୍ଦେଶ ଦେଇଥିଲେ।



# ୧୩ରୁ ୬ ଦିନିଆ ନାଟକ ମହୋତ୍ସବ

**ବାରିପଦା, ୩।୧୧(ସମିସ):** ପ୍ରଖ୍ୟାତ ନିର୍ଦ୍ଦେଶକ ଓ ଅଭିନେତା ଧୀର ବସାଙ୍କ ଆବାହକତ୍ୱରେ ଓମ ନାଟ୍ୟ ସଂସ୍ଥାର ଏକ ସାଧାରଣ ସଭା ଅନୁଷ୍ଠିତ ହୋଇଯାଇଛି। ସଂସ୍ଥାର ୨୫ ବର୍ଷ ପୂର୍ତ୍ତି ଉପଲକ୍ଷେ ୬ ଦିନିଆ ନାଟକ ମହୋତ୍ସବ ଆସନ୍ତା ୧୩ରୁ ୧୮ ତାରିଖ ପର୍ଯ୍ୟନ୍ତ ସହିଦ ସ୍ମୃତି ଭବନରେ ଅନୁଷ୍ଠିତ ହେବ ବୋଲି ଶ୍ରୀ ବସା କହିଛନ୍ତି। ଦୁଇଟି ହିନ୍ଦୀ ନାଟକ, ଗୋଟିଏ ବେଙ୍ଗଲୀ ନାଟକ ଓ ୩ଟି ଓଡ଼ିଆ ନାଟକ ପରିବେଷଣ କରାଯିବ। ଶେଷ ସନ୍ଧ୍ୟାରେ ଧୀର ବଶାଙ୍କ ନିର୍ଦ୍ଦେଶନାରେ ଓମ ନାଟ୍ୟ ସଂସ୍ଥା ପରିବେଷଣ କରିବେ ଓଡ଼ିଆ ନାଟକ 'ଚିଠି' ଓ ନାଟ୍ୟ ମହୋତ୍ସବର ପରିଚାଳନା ପାଇଁ ଏକ କୋର କମିଟି ଗଠିତ ହୋଇଛି। ଏଥିସହିତ ବୈଠକରେ ଓମ ନାଟ୍ୟ ସଂସ୍ଥାର ନୂତନ କାର୍ଯ୍ୟବାହୀ କମିଟି ଗଠନ କରାଯାଇଛି। ସଭାପତି ଭାବେ ଧୀରେନ୍ଦ୍ର କୁମାର ବସା, ଉପସଭାପତି ଭାବେ ପ୍ରସନ୍ନ କୁମାର ମହାନ୍ତି ଓ ଅସିତ କୁମର ଗିରି, ସାଧାରଣ ସମ୍ପାଦକ ଭାବେ ଜ୍ଞାନରଞ୍ଜନ ପଣ୍ଡା, ସହ ସମ୍ପାଦକ ଭାବେ ରଣଜିତ କୁମାର ସାହୁ, କୋଷାଧକ୍ଷ ଭାବେ ଅନସୂୟା ଦଲାଲ ତଥା ସଦସ୍ୟ ଭାବେ ପ୍ରକାଶ ଚନ୍ଦ୍ର ଦାଶ, ସୋମନାଥ ସିଂହ, ରାଜେଶ ଦାଶ, ଜଗଦୀଶ ଚନ୍ଦ୍ର ଦାସ, କୃଷ୍ଣଚନ୍ଦ୍ର ଦାସ, ଗୁହିରାମ ଜେନା, ସୁଜୟ ମହାନ୍ତି, ଜ୍ୟୋତିଶଙ୍କର ପଟ୍ଟନାୟକ, କୁମକୁମ ମହାନ୍ତି, ଦେବାନନ୍ଦ ପାତ୍ର ଓ ଶାନ୍ତନୁ ସିଂହଙ୍କୁ ସର୍ବସମ୍ମତି କ୍ରମେ ମନୋନୀତ କରାଯାଇଛି। ସେହିପରି ଉପଦେଷ୍ଟା ମଣ୍ଡଳୀରେ ସନ୍ତୋଷ ମହାନ୍ତି, ଡ଼ ବିଜୟ କୁମାର ଅଗ୍ରୱାଲ ଓ କ୍ଷିରୋଦ ବିହାରୀ ସିଟଙ୍କୁ ରଖାଯାଇଛି।

# ଜିଲ୍ଲାସ୍ତରୀୟ ଯୁବ ରେଡକ୍ରସ ପ୍ରଶିକ୍ଷଣ ଶିବିର ଉଦ୍‌ଯାପିତ




**ବାରିପଦା, ୩।୧୧(ସମିସ):** ମହାରାଜା ପୂର୍ଣ୍ଣଚନ୍ଦ୍ର ସ୍ୱୟଂଶାସିତ ମହାବିଦ୍ୟାଳୟରେ ତ୍ରିଦିବସୀୟ ଜିଲ୍ଲାସ୍ତରୀୟ ରେଡକ୍ରସ ସ୍ୱେଚ୍ଛାସେବୀ ପ୍ରଶିକ୍ଷଣ ଓ ତାଲିମ୍ ଶିବିର ଉଦ୍‌ଯାପିତ ହୋଇଯାଇଛି। ଉଦ୍‌ଘାଟନୀ ଉତ୍ସବରେ ମହାବିଦ୍ୟାଳୟର ଅଧକ୍ଷ ପ୍ରଫେସର ନାରାୟଣ ପ୍ରସାଦ ବେହେରା ପୌରୋହିତ୍ୟ କରିଥିବା ବେଳେ ପ୍ରାକ୍ତନ ଭାରତୀୟ ରେଡକ୍ରସ ଓଡ଼ିଶା ଶାଖାର ସମ୍ପାଦକ ମେଜର୍ ଡ କଳ୍ପନା ଦାସ ମୁଖ୍ୟଅତିଥି, ରାଜ୍ୟ ଯୁବ ରେଡକ୍ରସ ଅଧିକାରୀ ଡ ରମେଶ ଚନ୍ଦ୍ର ବେହେରା ମୁଖ୍ୟବକ୍ତା, ଅତିରିକ୍ତ ଏସପି ଦିପକ କୁମାର ଗୋଛାୟତ, ଯୁବ ରେଡକ୍ରସ କନ୍‌ଭେନର ସେକ୍ରେଟାରୀ ରାଇମଣି ମାରାଣ୍ଡି, ଜିଲ୍ଲା ଯୁବ ରେଡକ୍ରସ ରାଜେଶ୍ କୁମାର ଦାଶ ଅନ୍ୟତମ ଅତିଥି ଭାବେ ଯୋଗ ଦେଇଥିଲେ।। ୪୦ଟି ଉଚ୍ଚମାଧ୍ୟମିକ ବିଦ୍ୟାଳୟ ଏବଂ ମହାବିଦ୍ୟାଳୟରୁ ପ୍ରାୟ ୧୪୫ ଜଣ ସ୍ୱେଚ୍ଛାସେବୀ ଓ ୧୫ ଜଣ ଯୁବରେଡକ୍ରସ୍ କାଉନ୍ସେଲର ଏହି ଶିବିରରେ ଯୋଗ ଦେଇଥିଲେ। ପ୍ରଥମ ଦିବସରେ ରିସୋର୍ସ ପରସନ୍ ଭାବେ ଯୋଗ ଦେଇ ସନ୍ନ୍ୟାସୀ ଜେନା ଏଚଆଇଭି ଏଡ୍ସ ସଚେତନତା, ହରପ୍ରସାଦ ମହାପାତ୍ର ରେଡକ୍ରସର ଇତିହାସ ଏବଂ ଡ ଦିଲ୍ଲୀପ୍ କୁମାର ଭୋଇ ପ୍ରାଥମିକ ଉପଚାର ସମ୍ପର୍କରେ ତାଲିମ୍ ଦେଇଥିଲେ। ଦ୍ୱିତୀୟ ଦିବସରେ ବାଲେଶ୍ୱର ଜିଲ୍ଲା ଯୁବ ରେଡକ୍ରସ ସଂଯୋଜକ ସୁଧିର ମୁଦୁଲି ରକ୍ତଦାନର ଉପକାର ଓ ଆବଶ୍ୟକତା, ଏମଭିଆଇ ସାଲଖୁ ମୁର୍ମୁ ସଡ଼କ ସୁରକ୍ଷା ଏବଂ ମୟୂରଭଞ୍ଜ ଯୁବ ରେଡକ୍ରସ୍ ଜିଲ୍ଲା ସଂଯୋଜକ ରାଜେଶ୍ କୁମାର୍ ଦାଶ ପ୍ରାକୃତିକ ଉପଚାର ଓ ନିରାମୟ ଜୀବନ ଶୀର୍ଷକ ଉପରେ ସ୍ୱେଚ୍ଛାସେବୀଙ୍କୁ ତାଲିମ୍ ଦେଇଥିଲେ। ଏହି ଅବସରରେ ଅନୁଷ୍ଠିତ ଏକ ରକ୍ତଦାନ ଶିବିରରେ ୩୧ ୟୁନିଟ ସଂଗ୍ରହ କରାଯାଇଥିଲା। ଶେଷ ଦିବସରେ ମାଷ୍ଟର ଟ୍ରେନର ଚନ୍ଦ୍ର ମୋହନ ପରିଡ଼ା ବିପର୍ଯ୍ୟୟ ପରିଚାଳନା ଏବଂ ଶ୍ରୀ ଦାଶ ସାଇବର ସିକ୍ୟୁରିଟି ଉପରେ ତାଲିମ୍ ପ୍ରଦାନ କରିଥିଲେ। ବିଭିନ୍ନ କୃତୀ ପ୍ରତିଯୋଗୀଙ୍କୁ ମଧ୍ୟ ପୁରସ୍କୃତ କରାଯାଇଥିଲା। କାଉନ୍ସେଲରେ ହିମାଂଶୁ ସାହୁ, ଅଟଳ ମହାନ୍ତ, ଆଲେକ୍ସ ହେମ୍ବ୍ରମ, ସୁପ୍ରିମ୍ ମହାନ୍ତି, ଦିପୀକା ରଣା, ସଙ୍ଗୀତା ସୁର, ବିଷ୍ଣୁପ୍ରିୟା ସିଂ, ନାରାୟଣୀ ନାଥ, ରୋଜାଲିନ୍ ଗିରି, ସଞ୍ଜିତ୍ ଦାସ ପ୍ରମୁଖ ସହଯୋଗ କରିଥିଲେ।

# କୈଳାସ ଅଗ୍ରୱାଲାଙ୍କ ଶ୍ରଦ୍ଧାଞ୍ଜଳି ସଭା



**ବାରିପଦା, ୩।୧୧(ସମିସ):** ମୟୂରଭଞ୍ଜ ପେଟ୍ରୋଲିୟମ ଡିଲର ସଂଘ ଆନୁକୂଲ୍ୟରେ ସ୍ୱର୍ଗତ କୈଳାସ ଚନ୍ଦ୍ର ଅଗ୍ରୱାଲା (କେଲାଭାଇ)ଙ୍କ ନିମନ୍ତେ ଏକ ଶ୍ରଦ୍ଧାଞ୍ଜଳି ସଭା ସଂଘ ସଭାପତି ସତୀଶ ଚନ୍ଦ୍ର ସାହୁଙ୍କ ପୌରୋହିତ୍ୟରେ ଅନୁଷ୍ଠିତ ହୋଇଯାଇଛି। ଏଥିରେ ମୁଖ୍ୟଅତିଥି ଭାବେ ବୀର ବସା ଓ ମୁଖ୍ୟ ପରିଚାଳକ ସଂଘର ପୂର୍ବତନ ସଭାପତି ଓମ ପ୍ରକାଶ ଅଗ୍ରୱାଲା ଯୋଗଦେଇ ଦିବଂଗତଙ୍କ ସ୍ମୃତିଚାରଣ କରିଥିଲେ। ପ୍ରକାଶ କରମହାପାତ୍ର, ସମ୍ପାଦକ ବିଜୟ ସାହା, ଦେବାଶିଷ ପଣ୍ଡା, କମଳା ତିରିଆ, ଚୈତନ୍ୟ ହାଁସଦା, ରବି ବେହେରା, ଚିନ୍ମୟ ବେହେରା ପ୍ରମୁଖ ବକ୍ତାମାନେ କେଲାବାବୁଙ୍କ ଜିଲ୍ଲା ପ୍ରତି ଅବଦାନ ଏବଂ ବହୁମୁଖୀ ପ୍ରତିଭା ସମ୍ପର୍କରେ ବକ୍ତବ୍ୟ ରଖିଥିଲେ। ସଭାରେ ଜିଲ୍ଲାର ବହୁ ପେଟ୍ରୋଲ ପମ୍ପ ଡିଲର ଏବଂ ଉଇ-୬୭ର ବନ୍ଧୁ ଯୋଗଦାନ କରିଥିଲେ। ପ୍ରଦୀପ ପାଣି କାର୍ଯ୍ୟକ୍ରମ ସଞ୍ଚାଳନ କରିଥିବାବେଳେ ଓମ ପ୍ରକାଶ ଅଗଓ୍ୱାଲ ଧନ୍ୟବାଦ ଅର୍ପଣ କରିଥିଲେ।

## ୧୪ତମ ଅଜୟ ଦାଶ ସ୍ମାରକୀ ସଭା

# ବ୍ୟକ୍ତିବିଶେଷଙ୍କୁ ଶ୍ରେଷ୍ଠ ବିଦ୍ୟାର୍ଥୀଙ୍କୁ ସମ୍ବର୍ଦ୍ଧନା



**ବାରିପଦା, ୩।୧୧(ସମିସ):** ସହିଦ ସ୍ମୃତି ଭବନରେ ୧୪ତମ ଅଜୟ ଦାଶ ସ୍ମାରକୀ ବକ୍ତୃତା ସଭା ଅନୁଷ୍ଠିତ ହୋଇଯାଇଛି। ଏଥିରେ ମୁଖ୍ୟଅତିଥି ଭାବେ ଓଡ଼ିଶା ହାଇକୋର୍ଟର ପୂର୍ବତନ ବିଚାରପତି ଦେବବ୍ରତ ଦାଶ, ମୁଖ୍ୟବକ୍ତା ଭାବେ ବିଜେପି ରାଜ୍ୟ କାର୍ଯ୍ୟକାରିଣୀ ସଦସ୍ୟ ଜୀବନ କୁମାର ସାହୁ, ସମ୍ମାନିତ ଅତିଥି ଭାବେ ମୟୂରଭଞ୍ଜ ଜିଲ୍ଲାପରିଷଦ ଅଧକ୍ଷା ଭାରତୀ ହାଁସଦା ଓ ଓଡ଼ିଶା ଷ୍ଟେଟ ଟ୍ୟାକ୍ସ ବାର ଆସୋସିଏସନ ସଭାପତି ପ୍ରଦୀପ କୁମାର ପଟ୍ଟନାୟକ ସମ୍ମାନିତ ବକ୍ତା ଭାବେ ଯୋଗଦେଇ ବାରିପଦା ଏବଂ ମୟୂରଭଞ୍ଜକୁ ଏକ ନିର୍ଦ୍ଦିଷ୍ଟ ଦିଗକୁ ଅଗ୍ରସର କରିବାରେ ସ୍ୱର୍ଗତ ଅଜୟ ବାବୁ ନିଜ ଜୀବନକୁ ଉତ୍ସର୍ଗୀକୃତ କରିଥିଲେ ବୋଲି କହିଥିଲେ। ସେ ଜଣେ ବହୁମୁଖୀ ବ୍ୟକ୍ତିତ୍ୱ ହିସାବରେ ବିଭିନ୍ନ କ୍ଷେତ୍ରରେ ଅବଦାନ ମାଧ୍ୟମରେ ସମାଜରେ ଏକ ଅବିସ୍ମରଣୀୟ ଚିହ୍ନ ରଖିଯାଇଛନ୍ତି ବୋଲି କହିଥିଲେ। ଅନୁଷ୍ଠାନର ସଭାପତି ପୂର୍ବତନ ମନ୍ତ୍ରୀ ସରସ୍ୱତୀ ହେମ୍ବ୍ରମ ସଭାପତିତ୍ୱ କରିଥିଲେ। ପାରମ୍ପରିକ ପ୍ରଥା ଅନୁଯାୟୀ, ଅଜୟ ଦାଶଙ୍କ ପରିବାର ପକ୍ଷରୁ ଅତିଥିଙ୍କୁ ସମ୍ବର୍ଦ୍ଧିତ କରିଥିଲେ। ଏହି ପରିପ୍ରେକ୍ଷୀରେ ବିଭିନ୍ନ କ୍ଷେତ୍ରରେ ଉନ୍ନତ ପ୍ରଦର୍ଶନ କରିଥିବା ବ୍ୟକ୍ତିବିଶେଷଙ୍କୁ ୧୪ତମ ଅଜୟ ଦାଶ ସ୍ମାରକୀ ସମ୍ମାନ ଏବଂ ସମ୍ବର୍ଦ୍ଧିତ କରାଯାଇଥିଲା। ମାଟ୍ରିକ ପରୀକ୍ଷାରେ ଜିଲ୍ଲାରେ ଶ୍ରେଷ୍ଠ ସ୍ଥାନ ଅଧିକାର କରିଥିବା ତିନି ବର୍ଗର ବିଦ୍ୟାର୍ଥୀଙ୍କୁ ଅଜୟ ଦାଶ ମେଧା ବୃତ୍ତି ବାବଦରେ ୫ ହଜାର ଟଙ୍କା ମୁଖ୍ୟଅତିଥି ପ୍ରଦାନ କରିଥିଲେ। ସମିତିର ସଂଯୋଜକ ସମାଜସେବୀ ତଥା ସାହିତ୍ୟିକ ଆଶିଷ କୁମାର ବଶା କାର୍ଯ୍ୟକ୍ରମର ସଞ୍ଚାଳନ କରିଥିଲେ। ଜୟନ୍ତ ପଣ୍ଡା, ସନତ କୁମାର ଦାଶ, ଅଂଶୁମାନ ଦାଶ, ଦେବିଦତ୍ତ ଦାଶ, ଜ୍ଞାନରଞ୍ଜନ ଦାଶ ଓ ସ୍ମାରକୀ ସମିତିର କର୍ମକର୍ତ୍ତା ଉପସ୍ଥିତ ଥିଲେ।

# ମୟୂରଭଞ୍ଜ ସ୍କୁଲ ଅଫ୍ ଇଞ୍ଜିନିୟରିଂର ବାର୍ଷିକ ସମାରୋହ



**ବାରିପଦା, ୩।୧୧(ସମିସ):** ଲକ୍ଷ୍ମୀପୋଷିସ୍ଥିତ ଉତ୍ତର ଓଡ଼ିଶାର ଅଗ୍ରଣୀ ଡିପ୍ଲୋମା ଇଞ୍ଜିନିୟରିଂ ଅନୁଷ୍ଠାନ ମୟୂରଭଞ୍ଜ ସ୍କୁଲ ଅଫ ଇଞ୍ଜିନିୟରିଂର ବାର୍ଷିକ ସମାରୋହ 'ଟେକ୍ନୋମେଲିସ୍ମା -୨୦୨୫' ଅନୁଷ୍ଠାନର ପ୍ରତିଷ୍ଠାତା ପୂର୍ଣ୍ଣଚନ୍ଦ୍ର ବୁଗୁଡେଇଙ୍କ ପୌରୋହିତ୍ୟରେ ଅନୁଷ୍ଠିତ ହୋଇଯାଇଛି। ଅଧକ୍ଷ ଇଂ. ଧରମବୀର ବୁଗୁଡେଇଙ୍କ ତତ୍ତ୍ୱାବଧାନରେ ଅନୁଷ୍ଠିତ ଉତ୍ସବରେ ମୁଖ୍ୟଅତିଥି ଭାବେ ଚାନ୍ଦିପୁର ସ୍ଥିତ ଇଣ୍ଟିଗ୍ରେଟେଡ ଟେଷ୍ଟ ରେଞ୍ଜ ଡିଆରଡିଓର ଗ୍ରୁପ ଡାଇରେକ୍ଟର ଡକ୍ଟର ଅରୁଣ କୁମାର ରାୟ ଯୋଗଦେଇ ଉତ୍ତମ ମଣିଷ ହେବା ତଥା ବୈଜ୍ଞାନିକ ମନୋଭାବ ସହିତ ଉଦ୍ଭାବନ ପ୍ରୟାସୀ ହେବା ପାଇଁ ଛାତ୍ରଛାତ୍ରୀଙ୍କୁ ପରାମର୍ଶ ଦେଇଥିଲେ। ପରିଚାଳନା ସମିତିର ସଭାପତି କାହ୍ନୁ ସୋରେନ ଏବଂ ସଦସ୍ୟ ଇଂ ବିପ୍ଲବ ଭଞ୍ଜନ ବୁଗୁଡେଇ ଯୋଗଦେଇ ସୁସ୍ଥ ତଥା ଆଦର୍ଶ ସମାଜ ସହ ଦେଶ ଗଠନ କରିବାର ସ୍ୱପ୍ନକୁ ସାକାର କରିବା ସକାଶେ ଛାତ୍ରଛାତ୍ରୀଙ୍କୁ ଉତ୍ସାହିତ କରିଥିଲେ। ଏହି ଅବସରରେ ଅନୁଷ୍ଠାନ ପକ୍ଷରୁ ପ୍ରକାଶିତ ସ୍ୱତନ୍ତ୍ର ମୁଖପତ୍ର 'ଦି ରେଭିଲେସନ'କୁ ଲୋକାର୍ପଣ କରାଯାଇଥିଲା। ବେଷ୍ଟ ଷ୍ଟୁଡେଣ୍ଟ୍ ଭାବେ ମେକାନିକାଲ ବିଭାଗର ଛାତ୍ର ପିୟୂଷ ମହାନ୍ତି ଏବଂ ଏମଏସଇ ହାୟର ସେକେଣ୍ଡାରୀ ସ୍କୁଲର ଛାତ୍ର ସୁକାନ୍ତ କୁମାର ରଣାଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। ସେହିପରି ପ୍ରୀତି ପରିଣିତା ଦଣ୍ଡପାଟ ଓ ପ୍ୟାରେଲାଲ ମାରାଣ୍ଡି ଏବଂ ଶୁଭଶ୍ରୀ ଜାନା ଓ କାର୍ତ୍ତିକ ମାରାଣ୍ଡିଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। ସେହିପରି ସଙ୍ଗୀତ ଓ ନୃତ୍ୟ ପ୍ରତିଯୋଗିତାର କୃତୀ ପ୍ରତିଯୋଗୀଙ୍କୁ ମଧ୍ୟ ପୁରସ୍କୃତ କରାଯାଇଥିଲା। ଓଲିଉଡ ଜଗତର ସିନେ ଆର୍ଟିଷ୍ଟ ସ୍ୱରାଜ ବାରିକ, ଅନ୍ତରା ଚକ୍ରବର୍ତ୍ତୀ ବହୁମୁଖୀ ପ୍ରତିଭା ସମସ୍ତଙ୍କ ମନ ମୋହିଥିଲା। ପ୍ରାରମ୍ଭରେ ଡ ରଣଜିତ କୁମାର ସାହୁ ସ୍ୱାଗତ କରିବା ସହିତ ଅଧାପିକା ମମତା ମହାନ୍ତ ଧନ୍ୟବାଦ ଦେଇଥିଲେ।

# କଲେଜ ରାସ୍ତା ବିବାଦକୁ ନେଇ ଜିଲ୍ଲାପାଳଙ୍କୁ ଭେଟିଲେ ଛାତ୍ରୀ



**ବାରିପଦା, ୩।୧୧(ସମିସ):** ବାରିପଦା ସ୍ଥିତ ଶ୍ରୀମା ମହିଳା ମହାବିଦ୍ୟାଳୟ ରାସ୍ତା ବିବାଦକୁ ନେଇ ଛାତ୍ରୀମାନେ ଜନଅଭିଯୋଗ ଶୁଣାଣି ଶିବିରରେ ଜିଲ୍ଲାପାଳଙ୍କୁ ଭେଟିଛନ୍ତି। ରାସ୍ତାକୁ ଉଚ୍ଛେଦ କରିବାରୁ ଯିବାଆସିବାରେ ଅସୁବିଧା ଦର୍ଶାଇ କାର୍ଯ୍ୟକୁ ବନ୍ଦ କରିବା ପାଇଁ ଜିଲାପାଳଙ୍କ ନିକଟରେ ଦାବି କରିଛନ୍ତି। ସୂଚନାଯୋଗ୍ୟ ଯେ, ମହାବିଦ୍ୟାଳୟର ଭୋକେସନାଲ ଶ୍ରେଣୀଗୃହକୁ ଯିବାଆସିବା ରାସ୍ତାରେ କାର୍ଯ୍ୟ ଆରମ୍ଭ ହୋଇଥିଲା। ଏଥିରେ ଛାତ୍ରୀମାନେ ବିରୋଧ କରିବାରୁ କିଛି ସ୍ଥାନ ରଖାଯାଇ ମହାବିଦ୍ୟାଳୟର ଫାଟକ ନିର୍ମାଣ କରିବାକୁ ସିଦ୍ଧାନ୍ତ ନିଆଯାଇଥିଲା। ତେବେ ସୋମବାର ୱାଟକୋ ପକ୍ଷରୁ ଜେସିବି ମାଧ୍ୟମରେ ଉକ୍ତ ରାସ୍ତାରେ ଏକ ପାନୀୟଜଳ ପ୍ରକଳ୍ପ କରିବା ପାଇଁ ପ୍ରୟାସ କରିବାରୁ ଛାତ୍ରୀମାନଙ୍କ ମଧ୍ୟରେ ଅସନ୍ତୋଷ ଦେଖାଦେବା ସହ ବିରୋଧ କରିଥିଲେ। ଏହାର ବିଚାର ପୂର୍ବକ ଛାତ୍ରୀମାନଙ୍କ ଗମନାଗମନ ପାଇଁ ସୁବିଧା ପ୍ରଦାନ କରିବାକୁ ଦାବି କରିଛନ୍ତି।

# ବାଲି ବୋଝେଇ ଟ୍ରାକ୍ଟର ଜବତ

**ବାରିପଦା, ୩।୧୧(ସମିସ):** ଜିଲ୍ଲା ଖଣି ବିଭାଗ ପକ୍ଷରୁ ଚଢଉ କରାଯାଇ ଏକ ବାଲି ବୋଝେଇ ଟ୍ରାକ୍ଟର ଜବତ କରାଯାଇଛି। ଏନେଇ ବିଭାଗ ପକ୍ଷରୁ ବାରିପଦା ସଦର ଥାନାରେ ଟ୍ରାକ୍ଟର ଚାଳକ ଓ ମାଲିକଙ୍କ ନାମରେ ଅଭିଯୋଗ ହୋଇଛି। ନୁରୁଡ଼ିହି ଅଞ୍ଚଳର ପାଣ୍ଡରା ଗ୍ରାମରୁ ବୁଢ଼ାବଳଙ୍ଗ ନଦୀ ଘାଟରୁ ବ୍ୟାପକ ବାଲି ଚୋରା ଚାଲାଣ ହେଉଛି। ଖଣି ବିଭାଗ ଏନଫୋର୍ସମେଣ୍ଟ ଟିମ ପକ୍ଷରୁ ନୁରୁଡ଼ିହି ଛକ ଅଞ୍ଚଳରେ ବାଲି ବୋଝେଇ ଏକ ଟ୍ରାକ୍ଟରକୁ ଅଟକାଇ ପଚରାଉଚରା କରିଥିଲା। ବେଆଇନ ଭାବେ ବାଲି ଚୋରା ଚାଲାଣ କରୁଥିବାରେ ନେଇ ଜାଣିବା ପରେ ଗାଡିକୁ ଜବତ କରାଯାଇଛି। ପୁଲିସ ଏକ ମାମଲା ରୁଜୁ କରି ଟ୍ରାକ୍ଟର ଜବତ କରିବା ସହ ମାଲିକ ଓ ଚାଳକ ନାମରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିଛି।

# ବନ୍ଦ ଘରୁ ଅଳଙ୍କାର ଓ ଟଙ୍କା ଚୋରି

**ରାଇରଙ୍ଗପୁର, ୩।୧୧(ସମିସ):** ହିନ୍ଦୋଳା ଗ୍ରାମର ଗୁଲ ମହମ୍ମଦଙ୍କ ତାଲା ବନ୍ଦ ଘରୁ ଅଳଙ୍କାର ଓ ଟଙ୍କା ଚୋରି ହୋଇଥିବା ନେଇ ଅଭିଯୋଗ ହୋଇଛି। ତାଙ୍କ ପରିବାର ଲୋକେ ଘରେ ନ ଥିବାର ସୁଯୋଗ ନେଇ ଦୁର୍ବୃତ୍ତମାନେ ଚୋରିକରି ଫେରାର ହୋଇଯାଇଛି। ଏ ନେଇ ସେ ଥାନାରେ ଅଭିଯୋଗ କରିଛନ୍ତି। ସେହିପରି ମାନବୀର ଗ୍ରାମର ଲାଲମୋହନ ମହାକୁଡ଼ଙ୍କ ତାଲା ବନ୍ଦ ଘରୁ ମଧ୍ୟ ଚୋରି ହୋଇଥିବା ନେଇ ସେ ଜାମଦା ଥାନାରେ ଅଭିଯୋଗ କରିଛନ୍ତି। ତାଙ୍କ ଘରୁ ମଧ୍ୟ ଦୁର୍ବୃତ୍ତମାନେ ଆଲମାରୀ ଭାଙ୍ଗି ସୁନା ଓ ରୁପା ଅଳଙ୍କାର ଚୋରି କରିଛନ୍ତି। ପୁଲିସ ତଦନ୍ତ ଚଳାଇଛି।

# ଟ୍ରକ୍‌ରୁ ଡିଜେଲ ଚୋରକୁ ଧରିଲା ପୁଲିସ

**ରାଇରଙ୍ଗପୁର, ୩।୧୧(ସମିସ):** କରଞ୍ଜିଆ ଅଞ୍ଚଳରେ ଟ୍ରକରୁ ଡିଜେଲ ଚୋରି ହେଉଥିବା ନେଇ ବାରମ୍ବାର ଅଭିଯୋଗ ହେଉଥିଲା। ଯାହାକୁ ନେଇ ଚଢ଼ାଉ କରି ଚୋରକୁ ପୁଲିସ ଗିରଫ କରିଛନ୍ତି। ଅଭିଯୁକ୍ତ ପାଖରୁ ୨୦୦ଲିଟରରୁ ଊର୍ଦ୍ଧ୍ୱ ଡିଜେଲ ଜବତ କରାଯାଇଛି। ଗିରଫ ଜଣକ ହେଲେ କରଞ୍ଜିଆ ଥାନା ଅନ୍ତର୍ଗତ ଚଢେଇଭୋଳ ଗ୍ରାମର ଏମଡି ନିମାଜ (୩୦)। କରଞ୍ଜିଆ ଥାନା ପୁଲିସ ପାଟ୍ରୋଲିଂ ସମୟରେ ତାକୁ ଧରିଥିଲା। ପରେ ତାକୁ କୋର୍ଟଚାଲାଣ କରାଯାଇଛି।

# ନୂତନ ମୁଣ୍ଡାରୀ ବିଦ୍ୟାଳୟ ପ୍ରତିଷ୍ଠା




**ଖୁଣ୍ଟା, ୩।୧୧(ସମିସ):** ମୁଣ୍ଡାରୀ ଭାଷା ସମନ୍ୱୟ କମିଟି ତରଫରୁ ମୁଣ୍ଡାରୀ ଭାଷାଭାଷୀ ଅଧ୍ୟୁଷିତ ଗ୍ରାମରେ ମୁଣ୍ଡାରୀ ରବିବାରିଆ ବିଦ୍ୟାଳୟ ଖୋଲାଯାଉଛି। ଏହି ପରିପ୍ରେକ୍ଷୀରେ ଆଜି ଖୁଣ୍ଟା ବ୍ଲକ ଅନ୍ତର୍ଗତ ବାସିପିଠା ଗ୍ରାମପଞ୍ଚାୟତ ଖେଜୁରଡିହାଠାରେ ଏକ ନୂତନ ମୁଣ୍ଡାରୀ ବିଦ୍ୟାଳୟ ପ୍ରତିଷ୍ଠା କରାଯାଇଛି। ଏହି ଅବସରରେ ଗ୍ରାମବାସୀଙ୍କୁ ନେଇ ଏକ ସାଧାରଣ ବୈଠକ ଅନୁଷ୍ଠିତ ହୋଇଥିଲା। ବୈଠକରେ ମୁଣ୍ଡାରୀ ସମ୍ପ୍ରଦାୟର ପାରମ୍ପରିକ ପୂଜକ ବସନ୍ତ କୁମାର ସିଂ, ମୁଣ୍ଡାରୀ ଭାଷା ସମନ୍ୱୟ କମିଟିର ଖୁଣ୍ଟା ବ୍ଲକ ଆବାହକ ରାଙ୍ଗା ସିଂ, ମୁଣ୍ଡାରୀ ବାନି ଶିକ୍ଷକ ଦୀପକ କୁମାର ସିଂ, ସଞ୍ଜୟ କୁମାର ସିଂ, ଲମ୍ବୋଦର ସିଂ, ଶୁକ୍ରା ସିଂ, ବାଉଳା ସିଂ ପ୍ରମୁଖ ବକ୍ତାମାନେ ବକ୍ତବ୍ୟ ରଖିଥିଲେ। ଏକାଦଶୀ ସିଂ ସଭାପତିତ୍ୱ କରିଥିବା ବେଳେ ପୂର୍ଣ୍ଣ ଚନ୍ଦ୍ର ସିଂ ସମସ୍ତଙ୍କୁ ଧନ୍ୟବାଦ ଅର୍ପଣ କରିଥିଲେ।

# ରୋଟାରୀ କ୍ଲବ୍ ପକ୍ଷରୁ ୯ ଶିକ୍ଷକଶିକ୍ଷୟିତ୍ରୀଙ୍କୁ ସମ୍ବର୍ଦ୍ଧନା



**ବେତନଟୀ, ୩। ୧୧(ସମିସ):** ବେତନଟୀ ରୋଟାରୀ କ୍ଲବ୍ ପକ୍ଷରୁ ୯ ଜଣ କୃତୀ ଶିକ୍ଷକଶିକ୍ଷୟିତ୍ରୀଙ୍କୁ ସମ୍ବର୍ଦ୍ଧିତ କରାଯାଇଛି। ଏହି ଅବସରରେ ଏକ ଅନୁଷ୍ଠିତ ସଭାରେ ରୋଟାରିଆନ ସଭାପତି ଗିରିଧାରୀ ସାହୁ ଅଧକ୍ଷତା କରିଥିଲେ। ମୁଖ୍ୟଅତିଥି ଭାବେ ରାଜ୍ୟ ସହକାରୀ ଗଭର୍ଣ୍ଣର ଡାକ୍ତର ଦିପ୍ତୀମୟୀ ମହାପାତ୍ର, ପୂର୍ବତନ ଚାଟାର୍ଡ ସଭାପତି ଶୈଳେନ୍ଦ୍ର ଖଣ୍ଡେଲୱାଲ, ରୋଟାରିଆନ ରବୀନ୍ଦ୍ରନାଥ ମିଶ୍ର ସମ୍ପାଦକ ଏବଂ ଏବିଓ ଅପର୍ଣ୍ଣା ସାହୁ ଓ ପୂର୍ବତନ ଏବିଓ ରମାକାନ୍ତ ମହାନ୍ତ ପ୍ରମୁଖ ଯୋଗଦେଇ ସମ୍ପୃକ୍ତ ଶିକ୍ଷକ ଏବଂ ଶିକ୍ଷୟିତ୍ରୀଙ୍କୁ ସମ୍ବର୍ଦ୍ଧିତ କରିଥିଲେ। ରୋଟାରିଆନି ଅରୁଣ କୁମାର ଓତା ଅତିଥି ପରିଚୟ ଦେଇଥିଲେ। ଏହି ଉପଲକ୍ଷେ ପ୍ରଧାନଶିକ୍ଷକ ଅର୍ଜ୍ଜୁନ ସିଂହ, ଅଜିତ୍ କୁମାର ଜେନା, ଆଜିନୁନ ନିଶା, ଭବାନୀଶଙ୍କର ବାଗ, ପାର୍ବତୀ ବେଶ୍ରା, ବାସନ୍ତୀ ରାଉତ, ପ୍ରଶାନ୍ତ କୁମାର ନାୟକ ଦୟାନିଧି ମହାନ୍ତ, ନୀଳକଣ୍ଠ ଦାସଙ୍କୁ ରାଷ୍ଟ୍ର ନିର୍ମାଣ ପ୍ରମାଣପତ୍ର, ଉପଢୌକନ ଓ ଚାରାଗଛ ପ୍ରଦାନ କରାଯାଇଥିଲା। ପୂର୍ବତନ ସଭାପତି ରୋଟାରୀଆନ୍ ବସନ୍ତ କୁମାର ମହାନ୍ତ, ଶଶଧର ପଣ୍ଡାଙ୍କ ସମେତ ରୋଟାରିଆନ କିଶୋର ଆଚାର୍ଯ୍ୟ, ଶ୍ୟାମ ପ୍ରସାଦ ମତୁଆଳ, ସୁନୀଲ ଖଣ୍ଡେଲ ୱାଲ, ରଞ୍ଜନ ମହାନ୍ତିଙ୍କ ସହିତ ସିଭିଲ ସୋସାଇଟିରୁ ସଚ୍ଚିଦାନନ୍ଦ ମହାନ୍ତି ପ୍ରମୁଖ ଉପସ୍ଥିତ କଥିଲେ। ରୋଟାରିଆନ ରବୀନ୍ଦ୍ରନାଥ ମିଶ୍ର ଧନ୍ୟବାଦ ଅର୍ପଣ କରିଥିଲେ।

# ସମ୍ପାଦକୀୟ



ପୃଥିବୀରେ ଏପରି ଅନେକ ଲୋକ ଅଛନ୍ତି, ଯେଉଁମାନଙ୍କ ପାଇଁ କେବଳ ରୁଟି ହିଁ ଭଗବାନ।

-ମହାତ୍ମା ଗାନ୍ଧୀ

ସକାଳ
THE SAKALA

## ବିଶ୍ୱ ବିଜୟିନୀ

ଅନୁଭବ ଓ ଅଭିଜ୍ଞତା ଦୃଷ୍ଟିରୁ ହରମନପ୍ରୀତଙ୍କ ଦଳ ଅଧିକ ପରିପକ୍ୱ ଓ ଶାଣିତ, ବିଶେଷକରି ସ୍ୱଦେଶ ମାଟିର ସହାନୁଭୂତି ଓ ସମର୍ଥନ ବିଶ୍ୱକପ ହାସଲରେ ସହାୟକ ହୋଇଛି। ପୂର୍ବରୁ ଏହିଦଳ ଦୁଇଥର ଫାଇନାଲ ଖେଳି ରନର୍ସଅପ ମଧ୍ୟ ହୋଇଛି। ତେଣୁ ଭାଷ୍ୟକାରମାନେ ଏହି ବିଜୟକୁ ୧୯୮୩ରେ କପିଳଦେବଙ୍କ ନେତୃତ୍ୱରେ ଭାରତର ବିଶ୍ୱକପ ହାସଲ ସହ କରୁଥିବା ତୁଳନା ଆଦୌ ସମୀଚୀନ ନୁହେଁ। ଫାଇନାଲରେ ଅବତୀର୍ଣ୍ଣ ହୋଇଥିବା ଦୁଇଦଳ ଦକ୍ଷିଣ ଆଫ୍ରିକା ଓ ଭାରତ ସେମିଫାଇନାଲରେ ଯଥାକ୍ରମେ ଇଂଲଣ୍ଡ ଓ ଅଷ୍ଟ୍ରେଲିଆକୁ ପରାଜିତ କରିବାରେ ଯେଉଁ ଚମକ ଦେଖାଇଥିଲେ ତାହା ସେମାନଙ୍କ ଯୋଗ୍ୟତା ଓ ପରାକାଷ୍ଠାର ନିଦର୍ଶନ ବୋଲି କୁହାଯାଇପାରେ। କାରଣ ପରାଜିତ ଦୁଇଦଳ ହିଁ ଥିଲେ ଅସଲରେ ବିଶ୍ୱକପ ଦାବିଦାର। ଅଷ୍ଟ୍ରେଲିଆର ୩୩୯ ଲକ୍ଷ୍ୟର ଅନୁଧାବନ କରି ମ୍ୟାଚ ଜିତିବା ଭାରତ ପାଇଁ ଏତେ ସହଜ ନଥିଲା। ଅଧିନାୟକ ହରମନପ୍ରୀତଙ୍କ ଉପଯୋଗୀ ୮୯ ରନ ସାଙ୍ଗକୁ ଜେମିମାଙ୍କ ଧୈର୍ଯ୍ୟପୂର୍ଣ୍ଣ ଅପରାଜିତ ୧୨୭ରନ ଭାରତକୁ ଫାଇନାଲରେ ପହଞ୍ଚାଇବାରେ ସହାୟକ ହୋଇଥିଲା। ଏହାଥିଲା ଏକଦିବସୀୟ ମହିଳା କ୍ରିକେଟ ଇତିହାସରେ ରେକର୍ଡ ଅନୁଧାବନ। ସେହିଭଳି ଦକ୍ଷିଣ ଆଫ୍ରିକା ମଧ୍ୟ ପ୍ରଥମେ ବ୍ୟାଟିଂ କରି ୩୧୯ ରନ କରିଥିଲା। ଇଂଲଣ୍ଡ ତାହାର ପିଛା କରି ମାତ୍ର ୧୯୪ରନ କରିବାକୁ ସମର୍ଥ ହୋଇଥିଲା।

ଫାଇନାଲରେ ଟସ୍ ଜିତି ଦକ୍ଷିଣ ଆଫ୍ରିକା ଅଧିନାୟକ ଲୌରା ଉଇଲଭାର୍ଟ ପଶ୍ଚାତଧାବନ କରିବାକୁ ଉଚିତ ମଣି ଭାରତକୁ ପ୍ରଥମେ ବ୍ୟାଟିଂ କରିବାକୁ ସୁଯୋଗ ଦେଇଥିଲେ। ମ୍ୟାଚର ଗତି ଓ ପ୍ରକୃତି ଯାହା ସେଥିରେ ୩୦୦ରୁ ଊର୍ଦ୍ଧ୍ୱ ରନ ଲକ୍ଷ୍ୟ ଧାର୍ଯ୍ୟ ନକଲେ ଜିତିବା ଯେକୌଣସି ଦଳ ପକ୍ଷରେ ଏତେ ସହଜ ହେବ ନାହିଁ। ତେବେ ଓପନିଂ ବ୍ୟାଟର ଶେଫାଳି ଦଳ ପକ୍ଷରୁ ସର୍ବାଧିକ ୮୭ରନ ଓ ଦୀପ୍ତିଙ୍କ ଉପଯୋଗୀ ୫୮ରନ ଭାରତକୁ ୨୯୮ ପହଞ୍ଚାଇବାରେ ସହାୟକ ହୋଇଥିଲା। ଏହି ଲକ୍ଷ୍ୟର ପିଛା କରୁ କରୁ ଦକ୍ଷିଣ ଆଫ୍ରିକା ୪୫.୩ ଓଭରରେ ୨୪୬ ରନ କରି ଅଲଆଉଟ ହୋଇଯାଇଥିଲା। ଦଳର ଅଧିନାୟକ ଲୌରା ଉଇଲଭାର୍ଟଙ୍କ ଚମକପ୍ରଦ ଶତକ ସତ୍ତ୍ୱେ ଦଳକୁ ସଫଳତା ମିଳିନଥିଲା। ଦଳ ପ୍ରଥମ ଥର ଫାଇନାଲକୁ ଉନ୍ନୀତ ହୋଇଥିବାରୁ ରନର୍ସଅପରେ ହିଁ ସନ୍ତୁଷ୍ଟ ହେବାକୁ ପଡ଼ିଲା। ଭାରତର ଏହି ବିଜୟ ପଛରେ ଶେଫାଳିଙ୍କ ୮୭ ରନ ଓ ଦୁଇଟି ଉଇକେଟ ହାସଲ ଦୃଷ୍ଟିରୁ ତାଙ୍କୁ ଶ୍ରେଷ୍ଠ ଖେଳାଳି ରୂପେ ସମ୍ମାନିତ କରାଯାଇଥିଲା। ଏହାସତ୍ତ୍ୱେ ଦୀପ୍ତିଙ୍କ ୫୮ ରନ ସାଙ୍ଗକୁ ୫ ଉଇକେଟ ହାସଲ କମ ଗୁରୁତ୍ୱପୂର୍ଣ୍ଣ ନୁହେଁ। ସର୍ବାଧିକ ୨୨ଉଇକେଟ ହାସଲ ସହ ୨୧୫ରନ ସଂଗ୍ରହ ସକାଶେ ସେ ଚଳିତ ବିଶ୍ୱକପର ଶ୍ରେଷ୍ଠ ଖେଳାଳିର ମର୍ଯ୍ୟାଦା ହାସଲ କରିଛନ୍ତି। ଯାହାହେଉ ଭାରତୀୟ ଦଳ ୫୨ରନରେ ଦକ୍ଷିଣ ଆଫ୍ରିକାକୁ ପରାଜିତ କରି ବିଶ୍ୱକପ ଚମ୍ପିୟାନ ହେବା କମ ଗୌରବର କଥା ନୁହେଁ।

ବିସିସିଆଇର ଘୋଷଣା ଅନୁଯାୟୀ ଭାରତୀୟ ମହିଳା କ୍ରିକେଟ ଦଳ ୧୨୫ କୋଟିଟଙ୍କା ପାଇବ। ଏହି ପୁରସ୍କାର ରାଶି ଯେତେ ବଡ଼କଥା ନୁହେଁ ବଡ଼କଥା ହେଲା ଆମ ଦେଶର ମହିଳା ଯେ ବିଶ୍ୱବିଜୟିନୀ ହୋଇପାରିବେ ତାହା ଏହି ବିଶ୍ୱକପ ଟୁର୍ଣ୍ଣାମେଣ୍ଟରେ ପ୍ରମାଣିତ ହୋଇଛି। ଆଗାମୀ ଦିନରେ ମହିଳା କ୍ରିକେଟ ପ୍ରତି ଆମଦେଶରେ ଆଗ୍ରହ ଓ ଆକର୍ଷଣ ବଢ଼ିବ। ଉନ୍ନତମାନର ମହିଳା କ୍ରିକେଟ ପାଇଁ କ୍ଷେତ୍ର ପ୍ରସ୍ତୁତିର ସୁଯୋଗ ଆହୁରି ବ୍ୟାପକ ହେବ ବୋଲି ଆଶା କରିବା।

## ଆଣ୍ଡ୍ରୁଙ୍କ ପରେ କିଏ?

ଜେଫ୍ରି ଏପିଷ୍ଟିନ୍‌ଙ୍କ ଯୌନ କେଲେଙ୍କାରୀ ସମଗ୍ର ବିଶ୍ୱର ହଟଚମଟ ସୃଷ୍ଟି କରିଥିଲା। ବିତ୍ତୀୟ ସହାୟତା ଓ ବିଭିନ୍ନ ସାମାଜିକ କାର୍ଯ୍ୟକ୍ରମ ମାଧ୍ୟମରେ ନିଜର ପ୍ରତିଷ୍ଠା ଓ ସ୍ୱତନ୍ତ୍ର ପରିଚୟ ସୃଷ୍ଟି କରିଥିବା ଏପିଷ୍ଟିନ୍ ଉଭୟ ରାଜନୈତିକ ଓ କର୍ପୋରେଟ୍ ଜଗତରେ ବିଶ୍ୱରେ ଜଣେ ପ୍ରଭାବଶାଳୀ ବ୍ୟକ୍ତିତ୍ୱ ଭାବେ ଲୋକସଂପର୍କ ବଢ଼ାଇଥିଲେ। ବୈଭବ ପ୍ରାଚୁର୍ଯ୍ୟ ମଧ୍ୟରେ ଥିବା ଏପିଷ୍ଟିନ୍ ଯୌନ ଲାଳସାକୁ ଚରିତାର୍ଥ କରିବା ପାଇଁ ବ୍ୟଭିଚାରର ସମସ୍ତ ସୀମା ଅତିକ୍ରମ କରିଥିଲେ। ନିଜର ପ୍ରଭାବ ଓ ପ୍ରତିଷ୍ଠାର ଆଢୁଆଳରେ ତଥାକଥିତ ବନ୍ଧୁମାନଙ୍କ ସନ୍ତୁଷ୍ଟି ପାଇଁ ବିପୁଳ ବ୍ୟୟରେ ନାବାଳିକାଙ୍କୁ ସଂଗ୍ରହ କରି ଗୋପନ ଅଭିସାରର ପଥ ପରିଷ୍କାର କରିଥିଲେ। କିଛି ନିକଟତମ ସହଯୋଗୀ ଚଳଚ୍ଚିତ୍ର ନିର୍ଦ୍ଦେଶକ ହୋଇଥିବାରୁ ଏହି ଘଟଣାକ୍ରମର ଭିଡିଓ ସୁଟିଂ ମଧ୍ୟ କରାଇଥିଲେ।

ତେବେ ଏପ୍ରକାର ଯୌନ ଶୋଷଣ ସବୁଦିନ ଲୁଚି ରହିପାରିବ ନାହିଁ। ନିର୍ଯାତନା ଓ ଶୋଷଣର ସମ୍ମୁଖୀନ ହୋଇଥିବା ଯୁବତୀ ଦିନେ ନା ଦିନେ ମୁହଁ ଖୋଲିବେ। ତାହା ହିଁ ଶେଷରେ ଘଟିଲା। ଏଫବିଆଇ ପକ୍ଷରୁ ତଦନ୍ତ ହେଲା। ପ୍ରବଳ ଚାପ ସତ୍ତ୍ୱେ ସେ ଦୋଷୀ ସାବ୍ୟସ୍ତ ହେଲେ ଏବଂ ତାଙ୍କୁ ୧୯ ମାସ କାରାଦଣ୍ଡାଦେଶ ଭୋଗିବାକୁ ପଡ଼ିଲା। ଶେଷରେ ସେ ଆତ୍ମହତ୍ୟା କଲେ ବୋଲି କୁହାଯାଇଥିଲେ ମଧ୍ୟ ତାହା ସନ୍ଦେହରୁ ଊର୍ଦ୍ଧ୍ୱରେ ଆସିପାରୁନାହିଁ। ଆମେରିକା ଦୁଇ ପରସ୍ପର ବିରୋଧୀ ଦଳର ନେତା ଏହି ଯୌନ ଶୋଷଣରେ ସଂପୃକ୍ତ ଥିବାରୁ ଏପିଷ୍ଟିନ୍‌ଙ୍କ କଳାକାରନାମାର ସବିଶେଷ ତଥ୍ୟ ପଦାକୁ ଆସିପାରିନାହିଁ। ଏ ସଂକ୍ରାନ୍ତରେ ଭିଡିଓ ରେକର୍ଡିଂ କେଉଁଠି ନା କେଉଁଠି ଲୁକ୍କାୟିତ ହୋଇ ରହିଛି। ତେଣୁ ନେତାଙ୍କ ମୁଣ୍ଡରୁ ବିବାଦ ହଟିନି। ବ୍ରିଟେନର ଯୁବରାଜ ଆଣ୍ଡ୍ରୁଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ପରେ ଏହି ଯୌନ କେଲେଙ୍କାରୀ ପୁଣି ଥରେ ପଦାକୁ ଆସିଛି। ଆମେରିକୀୟ ଯୁବତୀ ଭର୍ଜିନିଆ ଜେଫ୍ରି ମୁହଁ ଖୋଲିବାରୁ ଯୁବରାଜ ଆଣ୍ଡ୍ରୁ ବ୍ରିଟେନ ରାଜପରିବାର ପଦମର୍ଯ୍ୟାଦା ସମ୍ମାନରୁ ବଞ୍ଚିତ ହୋଇଛନ୍ତି। କିଛିଦିନ ତଳେ କିଙ୍ଗ ଚାର୍ଲସ୍ ଏକ କାର୍ଯ୍ୟକ୍ରମରେ ଯୋଗ ଦେଇଥିବା ବେଳେ ଏହି ପ୍ରସଙ୍ଗକୁ କେନ୍ଦ୍ର କରି କଡ଼ା ବିରୋଧର ସମ୍ମୁଖୀନ ହୋଇଥିଲେ। ତେଣୁ ପ୍ରବଳ ଚାପର ବଶବର୍ତ୍ତୀ ହୋଇ ତୁରନ୍ତ ଆଣ୍ଡ୍ରୁଙ୍କ ଉପାଧି ପ୍ରତ୍ୟାହାର କରାଯିବା ସହ ୱିଣ୍ଡସର କାସଲ ବାସଗୃହରୁ ବିଦାୟ ନେବାକୁ କୁହାଯାଇଛି। ତାଙ୍କଠାରୁ ରାଜ ପରିବାରର ଉପାଧି ଓ ସମ୍ମାନ ପ୍ରତ୍ୟାହାର କରାଯିବା ପ୍ରକ୍ରିୟା ଆରମ୍ଭ ହୋଇଛି।

ଜେଫ୍ରିଙ୍କ ଭଳି ବହୁ ନାବାଳିକା ଏପିଷ୍ଟିନ୍‌ଙ୍କ ଯୌନ କେଲେଙ୍କାରୀର ଶିକାର ହୋଇଛନ୍ତି। ଆଗକୁ ଆଉ ଯେ କିଏ ମୁହଁ ଖୋଲିବ ତାହାର ସମ୍ଭାବନା ଊଣା। ତେବେ ଭିଡିଓ ରେକର୍ଡିଂକୁ ଯେ ନଷ୍ଟ କରାଯାଉଛି ଏକଥା ନୁହେଁ। ଏହା ବେଶୀବର୍ଷ ତଳର ଘଟଣା ନୁହେଁ। ଟ୍ରମ୍ପଙ୍କୁ ନେଇ ବାରମ୍ବାର କଥା ଉଠୁଥିଲେ ମଧ୍ୟ କ୍ଷମତାର ଚାପ ଓ ସାଲିସ ଉଭୟ ଏକ୍ଷେତ୍ରରେ କାମ କରୁଛି। ଗାଜା ବ୍ୟାପାରରେ ଟ୍ରମ୍ପଙ୍କ ଭୂମିକାକୁ ଲକ୍ଷ୍ୟ କଲେ ମୋସାଡର ଭୂମିକା ଆପେ ଆପେ ସନ୍ଦେହ ପରିସରକୁ ଆସି ଯାଉଛି।

# ସୃଜନାତ୍ମକ ବିନାଶ ବନାମ ସୃଜନାତ୍ମକ ସଂରକ୍ଷଣ

ଦୁର୍ଗାପ୍ରସାଦ ଆଚାର୍ଯ୍ୟ

ପୁଞ୍ଜିବାଦୀ ଅର୍ଥନୀତି ତଥା ଅତ୍ୟାଧୁନିକ ପ୍ରଯୁକ୍ତିବିଦ୍ୟା ଆଧାରିତ ପ୍ରଗତି ପଛରେ ସୃଜନଶୀଳ ବା ସୃଜନାତ୍ମକ ବିନାଶ (କ୍ରିଏଟିଭ୍ ଡେଷ୍ଟ୍ରକସନ୍)ର ନିର୍ଣ୍ଣାୟକ ଭୂମିକା ଅବିସମ୍ବାଦିତ ବୋଲି ପ୍ରତିପାଦିତ କରି ୨୦୨୫ର ନୋବେଲ ପୁରସ୍କାରରେ ସମ୍ମାନିତ ହେଲେ ପ୍ରସିଦ୍ଧ ତିନି ଅର୍ଥନୀତିଜ୍ଞ ଜୋଏଲ୍ ମୋକିର୍, ଫିଲିପ୍ ଆଘିଅନ୍ ଓ ପିଟର୍ ହାଓଇଟ୍। ଏହି 'ସୃଜନାତ୍ମକ ବିନାଶ'ର ତତ୍ତ୍ୱଟି ପ୍ରଥମେ ଆମକୁ ଜଣାଇଥିଲେ 'ଜୋସେଫ୍ ସୁମ୍ପିଟର୍'। ଏ ବର୍ଷର ଏହି ଚର୍ଚ୍ଚିତ ନୋବେଲ୍ ବିଜେତାମାନେ ଏହି ନିଷ୍କର୍ଷଟିର ସତ୍ୟତା ତଥା ପ୍ରାମାଣିକତା ଗବେଷଣାଲବ୍ଧ ତଥ୍ୟନିଷ୍ଠ ଯୁକ୍ତି ଆଧାରରେ ଦୃଢ଼ତାର ସହ ସାବ୍ୟସ୍ତ କଲେ। ତେଣୁ ଏବେ ଆମ ବୁଦ୍ଧିଜୀବୀଙ୍କ ତୁଣ୍ଡରେ 'ସୃଜନାତ୍ମକ ବିନାଶ' ରୂପକ ଆପାତତଃ ବିପରୀତାଭାସ ତତ୍ତ୍ୱଟି ଏକ ଘୋଷାପଦ ପାଲଟି ସାରିଲାଣି। ଅନେକ ବି ମାତ୍ରାତିରିକ୍ତ ଉତ୍ସାହ ଦେଖାଇ କହିବାକୁ ଆରମ୍ଭ କଲେଣି ଯେ ପ୍ରତ୍ୟେକ ପ୍ରକାରର ସମୃଦ୍ଧି ବା ବିକାଶ, ତାହା ପ୍ରାକୃତିକ ହେଉ କି ମାନବଜୀବନକୈନ୍ଦ୍ରିକ ହେଉ, ର ଏହା ହେଉଛି ଏକମାତ୍ର ଉତ୍ପ୍ରେରକ।

ଏଥିରେ ବିସ୍ମିତ ହେବାର କାରଣ ଅବଶ୍ୟ ଥାଇ ନପାରେ। କାରଣ ଆମେ ପ୍ରତ୍ୟେକ ଜାଣିଛେ ଯେ ଘଞ୍ଚ ଅରଣ୍ୟଟିଏ ଅଗ୍ନିଦଗ୍ଧ ହେଲା ପରେ ନୂତନ ସବୁଜିମାର ସୃଷ୍ଟି ହୁଏ; ପୁରାତନ ସଂସ୍କୃତି ଓ ପରମ୍ପରା, ପୁରାତନ ଜ୍ଞାନରାଜିରୁ ବେଶ୍ କିଛିକୁ ନେପଥ୍ୟକୁ ହଟାଇ ଦେଇ ନୂତନ ସଂସ୍କୃତି, ପରମ୍ପରା ବା ଜ୍ଞାନରାଜିର ଅଭ୍ୟୁଦୟ ହୁଏ ଏବଂ ପୁରାତନ ପ୍ରବିଧି ବା ପ୍ରାବିଧିକ କୌଶଳର ସ୍ଥାନରେ ନୂତନ ପ୍ରବିଧି, ପ୍ରାବିଧିକ କୌଶଳର ଆବିଷ୍କାର ବା ଉଦ୍‌ଭାବନ ହୁଏ। କିନ୍ତୁ ଦୁର୍ଭାଗ୍ୟଜନକ କଥାଟି ହେଉଛି ଯେ ବର୍ତ୍ତମାନର ଏହି ଲଗାମହୀନ କାଳଖଣ୍ଡରେ ସଂକୀର୍ଣ୍ଣ, ବିଦ୍ୱେଷପୂର୍ଣ୍ଣ ମତାଦର୍ଶର ପ୍ରବକ୍ତା ଓ ଅନ୍ଧଭକ୍ତମାନେ ଆମ ଧର୍ମ, ସଂସ୍କୃତି ତଥା ଜ୍ଞାନପରମ୍ପରାରେ ଥିବା ସକଳ ପ୍ରକାରର ମୁକ୍ତ, ଉଦାର ଚିନ୍ତନ ଓ ସାର୍ବଜନୀନ ବିଚାରଧାରା ସର୍ବାଦୌ ପରିତ୍ୟଜ୍ୟ ବୋଲି ଆମମାନଙ୍କୁ କହୁଛନ୍ତି। ଦେଶପ୍ରେମ, ଜାତିପ୍ରେମ ବା ସଂପ୍ରଦାୟପ୍ରେମର ଦ୍ୱାହି ଦେଇ ଚିରନ୍ତନୀ ମାନବୀୟଆଦର୍ଶ ବା ମୂଲ୍ୟବୋଧ ସବୁର ସ୍ଥାନରେ ଘୃଣା, ଅସୂୟା, ଅସହିଷ୍ଣୁତା, ଧର୍ମୀୟବିଭେଦର ବୀଜ ରୋପଣ କରିବାରେ ବିକୃତ ଉତ୍ସାହ ଦେଖାଇ ଚାଲିଛନ୍ତି। ଦୟା, କ୍ଷମା, ସମଭାବାପନ୍ନ, ବିଶ୍ୱପ୍ରେମ ଓ ସର୍ବଧର୍ମସମନ୍ୱୟୀ ଭାବଭାବନାଗୁଡ଼ିକୁ ଖର୍ବ, ମଳିନ, ନିଷ୍ପ୍ରଭ କିମ୍ବା ମୂଳପୋଛ କରିଦେବା ପାଇଁ ହୀନ ମସୁଧା ଚାଲିଛି ସର୍ବତ୍ର।

ଏମିତି ଭ୍ରଷ୍ଟ, ଭ୍ରାନ୍ତ ବିଚାରଧାରାର ତଥାକଥିତ ରାଷ୍ଟ୍ରପ୍ରେମୀ ବା ଧର୍ମପ୍ରେମୀମାନଙ୍କ ସହିତ ଆମ ବୁଦ୍ଧିଜୀବୀ, ଆମ ଜନବିଦ୍ୱାନମାନେ, ଏପରିକି ବିଜ୍ଞାନୀ ଓ ପ୍ରଯୁକ୍ତିବିଦ୍ୟା ବିଶାରଦମାନେ, ସ୍ୱର ମିଳାଇଥିବାର ଭୂରିଭୂରି ଦୃଷ୍ଟାନ୍ତ ଆମ ପାଖରେ। ଏପରି ଏକ ବିଷାକ୍ତ, ବିମର୍ଷକର ବାତାବରଣରେ ବିଚରା ସାଧାରଣ ଜନତା ଅତି ସହଜରେ ପ୍ରତାରିତ ହେବା ଆଦୌ ବିଚିତ୍ର ନୁହେଁ। ମାନବୀୟ ମୂଲ୍ୟବୋଧ, ଗଣତାନ୍ତ୍ରିକ ଆଦର୍ଶ ଓ ଧର୍ମନିରପେକ୍ଷ ବିଚାରଧାରା ସବୁକୁ ପୁରୁଣା, ଘଷରା, ଯୁଗଅନୁପଯୋଗୀ ବୋଲି କହି ଉଗ୍ର, ହିଂସ୍ର, ସାଂପ୍ରଦାୟିକ ମତାଦର୍ଶ ସବୁର ପରିପ୍ରସାର ପାଇଁ ନିରନ୍ତର ପ୍ରୟାସ କରୁଥିବା ନ୍ୟସ୍ତସ୍ୱାର୍ଥଗୋଷ୍ଠୀ ସୃଜନାତ୍ମକ ବିନାଶ ତତ୍ତ୍ୱଟିର ଅପପ୍ରୟୋଗ କରିବାର ସହସ୍ର ସମ୍ଭାବନା ଥିବା ପରି ସ୍ପଷ୍ଟ ବୋଧ ହୁଏ। ତେଣୁ ଏ ସନ୍ଦର୍ଭରେ ଏକ ବିକଳ୍ପ ଚିନ୍ତନର ଆବଶ୍ୟକତା ଅଛି, କାରଣ ପ୍ରତ୍ୟେକ କ୍ଷେତ୍ରରେ ସଂଘଟିତ ହେଉଥିବା ବିକାଶ, ପରିବର୍ଦ୍ଧନ ବା ନବପ୍ରବର୍ତ୍ତନ ପଛରେ ସୃଜନାତ୍ମକ ଧ୍ୱଂସ କି ବିନାଶ ଏକ ଅବଧାରିତ ପ୍ରକ୍ରିୟା ନୁହେଁ।

ଏ ଜୀବନ ଓ ଜଗତରେ ଏମିତି ଅନେକ କ୍ଷେତ୍ର ଅଛି, ଯେଉଁଠି ସୃଜନାତ୍ମକ ବିନାଶ ନୁହେଁ, ବରଂ ସୃଜନାତ୍ମକ ସଂରକ୍ଷଣ ମାଧ୍ୟମରେ ନୂତନକୁ ଆବାହନ ଓ ସ୍ୱାଗତ କରାଯାଇଥାଏ, ଯେଉଁଠି ବିକାଶ, ବିବର୍ତ୍ତନ କି ନବନବ ଉନ୍ମେଷମାନ ଅନବରତ ଘଟିଚାଲିଥାଏ ଧ୍ୱଂସ ବା ବିନାଶର ବିନା ସଂରଚନାରେ। ନୂତନର ଆବାହନ, ନୂତନର ଧରାବତରଣ ପାଇଁ ଯାହାକିଛି ପ୍ରାଚୀନ, ଯାହାକିଛି ପୂର୍ବସୃଷ୍ଟ ବା ପୂର୍ବପ୍ରତିଷ୍ଠିତ ସେ ସବୁକୁ ସଂପୂର୍ଣ୍ଣ ବିନାଶ କରିବା ବା ନେପଥ୍ୟକୁ ଠେଲିଦେବା ସର୍ବଦା ଏକ ଅବଧାରିତ ସତ୍ୟ ନୁହେଁ। ଆଗକୁ ପାଦ ପକାଇ ଚାଲିବା ପାଇଁ ସର୍ବଦା ପଛର ସବୁ ପଦଚିହ୍ନକୁ ଲିଭାଇଦେବା ଆବଶ୍ୟକ ହୋଇନଥାଏ। ପ୍ରେମ, ମମତା, ଅନୁରାଗ ପରି ଆଦିମତମ ତଥା ସହଜାତ ମାନବୀୟ ପ୍ରବୃତ୍ତି ସବୁର କ୍ରମପ୍ରସ୍ଫୁଟନ ପାଇଁ ଲୋଡ଼ା ହେଉଛି ସୃଜନାତ୍ମକ ସଂରକ୍ଷଣ। ଅର୍ଥାତ୍ ଏହି ମାନବୀୟ ଭାବାବେଗ କ୍ରମଶଃ ଗଭୀରରୁ ଗଭୀରତର ହୋଇଥା'ନ୍ତି ପୂର୍ବର ସକଳ ସ୍ମୃତି, ସକଳ ଆବେଗକୁ ଅତୁଟ ରଖି। ପ୍ରଥମ ପ୍ରେମାନୁଭୂତିର ମଧୁଆବେଶକୁ ସଂପୂର୍ଣ୍ଣ ନିଶ୍ଚିହ୍ନ କରି ପ୍ରେମ ତା'ର ସାର୍ଥକତା ସାଉଁଟି ନଥାଏ, ପୂର୍ଣ୍ଣତା ପ୍ରାପ୍ତ ହୋଇ ନ ଥାଏ। ମା'ର ବାତ୍ସଲ୍ୟ ପ୍ରେମ ସର୍ବଦା ହିଁ ରହିଥାଏ ଜାଜ୍ୱଲ୍ୟମାନ। ବୟସ୍କ ସନ୍ତାନ ପ୍ରତି ମା'ର ପ୍ରେମ ହେଉଛି ସ୍ମୃତି ଓ ଅଭିଜ୍ଞତାର ଆଧାରରେ ବିବର୍ତ୍ତିତ, ପରିପକ୍ୱ ହୋଇଥିବା ସେହି ବାତ୍ସଲ୍ୟ ପ୍ରେମ ମାତ୍ର। ବାତ୍ସଲ୍ୟ ପ୍ରେମ ଅନୁରୂପ ବି ଘନ ଆବେଗଦୀପ୍ତ ରୋମାଣ୍ଟିକ୍ ପ୍ରେମ, ଯା'ର ପ୍ରବାହ ଅବିଚ୍ଛିନ୍ନ ରହିଥାଏ ଅତୀତରୁ ବର୍ତ୍ତମାନ ଏବଂ ଯା'ର ଦୀପ୍ତି ସଂଚରିତ ହୋଇଚାଲିଥାଏ ପାହାନ୍ତା ପ୍ରହରର କୋମଳ ସୂର୍ଯ୍ୟାଲୋକର ଅବିଚ୍ଛିନ୍ନ କ୍ରମସଂଚରଣ ପରି। ପ୍ରେମ, ମମତା ଓ ଅନୁରାଗର ଅଙ୍ଗନ ହେଉଛି ହୃଦୟ ଏବଂ ହୃଦୟ ଜାଣେ ନାହିଁ 'ସୃଜନାତ୍ମକ ବିନାଶ'ର ଭାଷା। ହୃଦୟ କେବଳ ଜାଣେ 'ସୃଜନାତ୍ମକ ସଂରକ୍ଷଣ'ର ଭାଷା। ଏହା କେବଳ ବିଶ୍ୱାସ କରେ 'ସୃଜନାତ୍ମକ ବିକାଶ', 'ବିବର୍ତ୍ତନ' ଓ 'ସୃଜନାତ୍ମକ ପରିବର୍ଦ୍ଧନ'ରେ। ଫିନିକ୍ସ ପକ୍ଷୀ ପରି ପୁନର୍ଜନ୍ମ ନେବାକୁ, ପୁନଃ ସତେଜ ବା ଜୀବନ୍ତ ହେବାକୁ ମାନବୀୟ ପ୍ରେମ, ମମତା ଓ ଅନୁରାଗ କେବେହେଲେ ଲୋଡ଼ି ନ ଥା'ନ୍ତି ଆପଣା ଆପଣାର ଭସ୍ମ ପାଉଁଶ। ଏକ ଗୂଢ଼, ଗଭୀର ଦୃଷ୍ଟିରୁ ବିଚାର କଲେ ଆମେ ନିଶ୍ଚୟ ଉପଲବ୍ଧି କରିପାରିବା ଯେ ଆମ ଜୀବନର ମହାର୍ଘ ଭାବକ୍ଷେତ୍ର ପାଇଁ ସୃଜନଶୀଳ ବା ସୃଜନାତ୍ମକ ବିକାଶର ତତ୍ତ୍ୱଟି ପୂରାପୂରି ନିରାଧାର।

ଖାଲି ପ୍ରେମ ବା ମମତାର କ୍ଷେତ୍ର ନୁହେଁ, ମୈତ୍ରୀ, କରୁଣା, ସମ୍ବେଦନା ଓ ନୈତିକତା ପରି ଶ୍ରେଷ୍ଠତମ ମାନବୀୟ ମୂଲ୍ୟବୋଧ ସବୁର ବିକାଶ ବା ଯୁଗୋପଯୋଗୀ ରୂପାନ୍ତରଣ ପାଇଁ ଆବଶ୍ୟକ ହୋଇନଥାଏ କୌଣସି ପ୍ରକାର ବିନାଶର ପ୍ରକ୍ରିୟା। ଏ ସମସ୍ତ ମୂଲ୍ୟବୋଧର ଉତ୍ସ ହେଉଛି ମାନବର ଅନ୍ତର୍ମନ ବା ଚେତନା। ମାନବୀୟ ଚେତନାର କ୍ରମବିକାଶ ସହ ତାଳ ଦେଇ ବିବର୍ତ୍ତିତ ବା ବିକଶିତ ହୋଇଥାଏ ମୂଲ୍ୟବୋଧଭିତ୍ତିକ ମାନବଜୀବନ। ପ୍ରସ୍ତର ଯୁଗର ଅନ୍ଧାରି ବଳୟରୁ ଧୀରେ ଧୀରେ ସଚେତନତାର ଆଲୋକକୁ ଆସୁଥିବା ମଣିଷ ପ୍ରଥମେ କେବଳ ଆପଣାର ସୁରକ୍ଷା, ନିରାପତ୍ତା ନିଶ୍ଚିତ କରିବା ପାଇଁ କେତୋଟି ନୀତି, ନିୟମ ମାନିବାକୁ ଚାହିଁଥିବ ଏବଂ ପରେ ସେ ସବୁର ଉପଯୋଗିତା ତା' ପାଖରେ ସ୍ପଷ୍ଟ ହୋଇଯିବା ପରେ ସେ ବୁଝିଯାଇଥିବ ଯେ ସେ ନୀତି, ନିୟମ ବା ଲକ୍ଷ୍ମଣରେଖାମାନଙ୍କର ଉଲ୍ଲଙ୍ଘନ ତା'ର ଅସ୍ତିତ୍ୱ ପାଇଁ ବିପଜ୍ଜନକ। ମଣିଷ ତା'ର ସଭ୍ୟତାର ବ୍ରାହ୍ମ ମୁହୂର୍ତ୍ତରୁ ଏ ପର୍ଯ୍ୟନ୍ତ ମୈତ୍ରୀ, ପ୍ରୀତି, କରୁଣା ଓ ନୈତିକତା ଆଦି ମହନୀୟ ମାନବୀୟଭାବ, ନୀତି ବା ଆଦର୍ଶର ପରିପୁଷ୍ଟି କରିଆସିଛି ବିନା ସୃଜନାତ୍ମକ ବିନାଶ ତତ୍ତ୍ୱର ସଚେତନ ପ୍ରୟୋଗରେ। ପୁରାତନ ଆତ୍ମିକ ଭାବସଂପଦ, ପୁରାତନ ମୂଲ୍ୟବୋଧର ଧ୍ୱଂସସାଧନ ନୁହେଁ, ସଚେତନ ଅଙ୍ଗୀକାର ସଚେତନ ସଂରକ୍ଷଣ ମାଧ୍ୟମରେ ସେ ସବୁର ଦୃଢ଼ୀକରଣ ଓ ପରିବର୍ଦ୍ଧନ ହୋଇଥାଏ। ନ୍ୟାୟପ୍ରଦାନର ଦାୟରେ ଦୟା, କ୍ଷମା ବା କରୁଣାର ବିନାଶ କାମ୍ୟ ନୁହେଁ, ସାହସ ପ୍ରଦର୍ଶନ ପାଇଁ ନମ୍ରତା ବା ସଂବେଦନାର ବିନାଶ କାମ୍ୟ ନୁହେଁ କି ନିରପେକ୍ଷ ସତ୍ୟର ପ୍ରତିଷ୍ଠା ପାଇଁ ପ୍ରେମଭାବର ବିନାଶ କାମ୍ୟ ନୁହେଁ।

ଉତ୍ତରୋତ୍ତର ଭୌତିକ ତଥା ଅର୍ଥନୈତିକ ପ୍ରଗତିର ଧାରାରେ ସୃଜନାତ୍ମକ ଧ୍ୱଂସ ବା ବିନାଶ (କ୍ରିଏଟିଭ ଡେଷ୍ଟ୍ରକସନ୍)ର ପ୍ରାସଙ୍ଗିକତା ଅବଶ୍ୟ ଅନସ୍ୱୀକାର୍ଯ୍ୟ। ଅତ୍ୟାଧୁନିକ ପ୍ରଯୁକ୍ତିର ପ୍ରୟୋଗ, ଅତ୍ୟାଧୁନିକ ପ୍ରବିଧିମାନଙ୍କ ନିର୍ମାଣ, ବିନିର୍ମାଣ କ୍ରମରେ ଲିପ୍ତ ବିଶାରଦ, ବିଶେଷଜ୍ଞମାନେ ସୃଜନାତ୍ମକ ବିନାଶର ମନ୍ତ୍ରଟି ଉଚ୍ଚାରଣ କରି ପୁରୁଣାର ଯଜ୍ଞାନଳରେ ଆହୂତି ପ୍ରଦାନ କରୁଥା'ନ୍ତୁ। ନୂଆର ଧରାବତରଣ କରାଇ ଚାଲିଥା'ନ୍ତୁ, ନବପ୍ରବର୍ତ୍ତନ ମାଧ୍ୟମରେ। କିନ୍ତୁ ସକଳ ପ୍ରକାରର ବିକାଶ, ପରିବର୍ତ୍ତନ ବା ପରିବର୍ଦ୍ଧନ ପାଇଁ ପୁରାତନର ସମୂଳ ଉତ୍ପାଟନ, ସମୂଳ ବିସର୍ଜନ ଯେ ଅପରିହାର୍ଯ୍ୟ-ଏହା ଆଦୌ ଏକ ନିର୍ବିବାଦୀୟ ସତ୍ୟ ନୁହେଁ। ଆମେ ଯଦି ଏପରି ଭାବିବସିବା ଆମେ ମତାନ୍ଧ ହୋଇଯିବା, ଏକପ୍ରକାର ରୂଢ଼ିବାଦୀ ଧାରଣାର ଅନ୍ଧଭକ୍ତ ହୋଇଯିବା ଏବଂ ଜୀବନ ଓ ଜଗତ ପାଇଁ ଅତି ଶ୍ରେୟସ୍କର ଅନେକ ମହାର୍ଘ ଭାବସଂପଦ, ଅନେକ ମହାର୍ଘ ଗୁଣରାଜିର ବିନାଶପର୍ବର ପୁରୋଧା ହୋଇଯିବା, ଯେମିତି ହୋଇଚାଲିଛେ ଏବେ।

(ଅବସରପ୍ରାପ୍ତ ଇଂରାଜୀ ପ୍ରାଧ୍ୟାପକ)
କୋଡିଆଁ ବାରଙ୍ଗ, ମୋ: ୯୮୫୩୩୫୫୧୦୭

# ଶିକ୍ଷା, ଶିକ୍ଷକ ଓ ଶିକ୍ଷାୟତନ

ଡ. ଅଭିମନ୍ୟୁ ବରାଳ

ଆମ ଜନ୍ମଭୂମି ଭାରତବର୍ଷ ପ୍ରାଚୀନ ସଂସ୍କୃତିସମ୍ପନ୍ନ ସଭ୍ୟ ଦେଶ। ଏ ଦେଶର ବେଦ, ବେଦାନ୍ତ, ଉପନିଷଦ, ପୁରାଣ, ଜ୍ୟୋତିଷ, ସାହିତ୍ୟ, ବ୍ୟାକରଣ, ନ୍ୟାୟ, ମୀମାଂସା, ଅର୍ଥନୀତି ଓ ରାଜନୀତି ଆଦି ଥିଲା ଉନ୍ନତତର। ନାଳନ୍ଦା, ତକ୍ଷଶିଳା, ପୁଷ୍ପଗିରି ପ୍ରଭୃତି ବିଶ୍ୱବିଦ୍ୟାଳୟଗୁଡ଼ିକରେ ଦେଶବିଦେଶରୁ ଛାତ୍ରଛାତ୍ରୀମାନେ ଜ୍ଞାନ ଆହରଣ କରୁଥିଲେ। ଇଂରେଜମାନେ ଭାରତବର୍ଷକୁ ଅଧିକାର କରିବା ପରେ ଦେଖିଲେ ଯେ ଏ ଦେଶର ଶିକ୍ଷାଦାନ ପଦ୍ଧତି ଅତ୍ୟନ୍ତ ଉନ୍ନତ। ବେଦ, ବେଦାନ୍ତ ଓ ସଂସ୍କୃତ ଭାଷା ଏ ଜାତିକୁ ଉନ୍ନତ କରି ରଖିଛି। ତେଣୁ ଏ ଶିକ୍ଷା ବ୍ୟବସ୍ଥାକୁ ଯଦି ବିଭ୍ରାଟ କରିଦିଆଯାଏ ତେବେ ଭାରତୀୟମାନେ ଆମର ପଦାଙ୍କ ଅନୁସରଣ କରିବେ। ବେଶପୋଷାକ, ଚାଲିଚଳଣି ସବୁ ପରିବର୍ତ୍ତନ ହୋଇଯିବ। ଏମାନେ ସଂସ୍କୃତ ନ ପଢ଼ି ଇଂରାଜୀ ପଢ଼ିବେ। ବେଦ ବେଦାନ୍ତ ନ ପଢ଼ି ଇଂରାଜୀ ଉପନ୍ୟାସ (ନଭେଲ) ଓ ଗଳ୍ପାଦିକୁ ପଢ଼ିବାକୁ ଆଗ୍ରହ ପ୍ରକାଶ କରିବେ।

ତେଣୁ ଇଂରେଜମାନେ ଯେଉଁ ଶିକ୍ଷାର ପ୍ରବର୍ତ୍ତନ କଲେ ସେଥିରେ ନଥିଲା ନୈତିକତାର ଲେଶମାତ୍ର ସୂଚନା। ତାହା ଥିଲା କେବଳ ଚାକିରି କୈନ୍ଦ୍ରିକ ବିଦ୍ୟା। ନାଳନ୍ଦା, ତକ୍ଷଶିଳା ପ୍ରଭୃତି ବିଶ୍ୱବିଦ୍ୟାଳୟରେ ଯେଉଁ ଶିକ୍ଷା ଦିଆଯାଉଥିଲା, ତାହା ନୈତିକତା ତଥା ବୌଦ୍ଧିକ ବିକାଶର ଶିକ୍ଷା। ଚୀନ ପରିବ୍ରାଜକ ହୁଏନ୍ ସାଂ ସ୍ୱୀୟ ବିବରଣୀରେ ଆମ ଶିକ୍ଷା ବ୍ୟବସ୍ଥାର ଭୂୟସୀ ପ୍ରଶଂସା କରିଛନ୍ତି। ତେଣୁ ସ୍ୱାର୍ଥପର ଇଂରେଜମାନେ ନିଜ ସ୍ୱାର୍ଥ ସିଦ୍ଧି ପାଇଁ ବିଶ୍ୱବିଦ୍ୟାଳୟକୁ ପ୍ରାୟ ଅଚଳ କରିଦେଲେ। ସେଥିରେ ଥିବା ବିଶାଳ ପାଠାଗାରକୁ ଅନଳ ଲଗାଇ ଭସ୍ମୀଭୂତ କରିଦେଲେ। ଶୁଣାଯାଏ ଉକ୍ତ ପାଠାଗାର ଦୀର୍ଘ ୬ ମାସ ପର୍ଯ୍ୟନ୍ତ ଜଳିଲା। ଫଳରେ ଅନେକ ଦୁଷ୍ପ୍ରାପ୍ୟ ଗ୍ରନ୍ଥ, ତାଳପତ୍ର ପୋଥି ଜଳିପୋଡ଼ି ପାଉଁଶ ହୋଇଗଲା। ଭାରତର ଶିକ୍ଷାଗତ ମେରୁଦଣ୍ଡକୁ ଭାଙ୍ଗିଦେବାରେ ଏହା ଥିଲା ଇଂରେଜମାନଙ୍କର ପ୍ରଥମ ଅଭିନବ କୌଶଳ। ଫଳରେ ଭାରତୀୟମାନେ ପାଶ୍ଚାତ୍ୟାଭିମୁଖୀ ତଥା ପରମୁଖାପେକ୍ଷୀ ହୋଇଗଲେ। ସେମାଙ୍କର ସ୍ୱାଧୀନ ଚିନ୍ତା ଓ ଚେତନା ବିଲୁପ୍ତ ହୋଇଗଲା। ତେଣୁ ଇଂରେଜମାନେ ଦୀର୍ଘଦିନ ଧରି ଏ ଦେଶକୁ ଶାସନ କରିବାର ସୁଯୋଗ ପାଇଗଲେ। ବ୍ୟାସକବି ଫକୀରମୋହନ ଯଥାର୍ଥରେ କହିଛନ୍ତି,

'ହିଷ୍ଟ୍ରି, ଫିଲୋସୋଫି, ବଟାନୀ ବିଦେଶୁ ହୋଇଛି ଏ ଆମଦାନୀ / ପିଲାଏ ଖାଆନ୍ତି ଏ ସବୁ ଫଳ ପାପ ଟଙ୍କା ଗଣିଦିଏ କେବଳ / ଏ ସବୁ ଫଳର ଗୁଣ ଓଲଟା ହୁଏ ଦେହ ସରୁ ବୁଦ୍ଧିଟା ମୋଟା / ମାତ୍ରକ ହଜମ ଯେପରି ଜାଣି ଜଗତ ଜିଣେ ସେ ଆପଣା ଜ୍ଞାନେ।'(ମୁଁ ହାଟ ବାହୁଡ଼ା)

ପ୍ରାଚୀନ ଭାରତରେ ଋଷିମୁନିମାନେ ଗୁରୁକୁଳ ଆଶ୍ରମରେ ଛାତ୍ରଛାତ୍ରୀମାନଙ୍କୁ ଶିକ୍ଷାଦାନ କରୁଥିଲେ। ସେମାନେ ଶିଷ୍ୟମାନଙ୍କୁ ପୁତ୍ରବତ୍ ଜ୍ଞାନ ପ୍ରଦାନ କରୁଥିଲେ। ଶିକ୍ଷାଦାନର ପଦ୍ଧତି ଭିନ୍ନ ଥିଲା। ଶିକ୍ଷା ଶେଷରେ ଏକ ଆଦର୍ଶ ମଣିଷ ଭାବରେ ଛାତ୍ରଟି ସମାଜର ମୁଖ୍ୟ ସ୍ରୋତରେ ମିଶି ନିଜ ଜୀବନଯାତ୍ରା ପଥରେ ଅଗ୍ରସର ହେଉଥିଲା। ସେଠାରେ ବେଦ ବେଦାନ୍ତଠାରୁ ଆରମ୍ଭ କରି କୃଷି ଏବଂ ବ୍ରହ୍ମଚର୍ଯ୍ୟ ପାଳନର ଶିକ୍ଷା ଦିଆଯାଉଥିଲା। ଏଥିପାଇଁ ଶିଷ୍ୟକୁ କୌଣସି ମୂଲ୍ୟ ଦେବାକୁ ପଡୁ ନ ଥିଲା। ଶିକ୍ଷା ସମାପ୍ତି ପରେ ଗୁରୁ ନିଜ ଇଚ୍ଛାରେ ଗୋଟିଏ ଦକ୍ଷିଣା ମାଗୁଥିଲେ। ଠିକ୍ ସେହିପରି ଥିଲା ଉତ୍କଳମଣି ଗୋପବନ୍ଧୁଙ୍କ ପ୍ରତିଷ୍ଠିତ ବକୁଳ ଛୁରିଅନା କୁଞ୍ଜର ବନ ବିଦ୍ୟାଳୟ। ବକୁଳ, ତମାଳ ତରୁ ବ୍ରତତୀର ସ୍ନିଗ୍ଧ ଛାୟାରେ ବସି ଛାତ୍ରମାନେ ଗୁରୁଙ୍କ ମୁଖରୁ ଶିକ୍ଷା ଗ୍ରହଣ କରୁଥିଲେ। ବନ ବିଦ୍ୟାଳୟର ଗୁରୁମାନେ ମଧ୍ୟ ଋଷି ପ୍ରତିମ ଥିଲେ। ପରବର୍ତ୍ତୀ କାଳରେ ଜନପଦମାନଙ୍କରେ ମାଟିବଂଶର ଅବଧାନମାନେ ଶିକ୍ଷାଦାନ କଲେ। ଧନୀ ଜମିଦାରଙ୍କ ବ୍ୟତୀତ ଖୁବ କମ୍ ପିଲା ଅଧ୍ୟୟନର ସୁଯୋଗ ପାଇଲେ। ପରେ ଗ୍ରାମ୍ୟ ଚାଟଶାଳୀରେ ସମସ୍ତ ବର୍ଗର ଛାତ୍ର ଅଧ୍ୟୟନ କରିବାର ସୁଯୋଗ ପାଇଲେ। ଛାନ୍ଦ, ପ୍ରବନ୍ଧ, ପଣିକିଆ ପ୍ରଭୃତି ସେଠାରେ ଅବଧାନେ ଶିକ୍ଷାଦାନ କଲେ। କିନ୍ତୁ ତାହା ମଧ୍ୟ ସାର୍ବଜନୀନ ହୋଇପାରିଲା ନାହିଁ।

ସ୍ୱାଧୀନତା ପରେ ସରକାରୀ ପ୍ରାଥମିକ ବିଦ୍ୟାଳୟମାନ ପ୍ରତିଷ୍ଠା କରାଗଲା। ଆଧୁନିକ ପ୍ରାଥମିକ ବିଦ୍ୟାଳୟଗୁଡ଼ିକରେ ଛାତ୍ରଛାତ୍ରୀମାନେ ସ୍ୱଚ୍ଛନ୍ଦରେ ଅଧ୍ୟୟନ କରିପାରିଲେ। ଗାଁରେ ଥିବା ସରକାରୀ ଜମିରେ ବିଦ୍ୟାଳୟଖୋଲାଗଲା। ଅନେକସ୍ଥଳରେଧନିକଶ୍ରେଣୀର ଲୋକମାନେ ଜମି ଦେଇ ଘରଦ୍ୱାର ମଧ୍ୟ ତୋଳାଇ ଦେଲେ। ଗ୍ରାମବାସୀମାନେ ବିଦ୍ୟାଳୟର ରକ୍ଷଣାବେକ୍ଷଣ ତଥା ପରିଚାଳନା ଦାୟିତ୍ୱ ନେଲେ। କ୍ରମଶଃ ଝିଅମାନେ ବିଦ୍ୟାଳୟକୁ ଆସିଲେ। ଏହାପୂର୍ବରୁ ତତ୍କାଳୀନ ସମାଜରେ ଝିଅମାନେ ବାହାରକୁ ଯାଇ ପାଠ ପଢ଼ିବା ଏକ ଦୁରୁହ କାର୍ଯ୍ୟ ଥିଲା। ବ୍ୟାସକବି ଫକୀରମୋହନଙ୍କ ରେବତୀ ଗଳ୍ପ ଏହାର ଏକ ପ୍ରତିଫଳନ। ଛାତ୍ର-ଶିକ୍ଷକଙ୍କ ମଧ୍ୟରେ ସୁସମ୍ପର୍କ ସ୍ଥାପିତ ହେଲା। ଅଭିଭାବକମାନେ ମଧ୍ୟ ବିଦ୍ୟାଳୟ ସହିତ ସମ୍ପର୍କ ରକ୍ଷା କରୁଥିଲେ। କୌଣସି ଛାତ୍ର ବିଦ୍ୟାଳୟକୁ ନ ଆସିଲେ ଶିକ୍ଷକ ତା' ଘରକୁ ଯାଇ ଭଲମନ୍ଦ ବୁଝିବା ସହିତ ତାକୁ ଡାକି ଆଣୁଥିଲେ। 'ସମସ୍ତେ ପଢ଼ିବେ ସମସ୍ତେ ବଢ଼ିବେ', 'ଶିକ୍ଷା ହେଉଛି ମଣିଷର ମୌଳିକ ଅଧିକାର।' ସମ୍ବିଧାନର ଧାରା ୨୧ (ଏ)ରେ ଏହା ନିଶ୍ଚିତ କରାଯାଇଛି। ଗାଁ ଗହଳିରେ ଶିକ୍ଷକମାନେ ସମ୍ମାନିତ ବ୍ୟକ୍ତି ଭାବରେ ପ୍ରତିଷ୍ଠା ପାଇଲେ। ବିଦ୍ୟାଳୟର ଶୈକ୍ଷିକ ବାତାବରଣ ବେଶ୍ ମନୋରମ ହୋଇପାରିଲା।

ଶିକ୍ଷାଳୟ ଜ୍ଞାନର ମନ୍ଦିର। ଏହା ଅତ୍ୟନ୍ତ ପବିତ୍ର ସ୍ଥାନ। ସେହିପରି ଅଧ୍ୟୟନ ଏକ ମହାଯଜ୍ଞ। ଏଥିରେ ଛାତ୍ର ଜଜମାନ, ଶିକ୍ଷକ ପୁରୋହିତ। ଶିକ୍ଷାୟତନ ଏକ ଯଜ୍ଞଶାଳା। ସତ୍ୟବାଦୀ ବନ ବିଦ୍ୟାଳୟ ଏବଂ ସ୍ୱାଧୀନତା ପରେ ସରକାରଙ୍କ ଦ୍ୱାରା ପ୍ରତିଷ୍ଠିତ ମୌଳିକ ଶିକ୍ଷା ଏବଂ ମୌଳିକ ବିଦ୍ୟାଳୟମାନଙ୍କରେ ନ୍ୟୁନାଧିକେ ଏ ସବୁ ଦେଖିବାକୁ ମିଳୁଥିଲା। ସମୟକ୍ରମେ ଆଧୁନିକତାର ଦ୍ୱାହି ଦେଇ ଏହାର ପବିତ୍ରତା ନଷ୍ଟ ହୋଇଚାଲିଛି। ଏବେ ଆଉ ପ୍ରାଥମିକ ବିଦ୍ୟାଳୟରେ ସେ ଗୌରବ ନାହିଁ କି ସେ ଶୈକ୍ଷିକ ବାତାବରଣ ଆଉ ନାହିଁ। ଶିକ୍ଷକମାନେ ଚାକିରି କରି ଅର୍ଥ ଉପାର୍ଜନ ପାଇଁ ଆସୁଛନ୍ତି। ମାତ୍ର ପିଲାଟିର ଉନ୍ନତି ବିଷୟରେ ସେମାନେ ଚିନ୍ତା କରୁନାହାନ୍ତି। ବିଦ୍ୟାଳୟର ଝାଟିମାଟି ଚାଳଘର ଏବେ କୋଠାରେ ପରିଣତ ହୋଇଯାଇଛି। ସେହି ଅଞ୍ଚଳକୁ ଦଣ୍ଡମୁକ୍ତ ଅଞ୍ଚଳ କରି ଦିଆଯାଇଛି। କେତେକ ଛାତ୍ର ଖାଲି ମଧ୍ୟାହ୍ନଭୋଜନ ପାଇଁ ସ୍କୁଲକୁ ଆସୁଛନ୍ତି କହିଲେ ଅତ୍ୟୁକ୍ତି ହେବ ନାହିଁ।

ପାଶ୍ଚାତ୍ୟ ଦେଶକୁ 'ମ୍ଳେଚ୍ଛ ଦେଶ' ବୋଲି 'ମନୁ ସଂହିତା'ରେ କୁହାଯାଇଛି। କିନ୍ତୁ ପରିବର୍ତ୍ତିତ ପରିସ୍ଥିତିରେ ଆଜି ସବୁକିଛି ବଦଳିଯାଇଛି। ଆଜି ଭାରତୀୟମାନେ ବିଦେଶରୁ ଶିକ୍ଷାଲାଭ କରି ଆସିବା ପରେ ତାଙ୍କୁ ଏଠାରେ ସମ୍ମାନ ଦିଆଯାଉଛି ଏବଂ ସେମାନେ ଗର୍ବ ଅନୁଭବ କରୁଛନ୍ତି। ଏ ସବୁକୁ ଦେଖିଲେ ମନରେ ସ୍ୱତଃ ପ୍ରଶ୍ନଟିଏ ଉଠୁଛି - ଏ କ'ଣ ସେହି ଭାରତବର୍ଷ, ଯିଏ ଦିନେ ଶିକ୍ଷା କ୍ଷେତ୍ରରେ ଅପୂର୍ବ ଗୌରବର ଅଧିକାରୀ ହୋଇ ବିଶ୍ୱଗୁରୁର ସମ୍ମାନ ଲାଭ କରିଥିଲା? ତା'ଠାରୁ ବଡ଼ ପ୍ରଶ୍ନ ହେଉଛି ବିଶ୍ୱଗୁରୁ ଭାରତର ସେ ହୃତଗୌରବ ସତରେ କ'ଣ ଆଉ ଫେରିବନି?

ସାକ୍ଷୀଗୋପାଳ(ପୁରୀ), ମୋ: ୯୯୩୭୮୩୫୨୩୦

# ଧାତବ ଜୈବିକ ଆଧାରକୁ ନୋବେଲ ସ୍ୱୀକୃତି

ବିଜ୍ଞାନ ବାର୍ତ୍ତା

ଶ୍ରୀନନ

ଚଳିତ ବର୍ଷ (୨୦୨୫) ରସାୟନ ବିଜ୍ଞାନରେ ନୋବେଲ ପୁରସ୍କାର ପ୍ରଦାନ କରାଯାଉଛି ଜାପାନର କିଓଟୋ ବିଶ୍ୱବିଦ୍ୟାଳୟ ସୁଷୁମୁ କିଟାଗାୱା, ମେଲବୋର୍ଣ୍ଣ ବିଶ୍ୱବିଦ୍ୟାଳୟର ରିଚାର୍ଡ ରୋବ୍‌ସନ ଏବଂ କାଲିଫର୍ଣ୍ଣିଆ ବିଶ୍ୱବିଦ୍ୟାଳୟର ଓମାର ୟାଘିଙ୍କୁ। ସେମାନଙ୍କର ଗୁରୁତ୍ୱପୂର୍ଣ୍ଣ ଉଦଭାବନ 'ଧାତବ-ଜୈବିକ ଆଧାର' (ମେଟାଲ-ଅର୍ଗାନିକ ନେଟୱାର୍କ୍ ବା ସଂକ୍ଷେପରେ ଏମ୍‌ଓଏଫ୍) ଲାଗି। ଏହି ପଦାର୍ଥଗୁଡ଼ିକରେ ଧାତବ ଆୟନ୍‌ଗୁଡ଼ିକ ଜୈବିକ ଅଣୁମାନଙ୍କ ଦ୍ୱାରା ଏକ ନିୟମିତ ପୁନରାବୃତ୍ତି ଘଟୁଥିବା ଢଙ୍ଗରେ ସଂଯୁକ୍ତ ହୋଇ ତ୍ରିପରିସରୀୟ ସଂରଚନାଟିଏ ସୃଷ୍ଟି କରିଥା'ନ୍ତି। ଏହା ବିଷୟରେ ଗୁରୁତ୍ୱପୂର୍ଣ୍ଣ କଥା ହେଲା ଯେ ଏଥିରେ ଥିବା ଧାତବ ଆୟନ ଏବଂ ଜୈବିକ ଅଣୁ ମଧ୍ୟରେ ଶୂନ୍ୟସ୍ଥାନ ବିଶାଳକାୟ ରନ୍ଧ୍ର ରୂପେ କାର୍ଯ୍ୟ କରି ଏହାକୁ ଅତ୍ୟନ୍ତ ସଚ୍ଛିଦ୍ର କରିଥା'ନ୍ତି। ୟାଘିଙ୍କ କହିବା ଅନୁସାରେ ଏକ ଗ୍ରାମ ଏମ୍‌ଓଏଫ୍‌ର ଆଭ୍ୟନ୍ତରୀଣ ପୃଷ୍ଠଭୂମିର ଆକାର ପ୍ରାୟ ଏକ କ୍ଷୁଦ୍ର ଫୁଟବଲ ପଡ଼ିଆ ସହିତ ସମାନ। ଏହି କାରଣରୁ ଏଗୁଡ଼ିକ ଜେଓଲାଇଟ୍ ଏବଂ ମେସୋପୋରୋସ୍ ସିଲିକା ଭଳି ଅନ୍ୟାନ୍ୟ ସଚ୍ଛିଦ୍ର ପଦାର୍ଥ ତୁଳନାରେ ବହୁଗୁଣ ଅଧିକ ଶୋଷଣକାରୀ ରୂପେ କାର୍ଯ୍ୟ କରେ।

ବିଭିନ୍ନ ଧାତୁ ବ୍ୟବହାର କରି ଏବଂ ଜୈବିକ ସଂଯୋଗକାରୀ ଅଣୁ ଦ୍ୱାରା ଏମ୍‌ଓଏଫ୍‌ର ରନ୍ଧ୍ରଗୁଡ଼ିକୁ ସାନ କିମ୍ବା ବଡ଼ କରାଯାଇ ପାରିବା ସହିତ ତାହାକୁ ଅଧିକ ସକ୍ରିୟ କରିହେବ। ଅତଏବ, ତାହାକୁ ବାଷ୍ପ ସଂଚୟ କିମ୍ବା ବିଭିନ୍ନ ପ୍ରକାର ପରିସ୍ରବଣ କିମ୍ବା ଅଙ୍ଗାରକାମ୍ଳ ଶୋଷଣ ଆଦି କାର୍ଯ୍ୟରେ ନିୟୋଜିତ କରାଯାଇପାରିବ। ପୁନଶ୍ଚ ଏହାର ରାସାୟନିକ ଧର୍ମ ବଦଳାଇ ଏହାକୁ ଉତ୍ପ୍ରେରଣ, ବିଦ୍ୟୁତ୍ ରସାୟନ ବିଜ୍ଞାନ ଏବଂ ଫ୍ଲୋରେସେନସ୍‌ଭିତ୍ତିକ ଚିତ୍ର ଉତ୍ତୋଳନ ଆଦିରେ ବ୍ୟବହାର କରିହେବ।

ରୋବସନ୍ ୧୯୮୦ ଦଶକରେ ହୀରାର ସଂରଚନା ଅନୁକରଣରେ ତମ୍ବା ଧାତୁର ଆୟନ ସହିତ ଏକ ଜୈବିକ ଅଣୁ (ଲିଜେଣ୍ଡ) ଯୋଡ଼ି ଏହା ପ୍ରସ୍ତୁତ କରିବାକୁ ଉଦ୍ୟମ ଚଳାଥିଲେ। ଏଥିରେ ତାଙ୍କୁ ସଫଳତା ମିଳିଲା ୧୯୮୯ ମସିହାରେ। ତତ୍ପରେ ୟାଘି ଏବଂ କିଟାଗାୱା ବିଭିନ୍ନ ଧାତବ ଆୟନ ଏବଂ ସଂଯୋଗକାରୀ ଜୈବିକ ଅଣୁ (ଲିଜେଣ୍ଡ) ବ୍ୟବହାର କରି ଏକ୍ଷେତ୍ରକୁ ବିକଶିତ କରିବାକୁ ଲାଗିଲେ। ଫଳରେ ପରବର୍ତ୍ତୀ ବର୍ଷମାନଙ୍କରେ ତାହା ଅଧିକରୁ ଅଧିକ ପ୍ରସ୍ତୁତ କରିବା ସମ୍ଭବ ହେଲା ଏବଂ ୨୦୦୦-ଦଶକ ବେଳକୁ ଏଥିରୁ ମାତ୍ର କେତେ ଡଜନ୍ ତିଆରି ହୋଇ ପାରିଥିବା ସ୍ଥଳେ ବିଗତ ବର୍ଷ (୨୦୨୪) ଏହା ପ୍ରାୟ ୧୦ ହଜାର ପର୍ଯ୍ୟନ୍ତ ହୋଇପାରିଛି। ଅତଏବ ଆଜି ସୁଦ୍ଧା ଏଗୁଡ଼ିକର ସଂଖ୍ୟା ଏକ ଲକ୍ଷ ଅତିକ୍ରମ କରିଗଲା, ଯାହାକି ଅତ୍ୟନ୍ତ ସୁଦୃଢ଼ ଏବଂ ୩୦୦ ରୁ ୩୫୦ ଡିଗ୍ରୀ ସେଲ୍ସିୟସ୍ ତାପ ସହ୍ୟ କରିପାରୁଛି।

ଇତିମଧ୍ୟରେ ବିଭିନ୍ନ ଦେଶର କମ୍ପାନୀମାନେ ଏହାକୁ ବ୍ୟବସାୟିକ ଭିତ୍ତିରେ ଉତ୍ପନ୍ନ କରି ନାନାଦି କାର୍ଯ୍ୟରେ ଲଗାଇବା ପାଇଁ ଅର୍ଥ ବିନିଯୋଗ କରିବା ଆରମ୍ଭ କରିଦେଲେଣି। ଉଦାହରଣ ସ୍ୱରୂପ ଇଂଲଣ୍ଡର 'ନୂଆଡା' ନାମକ କମ୍ପାନୀ ସତେଜ ଫଳ ଓ ପନିପରିବା ଆଦିକୁ ଦୀର୍ଘକାଳ ଧରି ଗଚ୍ଛିତ ରଖିବାରେ ଏହାକୁ ଉପଯୋଗ କରୁଛି। ଏଥିରେ ବ୍ୟବହୃତ ଏମ୍‌ଏଫ୍‌ଓରେ ରହୁଛି ଏକ ରାସାୟନିକ ପଦାର୍ଥ, ଯାହାକି ସେଗୁଡ଼ିକୁ ନଷ୍ଟ ହେବାକୁ ଦେଉନାହିଁ। ସେହିପରି ଆମେରିକାର 'ନୂମାଟ୍' କମ୍ପାନୀ ତିଆରି କରିଥିବା ଏହି ଜାତୀୟ ଏକ ନୂତନ ପଦାର୍ଥ ଶିଳ୍ପରୁ ନିର୍ଗତ ପ୍ରଦୂଷଣକାରୀ ବାଷ୍ପରୁ ଅଙ୍ଗାରକାମ୍ଳ ଏବଂ ଅଲଗା ଅଲଗା ଭାବେ ଅନ୍ୟାନ୍ୟ ବାଷ୍ପଗୁଡ଼ିକୁ ଶୋଷଣ କରି ଧରିରଖୁଛି। ସେଗୁଡ଼ିକୁ ବିଭିନ୍ନ ଶିଳ୍ପ କ୍ଷେତ୍ରରେ ବ୍ୟବହାର କରାଯାଉଛି। ଅନ୍ୟପକ୍ଷରେ ଜଳାଭାବର ସମ୍ମୁଖୀନ ହେଉଥିବା ଉପସାଗରୀୟ ଦେଶମାନଙ୍କରେ ବ୍ୟବହାର ଏହାର 'ମେଟ୍' ନାମକ କମ୍ପାନୀ କେତେ ପ୍ରକାର ଏମ୍‌ଓଏଫ୍ ତିଆରି କରି ବ୍ୟବସାୟିକ ଭିତ୍ତିରେ ବାୟୁରୁ ଜାତୀୟ ବାଷ୍ପ ଶୋଷଣ କରି ତାହାକୁ ତରଳ ଜଳରେ ପରିଣତ କରିବା କାର୍ଯ୍ୟକ୍ରମ ଆରମ୍ଭ କରିଛି। ଏହା ସେଠାରେ ପାନୀୟ ଜଳସଂକଟକୁ କିଛିମାତ୍ରାରେ ଦୂର କରିପାରିବ। ବୈଜ୍ଞାନିକମାନେ ଆଶା କରନ୍ତି ଯେ ଆଗାମୀ ଦିନମାନଙ୍କରେ ଏହାର ବିଭିନ୍ନ କିସମ ଅଧିକରୁ ଅଧିକ ସଂଖ୍ୟାରେ ପ୍ରସ୍ତୁତ ହେବ। ତାହା ମାନବଜାତିର ବିବିଧ କଲ୍ୟାଣକାର କ୍ଷେତ୍ରରେ ବିନିଯୋଗ ହୋଇ ପାରିବ।

ଯମପଡ଼ା(କେନ୍ଦ୍ରାପଡ଼ା), ମୋ: ୯୯୩୭୩୦୧୪୬୦

ସକାଳ
THE SAKALA
ଯୋଗାଯୋଗ ଠିକଣା
NEWS & INFO
news@thesakala.com
CIRCULATION
circulation@thesakala.com
ADVERTISEMENT
advt@thesakala.com
THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

# ରାଜଧାନୀରେ ବାଘଛାଲ କାରବାର

ଭୁବନେଶ୍ୱର, ୩।୧୧(ସମିସ): ରାଜଧାନୀରେ ବାଘଛାଲ କାରବାର ଚାଲିଥିବା ବେଳେ ମାଡ଼ି ବସିଛି ପୁଲିସ। ମାଷ୍ଟରମାଇଣ୍ଡ ସମେତ ୩ ଜଣଙ୍କୁ ଗିରଫ କରିଛି ସ୍ୱତନ୍ତ୍ର ଅପରାଧିକ ଶାଖା (ଏସଟିଏଫ)। ଗିରଫ ଅଭିଯୁକ୍ତ ହେଲେ, ଡୁମୁଡୁମା ପଞ୍ଚସଖାନଗରର ରୋହିତ ମହାପାତ୍ର (୨୭), ଭଞ୍ଜନଗରର ମନଜିତ୍ ସାବତ (୨୧) ଓ ଗଞ୍ଜାମ ଅଞ୍ଚଳର ଶମ୍ଭୁ ବିଶୋୟୀ (୨୩)।

- ଗ୍ରାହକ ବେଶରେ ମାଡ଼ି ବସିଲା ପୁଲିସ
- ମାଷ୍ଟରମାଇଣ୍ଡ ସମେତ ୩ ଗିରଫ
- ୩୦ ଲକ୍ଷରେ ହୋଇଥିଲା ଡିଲ୍
- କର୍ଣ୍ଣାଟକରୁ ଦିଲ୍ଲୀ ଯାଏଁ ଲମ୍ବିଛି ଚେର

ପୁଲିସ ସୂଚନାନୁସାରେ, ଦୁଇ ତିନିଜଣ ବେପାରୀ ବାଘଛାଲ କାରବାର କରୁଥିବା ଜାଣିବା ପରେ ଏସଟିଏଫ ଟିମ୍ ଗ୍ରାହକ ବେଶରେ ସେମାନଙ୍କ ସହ ଯୋଗାଯୋଗ କରିଥିଲା। ବେପାରୀଙ୍କ କହିବା ମୁତାବକ ଡିସିପି ଅନୁପ କାନୁନଗୋଙ୍କ ନେତୃତ୍ୱରେ ଗୋଟିଏ ପୁଲିସ ଟିମ୍ ହୋଟେଲ ମେ' ଫେୟାର ନିକଟକୁ ଯାଇଥିଲା। ବିଶ୍ୱାସ ଜନ୍ମାଇବା ପାଇଁ ସାଙ୍ଗରେ ୫ଲକ୍ଷ ଟଙ୍କା ନେଇଥିଲା। ମନଜିତ୍ ଓ ଶମ୍ଭୁ ଡିଲ୍ ପାଇଁ ଆସିଥିଲେ ମଧ୍ୟ ସାଙ୍ଗରେ



ବାଘଛାଲ ଆଣି ନଥିଲେ। ଟଙ୍କା ଦେଖିବା ପରେ ଦୁଇଜଣ ଯାକ ପୁଲିସ ଜାଲରେ ପଡ଼ିଥିଲେ। ପୁଲିସକୁ ଅପେକ୍ଷା କରିବାକୁ କହି ରୋହିତ ନିକଟରୁ ଯାଇ ବାଘଛାଲ ଆଣି ଆସିଥିଲେ। କଲରାପତରିଆ ବାଘ ଛାଲ ଦେଖିବା ପରେ ପୁଲିସ ସେମାନଙ୍କୁ କାବୁ କରିଥିଲା। ଦୁଇ ଜଣଙ୍କୁ ସାଙ୍ଗରେ ଧରି ଚଢ଼ଉ କରିବା ସହ ମାଷ୍ଟରମାଇଣ୍ଡ ରୋହିତକୁ କାବୁ କରିଥିଲା। ଅଧିକ ତଦନ୍ତ ପାଇଁ ସମସ୍ତଙ୍କୁ ଉଠାଇ ନେଇ ପଚରାଉଚରା କରିଥିଲା। ରୋହିତ ହିଁ ପୁରା ଘଟଣାର ମାଷ୍ଟରମାଇଣ୍ଡ ବୋଲି ପୁଲିସ ଜାଣିବାକୁ ପାଇଥିଲା। ବାଘଛାଲ ଜବତ ହେବା ପରେ କର୍ଣ୍ଣାଟକ ଓ ଦିଲ୍ଲୀ ଲିଙ୍କ୍ ପଦାକୁ ଆସିଛି। ବାଘଟିର ବୟସ ୮/୯ ବର୍ଷ ହେବ ବୋଲି ଅନୁମାନ କରାଯାଉଥିବା ବେଳେ ଛାଲଟି କର୍ଣ୍ଣାଟକରୁ ଆସିଥିବା ପ୍ରାଥମିକ ଅନୁସନ୍ଧାନରୁ ପୁଲିସ ଜାଣିବାକୁ ପାଇଛି। ରାଉରକେଲାର ଜଣେ ବ୍ୟକ୍ତି ବାଘଛାଲଟିକୁ କର୍ଣ୍ଣାଟକରୁ ଓଡ଼ିଶା ଆଣିଥିଲା। ତା'ଠାରୁ ମନଜିତ୍ ଓ ଶମ୍ଭୁ ବାଘ ଛାଲ ନେଇ ଭୁବନେଶ୍ୱର ଆସି ରୋହିତକୁ ଦେଇଥିଲେ।

ରୋହିତର ବାପା କେନ୍ଦ୍ର ସରକାରଙ୍କ ଅଧୀନରେ ଚାକିରି କରିଥିବା ବେଳେ ପରିବାର ସହ ଦିଲ୍ଲୀରେ ରହନ୍ତି। କିନ୍ତୁ ରୋହିତ ଭୁବନେଶ୍ୱରରେ ରହୁଥିବା ବେଳେ ଅନେକ ସମୟ ଦିଲ୍ଲୀ ଯିବା ଆସିବା କରେ। ଦିଲ୍ଲୀର ଜଣେ ବ୍ୟବସାୟୀ ବାଘଛାଲ ବରାଦ କରିବା ପରେ ରୋହିତ ଛାଲ ଯୋଗାଡ଼ କରିଥିଲା। ମୋଟ ୩୦ଲକ୍ଷ ଟଙ୍କାରେ ଡିଲ୍ ହୋଇଥିବା ବେଳେ ଦିଲ୍ଲୀରେ ପହଞ୍ଚାଇବା ପରେ ରୋହିତକୁ ୫ଲକ୍ଷ ଟଙ୍କା କମିସନ ମିଳିଥାନ୍ତା ବୋଲି ପ୍ରାଥମିକ ଅନୁସନ୍ଧାନରୁ ଜଣାପଡ଼ିଛି। ହେଲେ କୌଣସି କାରଣରୁ ଦିଲ୍ଲୀ ଡିଲ୍ ବିଳମ୍ବ ହେବାରୁ ରୋହିତ ବାଘଛାଲ ଧରି ଭୁବନେଶ୍ୱରରେ ଥିଲା। ଏହାରି ଭିତରେ ସ୍ପେଶାଲ କ୍ରାଇମ୍ ୟୁନିଟ୍ ଗ୍ରାହକ ବେଶରେ ଅଭିଯୁକ୍ତମାନଙ୍କୁ ଗିରଫ କରିଥିଲା। ତେବେ କାରବାରରେ ଆଉ କେଉଁମାନେ ସଂପୃକ୍ତ ଅଛନ୍ତି, ସେନେଇ ଖୋଳତାଡ଼ ଜାରି ରଖିଛି ପୁଲିସ। ଆବଶ୍ୟକ ପଡ଼ିଲେ ମାଷ୍ଟର ମାଇଣ୍ଡ ରୋହିତକୁ ରିମାଣ୍ଡରେ ଅଣାଯିବ ବୋଲି ପୁଲିସ କମିସନର ଡଃ ସୁରେଶ ଦେବଦତ୍ତ ସିଂ ସାମ୍ବାଦିକ ସମ୍ମିଳନୀରେ ସୂଚନା ଦେଇଛନ୍ତି।

## ମନ୍ତ୍ରୀଙ୍କ ସତ୍ୟପାଠରେ ଅସତ୍ୟ ତଥ୍ୟ

# କୃଷ୍ଣ ପାତ୍ରଙ୍କ ବିଧାୟକ ପଦ ରଦ୍ଦ ଦାବି କଲା କଂଗ୍ରେସ

ଭୁବନେଶ୍ୱର,୩।୧୧(ସମିସ): ୨୦୨୪ ରାଜ୍ୟ ବିଧାନସଭା ନିର୍ବାଚନରେ ଢେଙ୍କାନାଳ ବିଧାନସଭା ଆସନରୁ ବିଜୟୀ ହୋଇ ରାଜ୍ୟରେ ଯୋଗାଣ ମନ୍ତ୍ରୀ ପଦ ପାଇଥିବା ବିଜେପି ପ୍ରାର୍ଥୀ କୃଷ୍ଣଚନ୍ଦ୍ର ପାତ୍ର ତାଙ୍କ ସତ୍ୟପାଠରେ ଅସତ୍ୟ ତଥ୍ୟ ଦେଇଛନ୍ତି । ମିଥ୍ୟା ସତ୍ୟପାଠ ଦାଖଲ କରିଥିବାରୁ ଶ୍ରୀ ପାତ୍ରଙ୍କ ବିଧାୟକ ପଦ ରଦ୍ଦ କରିବାକୁ ଦାବି କରିଛି କଂଗ୍ରେସ।

ଦଳପକ୍ଷରୁ ଆୟୋଜିତ ଏକ ସାମ୍ବାଦିକ ସମ୍ମିଳନୀରେ କୁହାଯାଇଛି ଯେ କୃଷ୍ଣଚନ୍ଦ୍ର ପାତ୍ର ତାଙ୍କ ନାମାଙ୍କନ ପତ୍ର ଦାଖଲ କଲାବେଳେ ସତ୍ୟପାଠରେ ଉଲ୍ଲେଖ କରିଥିବା ପାନ ନମ୍ବରଟି ହେଉଛି ଏକେକେପିପି୩୩୪୨ଆର୍। ମାତ୍ର ଏହି ପାନ୍ ନମ୍ବର ସମ୍ପୂର୍ଣ୍ଣ ତ୍ରୁଟିପୂର୍ଣ୍ଣ ଓ ଭୁଲ। ତାଙ୍କ ପତ୍ନୀଙ୍କ ପାନ ନମ୍ବର ଠିକ ଥିଲା ବେଳେ କୃଷ୍ଣଚନ୍ଦ୍ର ପାତ୍ରଙ୍କ ପାନକାର୍ଡ ସଂପୂର୍ଣ୍ଣ ବେନାମୀ। ଆୟକର ବିଭାଗର କର୍ତ୍ତୃପକ୍ଷଙ୍କ ପାଖରୁ ଏହି ପାନକାର୍ଡର ସତ୍ୟାସତ୍ୟ ବାବଦରେ ଖବର ନେବାପରେ ଏହି ପାନକାର୍ଡଟି ଏକ ଅବୈଧ ବୋଲି ତଥ୍ୟ ମିଳିଛି। ଏପରି ପାନକାଡର୍ କାହାରିକୁ ଦିଆଯାଇନାହିଁ ବୋଲି ଆୟକର ବିଭାଗ କହିଛି।

ଜନପ୍ରତିନିଧି ଅଧିନିୟମ ୧୯୫୧ ଧାରା ୪(ଏ) ଅନୁସାରେ ଜଣେ ପ୍ରାର୍ଥୀ ନାମାଙ୍କନ ଦାଖଲ କରିବା ସମୟରେ ଫର୍ମ-୨୬ ସହିତ ଏକ ସତ୍ୟପାଠ ବା ଶପଥପତ୍ର ମଧ୍ୟ ଦାଖଲ କରିଥାନ୍ତି। ତାଙ୍କ ଦ୍ୱାରା ଦିଆଯାଇଥିବା ସମସ୍ତ ତଥ୍ୟ ସଂପୂର୍ଣ୍ଣଭାବେ ଠିକ ଓ ନିର୍ଭୁଲ ବୋଲି ଉଲ୍ଲେଖ କରିଥାଆନ୍ତି। ତେଣୁ ଫର୍ମ- ୨୬ ରେ ମିଛ ତଥ୍ୟ ଦେଇଥିବା ହେତୁ ତାଙ୍କ ନାମାଙ୍କନ ପତ୍ର ଖାରଜ ହେବା ପରିବର୍ତ୍ତେ କିପରି ଯାଞ୍ଚ



ପ୍ରକ୍ରିୟାରେ କାଏମ ରହିଲା ଏହାକୁ ନେଇ କଂଗ୍ରେସର ବରିଷ୍ଠ ମୁଖପାତ୍ର ରଜନୀ କୁମାର ମହାନ୍ତି ପ୍ରଶ୍ନ କରିଛନ୍ତି। ଯଦି ଏହି ପାନ ନମ୍ବର ମନ୍ତ୍ରୀଙ୍କର ନୁହେଁ ତେବେ ଏହା କାହାର ସେକଥା ମନ୍ତ୍ରୀ ସ୍ପଷ୍ଟ କରନ୍ତୁ ବୋଲି କଂଗ୍ରେସ ଦାବି କରିଛି।

ଅନ୍ୟପକ୍ଷରେ ମନ୍ତ୍ରୀ ଶ୍ରୀ ପାତ୍ର ନିଜ ସତ୍ୟପାଠରେ ଯେଉଁ ୫ ବର୍ଷର ଆୟକର ଦାଖଲ କରିଥିବାର ତଥ୍ୟ ପ୍ରଦାନ କରିଛନ୍ତି ତାହା କେଉଁ ପାନ ନମ୍ବର ଅନୁସାରେ ଦେଇଛନ୍ତି ଏହା ନିର୍ବାଚନ ଆୟୋଗ ଯାଞ୍ଚ କରୁ ବୋଲି କଂଗ୍ରେସ ଦାବି କରିଛି। ବିଧାୟକ ତଥା ମନ୍ତ୍ରୀ କୃଷ୍ଣଚନ୍ଦ୍ର ପାତ୍ର ଦୁଇଟି ପାନକାର୍ଡ ରଖିଛନ୍ତି କି ବୋଲି କଂଗ୍ରେସ ପ୍ରଶ୍ନ କରିବା ସହ ଯଦି ଏହା ହୋଇଥାଏ ଏହାମଧ୍ୟ ଏକ ଧର୍ତ୍ତବ୍ୟ ଅପରାଧ। ମିଛ ତଥ୍ୟ ପ୍ରଦାନ ଜନପ୍ରତିନିଧି ଆଇନ-୧୯୫୧ର ୪ଏର ସଂପୂର୍ଣ୍ଣ ଉଲ୍ଲଙ୍ଘନ। ନିର୍ବାଚନ ଆୟୋଗ ଏ ଖବର ଜାଣିଲାପରେ ସେତେବେଳର ରିଟର୍ଣ୍ଣିଂ ଅଫିସରଙ୍କ ଦୃଢ଼ କାର୍ଯ୍ୟାନୁଷ୍ଠାନ ନେବା ଜରୁରୀ ବୋଲି କଂଗ୍ରେସ ଦାବି କରିଛି। ନିର୍ବାଚନ ଆୟୋଗ ନିର୍ବାଚନ ପ୍ରକ୍ରିୟାର ସ୍ୱଚ୍ଛତା ଓ ଗଣତନ୍ତ୍ରର ସୁସ୍ଥ ପରମ୍ପରାକୁ ବଜାୟ ରଖନ୍ତୁ ବୋଲି ସେ କହିବା ସହିତ ବିଧାୟକ ତଥା ମନ୍ତ୍ରୀ କୃଷ୍ଣଚନ୍ଦ୍ର ପାତ୍ରଙ୍କ ବିଧାୟକ ପଦକୁ ତୁରନ୍ତ ରଦ୍ଦ କରାଯାଉ ବୋଲି ରାଜ୍ୟ କଂଗ୍ରେସ ପକ୍ଷରୁ ଦାବି କରାଯାଇଛି। ଏହି ସାମ୍ବାଦିକ ସମ୍ମିଳନୀରେ ଅନ୍ୟମାନଙ୍କ ମଧ୍ୟରେ ନଳିନୀ କାନ୍ତ ନାୟକ ଓ ଡଃ ମନିଷାଦାସ ପଟ୍ଟନାୟକ ଉପସ୍ଥିତ ଥିଲେ।

# ବେକରେ ଶାଢ଼ି ଲଗାଇ ଝୁଲିପଡିଲେ ଛାତ୍ର

ବୈଶିଙ୍ଗା, ୩।୧୧(ସମିସ): ବୈଶିଙ୍ଗା ଥାନା ଅଧୀନ କେନ୍ଦୁଆ ଗ୍ରାମରେ ଏକ ଅଭାବନୀୟ ଘଟଣା ଘଟିଛି। ମହାତ୍ମାଗାନ୍ଧୀ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟରେ ଯୁକ୍ତ ୨ ପ୍ରଥମ ବର୍ଷରେ ପଢୁଥିବା ଜଣେ ଛାତ୍ର ବେକରେ ଶାଢ଼ି ଲଗାଇ ଆତ୍ମହତ୍ୟା କରିଛନ୍ତି। ତେବେ ଏହି ଆତ୍ମହତ୍ୟା ପ୍ରେମଜନିତ କାରଣରୁ ହୋଇଛି ବୋଲି ଜଣାପଡ଼ିଛି। ଏ ନେଇ ଅଭିଯୋଗ ପାଇ ପୁଲିସ ପହଞ୍ଚି ତଦନ୍ତ କରୁଛି।

ସୂଚନାନୁସାରେ, ଗଣ୍ଡର୍ଦ୍ଦା ଗ୍ରାମର ଜୟନ୍ତ ଗାଆଣ ରାଜମିସ୍ତ୍ରି ଭାବେ କାମ କରି ୧୬ବର୍ଷ ହେଲା କେନ୍ଦୁଆ ଗ୍ରାମରେ ପରିବାର ନେଇ ରହୁଛନ୍ତି। ତାଙ୍କ ବଡ଼ପୁଅ ଗଣେଶ ମହାତ୍ମାଗାନ୍ଧୀ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟର ଯୁକ୍ତ ୨ରେ ପଢୁଥିଲେ। ତେବେ ସ୍ୱାସ୍ଥ୍ୟଗତ ସମସ୍ୟା ଯୋଗୁଁ ସୋମବାର ଜୟନ୍ତ ନିଜ ସ୍ତ୍ରୀ ଓ ସାନ ପୁଅକୁ ନେଇ ବାରିପଦା ଯାଇଥିବା ବେଳେ ବଡ଼ପୁଅ କମ୍ପ୍ୟୁଟର କ୍ଲାସ ଯାଉଛି ବୋଲି କହିଥିଲା। ହେଲେ କେଇ ମିନିଟ ପରେ ଗଣେଶର ଜଣେ କଲେଜ ସାଙ୍ଗ ଜୟନ୍ତଙ୍କୁ ଫୋନ କରି କହିଥିଲା ଯେ, ତୁମ ପୁଅ ବେକରେ ଶାଢ଼ି ଲଗେଇ ଘର ଶିଢ଼ି ବାଡ଼ାରେ ଝୁଲି ପଡ଼ିଛି। ଜୟନ୍ତ ସଂଗେସଂଗେ ବାରିପଦାରୁ ଫେରି ଡାକ୍ତରଖାନାରେ ପହଞ୍ଚି ଦେଖିଲା ବେଳକୁ ପୁଅର ମୃତ୍ୟୁ ହୋଇଯାଇଛି।

## ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

### ୨୨ ବର୍ଷୀୟ...

ସବୁଠାରୁ କମ୍ ବୟସ୍କ ଅରବପତି ହୋଇଛନ୍ତି। ଏହି କୃତିତ୍ୱ ହାସଲ କରିବାରେ ତାଙ୍କୁ କେହି ସହାୟତା କରି ନ ଥିଲେ। ନିଜ ପ୍ରଚେଷ୍ଟାରେ ଏହି ତିନି ଛାତ୍ର ଏତେ ବଡ଼ ସଫଳତା ହାସଲ କରିଛନ୍ତି।

### ୨୦ଟି ଗାଡ଼ି ଉପରେ...

ପର୍ଯ୍ୟନ୍ତ ରାସ୍ତା ରକ୍ତରଞ୍ଜିତ ହୋଇଯାଇଥିଲା। ମୃତକଙ୍କ ଶରୀର ଖଣ୍ଡବିଖଣ୍ଡିତ ହୋଇ ରାସ୍ତା ଉପରେ ଛିଟ୍‌କି ପଡ଼ିଥିଲା। କାହର ପେଟ୍ କଟିଯାଇଛି ତ ଆଉ କାହାର ହାତ କଟିଯାଇଛି।

ଏହି ଦୁର୍ଘଟଣା ସୋମବାର ଦ୍ୱିପହରରେ ହରମାଡାର ଲୋହା ମଣ୍ଡିଠାରେ ଘଟିଛି। ଅପରାହ୍ଣ ୧ଟାରେ ଏହି ଡମ୍ପର ଲୋହା ମଣ୍ଡି ପେଟ୍ରୋଲ ପମ୍ପଠାରୁ ରୋଡ୍ ନଂ-୧୪ରୁ ହାଇୱେ ଉପରକୁ ଉଠିଥିଲା। ଏହାପ ।।ରେ ରାସ୍ତାରେ ଥିବା ଗାଡ଼ିଗୁଡିକୁ ଧକ୍କା ଦେଇ ସେଗୁଡିକ ଉପରେ ଚଢ଼ିଯାଇଥିଲା। ଡମ୍ପର ଡ୍ରାଇଭର କଲ୍ୟାଣ ମିନାକୁ ଲୋ ।।କେ ଧରି ପୁଲିସ ଜିମା ଦେଇଛନ୍ତି।

### ମୋ ପ୍ରତି ବେଇମାନୀ...

ସମାବେଶରେ ବିଜେଡିର ବରିଷ୍ଠ ଉପସଭାପତି ଦେବୀ ପ୍ରସାଦ ମିଶ୍ର ସଭାପତିତ୍ୱ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ଦଳୀୟ ପ୍ରାର୍ଥୀ ସ୍ନେହାଙ୍ଗିନୀ ପୂଜାରୀଙ୍କ ସହ ଦଳରବରିଷ୍ଠ ନେତା ପ୍ରସନ୍ନ ଆଚାର୍ଯ୍ୟ, ପ୍ରଣବ ପ୍ରକାଶ ଦାସ, ନିରଞ୍ଜନ ପୂଜାରୀ, ପ୍ରମିଳା ମଲ୍ଲିକ, ଟୁକୁନୀ ସାହୁ, ଅବନୀ ଯୋଷୀ, ମନୋଜ ମିଶ୍ର, ଅଧିରାଜ ପାଣିଗ୍ରାହୀ, ପ୍ରତାପ କେଶରୀ ଦେବ, ସୁଦାମ ମାରାଣ୍ଡି, ପୁଷ୍ପେନ୍ଦ୍ର ସିଂ ଦେଓ, ନିରଞ୍ଜନ ବିଶି, ଶୁଭାଶିଷ ଖୁଣ୍ଟିଆ, ମୁନ୍ନା ଖାନ୍, ଶର୍ମିଷ୍ଠା ସେଠୀ, ଡଲି ମାଝୀ, ଦୀପିକା ଦୀପ, କ୍ଷମାନିଧି ନିଆଲ, ବ୍ୟୋମକେଶ ରାୟ, ପ୍ରଣବ ବଳବନ୍ତରାୟ, ଚିନ୍ମୟ ସାହୁ, ଇପ୍‌ସିତା ସାହୁ, ସୁଶାନ୍ତ କୁମାର ରାଉତ, ବିଶ୍ୱ ରଞ୍ଜନ ମଲ୍ଲିକ, ନଳିନୀକାନ୍ତ ପ୍ରଧାନ, ଯୋଗେଶ ସିଂ, ପ୍ରଦୀପ ମାଝୀ, ସଞ୍ଜୀବ ମଲ୍ଲିକ, କଳିକେଶ ସିଂଦେଓ, ରୂପେଶ ପାଣିଗ୍ରାହୀ, ମନୋଜ ମିଶ୍ର, ମାଧବ ଧଡ଼ା, ଉମାକାନ୍ତ ସାମନ୍ତରାୟ, ରବି ନାରାୟଣ ନନ୍ଦ, ଜଗନ୍ନାଥ ସାରକା, ରମେଶ ମାଝୀ, ସୁବାସ ସିଂ, ଡ. ଲେଖାଶ୍ରୀ ସାମନ୍ତସିଂହାର, ଭୃଗୁ ବକ୍ସିପାତ୍ର, ଦୁଷ୍ମନ୍ତ ନାୟକ, ଗିରିଜା ସିଂ ମାଝୀ, ଇଶ୍ୱର ପାଣିଗ୍ରାହୀ, ହେମନ୍ତ ସାମନ୍ତରାୟ, ସରୋଜ ମେହେର, ମୁନା ମହାନ୍ତି, ଅବିନାଶ ସାମଲ ପ୍ରମୁଖ ଦଳୀୟ ପ୍ରାର୍ଥୀଙ୍କୁ ଭୋଟ ଦେବାକୁ ଅନୁରୋଧ କରିଥିଲେ।

### ୩୦୮୪ କୋଟିର...

ଯେ ରିଲାଏନ୍ସ ହୋମ୍ ଫାଇନାନ୍ସ (ଆରଏଚଏଫଏଲ) ଏବଂ ରିଲାଏନ୍ସ କମର୍ସିଆଲ ଫାଇନାନ୍ସ (ଆରସିଏଫଏଲ)ଙ୍କୁ ଦିଆଯାଇଥିବା ପାଣ୍ଠିର ଅପବ୍ୟବହାର ହୋଇଛି। ୨୦୧୭ରୁ ୨୦୧୯ ମଧ୍ୟରେ ୟେସ ବ୍ୟାଙ୍କ ପକ୍ଷରୁ ଆରଏଚଏଫଏଲକୁ ୨୯୬୫ କୋଟି ଏବଂ ଆରସିଏଫଏଲକୁ ୨୦୪୫ କୋଟି ଟଙ୍କାର ଋଣ ଦେଇଥିଲା । କିନ୍ତୁ ୨୦୧୯ ଡିସେମ୍ବର ସୁଦ୍ଧା ଏହି ଟଙ୍କା ନନ୍-ପର୍‌ଫର୍ମିଂ ଆସେଟ (ଏନପିଏ) ପାଲଟି ଯାଇଥିଲା। ଏବେ ସୁଦ୍ଧା ଆରଏଚଏଫଏଲର ୧୩୫୩ କୋଟି ଏବଂ ଆରସିଏଫଏଲର ୧୯୮୪ କୋଟି ଟଙ୍କା ବକେୟା ଅଛି। ୟେସ ବ୍ୟାଙ୍କର ମୋଟ ୨୭୦୦ କୋଟିରୁ ଅଧିକ କ୍ଷତି ହୋଇଛି।

ଇଡି ଅନୁଯାୟୀ, ଏହି କମ୍ପାନୀଙ୍କୁ ଦିଆଯାଇଥିବା ଟଙ୍କାକୁ ରିଲାଏନ୍ସ ଅନ୍ୟତ୍ର ସ୍ଥାନାନ୍ତର କରି ଦେଇଥିଲା। ଋଣ ପ୍ରଦାନ ବ୍ୟବସ୍ଥାରେ ମଧ୍ୟ ଜାଲିଆତି କରାଯାଇଥିଲା। ଦିନକରେ ଋଣ ଆବେଦନ, ଅନୁମୋଦନ ଏବଂ ପ୍ରଦାନ କରାଯାଇଥିଲା। କ୍ଷେତ୍ର ପର୍ଯ୍ୟବେକ୍ଷଣ ଏବଂ ବୈଠକ କରାଯାଇ ନ ଥିଲା। ଦାଖଲ କାଗଜପତ୍ର ଖାଲି ଥିଲା। ଇଡି ଏହାକୁ 'ଜାଣିଶୁଣି କରାଯାଇଥିବା ଠକେଇ' କହିଛି।

### ପୁଣି ଜେଲ୍‌ରେ କଏଦୀର...

କଡା ସୁରକ୍ଷା ବଳୟ ଭେଦ କରି ଜେଲର ସୁଉଚ୍ଚ ପାଚେରି ଡେଇଁ ଫେରାର ହୋଇଯାଇଥିବା ବେଳେ ଅନ୍ୟ ଏକ ଘଟଣାରେ ଜଣେ କଏଦୀର ଆକ୍ରମଣରେ ଅନ୍ୟ ଜଣେ କଏଦୀ ଗୁରୁତର ଆହତ ହୋଇଥିବା ଭଳି ଘଟଣା ଘଟିଛି। ଫେରାର ହୋଇଯାଇଥିବା ୨ଜଣ ବିହାରୀ ଅପରାଧୀଙ୍କୁ ଧରିବାରେ ପୁଲିସ ଏଯାବତ୍ ସଫଳ ହୋଇପାରି ନାହିଁ।

### ଘୋଡ଼ାହାଡ଼ ନଦୀରେ...

ଉଦ୍ଧାର କରିଥିଲେ। ସେମାନଙ୍କୁ ଦିଗପହଣ୍ଡି ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରାଯାଇଥିଲା। ସେଠାରେ ଡାକ୍ତର ଉଭୟଙ୍କୁ ମୃତ ଘୋଷଣା କରିଥିଲେ। ପୁଲିସ ଶବ ଦୁଇଟିକୁ ଜବତ କରି ଥାନା ଅପମୃତ୍ୟୁ ମାମଲା ରୁଜୁ କରି ବ୍ୟବଚ୍ଛେଦ ନିମନ୍ତେ ବ୍ରହ୍ମପୁର ବଡ଼ ଡାକ୍ତରଖାନାକୁ ପଠାଇଥିଲେ। ବ୍ୟବଚ୍ଛେଦ ପରେ ପରିବାରଲୋକଙ୍କୁ ଶବ ହସ୍ତାନ୍ତର କରାଯାଇଥିଲା। ଶୋକାକୁଳ ପରିବେଶ ମଧ୍ୟରେ ଗାଁ ଶ୍ମଶାନରେ ଉଭୟଙ୍କ ଅନ୍ତିମ ସଂସ୍କାର କରାଯାଇଛି।

### ପୁଲିସ କବ୍‌ଜାରେ...

ଯାଇ ଆତ୍ମସମର୍ପଣ କରିଥିବା ନେଇ ଆଲୋଚନା ହେଉଛି। ଆଗକୁ ନୂଆପଡ଼ା ଉପ-ନିର୍ବାଚନ ଥିବା ବେଳେ ହଠାତ୍ ପୁଲିସ ଏସଆଇ ପରୀକ୍ଷା କେଲେଙ୍କାରୀ ଘଟଣାର ମୁଖ୍ୟ ଶଙ୍କର ପୃଷ୍ଟି ଓ ବର୍ତ୍ତମାନ ପୁଣି ଚର୍ଚ୍ଚିତ ପୀତବାସ ପଣ୍ଡା ହତ୍ୟାକାଣ୍ଡର ମୁଖ୍ୟ ଅଭିଯୁକ୍ତ ଉମା ଓ କୁରୁପତିଙ୍କ ଆତ୍ମସମର୍ପଣ ଭଳି ଘଟଣା ସମସ୍ତଙ୍କୁ ଚକିତ କରିଛି। କାରଣ ଉଭୟ ଘଟଣାରେ ଫେରାର୍ ଅଭିଯୁକ୍ତମାନେ ଦୀର୍ଘଦିନ ଫେରାର୍ ରହିବା ପରେ ହଠାତ୍ ଆତ୍ମ ସମର୍ପଣ କରିଥିବାରୁ ଏଭଳି ସନ୍ଦେହ ସୃଷ୍ଟି ହୋଇଛି। ପୁଲିସ ମୁଖ୍ୟାଳୟରେ ଆତ୍ମସମର୍ପଣ କରିବା ପରେ ଉମା ଓ କୁରୁପତିଙ୍କୁ କଡ଼ା ସୁରକ୍ଷାବଳୟରେ ଗୋପାଳପୁର ଥାନା ଇଲାକାରେ ଏକ ଗୁପ୍ତ ସ୍ଥାନରେ ରଖାଯାଇଛି। ସେମାନଙ୍କୁ ବ୍ରହ୍ମପୁର ଏସପି ଡା ସର୍ବଣା ବିବେକ ଏମଙ୍କ ସମେତ ଅନ୍ୟ ବରିଷ୍ଠ ଅଧିକାରୀମାନେ ପଚରାଉଚରା କରୁଥିବା ଜଣାପଡ଼ିଛି। ଜେରା ସମୟରେ ପୁଲିସ ସେମାନଙ୍କଠାରୁ କିଛି ଗୁରୁତ୍ୱପୂର୍ଣ୍ଣ ତଥ୍ୟ ଓଗାଳିଥିବା ମଧ୍ୟ ସୂଚନା ମିଳିଛି। ଜେରା ସମୟରେ ପୁଲିସ ଅନ୍ୟ ଦୁଇଜଣଙ୍କୁ ମଧ୍ୟ ଅଟକ ରଖି ପଚରାଉଚରା କରିଥିବା କୁହାଯାଉଛି।

ହତ୍ୟାକାଣ୍ଡ ପରେ ପୁରୀରୁ ଚିଣ୍ଟୁ ପ୍ରଧାନ ବେଙ୍ଗାଲୁରୁ ଫେରିଯାଇଥିବା ବେଳେ କୁରୁପତି ଜୟପୁର ଯାଇ ଉମା ବିଶୋୟୀ ସହ ମିଶିଥିଲା। ସେଠାରେ ସ୍ୱଳ୍ପ ଦିନର ରହଣି ପରେ ଉଭୟ ରାୟପୁର ଓ ରାଞ୍ଚି ଦେଇ ଅନ୍ୟତ୍ର ଫେରାର ହୋଇଯାଇଥିଲେ। ଅଟକ ଉମା ଓ କୁରୁପତିଙ୍କୁ ଆସନ୍ତାକାଲି ଗିରଫ ଦେଖାଇ ପୁଲିସ କୋର୍ଟ ଚାଲାଣ କରିପାରେ ବୋଲି କୁହାଯାଉଛି।

### ସିଲିକନ୍ ଇନ୍‌ଫୋଟେକ୍...

ପଚରାଉଚରା କରାଯାଇଥିଲା। ବୟାନରେ ତାଳମେଳ ନ ରହିବାରୁ ଉଭୟଙ୍କୁ ଏକସଙ୍ଗରେ ଜେରା କରାଯାଇଥିଲା। ଜେରା ବେଳେ ଏସ୍‌ଆଇ ଚାକିରି ଜାଲିଆତି ସମ୍ପର୍କରେ ବହୁତଥ୍ୟ କ୍ରାଇମ୍‌ବ୍ରାଞ୍ଚ ପାଇଛି। ସୁରେଶଙ୍କ ଗୁପ୍ତ ସୂଚନା ଓ ଶଙ୍କରଙ୍କ ନେଟ୍‌ୱାର୍କ ବଳରେ ରାଜ୍ୟରେ ଏତେ ବଡ ସ୍କାମ୍ ସମ୍ଭବ ହୋଇପାରିଲା ବୋଲି କ୍ରାଇମ୍‌ବ୍ରାଞ୍ଚ ଶେଷରେ ନିର୍ଯ୍ୟାସରେ ପହଞ୍ଚିଥିବା କୁହାଯାଉଛି।

କ୍ରାଇମ୍‌ବ୍ରାଞ୍ଚ ପକ୍ଷରୁ ମିଳିଥିବା ସୂଚନା ଅନୁସାରେ ଏସ୍‌ଆଇ ପରୀକ୍ଷା ପରିଚାଳନା ପାଇଁ ଓପିଆର୍‌ବି ପକ୍ଷରୁ କେନ୍ଦ୍ରୀୟ ପିଏସ୍‌ୟୁ ଆଇଟିଆଇକୁ ଦାୟିତ୍ୱ ଦିଆଯାଇଥିଲା। ପରେ ଆଇଟିଆଇ ଏହି ଦାୟିତ୍ୱ ସିଲିକନ୍‌କୁ ଦେଇଥିଲା। ସିଲିକନ୍ ଏହି ଦାୟିତ୍ୱ ଶଙ୍କର ପୃଷ୍ଟିଙ୍କ ଦ୍ୱାରା ପରିଚାଳିତ ପଞ୍ଚସଫ୍ଟକୁ ଦେଇଥିଲା। ତେବେ କେଉଁ ଆଧାରରେ ଏତେ ବଡ ଗୁରୁଦାୟିତ୍ୱ ଏକ ଅନଭିଜ୍ଞ ସଂସ୍ଥାକୁ ସିଲିକନ୍ ପ୍ରଦାନ କରିଥିଲା, ତାହାକୁ ନେଇ ପ୍ରଶ୍ନ ଉଠିଥିଲା। ଜେରା ବେଳେ ସିଲିକନ୍ ହାତରେ ପରୀକ୍ଷା ସଂକ୍ରାନ୍ତ ସମସ୍ତ ଗୁପ୍ତ ସୂଚନା ରହିଥିବା ଜଣା ପଡ଼ିଥିଲା। ପ୍ରଶ୍ନପତ୍ର ଠାରୁ ଆରମ୍ଭ କରି ସବୁକିଛିର ତଥ୍ୟ ସିଲିକନ୍‌ର ମାଲିକ ସୁରେଶ ଜାଣିଥିଲେ। ପରୀକ୍ଷା ପରିଚାଳନା ଆଳରେ ଚାକିରି ବିକ୍ରି କରି ଟଙ୍କା କମାଇବା ପାଇଁ ସେ ଏକ ଭଲ ସ୍କାମ୍ ନେଟ୍‌ୱାର୍କ ଅପରେଟ୍ କରୁଥିବା ବ୍ୟକ୍ତିଙ୍କୁ ଖୋଜୁଥିଲେ। ବହୁ ଖୋଜାଖୋଜି ପରେ ଶଙ୍କର ତାଙ୍କ ହାବୁଡରେ ପଡ଼ିଥିଲେ। ବିନା କୌଣସି ବାଛବିଚାରରେ ତତ୍‌କ୍ଷଣାତ୍ ପଞ୍ଚସଫ୍ଟକୁ ଦାୟିତ୍ୱ ଦେବା ସହ ପରୀକ୍ଷା ସଂକ୍ରାନ୍ତ ସମସ୍ତ ଗୁପ୍ତ ତଥ୍ୟ ଶଙ୍କରଙ୍କ ହାତରେ ଟେକି ଦେଇଥିଲେ। ଶଙ୍କର ତାଙ୍କ ନେଟ୍‌ୱାର୍କରେ ଥିବା ସହଯୋଗୀଙ୍କୁ ବ୍ୟବହାର କରି ମାର୍କେଟ୍‌ରୁ କୋଟି କୋଟି ଟଙ୍କା ଉଠାଇଥିଲେ।

ଶଙ୍କରଙ୍କୁ ପରୀକ୍ଷା ସଂକ୍ରାନ୍ତ ବହୁ ଗୁରୁତ୍ୱପୂର୍ଣ୍ଣ ତଥ୍ୟ ସୁରେଶ ମେଲ୍ ଏବଂ ହ୍ୱାଟ୍ସଆପ୍ ଯୋଗେ ଯୋଗାଇଥିଲେ। ହେଲେ ଏସ୍‌ଆଇ ପରୀକ୍ଷା କେଲେଙ୍କାରୀ ସାମ୍ନାକୁ ଆସିବା ପରେ ଉଭୟ ନିଜ ନିଜର ମେଲ୍ ଏବଂ ହ୍ୱାଟ୍ସଆପ୍ ଚାଟ୍ ଡିଲେଟ୍ କରିଦେଇଛନ୍ତି। ଏଣୁ କ୍ରାଇମ୍‌ବ୍ରାଞ୍ଚ ପାଇଁ ପ୍ରମାଣ ଯେଗାଡ କରିବା ଏକ ବଡ ଚାଲେଞ୍ଜ ପାଲଟି ଯାଇଛି। ଶଙ୍କରଙ୍କ ମୋବାଇଲ୍ ଫୋନ୍ ଏବଂ ସୁରେଶଙ୍କ ଲାପଟପ୍‌କୁ ଫରେନ୍‌ସିକ୍ ଯାଞ୍ଚ ପାଇଁ ପଠାଯାଇଛି। ସୁରେଶଙ୍କୁ କ୍ରାଇମ୍‌ବ୍ରାଞ୍ଚ ଗିରଫ କରିବା ପରେ ଏହି ମାମଲାରେ ମୋଟ୍ ଗିରଫଦାରୀ ସଂଖ୍ୟା ୧୨୫ରେ ପହଁଚିଛି। ଅନ୍ୟପକ୍ଷରେ କ୍ରାଇମ୍‌ବ୍ରାଞ୍ଚ ରିମାଣ୍ଡରେ ଥିବା ମୁନ୍ନା, ଲୋକନାଥ ଓ ସୌମ୍ୟା ପ୍ରିୟଦର୍ଶିନୀଙ୍କୁ କ୍ରାଇମବ୍ରାଞ୍ଚ ସୋମବାର ମଧ୍ୟ ଜେରା କରିଥିଲା। ଏମାନେ ବିଭିନ୍ନ ଶିକ୍ଷାନୁଷ୍ଠାନ ଏବଂ ପରୀକ୍ଷା ପାଇଁ ପ୍ରସ୍ତୁତି କରୁଥିବା ବଡ଼ ବଡ଼ ଲୋକଙ୍କୁ ଯୋଗଯୋଗ କରିଥିବା ଏବଂ ଟଙ୍କା ନେଣଦେଣ କରିଥିବା ନେଇ କ୍ରାଇମ୍‌ବ୍ରାଞ୍ଚ ଜାଣିବାକୁ ପାଇଛି। ଗିରଫ ଶଙ୍କର ଏବଂ ସୁରେଶଙ୍କୁ କୋର୍ଟ ଚାଲାଣ କରାଯାଇଛି।

### ପାଇଖାନା ଟାଙ୍କିରେ...

ସୂଚନାନୁଯାୟୀ, ବଡ଼ମ୍ବା ବ୍ଲକ ଅଧୀନ ପରଜାପଡା ଗ୍ରାମ ପଞ୍ଚାୟତର ଇଚ୍ଛାପୁର ଗ୍ରାମର ଶୁଭମ ନାଏକ (୩) କୋଲେଶ୍ୱର ଗ୍ରାମ ପଞ୍ଚାୟତ ଅଧୀନ ବଡ଼ବାରେଣା ଗ୍ରାମର ଶିବାନୀ ନାଏକ (୭) ଓ ଶିବୁ ନାଏକ (୫) ପରିବାର ସଦସ୍ୟଙ୍କ ସହ ମାମୁଁଘର ରଗଡ଼ିପଡ଼ାକୁ ବୁଲିବାକୁ ଆସିଥିଲେ। ଆଜି ସେମାନେ ହସ ଖୁସିରେ ଖେଳୁଥିବା ବେଳେ ଦୁର୍ଘଟଣାର ଶିକାର ହୋଇଥିଲେ। ଖେଳ ନିଶାରେ ଅନ୍ୟମନସ୍କ ହୋଇ ନିକଟରେ ଥିବା ସେପ୍ଟିକ ଟାଙ୍କି ଉପରେ ଚଢ଼ି ଖେଳୁଥିଲେ। ହେଲେ ଟାଙ୍କିର ଘୋଡ଼ଣୀଟି ଭାଙ୍ଗିଯିବାରୁ ୩ଜଣ ଯାକ ଟାଙ୍କି ଭିତରେ ଗଳିପଡ଼ିଥିଲେ। ସେହି ସମୟରେ ଆଖପାଖରେ କେହି ନ ଥିବାରୁ ଘଟଣା ଜଣାପଡ଼ିନଥିଲା। ଦୀର୍ଘ ସମୟ ପରେ ପିଲାମାନେ ଘରକୁ ନ ଫେରିବାରୁ ପିଲାମାନଙ୍କ ମାମୁଁ ଘର ଓ ପରିବାରଲୋକେ ଖୋଜିବା ଆରମ୍ଭ କରିଥିଲେ। କିଛି ସମୟ ପରେ ବାରିପଟେ ଥିବା ପାଇଖାନା ଟାଙ୍କି ଘୋଡଣୀ ଭାଙ୍ଗି ଯାଇଥିବା ଦେଖି ଗାଁ ଲୋକଙ୍କ ସହାୟତାରେ ପିଲାମାନଙ୍କୁ ଅଚେତ ଅବସ୍ଥାରେ ସେପ୍ଟିକ ଟାଙ୍କିରୁ ଉଦ୍ଧାର କରିଥିଲେ। ସେମାନଙ୍କୁ ତୁରନ୍ତ ବଡ଼ମ୍ବା ହସ୍ପିଟାଲରେ ଭର୍ତ୍ତି କରାଯାଇଥିଲା। ସେଠାରେ ସମସ୍ତଙ୍କୁ ଡାକ୍ତର ମୃତ ଘୋଷଣା କରିଥିଲେ।

ଖବର ପାଇ ବଡ଼ମ୍ବା ଥାନା ଅଧିକାରୀ ଅନିରୁଦ୍ଧ ମୁଦୁଲି, ଆଠଗଡ଼ ଉପଖଣ୍ଡ ଆରକ୍ଷୀ ଅଧିକାରୀ ବିଶ୍ୱଜିତ ମହାନ୍ତି ପ୍ରମୁଖ ପହଞ୍ଚି ତଦନ୍ତ କରିଥିଲେ। ବଡ଼ମ୍ବା ଥାନାରେ ଏ ସଂକ୍ରାନ୍ତରେ ପୃଥକ୍ ପୃଥକ୍ ଅପମୃତ୍ୟୁ ମାମଲା ରୁଜୁ ହୋଇଛି। ଜିଲ୍ଲା ରେଡ଼କ୍ରସ୍ ସହାୟତା ପାଣ୍ଠି ପକ୍ଷରୁ ସମସ୍ତ ମୃତକଙ୍କ ପରିବାରଙ୍କୁ ୨୦ ହଜାର ଟଙ୍କାର ଅନୁକମ୍ପା ସହାୟତା ରାଶି ପ୍ରଦାନ କରାଯିବା ପାଇଁ ପ୍ରଶାସନ ତରଫରୁ ପ୍ରତିଶ୍ରୁତି ଦିଆଯାଇଛି। ବ୍ୟବଚ୍ଛେଦ ପରେ ମୃତଦେହ ସେମାନଙ୍କ ପରିବାରବର୍ଗଙ୍କୁ ହସ୍ତାନ୍ତର କରାଯାଇଛି।

### ବ୍ରହ୍ମପୁର କୋର୍ଟରେ...

ଅଣାଯାଇଛି। ଏଠାରେ ଜେଏମ୍‌ଏଫ୍‌ସି (ଗ୍ରାମାଞ୍ଚଳ)ଙ୍କ କୋର୍ଟରେ ହାଜର କରାଯାଇଥିଲା। ଅଧିକ ଜେରା ପାଇଁ କ୍ରାଇମବ୍ରାଞ୍ଚ ପକ୍ଷରୁ କୋର୍ଟରେ ୭ଦିନିଆ ରିମାଣ୍ଡ ପାଇଁ ଆବେଦନ କରାଯାଇଥିଲା। ଉଭୟଙ୍କ ଜାମିନ ଆବେଦନକୁ କୋର୍ଟ ଖାରଜ କରିଦେବା ପରେ ଉଭୟଙ୍କୁ ବ୍ରହ୍ମପୁର ମଣ୍ଡଳ କାରାଗାରକୁ ପଠାଇ ଦିଆଯାଇଛି। କ୍ରାଇମବ୍ରାଞ୍ଚ ପକ୍ଷରୁ ହୋଇଥିବା ରିମାଣ୍ଡ ସମ୍ପର୍କିତ ଶୁଣାଣି ମଙ୍ଗଳବାର ହେବ ବୋଲି ଜଣାପଡ଼ିଛି।

ଉଭୟ ଶଙ୍କର ଓ ସୁରେଶଙ୍କୁ ବ୍ରହ୍ମପୁର କୋର୍ଟରେ ହାଜର ବେଳେ ପ୍ରବଳ ଭିଡ଼ ପରିଲକ୍ଷିତ ହୋଇଥିଲା। ପୂର୍ବରୁ ଘଟଣାରେ ଗିରଫ ପରୀକ୍ଷା ଆଶାୟୀ ଓ ଦଲାଲଙ୍କୁ ପୁଲିସ ମୁହଁ ଘୋଡ଼ାଇ ନେଇଥିବା ବେଳେ ଘଟଣାର ମୁଖ୍ୟ ଅଭିଯୁକ୍ତ ଉଭୟ ଶଙ୍କର ପୃଷ୍ଟି ଓ ସୁରେଶ ନାୟକଙ୍କୁ ମୁହଁ ନ ଘୋଡ଼ାଇ ଏପରିକି ଗଣମାଧ୍ୟମକୁ ପ୍ରତିକ୍ରିୟା ଦେବାକୁ ମଧ୍ୟ ସୁଯୋଗ ଦେଇଥିବା ଦେଖିବାକୁ ମିଳିଥିଲା।

# ହାତୀ ଆକ୍ରମଣରେ ନାବାଳକ ମୃତ

ଲାଞ୍ଜିଗଡ଼, ୩।୧୧(ସମିସ): କଳାହାଣ୍ଡି ଜିଲ୍ଲା ବିଶ୍ୱନାଥପୁର ବନାଞ୍ଚଳ ଲାଞ୍ଜିଗଡ଼ ସେକ୍ସନ ନାଚିନିଗୁଡ଼ା ବିଟ୍‌ସ୍ଥିତ ହରିଡ଼ାଗୁଡ଼ା ଗ୍ରାମରେ ହାତୀ ଆକ୍ରମଣରେ ତ୍ରିଲୋଚନପୁର ପଞ୍ଚାୟତସ୍ଥିତ କୁନାକାଡୁ ଗାଁର କାଣ୍ଡୁ ମାଝୀଙ୍କ ପୁଅ ରବି ମାଝୀ(୫)ଙ୍କ ମୃତ୍ୟୁ ଘଟିଥିବା ବେଳେ ବଡ଼ଭାଇ ସମରୁ ମାଝୀ(୭) ଆହତ ହୋଇଛି।

**AFFIDAVIT**

I, Sagupta Zari W/o MD Shahud Pervez, Resident of Latumia Lane, Panposh Town, PO-Rourkela-4, PS-Raghunathpali, Dist-Sundargarh, Odisha, PIN-769004, declared by this affidavit No A/08 Dated 01.11.2025 that now onwards I shall be known as **SHAGUFTA PERVEZ** for all future purposes.

**PUJA OFFER SALE**

Book Now 2/3 BHK Flats Price Starts from 72 Lakhs Gadhwal Heights, Goutam Nagar, Gadhwal Grand 4, Jagamara, Gadhwal SB Homes, Ghatikia, Bhpl Krishna, Bharatpur, Bhpl Rudra, Ghatikia, Ready to move RJ Palace, Samantarapur, Bhubaneswar. Contact Gadhwal Group.

**9437015112**

**NOTICE (FOR MINOR)**

Gangadhar Sahu, aged about 44 years, S/o-Late Sambaru Sahu, resident of AT: Plot No. 322, Raghunath Nagar, Dumuduma Housing Board Colony, Ps-Khandagiri, Bhubaneswar, Dist-Khordha, Pin-751019, declare that I have changed the name of my son from Priyanshu Pritam to Priyanshu Pritam Sahu henceforth he shall be known as **Priyanshu Pritam Sahu** for all purposes.

Sd/- Gangadhar Sahu

**AFFIDAVIT**

By virtue of an affidavit No. 572, dtd. 01.08.2025 in the court of the Executive Magistrate, Koraput, I, Cahnini Bibi resident of Tudukuthuba, Po- T. Thuba, Ps.- Nandapur, Dist.- Koraput-764037 have changed my name from Chandini Bagama to Chandi Bibi. Henceforth I shall be known as **Chandini Bibi** for all purposes.

Sd/- Chandini Bibi

**NOTICE**

By the virtue of an Natatory partnership deed sworn before the notary public Bhubaneswar dated 29.10.2025 . I Premanand Nath bearing Aadhar no.2609 2268 8325 S/o late Dharanidhar Nath from the Organization M/s Jaleswar Packaging is no more interested to continue as Partner with effect from 18.10.2025. The Partners have agreed to reconstitute the business as per the reconstitute Deed for all the purpose.

**AFFIDAVIT**

I, TAUHID MOHAMMED, age-67, S/o- Nabu Mian, Adress: D/29, Sector-16, Rourkela, Dist.: Sundargarh, PIN-769003, Odisha, declared by this Affidavit No.1342/2025, Dated: 01.11.2025. That now onwards I shall be known as MD TAUHEED for all future Purposes.

**AFFIDAVIT**

By virtue of an affidavit sworn before The Executive Magistrate, G.Udayagiri, Kandhamal, date- 16/10/2025. I, **N Dirghika Saumya Deepti,** D/o Situ Kumar Nayak, permanent resident of Village-Lebaguda, PO- Rudangia, PS-G.Udayagiri, Dist- Kandhamal, PIN-762100, Odisha declare that I have changed my name from **N.Dirghika Soumya Dipty** to **N Dirghika Saumya Deepti.** Henceforth, I shall be known as **N Dirghika Saumya Deepti** (new name) for all future purposes.

**N Dirghika Saumya Deepti**

**AFFIDAVIT**

By virtue of an affidavit no 5274 sworn before the Executive Magistrate, Tirtol dated- 31/10/2025, I **Namita Das,** resident of At-Bakharpur, Po- Malanda, Ps-Tirtol, Dist- Jagatsinghpur, Pin- 754136, Odisha declare that I have changed my name from **Ruksar Parwin** (old name) to **Namita Das** (new name). Henceforth, I shall be known as **Namita Das** for all future purposes.

**Namita Das**

**AFFIDAVIT**

By virtue of an affidavit before the Notary Public, Titilagarh, on dated-30/10/2025. I, **Nilakantha Bagarty** (applicant name), S/o Dharanidhar Bagarty, permanent & current resident of AT/PO- Bijepur, PS-Titilagarh, Dist- Balangir, (Odisha), PIN Code: 767033 declare that I have changed my minor son's name from **Meet Bagarty** (old name) to **Jeet Bagarty** (new name). Henceforth in all records, deeds and writing in all proceeding, dealing and transaction private as well as public and upon all occasion he shall be known as **Jeet Bagarty** (new name) for all purposes.

**Nilakantha Bagarty**

**AFFIDAVIT**

I, Elakiya Sabapathi, W/o-P. Sabapathi, Resident of Qtr No. C-31, CMPDI COLONY, Post- Sainik School, Bhubaneswar, Dist.- Khorda, Pin-751005, Odisha declare by this Affidavit No. 76AA 943695, Dated 03.07.2025, that now onwards I shall be known as **U. ELAKIYA** for all future purposes.

**AFFIDAVIT**

By virtue of an affidavit no 5855, sworn before the Executive Magistrate, Champua on dtd- 16/10/2025, I **Puja Naik**, W/o- Akash Mallick, resident of At/Po/Ps-Champua, Dist- Keonjhar, Pin-758041, Odisha, I have changed name from **Puja Mallick** (old name) to **Puja Naik** (new name). Henceforth both the name **Puja Mallick** and **Puja Naik** is one & same person, I will be known as **Puja Naik** for all future purposes.

**Puja Naik**

**AFFIDAVIT**

I, Shahina Bano Suriya, aged about 45 years, W/o-Mohammad Irfan, resident of Ward No 05, Dasarapada, Bhanjamandap, Po-Umarkote, Ps- Umarkote, Dist- Nabarangapur, Odisha, PIN- 764073 declare by this affidavit No. 2251, dtd- 03/11/2025, that now onwards I shall be known as **SAHINA BANU SURIYA** for all future purposes.

Government of India
**Income Tax Department**
Bhubaneswar

**ସାର୍ବଜନୀନ ସୂଚନା**

F.No. Nodal Officer/Odisha Elections/2025-26/ Date: 31.10.2025

71-ନୂଆପଡା ବିଧାନସଭା ନିର୍ବାଚନ ମଧ୍ୟବର୍ତ୍ତୀ ଭୋଟ, 2025 ଘୋଷଣା କରାଯାଇଛି ଭାରତର ନିର୍ବାଚନ ଆୟୋଗ ଦ୍ୱାରା । ନିର୍ବାଚନ ପ୍ରକ୍ରିୟା ସମୟରେ କଳା ଟଙ୍କା ବ୍ୟବହାର ରୋକିବା ପାଇଁ ଆୟକର ବିଭାଗ ନିୟମ କଡାକଡି ରଖିବା ପାଇଁ ଦାୟିତ୍ୱ ପାଇଛି ।

ଅଘୋଷିତ ଅର୍ଥ ଓ ଅନ୍ୟ ଅଘୋଷିତ ମୂଲ୍ୟବାନ ସାମଗ୍ରୀର ସୂଚନା ଓ ଅଭିଯୋଗ ପ୍ରାପ୍ତ କରିବାପାଇଁ ଆୟକର ବିଭାଗ, ଓଡ଼ିଶା ଦ୍ୱାରା ୨୪×୭ କଲ୍ ସେଣ୍ଟର୍ ସୁବିଧା ସହିତ ନିମ୍ନଲିଖିତ ଯୋଗାଯୋଗ ନମ୍ବର ସହିତ ଭୁବନେଶ୍ୱରରେ ଏକ କେନ୍ଦ୍ରୀୟ ନିୟନ୍ତ୍ରଣ କକ୍ଷ ସହିତ ସୂଚନା ଅଭିଯୋଗ ପ୍ରକୋଷ୍ଠ ସ୍ଥାପିତ ହୋଇଛି ।

**ନିର୍ବାଚନ ନିୟନ୍ତ୍ରଣ ପ୍ରକୋଷ୍ଠ ସହ ଅଭିଯୋଗ ପରିଚାଳନା ପ୍ରକୋଷ୍ଠ**

**ଟୋଲ୍ ଫ୍ରି ନମ୍ବର: 1800-345-7921**

**ହ୍ୱାଟ୍ସଆପ୍ ନମ୍ବର : 9438917442**

**ଇ ମେଲ କରନ୍ତୁ: Bhubaneswar.addidit.inv2@incometax.gov.in**

ନିର୍ବାଚନ ସମ୍ବନ୍ଧୀୟ କୌଣସି ପ୍ରକାର ଅନୁଚିତ ନଗଦ ରାଶିର ଲେଣଦେଣ କିମ୍ବା ଅଘୋଷିତ ନଗଦ ରାଶି ଓ ମୂଲ୍ୟବାନ ସାମଗ୍ରୀର ସୂଚନା ବିଷୟରେ ଦୟାକରି ଉପରୋକ୍ତ ନମ୍ବରରେ ସୂଚନା ଦିଆଯାଇପାରିବ ।

ସ୍ୱା/- ବିମଳେନ୍ଦୁ ତୁଡୁ
ଯୁକ୍ତ ନିର୍ଦ୍ଦେଶକ, ଆୟକର (ଅନ୍ୱେଷଣ)
ୟୁନିଟ୍ -୨ ସହ ନୋଡାଲ ଅଧିକାରୀ (ଇ.ଇ.ଏମ.), ଭୁବନେଶ୍ୱର

## ନଭେମ୍ବର ୨୩ରେ ଟାଟା ଷ୍ଟିଲ୍‌ର ରନ୍-ଏ-ଥନ୍

# ମୋଟ ପୁରସ୍କାର ରାଶି ୫.୬୭ ଲକ୍ଷ ଟଙ୍କା




ଯୋଡ଼ା, ୩।୧୧(ସମିସ): ଟାଟା ଷ୍ଟିଲ୍ ପକ୍ଷରୁ ଟାଟା ଷ୍ଟିଲ୍ ଯୋଡା ରନ୍-ଏ-ଥନ୍‌ର ଦ୍ୱିତୀୟ ସଂସ୍କରଣ ଘୋଷଣା କରାଯାଇଛି। ଚଳିତବର୍ଷର ବିଷୟବସ୍ତୁ ହେଉଛି 'ପ୍ରତି ପାଦ ଏକ ସବୁଜ ଭବିଷ୍ୟତ ଆଡକୁ'। ଟାଟା ଷ୍ଟିଲ୍ ଓର୍ ମାଇନ୍ସ ଆଣ୍ଡ କ୍ୱାରିଜ୍ (ଓଏମ୍‌କ୍ୟୁ) ଡିଭିଜନର ଏହି ସିଗ୍‌ନେଚର କାର୍ଯ୍ୟକ୍ରମ ନଭେମ୍ବର ୨୩ ସକାଳ ୬ଟାରୁ କେନ୍ଦ୍ରୀୟ ଖେଳ ପଡ଼ିଆରେ ଆରମ୍ଭ ହେବ। ୧୦ କିମି ଓ ୭ କିମି (ପୁରୁଷ ଓ ମହିଳା), ୫ କିମି (ବାଳକ ଓ ବାଳିକା) ଏବଂ ଏକ ଅଣପ୍ରତିଯୋଗିତାମୂଳକ ୨ କିମି (ଦିବ୍ୟାଙ୍ଗ) ଭଳି ୩ଟି ପ୍ରତିଯୋଗିତାମୂଳକ ଦୌଡ଼ ରହିଛି। ମୋଟ ପୁରସ୍କାର ରାଶି ୫.୬୭ ଲକ୍ଷ ଟଙ୍କା ରଖାଯାଇଛି। ଓଏମ୍‌କ୍ୟୁର ମହାପ୍ରବନ୍ଧକ ଅତୁଲ୍ କୁମାର ଭଟ୍ଟନାଗର କହିଛନ୍ତି ଯେ ଯୋଡା ରନ୍-ଏ-ଥନ୍ ୨୦୨୫ରେ ସାଧାରଣ ଲୋକଙ୍କୁ ଏକତ୍ରିତ କରିବା ସହ ଫିଟ୍‌ନେସ୍ ଏବଂ ପରିବେଶ ସୁରକ୍ଷା ଦିଗରେ ସଚେତନତା ସୃଷ୍ଟି କରିବ। ଏକ ଦୀର୍ଘସ୍ଥାୟୀ ଓ ପରିବେଶ ଅନୁକୂଳ ଭବିଷ୍ୟତ ଦିଗରେ ଯୋଗଦାନ ଦେବାକୁ ସେ ଅନୁରୋଧ କରିଛନ୍ତି। ପ୍ରତ୍ୟେକ ପ୍ରତିଯୋଗୀ ପାଇଁ ଟାଟା ଷ୍ଟିଲ ଦ୍ୱାରା ଗୋଟିଏ ଚାରା ରୋପଣ ପାଇଁ ପ୍ରଦାନ କରାଯିବ। ସେହିପରି ଟାଟା ଷ୍ଟିଲ୍ ଜାମସେଦପୁର, କୋଲକାତା, ନୂଆମୁଣ୍ଡି ଏବଂ ମେରାମଣ୍ଡଳୀ କାର୍ଯ୍ୟକ୍ଷେତ୍ରରେ ଦୌଡ ଆୟୋଜନ କରାଯାଉଛି। ଟାଟା ଷ୍ଟିଲ ଯୋଡା ଚିଫ ରାଜେଶ କୁମାରଙ୍କ ସହ ଅନ୍ୟ ବରିଷ୍ଠ ଅଧିକାରୀ ଉପସ୍ଥିତ ଥିଲେ।

## ୩ ଦିନ ସମୟ

# ରାସ୍ତା କାର୍ଯ୍ୟ ଶେଷ ନହେଲେ ଶାଳପଡ଼ା ବାଇପାସ୍ ହେବ ଅବରୋଧ

ଆନନ୍ଦପୁର, ୩।୧୧ (ସମିସ)





ଆଗାମୀ ୩ ଦିନ ଅର୍ଥାତ ୫ ତାରିଖ ସୁଦ୍ଧା ଶାଳପଡ଼ା ସର୍ଭିସ ରୋଡ କାର୍ଯ୍ୟ ଶେଷ ନହେଲେ ରାସ୍ତା ଅବରୋଧ କରାଯିବ ବୋଲି ସୋମବାର ବାଇପାସ ବ୍ୟବସାୟୀ ସଙ୍ଘ ସଭାପତି ସନ୍ତୋଷ କୁମାର ଜେନା ଓ ମେ ଆଇ ହେଲ୍ପ ୟୁ ସଂଗଠନ ସଭାପତି ଦେବାରଞ୍ଜନ ସାହୁ ପ୍ରଶାସନକୁ ସତର୍କ କରାଇଛନ୍ତି। ପ୍ରଶାସନକୁ ଏହି ଚେତାବନୀ ମାଧ୍ୟମରେ ମୁଖ୍ୟମନ୍ତ୍ରୀ ଓ କେନ୍ଦୁଝର ଜିଲ୍ଲାପାଳଙ୍କ ଉଦ୍ଦେଶ୍ୟରେ ଏକ ଦାବିପତ୍ର ମଧ୍ୟ ଉପଜିଲ୍ଲାପାଳଙ୍କୁ ପ୍ରଦାନ କରାଯାଇଛି। ଦୁଇ ପାର୍ଶ୍ୱ ସର୍ଭିସ ରୋଡ କାର୍ଯ୍ୟ ନକରି ଜାତୀୟ ରାଜପଥ ବନ୍ଦ କରିବା ଯୋଗୁଁ ରାସ୍ତାରେ ବଡ଼ବଡ଼ ଖାଲହୋଇ ଘଣ୍ଟା ଘଣ୍ଟା ଟ୍ରାଫିକ୍ ଜାମ୍ ରହୁଛି। ଏହାଦ୍ୱାରା ଫସି ରହୁଛି ଆମ୍ବୁଲାନ୍ସ, ସ୍କୁଲ ବସ, ସାଧାରଣ ଯାନବାହନ। ୧୮ ମାସ ହେବ ଏଠାରେ ନୂଆ କରି ଏକ ଓଭରବ୍ରିଜ୍ କାମ ଚାଲିଥିବାରୁ ସର୍ଭିସ୍ ରୋଡ୍‌କୁ ମୁଖ୍ୟରାସ୍ତା ଭାବେ ବ୍ୟବହାର କରାଯାଉଛି। ହେଲେ ଠିକାଦାର ସର୍ଭିସ୍ ରୋଡର ରକ୍ଷଣାବେକ୍ଷଣ ପ୍ରତି ଆଖିବୁଜି ଦେଇଛନ୍ତି। ଶାଳପଡାଠାରେ ଭିୟୁପି ଓ ରାସ୍ତା ନିର୍ମାଣ ସରିବା ପର୍ଯ୍ୟନ୍ତ ଏହି ରାସ୍ତାରେ ଲୁହାପଥର ପରିବହନ ବନ୍ଦ କରିବାକୁ ବିଭିନ୍ନ ମହଲରେ ଦାବି ହୋଇଆସୁଥିଲା ବେଳେ ପ୍ରଶାସନ ଏ ଦିଗରେ ମଧ୍ୟ କୌଣସି ପଦକ୍ଷେପ ନେଉନାହିଁ। ଠିକସଂସ୍ଥାର ଅବଧି ଶେଷ ହୋଇ ଚାରିଥର କଣ୍ଟ ଖିଲାପ କରିସାରିଛି। ଏଯାଏ ନିର୍ମାଣ କାର୍ଯ୍ୟ ସରୁ ନଥିବାରୁ ସାଧାରଣରେ ଅସନ୍ତୋଷ ବଢ଼ିବାରେ ଲାଗିଛି। ସର୍ଭିସ ରୋଡ ଅବସ୍ଥା ପ୍ରତିମୁହୂର୍ତ୍ତରେ ଶୋଚନୀୟ ହୋଇପଡୁଥିବାରୁ ଛାତ୍ରଛାତ୍ରୀ ଓ ସ୍କୁଲ ବସ ନିର୍ଦ୍ଧାରିତ ସମୟରେ ସ୍କୁଲ କଲେଜରେ ପହଞ୍ଚି ପାରୁନାହାନ୍ତି। ପ୍ରାଥମିକତା ଦୃଷ୍ଟିରୁ ଏହି ରାସ୍ତାରେ ଲୁହାପଥର ଟ୍ରକ ଚଳାଚଳ ବନ୍ଦ କରିବା ପାଇଁ ଅଞ୍ଚଳବାସୀ ଦାବି କରିଛନ୍ତି।


## ସ୍କୁଟି ଓ ପାଚେରିକୁ ପିଟି ବାଇକ୍ ପଲଟିଲା; ୩ ଗୁରୁତର

ତୁରୁମୁଙ୍ଗା, ୩।୧୧(ସମିସ): ତୁରୁମୁଙ୍ଗା ଥାନା ରାଜନଗର ରାସ୍ତାର ଲକ୍ଷ୍ମୀମଣ୍ଡପ ନିକଟରେ ଏକ ବାଇକ୍ ଦ୍ରୁତଗତିରେ ଯାଇ ଘର ସମ୍ମୁଖରେ ଛିଡ଼ା ହୋଇଥିବା ଏକ ସ୍କୁଟିକୁ ଧକ୍କାଦେଇ ପାଚେରିକୁ ଧକ୍କା ଦେବା ଫଳରେ ବାଇକ୍‌ଟି ଭାଙ୍ଗିଯିବା ସହ ବାଇକରେ ଥିବା ୩ ଜଣ କଲେଜ ଛାତ୍ର ଗୁରୁତର ହୋଇଛନ୍ତି। ଗୁରୁତର ତିନି ଜଣଙ୍କୁ ପୁଲିସ ଉଦ୍ଧାର କରି କେନ୍ଦୁଝର ଧରଣୀଧର ମେଡିକାଲ କଲେଜରେ ଭର୍ତ୍ତି କରିଛି। ଗୁରୁତର ହେଲେ ବାରଡାଙ୍ଗୁଆ ଗ୍ରାମର ଉଦ୍ଧବ ମହାନ୍ତ ଙ୍କ ପୁଅ ଅନୀଲ, ଦୁର୍ଯ୍ୟୋଧନ ପାତ୍ରଙ୍କ ପୁଅ ଭରତ ଏବଂ ପୁରନ୍ଦର ମହାନ୍ତଙ୍କ ପୁଅ ଡମ୍ବରୁଧର। ସୂଚନା ଅନୁସାରେ, ତୁରୁମୁଙ୍ଗା କଲେଜରୁ ୪ ଜଣ



ଛାତ୍ର ଏକ ବାଇକରେ ଆସୁଥିବା ସମୟରେ ନିହୁଆଁ ଛକ ନିକଟରେ ସେମାନଙ୍କୁ ପୁଲିସ ଅଟକାଇଥିଲା। ସେମାନେ ଦ୍ରୁତଗତିରେ ଝାରବେଡା ଛକରୁ ରାଜନଗର ରାସ୍ତା ଦେଇ ଯାଉଥିବା ସମୟରେ ତୁରୁମୁଙ୍ଗା ଲକ୍ଷ୍ମୀ ମଣ୍ଡପ ପାଖରେ ଘର ସମ୍ମୁଖରେ ଛିଡ଼ା ହୋଇଥିବା ମିନା ସାହୁଙ୍କ ସ୍କୁଟିକୁ ଧକ୍କା ଦେଇଥିଲେ। ଏହା ଫଳରେ ଘରର ପାଚେରିକୁ ଧକ୍କା ଦେଇଥିଲେ। ଦୁର୍ଘଟଣାରେ ସ୍କୁଟି ଓ ବାଇକ୍ ଚୁରମାର ହେବା ସହ ପାଚେରି ମଧ୍ୟ ଭାଙ୍ଗି ଯାଇଛି। ପୁଲିସ ଦୁର୍ଘଟଣାଗ୍ରସ୍ତ ଗାଡ଼ିକୁ ଜବତ କରିବା ସହ ଥାନା ଏଏସ୍‌ଆଇ ସାୟଦ ସଲିମ ହୁସେନ ତଦନ୍ତ ଜାରି ରଖିଛନ୍ତି।

## ଧାଉଡ଼ିଡିହାରେ ଶ୍ରୀରାଧାକୃଷ୍ଣ ପୂଜା



ଆନନ୍ଦପୁର, ୩।୧୧ (ସମିସ): ଘସିପୁରା ବ୍ଲକ ଅନ୍ତର୍ଗତ ଧାଉଡ଼ିଡିହା ଗ୍ରାମରେ ରାଧାକୃଷ୍ଣ କ୍ଲବ୍‌ର ସଭାପତି ଧନେଶ୍ୱର ରାଉତ ଓ ସମ୍ପାଦକ ପ୍ରଦୀପ ଚନ୍ଦଙ୍କ ତତ୍ତ୍ୱାବଧାନରେ ଶ୍ରୀରାଧାକୃଷ୍ଣଙ୍କ ପୂଜା ଭାବ-ଭକ୍ତିର ପାଳିତ ହେଉଛି। ନଦୀରୁ ବ୍ରତଧାରୀ କଳସ ଆଣିବା ପରେ ପୂଜା ମଣ୍ଡପରେ ଘଟ ସ୍ଥାପନା କରାଯାଇଥିଲା। ପୂଜକ କେଦାରନାଥ ରଥ ଓ ସନ୍ତୋଷ କୁମାର ଦାଶ ଯଥା ରୀତିନୀତିରେ ପୂଜା ଆରମ୍ଭ କରିଥିବା ବେଳେ ଧାଉଡିଡିହା ରାସପୂର୍ଣ୍ଣୀମା ପୂଜା କମିଟିର ଆନନ୍ଦ ସାହୁ, କ୍ଷୀରୋଦ ଚନ୍ଦ, ବିଶ୍ୱରଂଜନ ସା, ଚନ୍ଦନ ବଳ, ବିଚିତ୍ର ଚନ୍ଦ, ରାଧାରମନ୍ ବେହେରା, ଜଗବନ୍ଧୁ ବଳ, ସିକୁନୁ ରାଉତ ପ୍ରମୁଖ ପରିଚାଳନା କରୁଛନ୍ତି।

## • କଣ୍ଟିପାଳ ସରପଞ୍ଚଙ୍କ ବିରୋଧରେ ଅନାସ୍ଥା ପ୍ରସ୍ତାବ

# ଉପଜିଲ୍ଲାପାଳଙ୍କ କାର୍ଯ୍ୟାଳୟରେ ୱାର୍ଡସଭ୍ୟଙ୍କ ଧାରଣା



ଆନନ୍ଦପୁର, ୩।୧୧ (ସମିସ): ଆନନ୍ଦପୁର ବ୍ଲକ୍ କଣ୍ଟିପାଳ ପଞ୍ଚାୟତ ସରପଞ୍ଚଙ୍କ ବିରୋଧରେ ଅନାସ୍ଥା ପାଇଁ ହୋଇଥିବା ଅଭିଯୋଗର କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଉ ନଥିବା ପ୍ରତିବାଦରେ ସୋମବାର ପଞ୍ଚାୟତର ୱାର୍ଡସଭ୍ୟମାନେ ଉପଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ସମ୍ମୁଖରେ ଧାରଣାରେ ବସିରହିଛନ୍ତି। ଗତ ଅକ୍ଟୋବର ୨୭ରେ ଆନନ୍ଦପୁର ଉପଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ଏବଂ ଆନନ୍ଦପୁର ଥାନାରେ ଆଗୁଆ ସୂଚନା ଦିଆଯାଇଥିଲା। ସେପ୍‌ଟେମ୍ବର ୧ ତାରିଖରେ କଣ୍ଟିପାଳ ସରପଞ୍ଚଙ୍କ ବିରୋଧରେ ଅନାସ୍ଥା ପ୍ରସ୍ତାବ ଆଗତ ପାଇଁ ପଞ୍ଚାୟତର ୮ ଜଣ ୱାର୍ଡସଭ୍ୟ ଉପଜିଲ୍ଲାପାଳଙ୍କ କାର୍ଯ୍ୟାଳୟରେ ଆବେଦନ କରିବା ପରେ ଉପଜିଲ୍ଲାପାଳଙ୍କ ନିର୍ଦ୍ଦେଶରେ ଆନନ୍ଦପୁର ବିଡିଓଙ୍କ ଦ୍ୱାରା ୨୬.୯.୨୦୨୫ରେ ୱାର୍ଡସଭ୍ୟସଭ୍ୟାଙ୍କର ଦସ୍ତଖତ ଯାଞ୍ଚ କରାଯାଇଥିଲା। ଏହି ଅନାସ୍ଥା ପ୍ରସ୍ତାବ ଆଗତ ପ୍ରକ୍ରିୟାରେ ବିଳମ୍ବ ହେବାରୁ ୱାର୍ଡସଭ୍ୟମାନେ ଜିଲ୍ଲାପାଳଙ୍କ ଅଭିଯୋଗ ଶୁଣାଣିରେ ଅଭିଯୋଗ ଦାଖଲ କରିଥିଲେ। ୧୧ ୱାର୍ଡ ବିଶିଷ୍ଟ ପଞ୍ଚାୟତରେ ଦୁଇ ୱାର୍ଡସଭ୍ୟ ବ୍ୟକ୍ତିଗତ କାରଣରୁ ନିଜ ପଦରୁ ଓହରିଯାଇଥିବାବେଳେ ୯ ଜଣ ୱାର୍ଡସଭ୍ୟସଭ୍ୟା ଦାୟିତ୍ୱରେ ଅଛନ୍ତି। ସେଥିମଧ୍ୟରୁ ସରପଞ୍ଚଙ୍କ ବିରୋଧରେ ୮ ଜଣ ୱାର୍ଡସଭ୍ୟସଭ୍ୟା ଅନାସ୍ଥା ପ୍ରସ୍ତାବ ଆଗତ ପାଇଁ ପ୍ରସ୍ତାବ ରଖିଛନ୍ତି। ଏଭଳି ପରିସ୍ଥିତିରେ କଣ୍ଟିପାଳ ସରପଞ୍ଚଙ୍କ ପଦ ଏବେ ସଙ୍କଟରେ ରହିଛି।

# ପୂର୍ବତନ ଜିଲ୍ଲା ପରିଷଦ ସଞ୍ଜୟ ରାଉତଙ୍କ ପ୍ରତିମୂର୍ତ୍ତି ଉନ୍ମୋଚିତ



ହାଟଡ଼ିହୀ,୩।୧୧(ସମିସ): ହାଟଡ଼ିହୀ ବ୍ଲକ ୩୬ ନମ୍ବର ଜୋନର ପୂର୍ବତନ ଜିଲ୍ଲା ପରିଷଦ ସଭ୍ୟ ସ୍ୱର୍ଗତ ସଞ୍ଜୟ ରାଉତଙ୍କ ପ୍ରଥମ ଶ୍ରାଦ୍ଧବାର୍ଷିକୀ ଅବସରରେ ତାଙ୍କ ପ୍ରତିମୂର୍ତ୍ତି ଉନ୍ମୋଚନ ଓ ଶ୍ରଦ୍ଧାଞ୍ଜଳି ସଭା ଅନୁଷ୍ଠିତ ହୋଇଯାଇଛି। ଏଥିରେ ବିଶିଷ୍ଟ ଶିକ୍ଷାବିତ ପ୍ରାଣବଲ୍ଲଭ ପାଢ଼ୀ, ରାଧାଗୋବିନ୍ଦ ଦାସ, ପୂର୍ବତନ ସମିତିସଭ୍ୟ ଅକ୍ଷୟ ବରାଳ, ପୂର୍ବତନ ସରପଞ୍ଚ ଛବିନ୍ଦ୍ର ନାୟକ, ବିଶିଷ୍ଟ କବି ଡ ଅଶୋକ ପୁହାଣ, ଶିକ୍ଷାବିତ ଗିରିଧାରୀ ପଟ୍ଟନାୟକ, ପୂର୍ବତନ ସରପଞ୍ଚ ଶଶାଙ୍କ ଶେଖର ପୁହାଣ, ବ୍ଲକ ଉପାଧ୍ୟକ୍ଷ ରତିକାନ୍ତ ରାଉତ, ପୂର୍ବତନ ବିଧାୟକ ମାୟାଧର ଜେନା, ମାର୍କଣ୍ଡ ଚରଣ ଓଝା, ସରପଞ୍ଚ ପ୍ରଶାନ୍ତ ରାଉତ, ପ୍ରଶାନ୍ତ ପଟ୍ଟନାୟକ, ପଦ୍ମନାଭ ଜେନା, ବ୍ଲକ ଅଧ୍ୟକ୍ଷା ସାବିତ୍ରୀ ସେଠୀ, ଜିଲ୍ଲା ପରିଷଦ କୌଶଲ୍ୟା ସେଠୀ, କୀର୍ତ୍ତନ ନାୟକ, ସନ୍ତୋଷ ପଣ୍ଡା, ସନାତନ ଓଝା, ଚିନ୍ତାମଣି ରାଉତ, ବିକ୍ରମଦେବ ରାଉତରାୟ, ରବୀନ୍ଦ୍ର କୁମାର ରାଜ, ମହେନ୍ଦ୍ର କୁମାର ମହାପାତ୍ର, ଚୈତନ ବେହେରାଙ୍କ ସମେତ ବହୁ ମାନ୍ୟଗଣ୍ୟ ବ୍ୟକ୍ତି ଯୋଗଦେଇ ସଞ୍ଜୟ ରାଉତଙ୍କ କର୍ମମୟ ଜୀବନର ସ୍ମୃତିଚାରଣ କରିଥିଲେ। ବଡ଼ଭାଇ ସୁଧାଂଶୁ ରାଉତ, ସୋମନାଥ ରାଉତ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।

## ଦଧିବାମନ ଡିଗ୍ରୀ କଲେଜରେ ଦୁର୍ନୀତି ନିବାରଣ ସପ୍ତାହ




ତୁରୁମୁଙ୍ଗା, ୩।୧୧(ସମିସ): କେନ୍ଦୁଝର ଜିଲ୍ଲା ପାଟଣା ବ୍ଲକ ତୁରୁମୁଙ୍ଗାସ୍ଥିତ ଦଧିବାମନ ଡିଗ୍ରୀ ମହାବିଦ୍ୟାଳୟରେ ସୋମବାର ଦୁର୍ନୀତି ନିବାରଣ ସପ୍ତାହ ଉପଲକ୍ଷେ ଏକ ସଚେତନତା କାର୍ଯ୍ୟକ୍ରମ ମହାବିଦ୍ୟାଳୟର ଅଧ୍ୟକ୍ଷ ଡ ତୈଲୋକ୍ୟ ପରିଡାଙ୍କ ସଭାପତିତ୍ୱରେ ଅନୁଷ୍ଠିତ ହୋଇଯାଇଛି। କାର୍ଯ୍ୟକ୍ରମରେ ତୁରୁମୁଙ୍ଗା ଥାନା ଏଏସ୍‌ଆଇ ସୟିଦ ସଲିମ ହୁସେନ୍ ଛାତ୍ରଛାତ୍ରୀଙ୍କୁ ଦୁର୍ନୀତି ନିବାରଣ ଉପରେ ସଚେତନ କରାଇଥିଲେ। କାର୍ଯ୍ୟକ୍ରମରେ ଅଧ୍ୟାପକ ତ୍ରିନାଥ ମହାନ୍ତ, ପଦ୍ମଲୋଚନ ସାହୁ, ଅଜୟ ବେହେରା, ରଣଜିତ ବେହେରା ଛାତ୍ରଛାତ୍ରୀଙ୍କୁ ଉତ୍ତମ ନାଗରିକ ହେବା ସହ ଦୁର୍ନୀତିମୁକ୍ତ ସମାଜ ଗଠନ ଦିଗରେ ଆବଶ୍ୟକ ପଦକ୍ଷେପ ନେବା ସହ ଗଣତାନ୍ତ୍ରିକ ମୂଲ୍ୟବୋଧକୁ ସୁଦୃଢ଼ କରିବାକୁ ପରାମର୍ଶ ଦେଇଥିଲେ।

## କେନ୍ଦୁଝରରେ ଯୁଗ୍ମ ଅଭିଯୋଗ ଶୁଣାଣି



କେନ୍ଦୁଝର,୩।୧୧(ସମିସ): କେନ୍ଦୁଝର ଜିଲ୍ଲାପାଳ ବିଶାଲ ସିଂହଙ୍କ ନେତୃତ୍ୱରେ କେନ୍ଦୁଝର ଜିଲ୍ଲା ସଦର ମହକୁମା ଦରବାର ହଲ୍‌ଠାରେ ଜନସାଧାରଣଙ୍କ ଅଭିଯୋଗ ଶୁଣାଣି ଅନୁଷ୍ଠିତ ହୋଇଯାଇଛି। ଏହି ଅଭିଯୋଗ ଶୁଣାଣି କାର୍ଯ୍ୟକ୍ରମରେ ମୋଟ୍ ୨୦୭ ଅଭିଯୋଗ ଗ୍ରହଣ କରାଯାଇଥିଲା। ସମୁଦାୟ ଅଭିଯୋଗ ମଧ୍ୟରୁ ୨୨ ଅଭିଯୋଗ ଗୋଷ୍ଠୀ ସମସ୍ୟା/ଗ୍ରାମ୍ୟ ସମସ୍ୟାମୂଳକ ହୋଇଥିବାବେଳେ ୧୮୫ଟି ଅଭିଯୋଗ ବ୍ୟକ୍ତିଗତ ସମସ୍ୟା ରହିଥିଲା। ୨୯ଟି ଅଭିଯୋଗର ତୁରନ୍ତ ଫଇସଲା କରାଯାଇଥିଲା। ଜିଲ୍ଲା ରେଡକ୍ରସ ପାଣ୍ଠିରୁ ସହାୟତା ପାଇଁ ୧୦ ଆବେଦନପତ୍ର ଗ୍ରହଣ କରାଯାଇଥିଲା। ଏହି ଶୁଣାଣିରେ ଆରକ୍ଷୀ ଅଧୀକ୍ଷକ ନୀତିନ କୁଶଲକର, ବନଖଣ୍ଡ ଅଧିକାରୀ ଧନରାଜ ଏଚଡି, ଜିଲ୍ଲା ଖଣିଜ ପ୍ରତିଷ୍ଠାନ କେନ୍ଦୁଝରର ମୁଖ୍ୟ ନିର୍ବାହୀ ଅଧିକାରୀ ରୀନା ପ୍ରଧାନ, ଅତିରିକ୍ତ ଜିଲ୍ଲାପାଳ ମନ୍ଦରଧର ମହାଳିକ, ରବୀନ୍ଦ୍ର କୁମାର ପ୍ରଧାନ, ଜିଲ୍ଲା ମୁଖ୍ୟ ଚିକିତ୍ସା ଏବଂ ଜନ ସ୍ୱାସ୍ଥ୍ୟ ଅଧିକାରୀ ଡା ବିନୋଦ ବିହାରୀ ମିଶ୍ର ଏବଂ ସହକାରୀ ଜିଲ୍ଲାପାଳ ସରୋଜ କୁମାର ମଲ୍ଲିକଙ୍କ ସମେତ ଜିଲ୍ଲା ସ୍ତରର ବିଭିନ୍ନ ବିଭାଗୀୟ ଅଧିକାରୀ ଯୋଗ ଦେଇଥିଲେ।

# ବିଜେଡିର ଜନସମ୍ପର୍କ ପଦଯାତ୍ରା



ବଡ଼ବିଲ, ୩।୧୧(ସମିସ): ବଡ଼ବିଲ ବିଜେଡି ପକ୍ଷରୁ ସୋମବାର ଜନସମ୍ପର୍କ ପଦଯାତ୍ରା ଅନୁଷ୍ଠିତ ହୋଇଯାଇଛି। କେନ୍ଦୁଝର ଜିଲ୍ଲା ବିଜେଡି ସଭାପତି ଆଶିଷ ଚକ୍ରବର୍ତ୍ତୀ ଓ ବଡ଼ବିଲ ଟାଉନ ସଭାପତି ସଞ୍ଜୟ ନାଏକଙ୍କ ନେତୃତ୍ୱରେ ବଡ଼ବିଲ ପୌରାଞ୍ଚଳରେ ଏକ ଶୋଭାଯାତ୍ରାରେ ବଡ଼ବିଲ ଟାଉନ ବରିଷ୍ଠ ବିଜେଡି ନେତା ମୋହନ ଗୁପ୍ତା, କାଉନସିଲର ଦେବଶ୍ରୀ ଗିରିଙ୍କ ସହ ଶତାଧିକ ପୁରୁଷ ଓ ମହିଳା ଏବଂ ଦଳୀୟକର୍ମୀଙ୍କ ସାମିଲ ହୋଇଥିଲେ। ହରିହର ମନ୍ଦିର ପ୍ରାଙ୍ଗଣରୁ ଆରମ୍ଭ ହୋଇଥିବା ଶୋଭାଯାତ୍ରା, ବାଟାଛକ, ଫିଲ୍ମହଲଛକ ଦେଇ ସୀତାରାମ ରୁଙ୍ଗଟା ମ୍ୟୁନିସପାଲିଟି ଟାଉନ ହଲଠାରେ ପହଞ୍ଚିଥିଲା। ସେଠାରେ ଏକ ସାଧାରଣ ସଭାରେ ମଞ୍ଚସୀନ ଦଳୀୟ ନେତା ପ୍ରମୁଖ ବିଗତ ବିଜେଡି ଦଳର ସୁଶାସନର ବାର୍ତ୍ତା ପ୍ରଦାନ କରିଥିଲେ। ଦଳୀୟ କର୍ମୀ ଏମଡି. ଗୁଫ୍ରାନ, ଏମଡି. ଜାଭେଦ୍, ଚିନ୍ମୟ ଗିରି, ତ୍ରିଲୋକୀ ପ୍ରସାଦ, ମୃତ୍ୟୁଞ୍ଜୟ ଦାସ, ସୁଲେଖା ତନ୍ତୀ, ସନ୍ଧ୍ୟାରାଣୀ ଦେବତା, ମଞ୍ଜୁ କୌର, ଶିଳା କୌର, ମୋନୋରମା ନାୟକ, ଅଞ୍ଜୁ ପାତ୍ର ପରିଚାଳନା କରିଥିଲେ।

# ମହ୍ଲାରପଦାରେ ମା'ମଙ୍ଗଳା ମନ୍ଦିରର ପ୍ରତିଷ୍ଠା ଉତ୍ସବ



ହାଟଡ଼ିହୀ,୩।୧୧(ସମିସ): ହାଟଡ଼ିହୀ ନିକଟସ୍ଥ ମହ୍ଲାରପଦା ଗ୍ରାମରେ ଥିବା ମା'ମଙ୍ଗଳାଙ୍କ ନବନିର୍ମିତ ମନ୍ଦିରର ପ୍ରତିଷ୍ଠା ଉତ୍ସବ ଅନୁଷ୍ଠିତ ହୋଇଯାଇଛି। ଶନିବାର ସକାଳୁ ନିକଟସ୍ଥ ପୋଖରୀରୁ ଘଟତ୍ତୋଳନ କରାଯାଇ ଗ୍ରାମ ପରିକ୍ରମା କରାଯିବା ପରେ ଯଜ୍ଞ ମଣ୍ଡପରେ କଳସ ସ୍ଥାପନ କରାଯାଇ ରୀତିନୀତି ମତେ ପୂଜାର୍ଚ୍ଚନା କରାଯାଇଥିଲା। ପଣ୍ଡିତ ସୁଧାଂଶୁ ଶେଖର ପତି, ସୁନୀଲ ମିଶ୍ର, କିଶୋର ଆଚାର୍ଯ୍ୟ ପ୍ରମୁଖଙ୍କ ସହ ସରୋଜ କୁମାର ରାଉତ, ଅହଲ୍ୟା ରାଉତ କର୍ତ୍ତା ଭାବେ ନୀତିକାନ୍ତିରେ ସମାପନ କରିଥିଲେ। ମନୋରମା ବରାଳ, ରଞ୍ଜିତା ରାଉତ, ରଶ୍ମିତା ରାଉତ, ମନୋରମା ବରାଳ, ରମାମଣି ସାହୁ, ରଶ୍ମିତା ସାହୁ, କିରଣବାଳା ରାଉତ, ରାଜଲକ୍ଷ୍ମୀ ମହାନ୍ତି, ରାଜଶ୍ରୀ ସାହୁ, ସୁଲୋଚନା ସାହୁ, ରେଣୁକା ସାହୁ, ତପସ୍ୱିନୀ ରାଉତ, ସଞ୍ଜୁଲତା ସାହୁ, ପ୍ରଭାସିନୀ ମହାନ୍ତି, ସହକର୍ତ୍ତା ରହିଥିଲେ। ସରୋଜିନୀ ରାଉତ, ଶଶିକାନ୍ତ ରାଉତ, ଅହଲ୍ୟା ରାଉତ, ବିଷ୍ଣୁପ୍ରିୟା ରାଉତ, ଭାନୁମତୀ ରାଉତ, ଶାନ୍ତିଲତା ରାଉତ, ଗୋପାଳ ସାହୁ, ମଦନ ମହାନ୍ତି, ପଦ୍ମନାଭ ମହାନ୍ତି, ରବିନ୍ଦ୍ର ସାହୁ, ଚନ୍ଦ୍ରକାନ୍ତ ରାଉତଙ୍କ ସମେତ ଗ୍ରାମବାସୀ ପରିଚାଳନା କରିଥିଲେ।

# କେନ୍ଦୁଝର ଜିଲ୍ଲା କ୍ରୀଡ଼ା ସଂଘର ସମ୍ପାଦକଙ୍କ ବିୟୋଗ

କେନ୍ଦୁଝର,୩।୧୧(ସମିସ): ସୋମବାର ସକାଳେ ଚିକିତ୍ସାଧୀନ ଅବସ୍ଥାରେ କେନ୍ଦୁଝର ଜିଲ୍ଲା କ୍ରୀଡା ସଂସ୍ଥା ସାଧାରଣ ସମ୍ପାଦକ ଡ ଜନାର୍ଦ୍ଦନ ଦାଶଙ୍କ ପରଲୋକ ହୋଇଯାଇଛି। ଦୁଇ ତିନି ଦିନ ଧରି ପେଟରେ ଗ୍ୟାସ୍‌ଜନିତ ରୋଗରେ ପୀଡିତ ଥିଲେ। ମୃତ୍ୟୁଶଯ୍ୟା ନିକଟରେ ପତ୍ନୀ ବନଲତା, ପୁତ୍ର ଜନବନ, ଜବ୍ରୁବନ, କନ୍ୟା ଜିନବୀନ, ପୁତ୍ରବଧୂ, ଜାମାତା ନାତିନାତୁଣୀ ସମ୍ପର୍କୀୟ ଉପସ୍ଥିତ ଥିଲେ। କେନ୍ଦୁଝର ଜିଲ୍ଲା କ୍ରୀଡା ସଂସ୍ଥାର ସାଧାରଣ ସମ୍ପାଦକ ଭାବେ ଏକ ଦଶନ୍ଧି ଧରି କାର୍ଯ୍ୟ କରିଥିଲେ। ଜଣେ ଅବସରପ୍ରାପ୍ତ ଭୂତତ୍ତ୍ୱବିତ ସହ ରାଜ୍ୟ ଅଲମ୍ପିକ ଆସୋସିଏସନ, ତୀରନ୍ଦାଜ ସଙ୍ଘ, ଫୁଟବଲ ସଙ୍ଘ, ଖୋଖୋ ସଙ୍ଘ, କବାଡି ସଙ୍ଘ, ଥ୍ରୋ-ବଲ ସଙ୍ଘ, ଆଥଲେଟିକ ସଙ୍ଘର ରାଜ୍ୟ ଉପସଭାପତି ଭାବେ ସେ କାର୍ଯ୍ୟ କରି ଆସିଛନ୍ତି। ତାଙ୍କ ବିୟୋଗରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଏବଂ ବହୁ ବିଶିଷ୍ଟ ବ୍ୟକ୍ତି ଗଭୀର ଶୋକ ପ୍ରକାଶ କରିଛନ୍ତି। ମରଶରୀର କେନ୍ଦୁଝର ଷ୍ଟାଡିଅମରେ ପହଞ୍ଚିବା ପରେ ରାଜ୍ୟ ଓଏଏ ଓସିଏ ଏବଂ ଫାଓର କର୍ମକର୍ତ୍ତା ଅଭିଜିତ ପାଲ, ଧୀରେନ ପଲେଇ, ରାଜ୍ୟ ଆସୋସିଏସନ ପକ୍ଷରୁ ସଂଘ ପତାକା ଘୋଡାଇ ଶ୍ରଦ୍ଧାଞ୍ଜଳି ଜ୍ଞାପନ କରାଯିବା ସହ ଏକ କ୍ରୀଡା ଯୁଗର ଅବସାନ ଘଟିଲା ବୋଲି ସ୍ମୃତିଚାରଣ କରାଯାଇଥିଲା। ଜିଲ୍ଲା ପ୍ରଶାସନ ପକ୍ଷରୁ କ୍ରୀଡା କୋଚ ଜିତେନ୍ଦ୍ର ମହାକୁଡ, ଲୋକସମ୍ପର୍କ ଅଧିକାରୀ ସାର୍ଥକ ଅଭିନନ୍ଦନ ରାୟ,



କ୍ରୀଡ଼ାସଂସ୍ଥା କର୍ମକର୍ତ୍ତା ସୁରେଶ ପଟ୍ଟନାୟକ, ସରୋଜ ରଣା, ସଂଗ୍ରାମ ପଟ୍ଟନାୟକ, ରବିନ୍ଦ୍ର କୁମାର ପାଢୀ, ଗିରିଶ ହୋତା, ସନାତନ ବେହେରା, ପ୍ରଶାନ୍ତ ସାହୁ, ବରିଷ୍ଠ ସାମ୍ବାଦିକ ସତ୍ୟନାରାୟଣ ମିଶ୍ର, ଉପନଗରପାଳ ବରଦା ଦାସ, ଜିଲ୍ଲା ରେଡକ୍ରସ ଯୁଗ୍ମସମ୍ପାଦକ ଏଆର ଖାନ, ବିଜେପି ଜିଲ୍ଲା ସଭାପତି ଶୁକଦେବ ମହାନ୍ତ, ଦିଲୀପ ପଣ୍ଡା, ଓକିଲ ସଂଘ ସଭାପତି ଆଲୋକ ମହାନ୍ତ, ବରିଷ୍ଠ ନାଗରିକ ରମାନରାୟଣ ଦ୍ୱିବେଦୀ ଶ୍ରଦ୍ଧାଞ୍ଜଳି ଜ୍ଞାପନ କରିଥିଲେ। ବାସସ୍ଥାନ ବଡଶାସନରେ ମଧ୍ୟ ବହୁ ନରନାରୀ ଜନସାଧାରଣ ଶେଷ ଦର୍ଶନ କରିଥିଲେ। ସ୍ଥାନୀୟ ଆଦର୍ଶ ଶ୍ମଶାନରେ ଶେଷକୃତ୍ୟ ସମ୍ପନ୍ନ କରାଯାଇଛି।

# ରାଷ୍ଟ୍ରୀୟ ସ୍ୱୟଂସେବକ ସଂଘର ଯୁବ ସମ୍ମିଳନୀ

କେନ୍ଦୁଝର,୩।୧୧(ସମିସ)




ରାଷ୍ଟ୍ରୀୟ ସ୍ୱୟଂସେବକ ସଂଘ କେନ୍ଦୁଝର ପକ୍ଷରୁ ଜିଲ୍ଲା ପ୍ରେକ୍ଷାଳୟରେ ଏକ ଭବ୍ୟ ଯୁବ ସମ୍ମିଳନୀର ଆୟୋଜିତ ହୋଇଯାଇଛି। ସହରର ବିଭିନ୍ନ ସାଂସ୍କୃତିକ ଅନୁଷ୍ଠାନ ପକ୍ଷରୁ ଦେଶାତ୍ମବୋଧକ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିବା ବେଳେ ମୁଖ୍ୟଅତିଥି ଭାବେ ଘଟଗାଁ ସହକାରୀ ଶ୍ରମ ଅଧିକାରୀ ଘନଶ୍ୟାମ ମହାନ୍ତ, ସମ୍ମାନିତ ଅତିଥି ଭାବେ ଜିଲ୍ଲା ସଂଘଚାଳକ ଭାଗୀରଥି ପୃଷ୍ଟି ଓ ମୁଖ୍ୟବକ୍ତା ଭାବେ ତନ୍ମୟ ମହାପାତ୍ର ଯୋଗ ଦେଇଥିଲେ। ସ୍ୱଭାଷା, ସ୍ୱଦେଶୀ ଓ ସ୍ୱରାଜ୍ୟ ଆଧାରରେ ଶିକ୍ଷା, ସ୍ୱାସ୍ଥ୍ୟ, ବିଜ୍ଞାନ, ଅର୍ଥନୀତି, ବୈଷୟିକ ଜ୍ଞାନ, ଅନ୍ତରୀକ୍ଷ ବିଜ୍ଞାନର ପ୍ରୟୋଗ ଆଜିର ଆବଶ୍ୟକତା ବୋଲି ଶ୍ରୀ ମହାପାତ୍ର ମତ ବ୍ୟକ୍ତ କରିଥିଲେ। ଦ୍ୱିତୀୟ ସତ୍ରରେ ଜିଲ୍ଲା କାର୍ଯ୍ୟବାହ ବିନୋଦ ମହାନ୍ତ ମଞ୍ଚାସୀନ ଥିବା ବେଳେ ମୁଖ୍ୟବକ୍ତା ଭାବେ ବିଭାଗ ବୌଦ୍ଧିକ ପ୍ରମୁଖ ସତ୍ୟରଞ୍ଜନ ମହାକୁଡ ଆଗାମୀ ଦିନରେ ଭାରତକୁ ସମସ୍ତ କ୍ଷେତ୍ରରେ ଆତ୍ମନିର୍ଭର ଓ ସମୃଦ୍ଧଶାଳୀ କରି ବିଶ୍ୱଗୁରୁର ଆସନରେ ଅଧିଷ୍ଠିତ କରିବା ସ୍ୱପ୍ନ ହେଉ ବୋଲି ଆହ୍ୱାନ ଦେଇଥିଲେ। କାର୍ଯ୍ୟକ୍ରମରେ ଦୁଇ ଜଣ ଯୁବ ପ୍ରତିଭାଙ୍କ ସହ ବିଭିନ୍ନ ବର୍ଗରେ ଶ୍ରେଷ୍ଠ ବ୍ୟକ୍ତିତ୍ୱଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। ପୂର୍ବତନ ନୌସେନା କର୍ମଚାରୀ ତଥା ଚମ୍ପୁଆ ବ୍ଲକର ପଞ୍ଚାୟତ ନିର୍ବାହୀ ଅଧିକାରୀ ଦିବ୍ୟରଞ୍ଜନ ମହାନ୍ତ ଏବଂ ପୁଲିସ କର୍ମଚାରୀ ସିରପାଣି ମହାନ୍ତଙ୍କୁ ଏହି ମଞ୍ଚରେ ସମ୍ବର୍ଦ୍ଧିତ କରାଯାଇଥିଲା। ସ୍ୱିରିଟଜା ଏକାଡେମୀ ଏବଂ ଇନ୍ଦ୍ରଧନୁ ସଂସ୍କୃତିକ ସଂଗଠନ ପକ୍ଷରୁ ସାଂସ୍କୃତିକ କାର୍ଯ୍ୟକ୍ରମ ପରିବେଷଣ ପରେ କଳାକାର ଏବଂ ନେତୃତ୍ୱଙ୍କୁ ମଧ୍ୟ ସମ୍ବର୍ଦ୍ଧିତ କରାଯାଇଥିଲା। ଜିଲ୍ଲା ମହାବିଦ୍ୟାଳୟ ପ୍ରମୁଖ ମଳୟ କୁମାର ଖଣ୍ଡା ପରିଚାଳନା କରିଥିବା ବେଳେ ପ୍ରଭାତ ରଞ୍ଜନ ଗିରି, ସୌମ୍ୟରଞ୍ଜନ ମହାନ୍ତ, ସୌରଜିତ ପରିଡ଼ା, ଗଣେଶ ଦାସ, ପ୍ରମୋଦ ମହାନ୍ତ, ମୁକେଶ ସାହୁ, କାଳୀଚରଣ ମୁଣ୍ଡା, ପ୍ରତାପ ଝରା, ଲକ୍ଷ୍ମୀଧର ନାଏକ, ରାମ ବିଶ୍ୱାଳ ସହଯୋଗ କରିଥିଲେ। ବିଭିନ୍ନ ମହାବିଦ୍ୟାଳୟର ପାଞ୍ଚ ଶହରୁ ଯୁବ ବର୍ଗ ସାମିଲ ହୋଇଥିଲେ।

## ହାତୀ ଆକ୍ରମଣରେ ଯୁବକ ଗୁରୁତର



ଚମ୍ପୁଆ,୩।୧୧(ସମିସ): ଚମ୍ପୁଆ ରେଞ୍ଜ ଉଖୁଣ୍ଡା ସେକ୍ସନର ବଳବଦ୍‌ପୁର ଧଳା ଜଙ୍ଗଲରେ ଗୋଟିକିଆ ଦନ୍ତା ଆକ୍ରମଣରେ ୨୨ ବର୍ଷୀୟ ଯୁବକ ଗୁରୁତର ହୋଇଥିବା ଜଣାଯାଇଛି। ଗୁରୁତର ଅବସ୍ଥାରେ ତାଙ୍କୁ ପ୍ରଥମେ ଉଖୁଣ୍ଡା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ଓ ପରେ ଜିଲ୍ଲା ଚିକିତ୍ସାଳୟକୁ ସ୍ଥାନାନ୍ତରିତ କରାଯାଇଛି। ସୂଚନା ଅନୁସାରେ, ବଳବଦ୍‌ପୁର ପାତା ସାହିର ଜାକୁବ୍ ମୁଣ୍ଡାଙ୍କ ପୁଅ ନରେନ୍ଦ୍ର ମୁଣ୍ଡା ଗାଁ ନିକଟବର୍ତ୍ତୀ ଏକ ପଡ଼ିଆକୁ ଯାଉଥିବା ବେଳେ ଗୋଟିକିଆ ଦନ୍ତା ହାତୀ ତାଙ୍କୁ ଆକ୍ରମଣ କରିଥିଲା। ଫଳରେ ନରେନ୍ଦ୍ର ମୁଣ୍ଡାଙ୍କ ହାତରେ ଗଭୀର ଆଘାତ ଲାଗିଛି। ସ୍ଥାନୀୟ ଲୋକ ପାଟି କରି ହାତୀଟିକୁ ଘଉଡ଼ାଇଥିଲେ। ଏନେଇ ଉଖୁଣ୍ଡା ଫରେଷ୍ଟର ପ୍ରଦୀପ ବାରିକ କହିଛନ୍ତି, ଗୋଟିକିଆ ଦନ୍ତା ଦଳରୁ ବାହାରି ବୁଲୁଥିବା ଅବସ୍ଥାରେ ଏହି ଆକ୍ରମଣ କରିଛି।

## ମଦନପୁରରେ ଆର୍‌ଆଇ ଅଫିସ ଉଦ୍‌ଘାଟିତ

ଆନନ୍ଦପୁର, ୩।୧୧ (ସମିସ): ଘସିପୁରା ବ୍ଲକ ମଦନପୁରରେ ଆରଆଇ ଅଫିସ ଉଦଘାଟିତ ହୋଇଯାଇଛି। ୨୦୨୦ ମସିହାରେ ମଦନପୁରକୁ ନୂତନ ରାଜସ୍ୱ ସର୍କଲ ଭାବେ ଘୋଷଣା ହେବା ପରେ ଏହି ଗୃହ ପାଇଁ ୩୮ ଲକ୍ଷ ଟଙ୍କା ବ୍ୟୟ ମଞ୍ଜୁର ହୋଇଥିଲା। ଘର ସମ୍ପୂର୍ଣ୍ଣ ହେବାର ଦେଢ଼ ବର୍ଷ ପରେ ବି କାର୍ଯ୍ୟକ୍ଷମ ହୋଇପାରୁ ନଥିବାରୁ ଗତ ସୋମବାର ଗ୍ରାମବାସୀ ଜିଲ୍ଲାପାଳଙ୍କ ଅଭିଯୋଗ କରିଥିଲେ। ଜିଲ୍ଲାପାଳଙ୍କ ନିର୍ଦ୍ଦେଶକ୍ରମେ ଘସିପୁରା ତହସିଲଦାର ଅଭୟ ସ୍ୱାଇଁ ନୂତନ ରାଜସ୍ୱ ନିରୀକ୍ଷକଙ୍କ କାର୍ଯ୍ୟାଳୟ ଉଦଘାଟନ କରିଥିଲେ। ଆରଆଇ ବିଷ୍ଣୁପ୍ରିୟା ସାହୁ, ଏଆରଆଇ ମଲି ମାରାଣ୍ଡି, ନକୁଳ ସେଠୀ, ଏମଆଇ ସହକାରୀ ସୁଧାଂଶୁ ଶେଖର ଜେନା ଓ ଗ୍ରାମବାସୀ ସୁଧାଂଶୁ ଶେଖର କୁଅଁର, ବିଶ୍ୱରଂଜନ କୁଅଁର, ରାଜୀବ କୁଅଁର, କଳାକାର ପଲେଇ, ଦେବୀପ୍ରସନ୍ନ ଚକ୍ର, ଦୁର୍ଯ୍ୟୋଧନ ସେଠୀ, ଜଗବନ୍ଧୁ ପାଢ଼ୀ, ସୋମେନ୍ଦ୍ର କୁଅଁର, ସଦାଶିବ କବି, ଟିକିନା ବେହେରା, ବାବୁଲି କୁଅଁର ବାବୁଲି ସେଠୀ, କ୍ଷୀରୋଦ ବେହେରା ଉପସ୍ଥିତ ଥିଲେ।



# ଶିକ୍ଷକଙ୍କ ବଦଳିକୁ ବାଟବଣା କରିବାକୁ ପ୍ରୟାସ





ହାଟଡ଼ିହି,୩।୧୧(ସମିସ):

ହାଟଡ଼ିହି ବ୍ଲକ୍‌ବଡ଼ଝୋବରାହାଳ ଉଚ୍ଚ ପ୍ରାଥମିକ ବିଦ୍ୟାଳୟର ଅନିୟମିତତା ଅଭିଯୋଗରେ ହାଟଡ଼ିହି ଶିକ୍ଷାବିଭାଗର ଭାରପ୍ରାପ୍ତ ସହ ଶିକ୍ଷାଧିକାରୀ ପୂର୍ଣ୍ଣଚନ୍ଦ୍ର ଜେନା ଏହାର ତଦନ୍ତ କରିଥିଲେ। ତଦନ୍ତ ରିପୋର୍ଟ ଦାଖଲ ପରେ ସମ୍ପୃକ୍ତ ଶିକ୍ଷକଙ୍କୁ ଅନ୍ୟତ୍ର ବଦଳି କରାଯାଇଛି। ବଦଳିକୁ ବାଟମଣା କରିବାକୁ ସମ୍ପୃକ୍ତ ଶିକ୍ଷକ ଜଣଙ୍କ ଜୋରଦାର ପ୍ରୟାସ କରିଥିବା ଅଭିଯୋଗ ମଧ୍ୟରେ ଘଟଣାଟି ସରଗରମ ହୋଇପଡ଼ିଛି। କିଛି ସପକ୍ଷବାଦୀ ଅଭିଭାବକଙ୍କ ସହ ଆଲୋଚନା କରି ସୋମବାର ସେମାନେ ପିଲାଙ୍କୁ ସ୍କୁଲ ଭିତରକୁ ନଛାଡ଼ି ସ୍କୁଲ ଫାଟକ ସମ୍ମୁଖରେ ଟାୟାର ଜାଳି ଶିକ୍ଷକଙ୍କ ବଦଳିକୁ ରୋକିବା ପାଇଁ ଦବାଇଥିଲେ ବୋଲି ଆଲୋଚନାର ମୁଖ୍ୟ ପ୍ରସଙ୍ଗ ପାଲଟିଥିଲା। ଏଭଳି ଘଟଣାରେ ସମ୍ପୃକ୍ତ ଶିକ୍ଷକ ଓ ବଦଳିକୁ ବିରୋଧ କରୁଥିବା ଅଭିଭାବକଙ୍କ କାର୍ଯ୍ୟକଳାପକୁ ବିଭିନ୍ନ ମହଲରେ ତୀବ୍ର ନିନ୍ଦା କରାଯାଉଛି।

ଉକ୍ତ ବିଦ୍ୟାଳୟରେ ମୋଟ ୫୧ଜଣ ଛାତ୍ରଛାତ୍ରୀ ଅଧ୍ୟୟନ କରୁଥିବା ବେଳେ ଅନୁପାତ ଅନୁସାରେ ୨ରୁ ୩ଜଣ ଶିକ୍ଷକ ରହିବା ଆବଶ୍ୟକ। ଏଠାରେ ୫ ଜଣ ଶିକ୍ଷକଶିକ୍ଷୟିତ୍ରୀ ଶିକ୍ଷାଦାନ କରୁଛନ୍ତି। ସଂପୃକ୍ତ ଶିକ୍ଷକଙ୍କ ବଦଳି ହୋଇଥିବା ସ୍କୁଲରେ ଶିକ୍ଷକ ସଂଖ୍ୟା କମ୍ ରହିଥିବା ଯୋଗୁଁ ହାଟଡ଼ିହି ବିଇଓ ଶ୍ରୀ ଦଳାଇ ସମ୍ପୃକ୍ତ ଶିକ୍ଷକଙ୍କୁ ସେଠାକୁ ବଦଳି କରିଛନ୍ତି। ଶିକ୍ଷକ ଯେଉଁ ସ୍କୁଲକୁ ଗଲେ ମଧ୍ୟ ଶିକ୍ଷାଦାନ କରିପାରିବେ ତେବେ ଶିକ୍ଷକଙ୍କ ବଦଳିକୁ ନେଇ ଏଭଳି ଆଚରଣ ପ୍ରଦର୍ଶନ କରିବା ଆଦୌ ଶୋଭନୀୟ ନୁହଁ ବୋଲି ସ୍ଥାନୀୟ ବୁଦ୍ଧିଜୀବୀ କହିଛନ୍ତି। ଶିକ୍ଷକଙ୍କ ବଦଳି ଘଟଣାକୁ ନେଇ କିଛି ହାତଗଣତି ଅଭିଭାବକ ବିରୋଧ କରିଥିବା ବେଳେ ଅନେକ ଅଭିଭାବକ ଏହାକୁ ସମର୍ଥନ କରିଛନ୍ତି।

● ଛାତ୍ରଛାତ୍ରୀଙ୍କୁ ଉସକାଇ ଗ୍ରାମ୍ୟରାସ୍ତା ଅବରୋଧ
● ଶିକ୍ଷାଦାନ ବାଧାପ୍ରାପ୍ତ; ତହସିଲଦାରଙ୍କ ହସ୍ତକ୍ଷେପ

୧୯ ଜଣ ଛାତ୍ରଛାତ୍ରୀ ବିଦ୍ୟାଳୟ ଭିତରେ ଶିକ୍ଷାଲାଭ ପାଇଁ ଶ୍ରେଣୀଗୃହରେ ପଶିଥିବା ବେଳେ ସେମାନେ ହିଁ ମଧ୍ୟାହ୍ନ ଭୋଜନ ଖାଇଛନ୍ତି। ଏଥିରେ ଅଳ୍ପକିଛି ଛାତ୍ରଛାତ୍ରୀ ବାହାରେ ବସିଥିଲେ।

ଉପଜିଲ୍ଲାପାଳଙ୍କ ନିର୍ଦ୍ଦେଶକ୍ରମେ ହାଟଡ଼ିହି ତହସିଲଦାର ଶିବବ୍ରତ ତ୍ରିପାଠୀ ଘଟଣାସ୍ଥଳରେ ପହଞ୍ଚି ଘଟଣା ସମ୍ପର୍କରେ ଅନୁଧ୍ୟାନ କରିବା ସହିତ ଲୋକଙ୍କୁ ବୁଝାସୁଝା କରିବା ପରେ ଧାରଣା ପ୍ରତ୍ୟାହୃତ ହୋଇଥିଲା। ଶିକ୍ଷକ ଜଣକ ରିଲିଭ୍ ହୋଇସାରିଥିବା ବେଳେ ଏହା ଏକ ପ୍ରାୟୋଜିତ ଆନ୍ଦୋଳନ ବୋଲି କୁହାଯାଉଥିଲା। ଏ ସମ୍ପର୍କରେ ତହସିଲଦାର କହିଥିଲେ, ସେ ରେକର୍ଡପତ୍ର ଯାଞ୍ଚ କରି ଜାଣିବାକୁ ପାଇଲେ କି ସେଥିରେ ଅନେକ ତ୍ରୁଟି ରହିଛି; ଏଣୁ ଆସନ୍ତା ୭ଦିନ ମଧ୍ୟରେ ଏହାର ସମାଧାନ କରିବାକୁ ସେ ବିଇଓଙ୍କୁ ନିର୍ଦ୍ଦେଶ ଦେଇଛନ୍ତି।

ସୂଚନାଯୋଗ୍ୟ, ବିଦ୍ୟାଳୟର ଭାରପ୍ରାପ୍ତ ପ୍ରଧାନଶିକ୍ଷକ ସୂର୍ଯ୍ୟପ୍ରକାଶ ସେଠୀଙ୍କ ନାମରେ ମାଞ୍ଜିଆ ଲଡୁ ଓ ଛାତ୍ରବୃତ୍ତି ପ୍ରଦାନ ଅନିୟମିତତାକୁ ନେଇ ଜିଲ୍ଲାପାଳଙ୍କ ନିକଟରେ ଅଭିଯୋଗ ହୋଇଥିଲା। ଜିଲ୍ଲାପାଳଙ୍କ ନିର୍ଦ୍ଦେଶ ଅନୁଯାୟୀ, ବ୍ଲକ ଶିକ୍ଷାଧିକାରୀ ରାଜୀବ ଦଳେଇଙ୍କ ଦ୍ୱାରା ଏକ ସ୍ୱତନ୍ତ୍ର ଟିମ ଭାରପ୍ରାପ୍ତ ଶିକ୍ଷାଧିକାରୀ ପୂର୍ଣ୍ଣଚନ୍ଦ୍ର ଜେନାଙ୍କ ଦ୍ୱାରା ଅନିୟମିତତାର ତଦନ୍ତ ରିପୋର୍ଟ ଶିକ୍ଷାଧିକାରୀଙ୍କ ନିକଟରେ ଦାଖଲ କରିଥିଲେ। ଏହା ବିଭିନ୍ନ ଗଣମାଧ୍ୟମରେ ପ୍ରକାଶ ପାଇବା ପରେ ହାଟଡ଼ିହି ବ୍ଲକ ଶିକ୍ଷାଧିକାରୀ ରାଜୀବ ଦଳେଇ ଦୃଷ୍ଟାନ୍ତମୂଳକ ଭାବେ ଚିଠି ନଂ ୩୮୨୬-୩୧/୧୦/୨୫ରେ ଉକ୍ତ ଶିକ୍ଷକ ଶ୍ରୀ ସେଠୀଙ୍କ ନାମରେ ବଦଳି ନିର୍ଦ୍ଦେଶ ଜାରି କରି ବଞ୍ଚୋ ବରାହୀ ଉଚ୍ଚ ପ୍ରାଥମିକ ବିଦ୍ୟାଳୟରୁ ଆମ୍ରୋ ଗୋପୀନାଥଜୀଉ ଉଚ୍ଚବିଦ୍ୟାଳୟକୁ ବଦଳି କରିଛନ୍ତି।

## କେନ୍ଦୁଝର ଜିଲ୍ଲା ଗୋଁଡ଼ ସମାଜର ସମୀକ୍ଷା ଓ ସମନ୍ୱୟ ସମ୍ମେଳନ

କେନ୍ଦୁଝର, ୩।୧୧(ସମିସ): ବହୁପ୍ରତୀକ୍ଷିତ କେନ୍ଦୁଝର ଜିଲ୍ଲା ଗୋଁଡ଼ ସମାଜର ଦ୍ୱିବାର୍ଷିକ ସମୀକ୍ଷା ଓ ସମନ୍ୱୟ ସମ୍ମେଳନ କେନ୍ଦୁଝରଗଡସ୍ଥ ଧୃପଦାଠାରେ ସମାଜର ସଭାପତି ଜନାର୍ଦ୍ଦନ ନାୟକଙ୍କ ସଭାପତିତ୍ୱରେ ଅନୁଷ୍ଠିତ ହୋଇଯାଇଛି। ଗୋଁଡ଼ ସାଂସ୍କୃତିକ ସମାଜର ପ୍ରତିଷ୍ଠାତା ସଭାପତି ତଥା ପ୍ରାକ୍ତନ ବିଧାୟକ ପ୍ରାଣବଲ୍ଲଭ ନାୟକ, ଅବସରପ୍ରାପ୍ତ ବରିଷ୍ଠ ପ୍ରଶାସକ ଦୋଳଗୋବିନ୍ଦ ନାୟକ, ବରିଷ୍ଠ ନାଗରିକ ମନମୋହନ ସିଂହ, ଜିଲ୍ଲା ଉପସଭାପତି ଯୁଧିଷ୍ଠିର ସିଂହ, ଅନାଦି ଚରଣ ନାୟକ, ରାଜ୍ୟ ପ୍ରଭାରୀ କୀର୍ତ୍ତନ ବିହାର ନାୟକ, ତେଲକୋଇ ରାଣୀବେଡା ପଲ୍ଲୀ ସଭାପତି ପଦ୍ମନାଭ ନାୟକ ଓ ବାଲିସର ପଲ୍ଲୀର ସଭାପତି ଶରତଚନ୍ଦ୍ର ନାୟକ ପ୍ରମୁଖ ଅତିଥି ଭାବେ ଯୋଗ ଦେଇଥିଲେ। ବରିଷ୍ଠ ଉପସଭାନେତ୍ରୀ କିରଣବାଳା ନାୟକ ସଭା ପରିଚାଳନା କରିଥିଲେ। ଆରାଧ୍ୟ ଦେବତା ଜଙ୍ଘାଲିଙ୍ଗାଙ୍କ ନିକଟରେ ପୂଜାର୍ଚ୍ଚନା ପରେ ସମାଜର ଦିବଂଗତ ନେତୃତ୍ୱଙ୍କ ପ୍ରତି ଦୁଇ ମିନିଟ୍ ନିରବ ପ୍ରାର୍ଥନା କରାଯାଇଥିଲା। ସମାଜର ସଂଯୋଗୀକରଣରେ ସଂପାଦକ ଚକ୍ରଧର ନାୟକ, ରାଧାକାନ୍ତ ନାୟକ ଓ ଦୈତାରୀ ସିଂହ ପ୍ରମୁଖ ଅଗ୍ରଗଣ୍ୟ ଥିଲେ। ପରମ୍ପରା ଅନୁଯାୟୀ ପଗଡି ବନ୍ଧନ ଓ ପରିଚୟ ଆଦାନ ପ୍ରଦାନ ହୋଇଥିଲା। ଗୋଁଡ ସମାଜ ପଲ୍ଲୀ ସଂଗଠନଗୁଡିକର ସଭାପତି/ସଂପାଦକ ପ୍ରମୁଖ ବିକାଶ, ବାଧା,ପ୍ରତିବନ୍ଧକ ଉପସ୍ଥାପନ କରିଥିଲେ। ସଂଗଠନ ପ୍ରତି କ୍ଷତି ପହଞ୍ଚାଉଥିବା ବ୍ୟକ୍ତିମାନଙ୍କ ପ୍ରତି ଦୃଷ୍ଟାନ୍ତମୂଳକ ପଦକ୍ଷେପ ଗ୍ରହଣ କରାଯିବାକୁ ଜିଲ୍ଲା ସଂଗଠନକୁ କ୍ଷମତା ପ୍ରଦାନ କରାଯାଇଛି।

## ସ୍କୁଲରେ ତାଲା ପକାଇ ଧାରଣାରେ ଛାତ୍ରଛାତ୍ରୀ

କେନ୍ଦୁଝର, ୩।୧୧(ସମିସ): ସଦର ବ୍ଲକ ବାଲିଆଗୋଡା ସରକାରୀ ଉଚ୍ଚପ୍ରାଥମିକ ବିଦ୍ୟାଳୟରେ ଶିକ୍ଷାଦାନ ଅବ୍ୟବସ୍ଥାକୁ ନେଇ ଅଭିଭାବକ ଓ ଛାତ୍ରଛାତ୍ରୀ ସୋମବାର ଗେଟରେ ତାଲା ପକାଇ ଧାରଣାରେ ବସିଛନ୍ତି। ସଦର ଏବିଇଓ ମାନସ ମିଶ୍ର ଘଟଣାସ୍ଥଳକୁ ଯାଇ ଅଭିଭାବକଙ୍କୁ ବୁଝାସୁଝା କରିଥିଲେ ମଧ୍ୟ ରହିଥିବା ସମସ୍ୟା ପୂରଣ ପାଇଁ ଅଭିଭାବକମାନେ ଅଡ଼ି ବସିଛନ୍ତି। ଉକ୍ତ ସ୍କୁଲରେ ୭୫ ଜଣ ଛାତତ୍ରଛାତ୍ରୀ ଥିବାବେଳେ ୫ ଜଣ ଶିକ୍ଷୟିତ୍ରୀ ଥିଲେ। ଜଣେ ଶିକ୍ଷୟିତ୍ରୀ କଳ୍ପନା ସାହୁ ଡେପୁଟେସନ ଅନ୍ୟ ଏକ ସ୍କୁଲକୁ ପଠାଯିବା ପରେ ୪ ଜଣ ଶିକ୍ଷୟିତ୍ରୀ ଅଛନ୍ତି। ଶିକ୍ଷକ ବଦଳି ସାଙ୍ଗକୁ ବିଦ୍ୟାଳୟର ଅବ୍ୟବସ୍ଥାକୁ ନେଇ ଗ୍ରାମବାସୀ ଏବଂ ସ୍କୁଲ ପରିଚାଳନା କମିଟି ସଦସ୍ୟମାନେ ବ୍ଲକ ଶିକ୍ଷା ଅଧିକାରୀଙ୍କୁ ଜଣାଇଥିଲେ ହେଁ କୌଣସି ପଦକ୍ଷେପ ନିଆ ଯାଇ ନଥିଲା। ପ୍ରତିବାଦରେ ସ୍କୁଲ ଗେଟରେ ତାଲା ପକାଇ ଆନ୍ଦୋଳନ ଆରମ୍ଭ କରିଥିବାରୁ ପାଠପଢା ବନ୍ଦ ରହିଛି। ଅଭିଯୋଗ ଅନୁଯାୟୀ, ଶିକ୍ଷୟିତ୍ରୀଙ୍କର ଡେପୁଟେସନ କରାଯାଇଛି। ସେହିପରି ବିଦ୍ୟାଳୟରେ ଶୌଚାଳୟ ରହିଥିଲେ ହେଁ ଅଧିକାଂଶ ସମୟରେ ତାଲା ପଡୁଥିବାରୁ ପିଲାମାନେ ବାହାରକୁ ଯିବାକୁ ବାଧ୍ୟ ହେଉଛନ୍ତି। ଶିକ୍ଷୟିତ୍ରୀମାନେ ନିୟମିତ ସ୍କୁଲ ଆସୁନଥିବା ଓ ପାଠପଢା ଠିକ୍ ଭାବରେ ହେଉନଥିବାରୁ ବହୁ ଛାତ୍ରଛାତ୍ରୀ ସ୍କୁଲରୁ ଟିସି ନେ ଇ ଅନ୍ୟତ୍ର ପାଠ ପଢାଉଛନ୍ତି। ସେହିପରି ୨ଜଣ ପୁରୁଷ ଶିକ୍ଷକଙ୍କୁ ନିଯୁକ୍ତି ଦେବା ସହ ୫ ବର୍ଷରୁ ଅଧିକ ହୋଇଥିବା ଶିକ୍ଷୟିତ୍ରୀଙ୍କୁ ଅନ୍ୟତ୍ର ବଦଳି ଦାବି କରିଛନ୍ତି।



## ଫୁଟବଲ ଟୁର୍ଣ୍ଣାମେଣ୍ଟ; ଜିତ୍ ମଞ୍ଜିତ ଡନ୍ ଚାମ୍ପିଅନ



କୁଆମରା,୩।୧୧(ସମିସ): ଖୁଣ୍ଟା ବ୍ଲକ ଭୋଲାଗଡିଆ ଷ୍ଟାଡିୟମରେ ଶିମିଳିପାଳ ସ୍ପୋର୍ଟସ ଆଥଲେଟିକ ଆସୋସିଏସନ୍ ପକ୍ଷରୁ ଚାଲିଥିବା ୨୦ତମ ସର୍ବଭାରତୀୟ ଫୁଟବଲ ଟୁର୍ଣ୍ଣାମେଣ୍ଟ ଉଦଯାପିତ ହୋଇଯାଇଛି। ଏଥିରେ ୧୬ଟି ଦଳ ଅଂଶଗ୍ରହଣ କରିଥିଲେ। ଶନିବାର ଫାଇନାଲ ଖେଳରେ ପଶ୍ଚିମବଙ୍ଗର ଜିତ୍ ମଞ୍ଜିତ୍ ଡନ୍ ପେନାଲଟିକ୍ ଜରିଆରେ ପଶ୍ଚିମବଙ୍ଗର ଏସ୍‌ବି ଇଲେଭେନ୍‌କୁ ହରାଇ ପୁଣି ଚଳିତ ବର୍ଷ ଚାମ୍ପିଅନ ହୋଇଛି। ଚାମ୍ପିଅନ ଦଳକୁ ୩ ଲକ୍ଷ ଓ ରନର୍ସ ଅପ୍ ଦଳକୁ ୨ ଲକ୍ଷ ଟଙ୍କାର ଅର୍ଥ ରାଶି ପୁରସ୍କାର ଭାବେ ପ୍ରଦାନ କରାଯାଇଛି। ସେହିପରି ସେମିଫାଇନାଲକୁ ଉନ୍ନୀତ ହୋଇଥିବା ଦୁଇ ଦଳକୁ ଏକ ଲକ୍ଷ ଲେଖାଏଁ ଟଙ୍କା ନଗଦ ଅର୍ଥ ରାଶି ସାନ୍ତ୍ୱନା ମୂଳକ ପୁରସ୍କାର ପ୍ରଦାନ କରାଯାଇଥିଲା। ଆସୋସିଏସନ୍ ସଭାପତି ସର୍ଦ୍ଦାର ହେମ୍ବ୍ରମ ଓ ସଂପାଦକ ସୁକେନ୍ଦୁ ଦାସଙ୍କ ତତ୍ତ୍ୱାବଧାନରେ ଅନୁଷ୍ଠିତ ପୁରସ୍କାର ବିତରଣୀ ଉତ୍ସବରେ ଅତିଥି ଭାବେ ବ୍ଲକ ଅଧ୍ୟକ୍ଷ ସୁଧନ୍ୟ ନାଏକ, ବିଏସଓ ବାରିପଦା ସୁଭାଶିଷ ନାୟକ, ମାଶା ଆର୍ମିର ରାଜ୍ୟ ସଭାପତି ସୁକଲାଲ ମାରାଣ୍ଡି, ପୂର୍ବତନ ବିଧାୟକ ମଣ୍ଟୁ ପାତ୍ର, ଆଇଆଇସି ପଞ୍ଚାନନ ମହାନ୍ତି, ମୟୂରଭଞ୍ଜ ଫୁଟବଲ ଆସୋସିଏସନ୍‌ର ସଭାପତି ଅମର ସେଠୀ, ସମିତି ସଭ୍ୟା ମିନତୀ ନାୟକ ପ୍ରମୁଖ ଉପସ୍ଥିତ ଥିଲେ।

## ବିଦ୍ୟାଳୟ ସମୂହ ଦୌଡ଼କୁଦ ପ୍ରତିଯୋଗିତା ଉଦ୍‌ଯାପିତ



କରଞ୍ଜିଆ, ୩।୧୧(ସମିସ): ମୟୂରଭଂଜ ଜିଲ୍ଲା ବିଦ୍ୟାଳୟ ସମୂହର ତିନି ଦିନିଆ ଦୌଡକୁଦ ଓ କ୍ରିକେଟ ପ୍ରତିଯୋଗିତା ସୋମବାର ଜିଲ୍ଲା ଶିକ୍ଷାଧିକାରୀ ପୂର୍ଣ୍ଣଚନ୍ଦ୍ର ସେଠୀଙ୍କ ଅଧ୍ୟକ୍ଷତାରେ ଉଦଯାପିତ ହୋଇଯାଇଛି। ଏଥିରେ ମୁଖ୍ୟ ଅତିଥି ଭାବେ ଅତିରିକ୍ତ ଉପଜିଲ୍ଲାପାଳ ପ୍ରକାଶ କୁମାର ଦାସ ଯୋଗଦେଇ ଏହି କ୍ରୀଡ଼ା ପ୍ରତିଯୋଗିତା ଏକ ପ୍ଲାଟଫର୍ମ ବୋଲି କହିଥିଲେ। ସମ୍ମାନିତ ଅତିଥି ଭାବେ ବିବେକାନନ୍ଦ ପବ୍ଲିକ ସ୍କୁଲ ପ୍ରତିଷ୍ଠାତା ବିଷ୍ଣୁକୁମାର ଅଗ୍ରୱାଲା, ସମାଜସେବୀ ଆଶିଷ କୁମାର ମହନ୍ତ, ସମ୍ବିଧାନ ମହାପାତ୍ର, କରଞ୍ଜିଆ ପିଏମଶ୍ରୀ ଉଚ୍ଚ ବିଦ୍ୟାଳୟର ପ୍ରଧାନ ଶିକ୍ଷକ ଚତୁର୍ଭୁଜ ବାରିକ, ଜିଲ୍ଲା ପିଇଟି ଆସୋସିଏସନର ସଂପାଦକ ସଂଜୟ କୁମାର ପ୍ରଧାନ, ଡିପିଇଓ ତଥା ଜିଲ୍ଲା ଖେଳକୁଦ ସଂଘର ସଂଗଠନ ସଂପାଦକ ଭାଗିରଥି ମଲ୍ଲିକ, କରଞ୍ଜିଆ ସରକାରୀ ବାଳିକା ଉଚ୍ଚ ବିଦ୍ୟାଳୟ ପରିଚାଳନା ସଭାପତି କାର୍ତ୍ତିକ ମହାନ୍ତ ପ୍ରମୁଖ ଯୋଗ ଦେଇ କୃତକାର୍ଯ୍ୟ ହୋଇଥିବା କ୍ରୀଡାବିତଙ୍କୁ ଉତ୍ସାହିତ କରିଥିଲେ। କରଞ୍ଜିଆ ସରକାରୀ ବାଳିକା ଉଚ୍ଚ ବିଦ୍ୟାଳୟର ପ୍ରଧାନ ଶିକ୍ଷୟିତ୍ରୀ ତରୁ ନାଏକ ସ୍ୱାଗତ ଭାଷଣ ଓ ଅବସର ପ୍ରାପ୍ତ ଶିକ୍ଷକ ଖୋଲିଲରୁଲ୍ ରେହେମନ୍ ଅତିଥି ପରିଚୟ ଦେଇଥିଲେ। ଏହି ସମାରୋହରେ ୧୭ ବର୍ଷ ବାଳକ ବର୍ଗରେ ରାଜେଶ ଶେଖର ଠାକୁର, ବାଳିକା ବର୍ଗରେ ଯମୁନା ମହାନ୍ତ ଏବଂ ୧୪ ବର୍ଷ ବାଳକ ବର୍ଗରେ ଯଶବନ୍ତ ବେହେରା, କମଳିନୀ ମାରାଣ୍ଡି କୃତିତ୍ୱ ହାସଲ କରିଛନ୍ତି। ଏହି ପ୍ରତିଯୋଗୀମାନେ ମୁଖ୍ୟ ଅତିଥିଙ୍କ ଠାରୁ ଟ୍ରଫି ଗ୍ରହଣ କରିଥିଲେ।

## ମଣ୍ଡଳସ୍ତରୀୟ ବାଳିକା କବାଡ଼ିରେ ପାଟଣା ମହାବିଦ୍ୟାଳୟ ଚାମ୍ପିଅନ

ତୁରୁମୁଙ୍ଗା, ୩।୧୧(ସମିସ): କେନ୍ଦୁଝର ଜିଲ୍ଲା ପାଟଣା ଆଞ୍ଚଳିକ ମହାବିଦ୍ୟାଳୟ ବାଳିକା କବାଡ଼ି ଦଳ ଯାଜପୁର ମଣ୍ଡଳସ୍ତରୀୟ କବାଡ଼ି ପ୍ରତିଯୋଗିତାରେ ଚାମ୍ପିଅନ ହୋଇଛି। କାଉନସିଲ ତରଫରୁ ଯାଜପୁର ମଣ୍ଡଳରେ ୨୦ଟି ଦଳ ଅଂଶଗ୍ରହଣ କରିଥିଲେ। ଫାଇନାଲ ଖେଳ ପାଟଣା ଆଞ୍ଚଳିକ ମହାବିଦ୍ୟାଳୟ ଓ ଯାଜପୁରୋଡ ଇନ୍ଦିରାଗାନ୍ଧୀ ବାଳିକା ମହାବିଦ୍ୟାଳୟ ମଧ୍ୟରେ ଅନୁଷ୍ଠିତ ହୋଇଥିଲା। ଏଥିରେ ପାଟଣା ମହାବିଦ୍ୟାଳୟ ଦଳ ବିଜୟୀ ହୋଇଥିଲା। ଉଚ୍ଚ ମାଧ୍ୟମିକ ଶିକ୍ଷା ପରିଷଦ ପକ୍ଷରୁ ଏହି ପ୍ରତିଯୋଗିତା ଯାଜପୁର ଜିଲ୍ଲାର ବାରୁଣେଶ୍ୱର ମହାବିଦ୍ୟାଳୟ ଖେଳପଡ଼ିଆରେ ଅନୁଷ୍ଠିତ ହୋଇଥିଲା ଏହି ସଫଳତା ପାଇଁ ଛାତ୍ରଛାତ୍ରୀମାନେ ମହାବିଦ୍ୟାଳୟର ଅଧ୍ୟକ୍ଷ ବୀରେନ୍ଦ୍ର ସାହୁ ଓ କ୍ରୀଡ଼ା ଶିକ୍ଷକ କ୍ୟାପଟେନ ଧର୍ମେନ୍ଦ୍ର ସାହୁଙ୍କ ପ୍ରଚେଷ୍ଟାକୁ ଧନ୍ୟବାଦ ଜଣାଇଛନ୍ତି। ପାଟଣା ମହାବିଦ୍ୟାଳୟ ପକ୍ଷରୁ ଅଧ୍ୟାପକ ଓ ଅଧ୍ୟାପିକାମାନେ ବିଜୟୀ ଛାତ୍ରୀଙ୍କୁ ଶୁଭେଚ୍ଛା ଜଣାଇଛନ୍ତି।



## ବ୍ରହ୍ମାକୁମାରୀ ଈଶ୍ୱରୀୟ ବିଶ୍ୱବିଦ୍ୟାଳୟର ବାର୍ଷିକ ଉତ୍ସବ

ବଡସାହି,୩।୧୧(ସମିସ): ପ୍ରଜାପିତା ବ୍ରହ୍ମାକୁମାରୀ ଈଶ୍ୱରୀୟ ବିଶ୍ୱବିଦ୍ୟାଳୟ ବଡ଼ସାହି ଉପସେବା କେନ୍ଦ୍ର ଆନୁକୂଲ୍ୟରେ ବାର୍ଷିକ ଉତ୍ସବ ଅନୁଷ୍ଠିତ ହୋଇଯାଇଛି। ଏହି ଅବସରରେ "ବିଶ୍ୱ ଏକତା ଓ ବିଶ୍ୱାସ ପାଇଁ ଧ୍ୟାନ' କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ବିଶ୍ୱ ଶାନ୍ତି ନିମନ୍ତେ ପ୍ରାତଃ ସମୟରେ ଏକ ଶାନ୍ତି ଯାତ୍ରା ବଡ଼ସାହି ଗ୍ରାମ ସହିତ ବଡ଼ସାହି ବଜାର ପରିଭ୍ରମଣ କରିଥିଲା। ମୟୂରଭଞ୍ଜ ଜିଲ୍ଲା ମୁଖ୍ୟ ସଞ୍ଚାଳିକା ବ୍ରାହ୍ମକୁମାରୀ ସାବିତ୍ରୀ ଭଉଣୀଙ୍କ ଅଧ୍ୟକ୍ଷତାରେ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ଏଥିରେ ଏଥିରେ ମୁଖ୍ୟ ଅତିଥି ଭାବେ ପୂର୍ବତନ ସାଂସଦ ବୀରଭଦ୍ର ସିଂ, ମୁଖ୍ୟବକ୍ତା ବ୍ରାହ୍ମକୁମାର ଅନନ୍ତ ଭାଇ, ସମାନୀୟ ଅତିଥି ଭାବେ ଅବସର ପ୍ରାପ୍ତ ପ୍ରଫେସର ସନ୍ଦୀପ ଚାନ୍ଦ ଓ ବଡ଼ସାହି ବ୍ଲକ ଉପାଧକ୍ଷ୍ୟା କାଞ୍ଚନ ପ୍ରଧାନ ପ୍ରମୁଖ ଯୋଗ ଦେଇ ନିଜ ନିଜର ବକ୍ତବ୍ୟ ରଖିଥିଲେ। କେନ୍ଦ୍ର ସମବାୟ ବ୍ୟାଙ୍କର ପୂର୍ବତନ ସଭାପତି ରାଜକିଶୋର ଆଚାର୍ଯ୍ୟ ଅତିଥି ପରିଚୟ ଦେଇଥିଲେ। ଭାଇ ମହେଶ୍ୱର ସେନାପତି ଧନ୍ୟବାଦ ଅର୍ପଣ କରିଥିଲେ।

## ମହିଳାଙ୍କ ଏକାଦଶାହରେ ଶୋକ



ଖୁଣ୍ଟିଂ, ୩।୧୧(ସମିସ): ଶୁକ୍ଳି ବ୍ଲକ ଅନ୍ତର୍ଗତ କେଶନା ଗ୍ରାମର ଅଳେଇ ଘଡ଼ାଇ (୯୦)ଙ୍କ ଅକ୍ଟୋବର ୨୩ ତାରିଖରେ ପରଲୋକ ଘଟିଛି। ନିଜ ବାସଭବନରେ ଥିବା ବେଳେ ହଠାତ ଗୁରୁତର ହୋଇପଡିବାରୁ ପରିବାର ଲୋକେ ତାଙ୍କୁ ସ୍ଥାନୀୟ ସ୍ୱାସ୍ଥ୍ୟକେନ୍ଦ୍ରକୁ ନେବା ପାଇଁ ପ୍ରସ୍ତୁତ ହେଉଥିବା ଅବସ୍ଥାରେ ତାଙ୍କର ମୃତ୍ୟୁ ଘଟିଥିଲା। ମୃତ୍ୟୁଶଯ୍ୟା ନିକଟରେ ଆତ୍ମୀୟସ୍ୱଜନ ଉପସ୍ଥିତ ଥିଲେ। ସେ ଜଣେ ଧର୍ମପରାୟଣା, ମିଷ୍ଟଭାଷୀ ଓ ପରୋପକାରୀ ମହିଳା ଥିଲେ। ତାଙ୍କର ପରଲୋକର ଖବର ପାଇ ବହୁ ମାନ୍ୟଗଣ୍ୟ ବ୍ୟକ୍ତି ଓ ଆତ୍ମୀୟ ସ୍ୱଜନ ତାଙ୍କ ବାସଭବନରେ ପହଞ୍ଚି ଶେଷ ଦର୍ଶନ କରିଥିଲେ। ରବିବାର ତାଙ୍କ ବାସଭବନରେ ଅନୁଷ୍ଠିତ ଏକାଦଶାହ କାର୍ଯ୍ୟକ୍ରମରେ ଆତ୍ମୀୟ ସ୍ୱଜନ ଓ ଗଣ୍ୟମାନ୍ୟ ବ୍ୟକ୍ତି ଯୋଗଦେଇ ଶୋକପ୍ରକାଶ କରିବା ସହିତ ସ୍ୱର୍ଗତ ଆତ୍ମାର ସଦଗତି ପ୍ରାର୍ଥନା କରିଥିଲେ।

## ବିବେକାନନ୍ଦ ଶିକ୍ଷାକେନ୍ଦ୍ରର ବିଜ୍ଞାନମେଳା



କୁଆମରା,୩।୧୧(ସମିସ): ଗୋପବନ୍ଧୁ ନଗର ବ୍ଲକ ପୁରୁଣା ବାରିପଦା ବିବେକାନନ୍ଦ ଶିକ୍ଷା କେନ୍ଦ୍ରର ବିଜ୍ଞାନମେଳା ଅନୁଷ୍ଠିତ ହୋଇଯାଇଛି। ଏଥିରେ କନିଷ୍ଠ ଓ ସର୍ବ କନିଷ୍ଠ ବର୍ଗର ମୋଟ ୩୩ଟି ପ୍ରକଳ୍ପ ସ୍ଥାନ ପାଇଥିଲା। ସ୍ଥାନୀୟ ବିଦ୍ୟାଳୟର ବିଜ୍ଞାନ ଶିକ୍ଷୟତ୍ରୀ ରାଜଲକ୍ଷ୍ମୀ ବିନ୍ଧାଣୀ ଓ ସାଗରିକା ମହାପାତ୍ରଙ୍କ ତତ୍ତ୍ୱାବଧାନରେ ସ୍ଥାନ ପାଇଥିବା ପ୍ରକଳ୍ପଗୁଡ଼ିକୁ ରିଜିଓନାଲ ଏକାଡେମୀର ବିଜ୍ଞାନ ଶିକ୍ଷୟିତ୍ରୀ ମୟୂରୀ ମୋନାଲିସା ବେହେରା ମୂଲ୍ୟାୟନ କରିଥିଲେ। ବିଦ୍ୟାଳୟର ପ୍ରଧାନ ଆଚାର୍ଯ୍ୟ ବ୍ରହ୍ମାନନ୍ଦ ବେହେରାଙ୍କ ଅଧ୍ୟକ୍ଷତା ଅନୁଷ୍ଠିତ ସଭାରେ ମୁଖ୍ୟ ଅତିଥି ରିଜିଓନାଲ ଏକାଡେମୀର ପ୍ରଧାନ ଶିକ୍ଷୟିତ୍ରୀ ଭାସ୍ୱତୀ ସିଟ୍, ସମ୍ମାନିତ ଅତିଥି ପ୍ରଧାନ ଗୁରୁଜୀ ଜ୍ଞାନରଞ୍ଜନ ପଣ୍ଡା ଯୋଗ ଦେଇ ନିରନ୍ତର ପ୍ରଚେଷ୍ଟା ଓ ସଂଘର୍ଷ ଦ୍ୱାରା ଶକ୍ତି ଏବଂ ସମୃଦ୍ଧି ମିଳେ ବୋଲି ମତବ୍ୟକ୍ତ କରିଥିଲେ। ଗୁରୁଜୀ ଅଭିଜିତ ଗନ୍ତାୟତ, ରଘୁନାଥ ସିଂ, ସୁକାନ୍ତି ପଣ୍ଡା, ରଶ୍ମିତା ବେହେରା, ନିହାରିକା ନାୟକ, ଗୀତାଞ୍ଜଳି ବେହେରା, ଶୁଭଶ୍ରୀ ବେହେରା, ଭବାନୀ ରାଉତ ପ୍ରମୁଖ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ। ସାଇକ୍ରିଷ୍ଣା ନାୟକ, ପ୍ରତ୍ୟୁଷ ବାରିକ, ହର୍ଷିତା ପ୍ରିୟଦର୍ଶନୀ ବିନ୍ଧାଣୀଙ୍କ ସମେତ ମୋଟ ୮ ଟି ପ୍ରକଳ୍ପ ସଙ୍କୁଳ ସ୍ତରକୁ ମନୋନୀତ ହୋଇଛି। ମୂଲ୍ୟାୟନ ପରେ କୃତୀ ଛାତ୍ରଛାତ୍ରୀଙ୍କୁ ପୁରସ୍କାର ଓ ପ୍ରମାଣପତ୍ର ପ୍ରଦାନ କରାଯାଇଛି।

## ମହିଳା କଲେଜରେ ସାଇବର ସଚେତନତା



ରାଇରଙ୍ଗପୁର,୩।୧୧(ସମିସ): ରାଇରଙ୍ଗପୁର ମହିଳା ମହାବିଦ୍ୟାଳୟରେ ସାଇବର ସୁରକ୍ଷା ନେଇ ଏକ ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ଅଧ୍ୟକ୍ଷ ରବିଶଙ୍କର ଶତପଥୀଙ୍କ ମାର୍ଗଦର୍ଶନ ଓ ରାଇରଙ୍ଗପୁର ଟାଉନ ପୁଲିସର ମିଳିତ ଆନୁକୂଲ୍ୟରେ ଆୟୋଜିତ ହୋଇଛି। ଏହି କାର୍ଯ୍ୟକ୍ରମରେ ଅଧ୍ୟକ୍ଷ ଶ୍ରୀ ଶତପଥୀ ସଭାପତିତ୍ୱ କରି ସ୍ୱାଗତ ସଂଭାଷଣ ସହିତ ଛାତ୍ରୀମାନଙ୍କୁ ସାଇବର ଠକେଇ ବିଷୟରେ ସଜାଗ ରହିବାକୁ ପରାମର୍ଶ ଦେଇଥିଲେ। ଆବାହକ ବିଜୟ କୁମାର ରାମ ସଭା ପରିଚାଳନା କରିଥିଲେ। ସବଇନ୍ସପେକ୍ଟର ରାଜେନ୍ଦ୍ର ପ୍ରତାପ ସାମଲ ଛାତ୍ରୀଙ୍କ ମଧ୍ୟରେ କୁଇଜ ପ୍ରତିଯୋଗିତା ପରିଚାଳନା କରିଥିଲେ। ଏହି ପ୍ରତିଯୋଗିତାରେ ପ୍ରିୟଦର୍ଶିନି ଟୁଡୁ ପ୍ରଥମ ପାୟଲ ଦ୍ୱିତୀୟ ଏବଂ ରଶ୍ମିତା ପାତ୍ର, ସୀମା ତୃତୀୟ ସ୍ଥାନ ଅଧିକୃତ କରିଥିଲେ। ସାଇବର ଏକ୍ସପର୍ଟ ଶ୍ୟାମ ସୁନ୍ଦର ମଣ୍ଡଳ ଛାତ୍ରୀ ମାନଙ୍କୁ ସାଇବର ସୁରକ୍ଷା ନିମନ୍ତେ ସଚେତନତା ନେଇ ଆଲୋକପାତ କରିଥିଲେ। ସବ ଇନ୍ସପେକ୍ଟର ଭାରତୀ ବେହେରା ଛାତ୍ରୀଙ୍କୁ ମୋବାଇଲ ସଠିକ ଉପଯୋଗ ବିଷୟରେ ବକ୍ତବ୍ୟ ରଖିଥିଲେ। ଏନଏସଏସ କାର୍ଯ୍ୟକ୍ରମ ଅଧିକାରୀ ଅନିତା ସମଦ ସାଇବର କ୍ରାଇମର ଆତଙ୍କ ଉପରେ ବକ୍ତବ୍ୟ ରଖିଥିଲେ। ଏଏସଆଇ ରାଜେନ୍ଦ୍ର କୁମାର ସାହୁ, କାପୁରା ସୋରେନ, ରଂଜିତା ମୁଦୁଲୀ, ସୁଜାତା ମୁର୍ମୁ ସହଯୋଗ କରିଥିଲେ।

## ବାଇକ୍ ଧକ୍କାରେ ଯୁବକ ଗୁରୁତର

ଠାକୁରମୁଣ୍ଡା, ୩।୧୧(ସମିସ): ଠାକୁରମୁଣ୍ଡା ବଜାରରେ ସୋମବାର ଦୁଇ ବାଇକ୍ ମଧ୍ୟରେ ଧକ୍କା ହେବାରୁ ଜଣେ ଗୁରୁତବର ହୋଇଥିବା ଜଣାପଡିଛି। ଗୁରୁତର ବାଇକ ଚାଳକଙ୍କୁ ଠାକୁରମୁଣ୍ଡା ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରରେ ଚିକିତ୍ସା ପରେ ଅବସ୍ଥା ଗୁରୁତର ଥିବାରୁ ତାଙ୍କୁ ଘଷିପୁରା ସ୍ୱାସ୍ଥ୍ୟ କେନ୍ଦ୍ରକୁ ସ୍ଥାନାନ୍ତର କରାଯାଇଛି। ଗୁରୁତର ଥିବା ବାଇକ ଚାଳକ ଜଣକ କେଶଡିହା ଗ୍ରାମପଞ୍ଚାୟତ ଅନ୍ତର୍ଗତ ଖେଡ଼ିଆପୋଶି ଗ୍ରାମର ସୁନୀଲ ଦାସ (୨୫) ବୋଲି ଜଣାପଡିଛି। ଠାକୁରମୁଣ୍ଡା-ଉଦଳା ରାସ୍ତାରେ ଏହି ଦୁର୍ଘଟଣା ଘଟିଥିଲା। ତେବେ ବାଇକ ଚାଳକଙ୍କ ଘର ଗୋଟିଏ ଗାଁର ବୋଲି ଜଣାପଡିଛି। ଅନ୍ୟ ଜଣେ ସାମାନ୍ୟ ଆହତ ହୋଇଛନ୍ତି।

## ଶୁକ୍ଳି ପ୍ରିମିୟର୍ ଲିଗ୍ ଉଦ୍‌ଯାପିତ; ମା' ତାରିଣୀ ୱାରିୟର୍ସ ଚାମ୍ପିଅନ

ଖୁଣ୍ଟିଂ, ୩।୧୧(ସମିସ):

ଅକ୍ଟୋବର ୧୨ ତାରିଖରୁ ଆରମ୍ଭ ହୋଇଥିବା ଶୁକ୍ଳି ପ୍ରିମିୟର୍ ଲିଗ୍ ସିଜନ୍-୩ ସୋମବାର ଉଦଯାପିତ ହୋଇଯାଇଛି। ଚଳିତ ସିଜନ୍‌ରେ ମୋଟ ୭ଟି ଟିମ୍ ଅଂଶ ଗ୍ରହଣ କରିଥିଲେ। ଲିଗ୍ ପର୍ଯ୍ୟାୟରୁ ଆଇପେଲ ଡାଞ୍ଚାରେ ଖେଳା ଯାଇଥିବା ଏହି ପ୍ରିମିୟର ଲିଗର ଫାଇନାଲ ମ୍ୟାଚ ମା' ତାରିଣୀ ୱାରିୟର୍ସ ଓ ଡାହାଣିଗଡିଆ ଡାଇନସର୍ ମଧ୍ୟରେ ଖେଳା ଯାଇଥିଲା। ଶେଷରେ ମା' ତାରିଣୀ ୱାରିୟରସ୍ ଡାହାଣିଗଡିଆ ଡାଇନୋସରକୁ ୨୭ ରନ୍‌ରେ ପରାସ୍ତ କରି ଚାମ୍ପିଅନ ହାଇଥିବାବେଳେ ଡାହାଣିଗଡିଆ ଡାଇନୋସର୍ ରନର୍ସଅପ ହୋଇଛି। ମା' ତାରିଣୀ ୱାରିୟର୍ସର ମାଲିକ ଆଲୋକ ରଂଜନ ଭୋଇ ଓ ଡାହାଣି ଗଡିଆ ଡାଇନୋସର୍ ମାଲିକ ଲଲାଟେନ୍ଦୁ ମହାକୁଡ଼ ଉପସ୍ଥିତ ଥିଲେ। ଲିଗ୍‌ର ସଭାପତି ଅରୁଣ କୁମାର ଘଣା ଓ ଉପ ସଭାପତି ରଜତ କୁମାର ମହାକୁଡ଼ଙ୍କ ପ୍ରତ୍ୟକ୍ଷ ଦିଗଦର୍ଶନ ତଥା ଚନ୍ଦ୍ରକାନ୍ତ ଆରୁକ୍, ବିଶ୍ୱଜିତ ମହାକୁଡ଼, ରଜତ୍ କୁମାର ସାହୁ, କାହ୍ନୁ ଭୋଳ, ଅଶୋକ ମହାକୁଡ଼,ଗୋପବନ୍ଧୁ ପୃଷ୍ଟି,ଜଗନ୍ନାଥ ଭୋଳ, ଆଲୋକ ମହାକୁଡ, ଖଗେଶ୍ୱର ବେହେରା ସମେତ ଶୁକ୍ଳି ବ୍ଲକର କ୍ରିକେଟ୍ ପ୍ରେମୀମାନେ ଖେଳରେ ସହଯୋଗ କରିଥିଲେ। ମ୍ୟାଚରେ ପ୍ରଥମେ ମା ତାରିଣୀ ୱାରିଆର ଟସ୍ ଜିତି ବ୍ୟାଟିଂ ନିଷ୍ପତ୍ତି ନେଇଥିଲା। ପ୍ରଥମ ଇନିଂସରେ ୬ ୱିକେଟ ହରାଇ ୧୫ ଓଭରରେ ୧୬୩ ରନ୍ କରିଥିବା ବେଳେ ଡାହାଣୀଗଡିଆ ଡାଇନେସର୍ ପାରୁପର୍ଯ୍ୟନ୍ତ ମାତ୍ର ୧୩୬ ରନ୍ କରି ୯ ୱିକେଟ ହରାଇଥିବା ବେଳେ ଓଭରର ସମାପ୍ତି ଘଟିଥିଲା। ଏହି ମ୍ୟାଚରେ ମ୍ୟାନ ଅଫ ଦି ମ୍ୟାଚ୍ ଯୋଶବନ୍ତ ଗିରିଙ୍କୁ ମିଳିଥିଲା। ବିଜେତା ଟିମ୍‌କୁ ୪୫,୫୫୫ ଟଙ୍କା ଓ ରନର୍ସ୍ ଅପ୍ ନିମନ୍ତେ ୩୫,୫୫୫ ଟଙ୍କା ପୁରସ୍କାର ରାଶି ପ୍ରଦାନ କରାଯାଇଥିଲା।



## ମଦ ଜବତ; ଦୁଇ ଗିରଫ

କୁଆମରା,୩।୧୧(ସମିସ): ବେଆଇନ ମଦ କାରବାର ଅଭିଯୋଗରେ ଖୁଣ୍ଟା ଅବକାରୀ ବିଭାଗ ଆଜି ଚଢ଼ଉ କରି ୨ ଜଣଙ୍କୁ ଗିରଫ କରି ସେମାନଙ୍କ ନିକଟରୁ ୩୪ ଲିଟର ଦେଶୀ ମଦ ଜବତ କରିଛି। କରକଟିଆ ଗ୍ରାମର ବୁଧୁରାମ ସିଂ (୫୪)ଙ୍କ ଠାରୁ ୧୮ ଲିଟର ଓ ଡେଙ୍ଗାମ ଗ୍ରାମର ଶ୍ୟାମସୁନ୍ଦର ମୁର୍ମୁ (୨୫)ଙ୍କଠାରୁ ୧୬ ଲିଟର ଜବତ ହୋଇଛି। ଚଢଉରେ କୃଷ୍ଣଚନ୍ଦ୍ର ସେଠୀ, ଗୌତମ ମହାନ୍ତ, ନିରଞ୍ଜନ ମହାନ୍ତ ପ୍ରମୁଖ ସାମିଲ ହୋଇଥିଲେ।

# ଏମପିସି ସ୍ୱୟଂଶାସିତ କଲେଜରେ ପୁଣି ଛାତ୍ର ଅଶାନ୍ତି

## ଫାଟକରେ ତାଲା ପକାଇ ଧାରଣାରେ ବିଦ୍ୟାର୍ଥୀ



ବାରିପଦା, ୩।୧୧(ସମିସ): ସୋମବାର ପୁଣି ଏମପିସି ସ୍ୱୟଂଶାସିତ ମହାବିଦ୍ୟାଳୟରେ ଛାତ୍ର ଅଶାନ୍ତି ଦେଖାଦେଇଛି। ମହାବିଦ୍ୟାଳୟ ଓ ଛାତ୍ରାବାସର ବିଭିନ୍ନ ସମସ୍ୟା ସହିତ ଠିକ୍ ସମୟରେ ପରୀକ୍ଷା ନ ହେବା ଓ ଫଳ ପ୍ରକାଶ ପାଉନଥିବା ଅଭିଯୋଗ କରି ସକାଳ ସାଢେ ୬ଟାରୁ ମୁଖ୍ୟ ଫାଟକରେ ତାଲା ପକାଇ ଛାତ୍ରଛାତ୍ରୀ ଧାରଣା ଦେଇଛନ୍ତି। ଫଳରେ କଲେଜ ଭିତରକୁ ଅଧାପକ ଓ ଅଧାପିକା ପ୍ରବେଶ କରିପାରି ନ ଥିଲେ। ଏବେ କଲେଜରେ ଜିଲ୍ଲାସ୍ତରୀୟ ଯୁବ ରେଡ଼କ୍ରସ୍ ଶିକ୍ଷା ଓ ପ୍ରଶିକ୍ଷଣ ଶିବିର ଚାଲିଥିବାରୁ ତାହା ବାଧାପ୍ରାପ୍ତ ହୋଇଛି। ଛାତ୍ରଛାତ୍ରୀଙ୍କ ଅଭିଯୋଗ ମୁତାବକ, ଛାତ୍ରାବାସରେ ପିଇବା ପାଣି ଠାରୁ ଆରମ୍ଭ କରି ଅନ୍ୟାନ୍ୟ ସମସ୍ୟା ଲାଗିରହିଛି। ଆଦିବାସୀ ଛାତ୍ରଛାତ୍ରୀ ଷ୍ଟାଇପେଣ୍ଡରୁ ବଞ୍ଚିତ ହେଉଛନ୍ତି; ଯାହା ତାଙ୍କର ପଠପଢ଼ାରେ ଏକ ବଡ଼ ସମସ୍ୟା ସୃଷ୍ଟି କରୁଛି। ଏଥିସହିତ ସବୁଠାରୁ ଗୁରୁତ୍ୱପୂର୍ଣ୍ଣ ବିଷୟ ହେଉଛି, ମହାବିଦ୍ୟାଳୟରେ ନିୟମ ଭାବେ ପରୀକ୍ଷା ନ ହେବା ଓ ଠିକ୍ ସମୟରେ ଫଳ ପ୍ରକାଶ ପାଉନାହିଁ। ବିଳମ୍ବରେ ତ୍ରୁଟିପୂର୍ଣ୍ଣ ପରୀକ୍ଷା ଫଳ ପ୍ରକାଶ ପାଇବା ଏକ ବଡ଼ ସମସ୍ୟା ବୋଲି ଛାତ୍ରଛାତ୍ରୀ ଅଭିଯୋଗ କରିଛି। ଏ ନେଇ ବହୁବାର ଅଭିଯୋଗ ଓ ଆନ୍ଦୋଳନ ସତ୍ତ୍ୱେ ଛାତ୍ରଛାତ୍ରୀଙ୍କ ସମସ୍ୟାର ସ୍ଥାୟୀ ସମାଧାନ ହେଉନାହିଁ। ତେଣୁ ଛାତ୍ରଛାତ୍ରୀ ବାଧ୍ୟହୋଇ ଏଭଳି ପଦକ୍ଷେପ ନେଇଛନ୍ତି। ସମସ୍ୟାର ସମାଧାନ ନ ହେବା ପର୍ଯ୍ୟନ୍ତ ଏହି ତାଲା ବନ୍ଦ ଆନ୍ଦୋଳନ ଜାରି ରହିବ ବୋଲି ଛାତ୍ରନେତା ପ୍ରଭାସକର ମାର୍ଣ୍ଡି କହିଛନ୍ତି। ତେବେ କଲେଜ୍ ପରିସରରେ ଜିଲ୍ଲାସ୍ତରୀୟ ଯୁବ ରେଡ଼କ୍ରସ୍ ଶିକ୍ଷା ଓ ପ୍ରଶିକ୍ଷଣ ଶିବିର ଚାଲିଥିବାରୁ ଗେଟ୍ ବନ୍ଦ ରହିଥିବାରୁ ଏଥିରେ ଅଂଶଗ୍ରହଣ କରିଥିବା ୧୨୦ରୁ ଅଧିକ ଛାତ୍ରଛାତ୍ରୀ ଭିତରେ ରହିଛନ୍ତି। ଏନେଇ ଅଧ୍ୟକ୍ଷ ନାରାୟଣ ପ୍ରସାଦ ବେହେରାଙ୍କୁ ପଚାରିବାରୁ ତାଲାବନ୍ଦ ଆନ୍ଦୋଳନ ସମ୍ପର୍କରେ ଛାତ୍ରଛାତ୍ରୀ ପୂର୍ବ ସୂଚନା ଦେଇନାହାନ୍ତି। କିଛିଦିନ ପୂର୍ବରୁ କିଛି ବିଦ୍ୟାର୍ଥୀ ପରୀକ୍ଷା ନିୟନ୍ତ୍ରକଙ୍କୁ ପରିବର୍ତ୍ତନ ପାଇଁ ଦରଖାସ୍ତ ଦେଇଥିଲେ। ତେବେ ପରିବର୍ତ୍ତନ କ୍ଷମତା ମୋର ନ ଥିବାରୁ ମୁଁ ମନାକରିଥିଲି। ପିଲାଙ୍କ ଦାବି ସମ୍ପର୍କରେ ମୁଁ ଉଚ୍ଚ କର୍ତ୍ତୃପକ୍ଷଙ୍କୁ ଅବଗତ କରିଛି। କୌଣସି ନିଷ୍ପତ୍ତି ସୂଚନା ପହଞ୍ଚିବା ପୂର୍ବରୁ ଏପରି ଆନ୍ଦୋଳନ ନିନ୍ଦନୀୟ ବୋଲି ସେ କହିଛନ୍ତି।

## ପ୍ରାକ୍ତନ ଅଧ୍ୟକ୍ଷାଙ୍କ ସଙ୍ଗୀନ ଅଭିଯୋଗ

ଏମପିସି ସ୍ୱୟଂଶାସିତ କଲେଜରେ ତାଲାବନ୍ଦ ଆନ୍ଦୋଳନ ଘଟଣାକୁ ନେଇ ପ୍ରାକ୍ତନ ଅଧ୍ୟକ୍ଷା ତଥା ବର୍ତ୍ତମାନର ଅଧାପିକା ରାଇମଣି ମାର୍ଣ୍ଡି ଗୁରୁତର ଅଭିଯୋଗ ଆଣିଛନ୍ତି। ଛାତ୍ରଛାତ୍ରୀଙ୍କ ଆଚାର ବ୍ୟବହାରରେ ନିଜକୁ ସେ ସୁରକ୍ଷିତ ମଣୁନାହାନ୍ତି। ସେ ବର୍ତ୍ତମାନ ଜିଲ୍ଲା ୟୁଥ୍ ରେଡ଼କ୍ରସ କୋନଭେନର ସେକ୍ରେଟାରୀ ଭାବେ ଦାୟିତ୍ୱ ନିର୍ବାହ କରୁଥିବା ବେଳେ ଉଦ୍ଦେଶ୍ୟମୂଳକ ଭାବେ ତାଙ୍କୁ ହଇରାଣ କରିବା ଏବଂ ରେଡ଼କ୍ରସ କାର୍ଯ୍ୟକ୍ରମକୁ ଭଣ୍ଡୁର କରିବା ପାଇଁ ଆନ୍ଦୋଳନର ଚକ୍ରାନ୍ତ କରାଯାଇଛି ବୋଲି ସେ ଦର୍ଶାଇଛନ୍ତି। ଏଥିରେ କଲେଜର କିଛି ଅଧାପକ ଓ ଅଧାପିକାଙ୍କ ହାତ ରହିଥିବା ସେ ଅଭିଯୋଗ କରିଛନ୍ତି। ଆନ୍ଦୋଳନରତ ଛାତ୍ରଙ୍କ ଧମକରେ ସେ ଭୟଭୀତ ହୋଇ ପୁଲିସର ସହାୟତା ନେଇଛନ୍ତି। ଏପରିକି ରେଡ଼କ୍ରସ୍ ଶିକ୍ଷା ଓ ପ୍ରଶିକ୍ଷଣ ଶିବିର ଅଂଶଗ୍ରହଣ କରୁଥିବା ଅଧାପକ/ଅଧାପିକା ଓ ଛାତ୍ରଛାତ୍ରୀଙ୍କୁ ଆନ୍ଦୋଳନକାରୀମାନେ ଧମକ ଚମକ ଦେଇ ଭୟଭୀତ କରିବା ପାଇଁ ଚେଷ୍ଟା କରୁଥିବା ମଧ୍ୟ ଭଞ୍ଜପୁର ଥାନାରେ ଅଭିଯୋଗ କରିଛନ୍ତି। ପ୍ରତିଦିନ ଜଲେଜ୍ ଫାଟକ ସକାଳ ୯ଟା ୩୦ରେ ଖୋଲିବାର ସମୟ ହୋଇଥିବା ବେଳେ ଆଜି ସକାଳ ୬ଟାରେ ଗେଟରେ ତାଲା ପକାଇବା ଶିବିରକୁ ବାଧା ପହଞ୍ଚାଇବା ପାଇଁ ଉଦ୍ଦିଷ୍ଟ ବୋଲି ସେ କହିଛନ୍ତି। ଏହା ପଛରେ କଲେଜ ସହକର୍ମୀଙ୍କ ହାତ ରହିଥିବା ସେ ଅଭିଯୋଗପତ୍ରରେ ଦର୍ଶାଇଛନ୍ତି।



## ହାତୀ ଆକ୍ରମଣରେ ବୃଦ୍ଧ ମୃତ; ଜଣେ ଗୁରୁତର

ମୋରଡା,୩।୧୧(ସମିସ): ରବିବାର ଜଣେ ବୃଦ୍ଧଙ୍କୁ ହାତୀ ଆକ୍ରମଣ କରିବାରୁ ତାଙ୍କର ଡାକ୍ତରଖାନାରେ ମୃତ୍ୟୁ ଘଟିଛି। ମୃତକ ହେଲେ ମୁଣ୍ଡାବଣି ଗ୍ରାମର ଅଶୋକ ଟୁଡୁ (୫୩)। ବେତନଟୀ ରେଞ୍ଜ ଅଧୀନ ଗଡିଗାଁ ପଞ୍ଚାୟତ ଫୁଲବାଡିଆ ଗ୍ରାମର ଏକ କାଜୁ ବାଡ଼ିରେ ରବିବାର ୬ଟି ଦନ୍ତାହାତୀ ଥିଲେ। ହେଲେ ଅଶୋକ ଟୁଡୁ ସାଇକଲ ଯୋଗେ ଘରକୁ ଫେରୁଥିବାବେଳେ ହାତୀ ହାବୁଡ଼ରେ ପଡିଯାଇଥିଲେ। ପରେ ଏକ ହାତୀ ତାଙ୍କୁ ଆକ୍ରମଣ କରିବାରୁ ସେ ଗୁରୁତର ହୋଇପଡିଥିଲେ। ଏହି ଖବର ପାଇ ଫରେଷ୍ଟର ଦୀପକ ପାତ୍ର ଏବଂ ଗାର୍ଡ ବିଜୟ ଶଙ୍କର ଦାସ ତାଙ୍କୁ ତୁରନ୍ତ ଉଦ୍ଧାର କରି କିଶାନତାଣ୍ଡି ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରାଇଥିଲେ। ପରେ ବାରିପଦାସ୍ଥିତ ପିଆରଏମ୍ ହସପିଟାଲକୁ ସ୍ଥାନାନ୍ତର କରିଥିଲେ। ହେଲେ ତାଙ୍କର ରବିବାର ରାତି ସାଢେ ୩ଟାବେଳେ ମୃତ୍ୟୁ ଘଟିଛି। ସେହିପରି ଫାଲଝରୀ ଗ୍ରାମର ଯୁବକ ଭଞ୍ଜକିଶୋର ମହାନ୍ତ ହାତୀ ହାବୁଡ଼ରେ ପଡି ଆହତ ହୋଇଥିବା ଖବର ମିଳିଛି।

## କୁଆଖିଆ ଓଭରବ୍ରିଜ ଉପରେ ଦୁର୍ଘଟଣା; ଜଣେ ମୃତ

କୁଆଖିଆ,୩।୧୧(ସମିସ): ୧୬ନଂ ଜାତୀୟ ରାଜପଥ କୁଆଖିଆ ଓଭରବ୍ରିଜ ଉପରେ ବୋଲେରୋ ଓ ଯାତ୍ରୀବାହୀ ବସ୍ ଧକ୍କା ହେବା ଫଳରେ ଜଣଙ୍କର ମୃତ୍ୟୁ ହୋଇଯାଇଛି। ସୂଚନା ମୁତାବକ ରବିବାର ବିଳମ୍ବିତ ରାତ୍ରୀରେ ଭୁବନେଶ୍ୱରରରୁ ଏକ ଯାତ୍ରୀବାହି ବସ୍ ଭଦ୍ରକ ଅଭିମୁଖେ ଯାଉଥିବା ସମୟରେ କୁଆଖିଆ ଓଭରବ୍ରିଜ ଉପରେ ପାଣିକୋଇଲିରୁ ଏକ କଟକ ଯାଉଥିବା ବୋଲେରୋ ଯାତ୍ରୀବାହି ବସ୍‌କୁ ଧକ୍କା ଦେଇଥିଲା। ଘଟଣାସ୍ଥଳରେ ବୋଲେରୋ ଚାଳକ ଚମ୍ପୁଆ ଅଞ୍ଚଳର ଈଶ୍ୱରଚନ୍ଦ୍ର ଗିରିଙ୍କ ପୁଅ ରାଜେଶ କୁମାର ଗିରି ଗୁରୁତର ଆହତ ହୋଇଥିଲେ। ତାଙ୍କୁ କୁଆଖିଆ ପୁଲିସ ଉଦ୍ଧାର କରି ଧର୍ମଶାଳା ମେଡିକାଲକୁ ପଠାଇଥିଲେ। କିନ୍ତୁ ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ।

## ନାବାଳିକାଙ୍କୁ ଧାରୁଆ ଅସ୍ତ୍ରରେ ଆକ୍ରମଣ

ଭଦ୍ରକ/ବନ୍ତ/ଆଗରପଡ଼ା,୩।୧୧(ସମିସ): ଜଣେ ନାବାଳିକାଙ୍କୁ ଦୁଷ୍କର୍ମ ଉଦ୍ୟମ କରି ବିଫଳ ହେବା ପରେ ଅଭିଯୁକ୍ତ ଜଣକ ଏକ ଧାରୁଆ ଅସ୍ତ୍ରରେ ଆକ୍ରମଣ କରିବା ଆଗରପଡ଼ା ଥାନାରେ ଅଭିଯୋଗ ହୋଇଛି। ଖବର ପାଇ ଆଗରପଡା ଥାନାଧିକାରୀ ଦେବରାଜ ଜେନା ଘଟଣା ସ୍ଥଳରେ ପହଞ୍ଚି ଅଭିଯୁକ୍ତକୁ ଏକ ଧାନକ୍ଷେତରେ ଗୋଡାଇ ଗୋଡାଇ ଧରିବାରେ ସଫଳ ହୋଇଛନ୍ତି। ଅଭିଯୋଗ ଅନୁଯାୟୀ, ଆଗରପଡ଼ା ଥାନା ଅନ୍ତର୍ଗତ ଘଣ୍ଟଗଡ଼ିଆ ସ୍ଥିତ ସାହାଡ଼ଗଡ଼ିଆଠାରେ ୧୫ବର୍ଷ ହେବ ଜଣେ ନାବାଳିକା ତାଙ୍କ ପରିବାର ସହ ରହୁଥିଲେ। ତାଙ୍କ ମୂଳ ଘର ମହୁଲଡିହା ଥାନା ଅନ୍ତର୍ଗତ ବାଲିଡିହା ଗାଁରେ। ସୋମବାର ସକାଳେ ସେ ଘର ନିକଟସ୍ଥ କେନାଲକୁ ଶୌଚ ହେବାକୁ ଯାଇଥିଲେ। ସେହି ସମୟରେ ସୋସୋ ଥାନା ଅଞ୍ଚଳର ଦୁଇ ଭାଇ କେନାଲରେ ମାଛ ଧରୁଥିଲେ। ନାବାଳିକାଙ୍କୁ ଏକୁଟିଆ ଦେଖି ସାନଭାଇ ଦୁଷ୍କର୍ମ କରିବାକୁ ଉଦ୍ୟମ କରିଥିଲା; ମାତ୍ର ନାବାଳିକା ଜଣକ ପ୍ରତିବାଦ କରିବା ସହ ଜୋରରେ ଚିତ୍କାର କରିଥିଲେ। ଯୁବକ ଜଣକ ଧରାପଡ଼ି ଯିବା ଭୟରେ ପାଖରେ ରଖିଥିବା ଏକ ଧାରୁଆ ଅସ୍ତ୍ରରେ ଆକ୍ରମଣ କରି ଆଘାତ ପଳାଇବାକୁ ହେବାକୁ ଉଦ୍ୟମ କରିଥିଲା; ହେଲେ ତତକ୍ଷଣାତ ଥାନାଧିକାରୀ ଶ୍ରୀ ଜେନା ପହଞ୍ଚି ପ୍ରାୟ ୨ କି.ମି ଯାଏ ଗୋଡ଼ାଇ ଗୋଡ଼ାଇ ଅଭିଯୁକ୍ତଙ୍କୁ କାବୁ କରିଥିଲେ। ଥାନାଧିକାରୀ ଶ୍ରୀ ଜେନା ଏକ ମାମଲା ରୁଜୁକରି ଅଧିକ ତଦନ୍ତ ଜାରି ରଖିଛନ୍ତି। ପୀଡିତାଙ୍କ ମୁହଁ, ମୁଣ୍ଡରେ ଗଭୀର ଆଘାତ ଲାଗିଥିବାରୁ ତାଙ୍କୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଭର୍ତ୍ତି କରାଯାଇଛି।

## ଶବଗୃହରେ ଧୂପକାଠି ନିଆଁରେ ଜଳିଗଲା ମହିଳାଙ୍କ ମୃତଦେହ

ଭଦ୍ରକ/ବାସୁଦେବପୁର,୩।୧୧(ସମିସ): ସରକାରୀ ଡାକ୍ତରଖାନାରେ ଧୂପକାଠି ନିଆଁରେ ଜଳିଗଲା ଜଣେ ମହିଳାଙ୍କ ମୃତଦେହ। ହଠାତ୍ ଶବଗୃହ ହୁ ହୁ ହୋଇ ଜଳିଲା। ଧୂଆଁର ଆଚ୍ଛାଦିତ ହୋଇପଡିଲା ଶବ ଗୃହ। ଉପସ୍ଥିତ ଥିବା ସୁରକ୍ଷା କର୍ମୀ ତୁରନ୍ତ ଜ ପାଣି ଢାଳି ନିଆଁକୁ ଆୟତ୍ତ କରିଥିଲେ। ଏଭଳି ଏକ ଅଭାବନୀୟ ଘଟଣା ଘଟିଛି ଭଦ୍ରକ ଜିଲ୍ଲା ବାସୁଦେବପୁର ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ। ବାସୁଦେବପୁର ବ୍ଲକ ଗୋପବନ୍ଧୁନଗର ପଞ୍ଚାୟତ ବୁଢ଼ୀଛକର କମଳାକାନ୍ତ ଡଗରାଙ୍କ ପତ୍ନୀ ଯଶୋଦା ଡଗରା ଗୋରୁ ଗୋଡେଇବାକୁ ଯାଇ ପାଣିରେ ପଡିଯାଇଥିଲେ। ପରେ ତାଙ୍କୁ ସଂଜ୍ଞାହୀନ ଅବସ୍ଥାରେ ପରିବାର ଲୋକ ଉଦ୍ଧାର କରିଥିଲେ। ପରବର୍ତ୍ତୀ ସମୟରେ ତାଙ୍କୁ ବାସୁଦେବପୁର ଡାକ୍ତରଖାନାରେ ଭର୍ତ୍ତି କରାଯାଇଥିଲା; ହେଲେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ମହିଳାଙ୍କ ଶବକୁ ବ୍ୟବଚ୍ଛେଦ ପାଇଁ ଡାକ୍ତରଖାନା ଶବ ଗୃହରେ ରଖାଯାଇଥିଲା। ଶବ ଉପରେ ଏକ ଧଳା କପଡା ପକାଯାଇଥିଲା। ଶବ ନିକଟରେ ଧୂପ କାଠି ଲଗାଯାଇଥିଲା। ହେଲେ ଧୂପ କାଠିରୁ ନିଆଁ ଗଦି ଉପରେ ପଡି ନିଆଁ ଲାଗି ଗଦି ହୁ ହୁ ହୋଇ ଜଳିଗଲା। ଏପରିକି ଶବଗୃହରେ ଥିବା ଏୟାର କଣ୍ଡିସନର ଓ ବିଦ୍ୟୁତ୍ ସାମଗ୍ରୀ ମଧ୍ୟ ଜଳିଯାଇଛି।

## ବିଦ୍ୟାଳୟରେ ଶିକ୍ଷକ ଅଭାବ; ଜିଲ୍ଲାପାଳଙ୍କୁ ଅଭିଯୋଗ



ବାଲେଶ୍ୱର, ୩।୧୧(ସମିସ): ରେମୁଣା ବ୍ଲକ ଅର୍ନ୍ତଗତ ବେଗମପୁର ଉଚ୍ଚପ୍ରାଥମିକ ବିଦ୍ୟାଳୟରେ ଶିକ୍ଷକଙ୍କ ଅଭାବ ହେତୁ ଏବେ ଛାତ୍ରଛାତ୍ରୀଙ୍କ ଭବିଷ୍ୟତ ଅନ୍ଧକାର ହେବାକୁ ବସିଛି। ଏଣୁ ଆଜି ଅଭିଭାବକମାନେ ଜିଲ୍ଲାପାଳଙ୍କୁ ଦାବିପତ୍ର ପ୍ରଦାନ କରିଛନ୍ତି। ଶିକ୍ଷକ ଘୋର ଅଭାବ ନେଇ ବିଦ୍ୟାଳୟର ଏସଏମସି ସଭାନେତ୍ରୀ ତଥା ସମସ୍ତ ସଭ୍ୟ,ସଭ୍ୟାମାନେ ପୂର୍ବରୁ ଅଭିଯୋଗ ମଧ୍ୟ କରିଛନ୍ତି। ହେଲେ କିଛି କେହି ଶୁଣୁ ନାହାନ୍ତି। ଏଣୁ ବାଧ ହୋଇ ସେମାନେ ଜିଲ୍ଲାପାଳଙ୍କଠାରେ ଅଭିଯୋଗ କରିଛନ୍ତି। ପୂର୍ବରୁ ସେମାନେ ବିଇଓଙ୍କୁ ଜଣାଇଥିଲେ ସୁଦ୍ଧା ଏହି ସମସ୍ୟା ଶୀଘ୍ର ପୂରଣ ହେବ ବୋଲି କହିବା ସହ ଜିଲ୍ଲାପାଳଙ୍କଠାରେ ଅଭିଯୋଗ ନ କରିବାକୁ ମଧ୍ୟ କହିଥିଲେ। ହେଲେ ବିଇଓ ଦେଇଥିବା ପ୍ରତିଶ୍ରୁତି ପୂରଣ କରି ନାହାନ୍ତି। ଫଳରେ ବାଧ ହୋଇ ଜିଲ୍ଲାପାଳଙ୍କ ଠାରେ ଅଭିଯୋଗ କରିବା ସହ ଉକ୍ତ ବିଦ୍ୟାଳୟରେ ଶୀଘ୍ର ଶିକ୍ଷକ ନିଯୁକ୍ତି କରାଇବାକୁ ଅନୁରୋଧ କରିଛନ୍ତି। ଦାବିପତ୍ର ପ୍ରଦାନବେଳେ ମଞ୍ଜୁଲତା ବିନ୍ଧାଣୀ, କାଳୀଚରଣ ବିନ୍ଧାଣୀ, ପ୍ରଫୁଲ୍ଲ ସିଂ, ଅନ୍ନପୂର୍ଣ୍ଣା ପୋଥାଳ, ରାକେଶ ଘୋଷ, ପ୍ରମିଳା ସେଠୀ, ସୁଦାମ କୁମାର ସେଠୀ, ଅମର ସେଠୀ, ଗୋବିନ୍ଦ ଖିଲାର, ଗୌରୀମଣି ସେଠୀଙ୍କ ସମେତ ଅନ୍ୟମାନେ ଉପସ୍ଥିତ ଥିଲେ।

## ମିନି ବ୍ୟାଙ୍କରେ ଦୁଇ କୋଟି ଟଙ୍କା ଠକେଇ

### ଜିଲ୍ଲାପାଳଙ୍କଠାରେ ଅଭିଯୋଗକଲେ ଆଦିବାସୀ

ବାଲେଶ୍ୱର, ୩।୧୧(ସମିସ): ବାଲେଶ୍ୱର ଜିଲ୍ଲା ବାଲିଆପାଳ ବ୍ଲକ ଅନ୍ତର୍ଗତ ଦେଉଳା ଗ୍ରାମରେ ଥିବା ଏକ ମିନି ବ୍ୟାଙ୍କରେ ଟଙ୍କା ରଖି ଆଦିବାସୀ ଲୋକ ଠକାମୀର ଶିକାର ହୋଇଛନ୍ତି। ପାଖାପାଖି ଦୁଇ କୋଟି ଟଙ୍କା ଠକେଇ ହୋଇଥିବା ନେଇ ସେମାନେ ଜିଲ୍ଲାପାଳଙ୍କଠାରେ ଲିଖିତ ଭାବେ ଅଭିଯୋଗ କରିଛନ୍ତି।

ଦେଉଳା ଗ୍ରାମର ରଞ୍ଜନ କୁମାର ରଣା ଗ୍ରାମ ପଞ୍ଚାୟତ ସଂଲଗ୍ନ ଏକ ଅନାବାଦୀ ସ୍ଥାନରେ ଗୃହ ନିର୍ମାଣ କରି ଏକ ଅସ୍ଥାୟୀ ବ୍ୟାଙ୍କ ଖୋଲି ଅର୍ଥ ଦେଣନେଣ କରିଆସୁଛନ୍ତି। ଉକ୍ତ ବ୍ୟାଙ୍କ ବାଲିଆପାଳ ଏସ୍‌ବିଆଇର ଶାଖା ପରିଚାଳକ ଦାୟିତ୍ୱରେ ଥାଇ ଶ୍ରୀ ରଣା ଦୀର୍ଘ ୮ ବର୍ଷ ହେବ ଏହି କାରବାର କରିଆସୁଥିଲେ। ଅଂଚଳିକ ସ୍ତରରେ ଏକ ବ୍ୟାଙ୍କ ପ୍ରତିଷ୍ଠା ହେବା ଦ୍ୱାରା ଏହି ପଞ୍ଚାୟତର ଜନସାଧାରଣ ଉପକୃତ ହେବା ଲକ୍ଷ୍ୟରେ ବହୁ ଜମାକାରୀ ପୁରୁଷ ଓ ମହିଳା ଅର୍ଥ କାରବାର ସହିତ ସ୍ଥାୟୀ ଜମା ଆକାରରେ ଫିକ୍ସ ଡିପୋଜିଟ ମଧ୍ୟ କରିଛନ୍ତି। ବର୍ତ୍ତମାନ କେବଳ ଦୈନିକ ଅର୍ଥ ନେଣଦେଣ ବ୍ୟତିତ ସ୍ଥାୟୀ ଜମା ଓ ତାର ସୁଧ ସେମାନେ ପାଇ ପାରୁ ନାହାନ୍ତି। ଉକ୍ତ ସ୍ଥାୟୀ ଜମା ପାଖାପାଖି ଦୁଇ କୋଟିରୁ ଅଧିକ ହେବ ବୋଲି ସେମାନେ ଅଭିଯୋଗ କରିଛନ୍ତି। ଏପରିକି ଏହି ସବୁ ଟଙ୍କା ଶ୍ରୀ ରଣା ଆତ୍ମସାତ କରିଥିବା ନେଇ ସେମାନେ ସନ୍ଦେହ କରୁଛନ୍ତି। ବନ୍ଦର ହେବାକୁ ଥିବା ଟାଟା କମ୍ପାନୀଙ୍କ ଦ୍ୱାରା ରେଳପଥ ନିର୍ମାଣ ପାଇଁ ଜମି ଅଧିଗ୍ରହଣ ସମୟରେ ଗରିବ ଆଦିବାସୀଙ୍କ ସହ ଶତାଧିକ ଲୋକେ ପାଇଥିବା ଟଙ୍କା ଉକ୍ତ ମିନି ବ୍ୟାଙ୍କରେ ରଖିଥିଲେ। ଠକେଇର ଶିକାର ହେବା ନେଇ ସେମାନେ ବାଲିଆପାଳ ଥାନାରେ ଅଭିଯୋଗ କରିଛନ୍ତି। ଏଣୁ ଏହି ଘଟଣାରେ ଜିଲ୍ଲା ପ୍ରଶାସନ ସଠିକ ଭାବେ ତଦନ୍ତ କରି ସେମାନଙ୍କୁ ନ୍ୟାୟ ପ୍ରଦାନ କରିବା ପାଇଁ ଠକାମୀରେ ଶିକାର ହୋଇଥିବା ବ୍ୟକ୍ତିମାନେ ଦାବି କରିଛନ୍ତି। ଏହି ଦାବିପତ୍ର ବେଳେ ଝାଡେଶ୍ୱର ମଲ୍ଲିକ, ଫୁଲମଣି ସୋରେନ, ସୁଶିଳା ବେଶ୍ରା, ଫୁଲ ଟୁଡୁ, ରାମ ଟୁଡୁ, ବସନ୍ତ କିସ୍କୁ, ରୁହୀ ହେମ୍ବ୍ରମ, ସାକାଳା ମାର୍ଣ୍ଡି, ଅନ୍ନପୂର୍ଣ୍ଣା ଟୁଡୁ, ମାଳତୀ ମାର୍ଣ୍ଡି, ବସନ୍ତ ମୁର୍ମୁ, ମଙ୍ଗଳୀ କିସ୍କୁ, ଗଣେଶ ଟୁଡୁ ପ୍ରମୁଖଙ୍କ ସହ ଅନ୍ୟମାନେ ଉପସ୍ଥିତ ଥିଲେ।




## ଗୋ-ମାଫିଆଙ୍କ ଉତ୍ପାତ: ଟେର୍ ପାଉନି ପୁଲିସ; ଧରୁଛି ବନ ବିଭାଗ

ତୁରୁମୁଙ୍ଗା, ୩।୧୧(ସମିସ): କେନ୍ଦୁଝର ଜିଲ୍ଲା ପାଟଣା ଥାନା ଓ ସାହାରପଡ଼ା ଫାଣ୍ଡି ଦେଇ ଯାଇଥିବା ୨୨୦ ନମ୍ବର ଜାତୀୟ ରାଜପଥରେ ଏବେ ଗୋ-ମାଫିଆ ସକ୍ରିୟ ହୋଇ ପଡ଼ିଛନ୍ତି। ଥାନା ପଛପଟ ରାସ୍ତା ଓ ଫାଣ୍ଡି ସମ୍ମୁଖ ଦେଇ ଦୈନିକ ରାତି ଶହ ଶହ ଗୋରୁଙ୍କୁ ଗାଡ଼ି ଭିତରେ ଅତି ଦୟନୀୟ ଭାବରେ ବାନ୍ଧି କରି ଚାଲାଣ କରଯାଉଥିଲେ ମଧ୍ୟ ଗୋ-ମାଫିଆଙ୍କ ଟେର୍ ପାଇ ପାରୁନାହିଁ ପାଟଣା ପୁଲିସ। ରବିବାର ବିଳମ୍ବିତ ରାତିରେ ଡବ୍ଲୁବି ୧୩ ୫୫୭ ୬ ନମ୍ବର ଏକ ଗୋରୁ ବୋଝେଇ ପିକଅପ ଭ୍ୟାନ୍‌କୁ କାଠ ଗାଡ଼ି ଭାବି ପାଟଣା ରେଞ୍ଜର ବନ ବିହାରୀ ସର୍ଦ୍ଦାର ଏବଂ ବନ କର୍ମଚାରୀ ଗୋଡ଼ାଇ ଗୋଡ଼ାଇ ହଳଦୀବଟା ନିକଟରୁ ଧରି ପୁଲିସର ଜିମା ଦେଇଛନ୍ତି। ଅନ୍ଧାରର ସୁଯୋଗ ନେଇ ମାଫିଆମାନେ ଗାଡିକୁ ଛାଡି ଫେରାର ହୋଇ ଯାଇଥିବା ବେଳେ ଗାଡି ଭିତରୁ ୭ ଗୋରୁ ଉଦ୍ଧାର କରି ଝାରବେଲଦା ଗୋଶାଳାରେ ଛାଡିଛି ପୁଲିସ। ସୂଚନାଯୋଗ୍ୟ, ପୂର୍ବରୁ ୪୯ ନମ୍ବର ଜାତୀୟ ରାଜପଥ ତୁରୁମୁଙ୍ଗା ଥାନା ଦେଇ ଗୋ-ଚାଲାଣ ହେଉଥିବା ବେଳେ ତୁରୁମୁଙ୍ଗା ପୁଲିସର ଧରପଗଡ଼ ଯୋଗୁଁ ଗୋରୁ ମାଫିଆମାନେ ରାସ୍ତା ବଦଳାଇ ଢେଙ୍କିକୋଟ ପଟରୁ ପାଟଣା ଓ ସାହାରପଡା ଦେଇ କରଞ୍ଜିଆ ଦେଇ କଲିକତା ଅଞ୍ଚଳକୁ ଚୋରାଚାଲାଣ କରିବାରେ ସକ୍ଷମ ହେଉଥିଲେ। ଏବେ ପାଟଣା ପୁଲିସ ମାଫିଆଙ୍କୁ ଧରିବା ରେ ସକ୍ଷମ ହୋଇ ପାରୁନାହିଁ।



## ଆହତ ହାତୀର ଚିକିତ୍ସା ଆରମ୍ଭ

କେନ୍ଦୁଝର/ତେଲକୋଇ, ୩।୧୧(ସମିସ): କେନ୍ଦୁଝର ବନଖଣ୍ଡ ତେଲକୋଇ ରେଞ୍ଜ ଅଧୀନ ବିମଳା ଜଙ୍ଗଲରେ ଗୁରୁତର ଆହତ ହୋଇ ପଡ଼ିଥିବା ଏକ ମାଖନା ହାତୀ ଚିକିତ୍ସା ବନ ବିଭାଗ ଆରମ୍ଭ କରିଛି। ୩୪ ଟିକିଆ ହାତୀପଲଙ୍କ ମଧ୍ୟରେ ଥିବା ୬ଟି ଦନ୍ତାହାତୀଙ୍କ ମଧ୍ୟରେ ମାଡ଼ଗୋଳ ସମୟରେ ଏକ ମାଖନା ହାତୀ ଗୁରୁତର ଆହତ ହୋଇଥିଲା। ସେ ସମୟରେ ଦନ୍ତାହାତୀଙ୍କ ଦାନ୍ତ ଏହି ହାତୀ ଦେହରେ ପଶି ଯାଇ ଦେହସାରା ପୁଜ ଜମି ଯାଇଥିଲା। ଏବେ କିଛି ଦିନ ପୂର୍ବରୁ ପୁନର୍ବାର ଏଭଳି ମାଡ଼ଗୋଳ ହୋଇ ଏହି ମାଖନା ହାତୀ ଅଧିକ ଗୁରୁତର ହୋଇଛି। ଗୁରୁତର ହାତୀର ଶରୀର ଫୁଲିଯାଇଛି। ଧୀରେ ଧୀରେ ଚାଲୁଥିବା ଲକ୍ଷ୍ୟ କରି ବନ ବିଭାଗ ଏହି ହାତୀର ଚିକିତ୍ସା ଆରମ୍ଭ କରିଛି। ଏହି ହାତୀକୁ ଡ଼ାର୍ଟ ଦ୍ୱାରା ଆଣ୍ଟିବାୟୋଟିକ୍ ଭଳି ଔଷଧ ପ୍ରୟୋଗ କରାଯାଇଥିବା ପ୍ରକାଶ କରିଛନ୍ତି ଡିଏଫଓ। ହାତୀ ଉପରେ ଔଷଧ ପ୍ରଭାବ ଲକ୍ଷ୍ୟ କରି ପରବର୍ତ୍ତୀ ସମୟରେ ହାତୀର କିଭଳି ଅଧିକ ଚିକିତ୍ସା କରାଯିବ, ତାହା ସ୍ଥିର କରାଯିବ ବୋଲି କହିଛନ୍ତି ଡିଏଫଓ।



### ପୋତିହୋଇଗଲାଣି ବେଙ୍ଗାନାଳ

## ଶିଳାନ୍ୟାସ ହୋଇଛି; ଖନନ ହେଉନି

କୟାଁଗୋଲା,୩।୧୧(ସମିସ): ଏକଦା ଦଶରଥପୁର ବ୍ଲକର ଚାଷୀଭାଇଙ୍କ ଜୀବନରେଖା ସାଜିଥିବା ବେଙ୍ଗା ନାଳ ଏବେ ଦୁଃଖ ପାଲଟିଛି। ପୁନରୁଦ୍ଧାର ନାଁରେ ଟଙ୍କା ଖର୍ଚ୍ଚ ହେଉଛି ଲକ୍ଷାଧିକ ଟଙ୍କା; ମାତ୍ର ନାଳ ଅବସ୍ଥା ସୁଧୁରିବା ପରିବର୍ତ୍ତେ



ଅଧିକରୁ ଅଧିକ ବ୍ୟବହାର ଅନୁପଯୋଗୀ ହୋଇପଡୁଛି। ରାଜନେତା ଓ ଚାଷୀ ବିଭିନ୍ନ ସମୟରେ ଜନପ୍ରତିନିଧିଙ୍କୁ ଭେଟି ପ୍ରତିକାର ପାଇଁ ଅବଗତ କରୁଛନ୍ତି। ପୁନରୁଦ୍ଧାର ପାଇଁ ପ୍ରତିଶ୍ରୁତି ମିଳୁଛି। ମାତ୍ର ବାସ୍ତବରେ ନାଳ ପୂର୍ବ ଭଳି ପଡିରହିଛି। ଫଳରେ ଚାଷୀଙ୍କ ମଧ୍ୟରେ ଅସନ୍ତୋଷ ପ୍ରକାଶ ପାଇଛି।

ବିଗତ କିଛି ବର୍ଷ ତଳେ ଏହି ନାଳର ପୁନରୁଦ୍ଧାର ପାଇଁ ଭିତ୍ତିପ୍ରସ୍ତର ସ୍ଥାପନ କରାଯାଇଥିଲା। ଫଳକ ଲାଗିବା ପରେ ର'ଠ'ରେ ନାଁକୁ ମାତ୍ର ଦଳ ସଫା ହେଲା। ମାତ୍ର ନାଳ ଖନନ କି ସଫେଇ ଠିକଣା ଭାବେ ହେଲାନି। ଫଳରେ ଦିନକୁ ଦିନ ଦଳରେ ଭର୍ତ୍ତି ହୋଇ ବେଙ୍ଗାନାଳ ପୋତିହୋଇଗଲା। ଏବେ ବେଙ୍ଗା ନାଳ ଚାଷୀଙ୍କ କାମରେ ଲାଗୁନି। କେଉଁଠି ପୋତି ହୋଇଗଲାଣି ତ ଅନ୍ୟ କେଉଁଠି ଜବର ଦଖଲ ଯୋଗୁଁ ଉପର ମୁଣ୍ଡରୁ ପାଣି ଆସିବାରେ ବାଧକ ସାଜିଛି। ନାଗ ଫେଣି ଓ କଲକତି ଦଳରେ ନାଳ ଭର୍ତ୍ତି। ପୂର୍ବେ ଏହି ନାଳ ଉପରେ ନିର୍ଭର କରି ଚାଷୀ ପାରମ୍ପରିକ ଧାନ ଫସଲ ସହ ପନିପରିବା ଚାଷ କରି ଗୁଜୁରାଣ ମେଣ୍ଟାଉଥିଲା। ଏହା ସହିତ ଗାଧୁଆପାଧୁଆ, ବାସନ କୁସନ ମଜା, ଗୃହପାଳିତ ପଶୁ ପାଣି ପିଇବାର ମାଧ୍ୟମ ଥିଲା। ଏହା ସହିତ ଏଠାରେ ମଧ୍ୟ ପ୍ରଚୁର ମାଛ ଧରା ଚାଉଥିଲା। ରୋହି, ଭାକୁର, ଶେଉଳ, କରାଣ୍ଡି, କଣ୍ଟିଆ ମାଛ ଧରି ବହୁ ଲୋକ ଉପକୃତ ହେଉଥିଲେ। ଏବେ ସବୁ ବନ୍ଦ। ଦଳ ଭର୍ତ୍ତି ଓ କେତେକ ଜାଗାରେ ପାଣି ନଥିବାରୁ ଜମିକୁ ଜଳସେଚିତ କରାଯାଇପାରୁନାହିଁ। ମାଛ ମିଳୁନି କି ଗୃହପାଳିତ ପଶୁ ଏହାର ଜଳ ବ୍ୟବହାର କରିପାରୁନାହାଁନ୍ତି। ଅଞ୍ଚଳବାସୀ ବ୍ୟବହାର କରିବା ଦଶନ୍ଧି ଦଶନ୍ଧି ଧରି ଏକ ପ୍ରକାର ଭୁଲିଗଲେଣି। ସୁନ୍ଦରୀମୁହଁଠାରୁ ବାହାରି କୁସୁନପୁର ସଫେଇ ନଦୀରେ ମିଶିଥିବା ଏହି ବେଙ୍ଗାନାଳ ଏବେ ଲୋକଙ୍କ ପାଇଁ ଦୁଃଖର କାରଣ ପାଲଟିଛି। ତେବେ ବେଙ୍ଗା ନାଳର ପୂର୍ବାବସ୍ଥା ଫେରି ଆସିଲେ ଅଞ୍ଚଳବାସୀଙ୍କ ସମସ୍ୟା ଦୂର ହୋଇପାରନ୍ତା ବୋଲି ମତ ପ୍ରକାଶ ପାଇଛି।

## ଗଞ୍ଜେଇ ଚୋରା ଚାଲାଣର ଭୂସ୍ୱର୍ଗ ପାଲଟିଛି ମୟୂରଭଞ୍ଜ

### ୧୦ ମାସରେ ୧୧ କ୍ୱିଣ୍ଟାଲ ଜବତ, ୧୩୦ ଗିରଫ

ବାରିପଦା,୩।୧୧(ସମିସ): ଗଞ୍ଜେଇ ଚୋରା ଚାଲାଣର ଭୂସ୍ୱର୍ଗ ପାଲଟିଛି ମୟୂରଭଞ୍ଜ। ଦିନକୁ ଦିନ ଏହି ବେଆଇନ କାରବାର ବୃଦ୍ଧି ପାଉଥିବା ବେଳେ ଅବକାରୀ ଓ ପୁଲିସ ବିଭାଗ ପକ୍ଷରୁ ଚଢଉ ବି ଜାରି ରହିଛି। ତେବେ ଏହି କାରବାରରେ ଅଙ୍କୁଶ ଆସିବା ପରିବର୍ତ୍ତେ ବଢିବାରେ ଲାଗିଛି। ଚଳିତ ବର୍ଷ ୧୦ ମାସରେ ୧୧ କୁଇଣ୍ଟାଲ ଗଞ୍ଜେଇ ଜବତ କରାଯିବା ସହିତ ୧୩୦ଜଣଙ୍କୁ ଗିରଫ କରି କୋର୍ଟ ଚାଲାଣ କରାଯାଇଛି। ଗିରଫ ମାଫିଆମାନେ ଧରାନପଡିବା ପାଇଁ ଦିନକୁ ଦିନ ନୂଆ ନୂଆ ଉପାୟରେ ନାମୀଦାମୀ ଗାଡ଼ିରେ ବାହାର ରାଜ୍ୟକୁ ଗଞ୍ଜେଇ ଚାଲାଣ କରୁଛନ୍ତି। ମୟୂରଭଞ୍ଜ ଜିଲ୍ଲା ପଶ୍ଚିମବଙ୍ଗ ଓ ଝାଡଖଣ୍ଡ ରାଜ୍ୟର ସୀମାନ୍ତ ହୋଇଥିବା ବେଳେ ଆନ୍ତଃରାଜ୍ୟ ମାଫିଆ ଜିଲ୍ଲାକୁ ସେମାନଙ୍କ ଚୋରାକାରାବାର ହବ୍ ଭାବରେ ବାଛି ନେଲେଣି। ବିଭିନ୍ନ ସ୍ଥାନରେ ପୁଲିସ, ଅବକାରୀ ଓ ନାର୍କୋଟିକ୍ କଣ୍ଟ୍ରୋଲ ବ୍ୟୁରୋ ପକ୍ଷରୁ ଚଢଉ କରି ଧରପଗଡ କରିବା ପରେ ଚୋରାଚାଲାଣ ସତ୍ତ୍ୱେ ଅଙ୍କୁଶ ଲାଗୁନି। ଗତ ବୁଧବାର ରାଜ୍ୟ ନାର୍କୋଟିକ୍ କଣ୍ଟ୍ରୋଲ ବ୍ୟୁରୋ କେନ୍ଦୁଝରଠାରୁ ଗୋଡାଇ ଗୋଡାଇ



କରଞ୍ଜିଆରେ ଏକ ସରକାରୀ ସାଇନବୋର୍ଡ ଲଗାଇ ଗଞ୍ଜେଇ ଚୋରାଚାଲାଣ କରୁଥିବା କାରକୁ ଧରିଥିଲେ। କେବଳ ଚଳିତ ବର୍ଷ ଏନଡିପିଏସରେ ୧୯ଟି ମାମଲାରେ ୩୦ ଜଣକୁ ଗିରଫ କରାଯାଇଛି। ସେମାନଙ୍କ ପାଖରୁ ୫କୁଇଣ୍ଟାଲ ୨୬କିଲୋ ୯୯୦ଗ୍ରାମ ଗଞ୍ଜେଇ ଜବତ ହୋଇଥିଲା ବେଳେ ଏହାର ମୂଲ୍ୟ ପାଖାପାଖି ୫୦ଲକ୍ଷ ହେବ। ଅପରପକ୍ଷରେ ଅବକାରୀ ବିଭାଗର ଚଳିତ ବର୍ଷ ୨ କୁଇଣ୍ଟାଲ ୮୧କିଲୋ ୮୫ଗ୍ରାମ ଗଞ୍ଜେଇ ଜବତ୍ କରି ୧୦୩ ମାମଲା ରୁଜୁ କରିଥିବା ବେଳେ ୧୦୦ ଜଣକୁ ମଧ୍ୟ ଗିରଫ କରିଛି। ବୈଶିଙ୍ଗା, ବେତନଟୀ, ବାରିପଦା ଟାଉନ, କୁଳିଅଣା, ବାରିପଦା ସଦର, ରରୁଆଁ, କରଞ୍ଜିଆ, ଯଶିପୁର, ବିଶୋଇ, ବାଙ୍ଗିରିପୋଷି ଓ ଝାରପୋଖରିଆ ପୁଲିସ ଜାତୀୟ ରାଜପଥରୁ ଗଞ୍ଜେଇ ଗାଡିକୁ ଧରିବାରେ ସଫଳତା ପାଇଛି। ମାଫିଆମାନେ ସାଧାରଣତଃ କୋରାପୁଟ, ମାଲକାନଗିରି, କଳାହାଣ୍ଡି, ନୂଆପଡା, ଫୁଲବାଣୀ ଓ ବୌଦ୍ଧ ଆଦି ଜିଲ୍ଲାରୁ ଗଞ୍ଜେଇ ଚୋରାରେ ଆଣି ମୟୂରଭଞ୍ଜର ଉପରୋକ୍ତ ଜାତୀୟରାଜପଥରେ ଚୋରାଚାଲାଣ କରୁଛନ୍ତି। ତେବେ ଗଞ୍ଜେଇ ମାଫିଆମାନେ ଧରାନପଡିବା ପାଇଁ ନୂଆ ଉପାୟ ଅବଲମ୍ବନ କରୁଥିବା ବେଳେ ଅବକାରୀ ଓ ପୁଲିସ ବିଭାଗ ସହିତ ରାଜ୍ୟର ସ୍ୱତନ୍ତ୍ର ଏନସିବି ଟିମ୍ ସାଟେଲାଇଟ ଜରିଆରେ ସେମାନଙ୍କ ଯୋଜନା ପଣ୍ଡ କରୁଛନ୍ତି। ଆଗକୁ ଜିଲ୍ଲାରେ ଅବାଧ ଗଞ୍ଜେଇ କାରବାର ବ୍ୟାହତ ପାଇଁ ପ୍ରଚେଷ୍ଟା ଜାରି ରହିଛି ବୋଲି ଅବକାରୀ ଏସପି ପ୍ରଶାନ୍ତ କହଁର ପ୍ରକାଶ କରିଛନ୍ତି। ଏନେଇ ମୟୂରଭଞ୍ଜ ଏସପି ବରୁଣ ଗୁଣ୍ଟୁପାଲି କହିଛନ୍ତି ଯେ ଜିଲ୍ଲାରେ କୌଣସି ପ୍ରକାରେ ଅପରାଧୀଙ୍କୁ ପ୍ରଶ୍ରୟ ଦିଆଯିବ ନାହିଁ। ଅପରାଧୀମାନେ ଅପରାଧ ଘଟାଇବା ପୂର୍ବରୁ ପୁଲିସ ଖବର ପାଇ ଆବଶ୍ୟକ ସ୍ଥଳେ ଗିରଫ କରାଯାଉଛି। ତେବେ ଏହି ଧାରା ଜାରି ରହିବ ବୋଲି ସେ କହିଛନ୍ତି।

## ଆଜିର ରାଶିଫଳ

**ମେଷ:** ସ୍ୱାସ୍ଥ୍ୟରେ ଉନ୍ନତି ପରିଲକ୍ଷିତ ହେବ। ଆର୍ଥିକ ସ୍ଥିତି ଭଲ ରହିବ। ବନ୍ଧୁଙ୍କ ସହାୟତା ମିଳିବ। ବ୍ୟବସାୟ ପାଇଁ ନୂଆ ଯୋଜନା ପ୍ରସ୍ତୁତ କରିବେ। ମହିଳାମାନେ ଘରକାମରେ ସମୟ ବିତାଇବେ।

**ବୃଷ:** ଦୂରଯାତ୍ରା ଯୋଗ ଅଛି। ଜୀବନସାଥୀଙ୍କ ସହ ସୁଖମୟ ସମୟ ଅତିବାହିତ କରିବେ। ନିବେଶରୁ ଦୂରେଇ ରୁହନ୍ତୁ। କୌଣସି ଶୁଭ ଖବର ମିଳିପାରେ। ବନ୍ଧୁଙ୍କ ସହ ମନୋମାଳିନ୍ୟ ଦେଖା ଦେବ।

**ମିଥୁନ:** ଯାନବାହନ କିଣିପାରନ୍ତି। ଧାର୍ମିକ ପୁସ୍ତକ ପ୍ରତି ଆଗ୍ରହ ବଢ଼ିବ। ମନ ପ୍ରସନ୍ନ ରହିବ। ପ୍ରେମିକ-ପ୍ରେମିକାଙ୍କ ପାଇଁ ଦିନଟି ଭଲ। ପରୋପକାର କାର୍ଯ୍ୟରେ ନିଜକୁ ନିୟୋଜିତ କରିବେ।

**କର୍କଟ:** ଅଫିସ୍‌ରେ କାର୍ଯ୍ୟଭାର ବଢ଼ିବ। ବିବାହରେ ସମସ୍ୟା ଆସିପାରେ। ବ୍ୟବସାୟରେ ଉନ୍ନତି ପରିଲକ୍ଷିତ ହେବ। ପ୍ରତିଯୋଗିତାମୂଳକ ପରୀକ୍ଷାରେ ବିଦ୍ୟାର୍ଥୀ କୃତକାର୍ଯ୍ୟ ହେବେ।

**ସିଂହ:** ବ୍ୟବସାୟରେ ଆଶାଜନକ ପରିଣାମ ମିଳିବ ନାହିଁ। ଜୀବନସାଥୀଙ୍କ ସହଯୋଗ ମିଳିବ। ବାପାଙ୍କ ସ୍ୱାସ୍ଥ୍ୟ ସମସ୍ୟାକୁ ନେଇ ଚିନ୍ତାରେ ରହିବେ। ଦାମ୍ପତ୍ୟ ଜୀବନ ସୁଖମୟ ହେବ।

**କନ୍ୟା:** ଚାକିରିକୁ ନେଇ କୌଣସି ସମସ୍ୟା ଦେଖା ଦେବ। ଘରେ ପୂଜାପାଠ ଆୟୋଜନ କରିବେ। ଅଟକିଥିବା କାର୍ଯ୍ୟ ପୂରା ହେବ। ଆୟର ନୂଆ ଅବସର ପ୍ରାପ୍ତ ହେବ। ମାନସମ୍ମାନ ବୃଦ୍ଧି ପାଇବ।

**ତୁଳା:** ଦିନଟି ମିଶ୍ରଫଳ ପ୍ରଦାନ କରିବ। ଆର୍ଥିକ ସ୍ଥିତି ମଜଭୁତ୍ ହେବ। ବିବାହ ପ୍ରସ୍ତାବ ଆସିପାରେ। ରାଜନୀତିରେ ସଫଳତା ମିଳିବ। ଛାତ୍ରଛାତ୍ରୀ କ୍ୟାରିୟର ପାଇଁ ନୂଆ ଯୋଜନା କରିବେ।

**ବିଛା:** ଆଇଟି ଓ ବ୍ୟାଙ୍କ କ୍ଷେତ୍ରରେ ସଫଳତା ମିଳିବ। ଅଫିସ୍‌ରେ ବରିଷ୍ଠ ଅଧିକାରୀଙ୍କ ସହଯୋଗ ମିଳିବ। ବୈବାହିକ ଜୀବନ ସୁଖଶାନ୍ତିରେ କଟିବ। ବିଦ୍ୟାର୍ଥୀ ପଢ଼ାରେ ମନୋନିବେଶ କରିବେ।

**ଧନୁ:** ପରିବାର ଲୋକଙ୍କ ସହଯୋଗ ମିଳିବ। ସ୍ୱାସ୍ଥ୍ୟରେ ସୁଧାର ଆସିବ। ଆୟ ତୁଳନାରେ ବ୍ୟୟ ଅଧିକ ହେବ। କଥାରେ ମଧୁରତା ରକ୍ଷା କରିବେ। ଦାମ୍ପତ୍ୟ ଜୀବନରେ ତିକ୍ତତା ଦେଖା ଦେବ।


**ମକର:** ଦିନଟିରେ କର୍ମଚଞ୍ଚଳ ରହିବେ। ବ୍ୟବସାୟରେ ଲାଭ ମିଳିବ। ଛାତ୍ରଛାତ୍ରୀ କଠିନ ପରିଶ୍ରମ କରିବେ। ପୈତୃକ ସମ୍ପତ୍ତିରୁ ଲାଭ ମିଳିବ। ପ୍ରେମ ସମ୍ବନ୍ଧ ସୁଖମୟ ହେବ।

**କୁମ୍ଭ:** ବ୍ୟବସାୟକୁ ନେଇ ଦୂରଯାତ୍ରାକୁ ଯାତ୍ରା କରିବେ। ନିବେଶରୁ ଦୂରେଇ ରୁହନ୍ତୁ। ଘରେ ପୂଜାପାଠ ଆୟୋଜନ ହେବ। ବିବାହ ସମସ୍ୟା ସମାଧାନ ହେବ। ଯାନବାହନ କ୍ରୟର ଯୋଗ ଅଛି।

**ମୀନ:** ଚାକିରିରେ ବନ୍ଧୁଙ୍କ ସହାୟତା ମିଳିବ। ଅଫିସ୍‌ରେ ସହକର୍ମୀଙ୍କ ସହ ମତାନ୍ତର ଦେଖା ଦେବ। ନୂଆ କାର୍ଯ୍ୟ ଆରମ୍ଭ କରିବାର ଉତ୍ତମ ସମୟ। ସ୍ୱାମୀ-ସ୍ତ୍ରୀ ମଧ୍ୟରେ ଉତ୍ତମ ବୁଝାମଣା ରହିବ।

## ଆଜିର ଇତିହାସ

- ୧୯୨୯ - ମାନବ କମ୍ପ୍ୟୁଟର ଶକୁନ୍ତଳା ଦେବୀଙ୍କ ଜନ୍ମ।
- ୧୯୪୭ - ମେଜର ସୋମନାଥ ଶର୍ମାଙ୍କୁ ମରଣୋତ୍ତର ପରମବୀର ଚକ୍ର ପ୍ରଦାନ କରାଗଲା।
- ୧୯୫୪ - ଦାର୍ଜିଲିଂରେ ହିମାଳୟ ପର୍ବତାରୋହଣ ସଂସ୍ଥାନର ସ୍ଥାପନା।
- ୨୦୦୮ - ଆମେରିକାର ରାଷ୍ଟ୍ରପତି ହେଲେ ବାରାକ୍ ଓବାମା।
- ୨୦୧୫ - ପାକିସ୍ତାନର ଲାହୋରରେ ଏକ କୋଠା ଭୁଶୁଡ଼ି ୪୫ ଜଣଙ୍କ ମୃତ୍ୟୁ ଓ ପାଖାପାଖି ୧୦୦ ଜଣ ଆହତ ହୋଇଥିଲେ।



## 'ରାମାୟଣ' ବିଭୀଷଣ ଭୂମିକାରେ ବିବେକ

ବଲିଉଡ୍‌ରେ ଏବେ ଫିଲ୍ମର କାହାଣୀ ଅପେକ୍ଷା ଏହାର ବଜେଟ୍‌କୁ ଅଧିକ ଗୁରୁତ୍ୱ ଦିଆଯାଉଛି। ଏହି କ୍ରମରେ ନୀତେଶ ତିୱାରୀଙ୍କ ଫିଲ୍ମ 'ରାମାୟଣ' ସମସ୍ତଙ୍କୁ ପଛରେ ପକାଇ ଦେଇଛି। ୪୦୦୦ କୋଟି ବ୍ୟୟରେ ନିର୍ମିତ ଏହି ଫିଲ୍ମ ଦୁଇଟି ପାର୍ଟରେ ଆସିବ। ଫିଲ୍ମର ବଜେଟ୍ ସହ ଏହାର କଳାକାରଙ୍କୁ ନେଇ ମଧ୍ୟ ଚର୍ଚ୍ଚା ହେଉଛି। ରଣବୀର କପୁର, ସାଇପଲ୍ଲବୀ ଓ ଯଶ୍‌ଙ୍କ ବ୍ୟତୀତ ଏଥିରେ କାମ କରୁଥିବା ଅନ୍ୟ ଜଣେ କଳାକାରଙ୍କୁ ନେଇ ଚର୍ଚ୍ଚା ହେଉଛି। ଏହି ଫିଲ୍ମରେ ବିବେକ ଓବେରୟ ବିଭୀଷଣ ଭୂମିକାରେ ନଜର ଆସିବେ। ସବୁଠୁ ବଡ଼ କଥା ହେଉଛି, ବିବେକ ଏହି ଫିଲ୍ମ ପାଇଁ ଟଙ୍କାଟିଏ ମଧ୍ୟ ନେବେ ନାହିଁ। ନିକଟରେ ଗଣମାଧ୍ୟମକୁ ଦେଇଥିବା ସାକ୍ଷାତକାରରେ ବିବେକ କହିଛନ୍ତି ଯେ, 'ରାମାୟଣ'ର ପ୍ରଯୋଜକ ନମିତ ମଲହୋତ୍ରାଙ୍କୁ ସେ କୌଣସି ପାରିଶ୍ରମିକ ନେବେ ନାହିଁ ବୋଲି କହିଥିଲେ। ଏହାସହ ସେ ତାଙ୍କର ପାରିଶ୍ରମିକ ବାବଦରେ ମିଳିବାକୁ ଥିବା ସମସ୍ତ ଅର୍ଥ କ୍ୟାନ୍ସର ପୀଡ଼ିତ ପିଲାଙ୍କ ପାଇଁ ଦାନ କରିବାକୁ ନମିତଙ୍କୁ କହିଛନ୍ତି। ବିବେକ ଆହୁରି ମଧ୍ୟ କହିଛନ୍ତି, ''ରାମାୟଣ' ଭାରତୀୟ ସିନେମାକୁ ଅନ୍ତର୍ଜାତୀୟ ସ୍ତରକୁ ନେଇଯିବ। ଏଥିରେ କାମ କରି ବେଶ୍ ଭଲ ଲାଗିଲା।' 'ରାମାୟଣ'ର ଦୁଇଟି ପାର୍ଟ ୨୦୨୬ ଓ ୨୦୨୭ ଦୀପାବଳିରେ ଆସିବ।



## ସର୍ଫିଂରେ ବିଶ୍ୱ ରେକର୍ଡ

ସର୍ଫିଂ ଏକ ଦୁଃସାହସିକ କ୍ରୀଡ଼ା ଭାବେ ଜଣାଯାଏ। ଏଥିରେ ଏକ ବୋର୍ଡ ଉପରେ ଛିଡ଼ା ହୋଇ ଲହଡ଼ିକୁ ଅତିକ୍ରମ କରିବାକୁ ହୋଇଥାଏ। ଏହା ହେଉଛି ଏକ ଆନନ୍ଦଦାୟକ ଜଳକ୍ରୀଡ଼ା। ଏଥିପାଇଁ ଜଳ ସହିତ ପବନର ମଧ୍ୟ ଆବଶ୍ୟକତା ରହିଛି। ପାଣି ଭିତରେ ପବନର ବେଗ ଯେତେ ବୃଦ୍ଧି ପାଇବ ସର୍ଫିଂ କରିବାର ମଜା ସେତେ ବଢ଼ିଥାଏ। ଅବଶ୍ୟ ସର୍ଫିଂ ନିର୍ଦ୍ଦିଷ୍ଟ କେତେ ସମୟ ପାଇଁ ହିଁ କରାଯାଇଥାଏ। କାରଣ ଏଥିରେ ବିପଦ ମଧ୍ୟ ଥାଏ। ନିକଟରେ ଅଷ୍ଟ୍ରିଆର ଜଣେ ବ୍ୟକ୍ତି ଅବିରତ ଆଠ ଘଣ୍ଟା ଧରି ସର୍ଫିଂ କରି ବିଶ୍ୱ ରେକର୍ଡ କରିଛନ୍ତି। ମ୍ୟାକ୍ସିମିଲିଆନ୍ ନ୍ୟୁବକ୍ ନାମକ ବ୍ୟକ୍ତି ଏପରି ଦୁଃସାହସିକ କାର୍ଯ୍ୟ କରି ଦେଖାଇଛନ୍ତି। ନ୍ୟୁବକ୍ ୮ ଘଣ୍ଟା ୫ ମିନିଟ୍ ୪୪ ସେକେଣ୍ଡ ପର୍ଯ୍ୟନ୍ତ ସର୍ଫିଂ କରିଥିଲେ। ଅଧିକ ସମୟ ଧରି ସର୍ଫିଂ କରିଥିବା ପୁରୁଷ ହିସାବରେ ତାଙ୍କ ନାମ ଗିନିଜ୍ ବୁକ୍ ଅଫ୍ ରେକର୍ଡସ୍‌ରେ ସ୍ଥାନ ପାଇଛି। ଅତ୍ୟଧିକ ଥଣ୍ଡା ପରିବେଶରେ ବି ସେ ତାଙ୍କର ସର୍ଫିଂ ଜାରି ରଖିଥିଲେ। ଆଠଘଣ୍ଟା ପରେ ସେ କୂଳକୁ ଫେରିଥିଲେ।

## ସମୁଦ୍ରରୁ ପ୍ଲାଷ୍ଟିକ୍ କଣିକା ସଫା କରିବ ମାଛ

ପ୍ଲାଷ୍ଟିକ୍ ପ୍ରଦୂଷଣ ଏବେ ବୈଶ୍ୱିକସ୍ତରରେ ଚିନ୍ତା ବଢ଼ାଉଛି। ସମୁଦ୍ରରେ ଲୋକେ ପ୍ରତିଦିନ କୁଢ଼ କୁଢ଼ ପ୍ଲାଷ୍ଟିକ୍ ଫିଙ୍ଗୁଛନ୍ତି। ସମୁଦ୍ରର ପ୍ଲାଷ୍ଟିକ୍ ଆବର୍ଜନାକୁ ମୁକ୍ତ କରିବାକୁ ଚୀନ୍, ସିଚୁଆନ୍ ବିଶ୍ୱବିଦ୍ୟାଳୟର ବୈଜ୍ଞାନିକମାନେ ଏକ ସ୍ୱତନ୍ତ୍ର ମାଛ ବିକଶିତ କରିଛନ୍ତି। ଏହି ମାଛଟି ପ୍ରକୃତରେ ଏକ ରୋବଟ୍ ମାଛ। ସ୍ୱୟଂଚାଳିତ ଏହି ରୋବଟ୍ ମାଛଟି ସମୁଦ୍ର ପାଣିରେ ଭାସି ଭାସି ତା'ର ଶରୀରରେ କ୍ଷୁଦ୍ର ପ୍ଲାଷ୍ଟିକ୍ କଣିକାକୁ ଶୋଷିନେବ। ମାଛଟି ମାତ୍ର ୧୩ ମିଲିମିଟର ଲମ୍ବା। ଏହା ତା'ର ଲାଞ୍ଜରେ ଲଗାଯାଇଥିବା ଲେଜର ପ୍ରଣାଳୀ ସାହାଯ୍ୟରେ ପାଖାପାଖି ୩୦ ମିଲିମିଟର ପ୍ରତି ସେକେଣ୍ଡ ଗତିରେ ପହଁରିପାରେ। ରୋବୋଟ୍ ମାଛକୁ ଏପରି ତିଆରି କରାଯାଇଛି ଯେ, ଏହା ୫ କେଜି ଓଜନର ଜିନିଷକୁ ବି ଟାଣିପାରେ। ବୈଜ୍ଞାନିକଙ୍କ କହିବାନୁସାରେ, ଏହି ମାଛଟି ଭବିଷ୍ୟତରେ ସମୁଦ୍ରଗୁଡ଼ିକରୁ ମାଇକ୍ରୋପ୍ଲାଷ୍ଟିକ୍‌କୁ ସହଜରେ ସଫା କରିପାରିବ। ଯଦି ପାଣି ଭିତରେ ଏହି ରୋବଟ୍ ମାଛଟି କୌଣସି କାରଣବଶତଃ କ୍ଷତିଗ୍ରସ୍ତ ହୁଏ ତାହେଲେ ଏହା ନିଜକୁ ଠିକ୍ ମଧ୍ୟ କରିପାରିବ। ବର୍ତ୍ତମାନ ଏହା ପ୍ରାରମ୍ଭିକ ସ୍ତରରେ ଅଛି। ଏହା ପ୍ରସ୍ତୁତ ହେବା ପରେ ରୋବଟ୍ ମାଛକୁ ସାଗର ଓ ମହାସାଗରରୁ ମାଇକ୍ରୋପ୍ଲାଷ୍ଟିକ୍ ସଫା କରିବାକୁ ବ୍ୟବହାର କରାଯାଇପାରିବ।



## ମାନେଭଜ୍ୟାଙ୍ଗ ଗାଁ

ପ୍ରତ୍ୟେକ ଗାଁ'ର ପରମ୍ପରା ଓ ସଂସ୍କୃତି ଭିନ୍ନ ଭିନ୍ନ ହୋଇଥାଏ। ତନ୍ମଧ୍ୟରୁ କିଛି ଗାଁ ନିଜର ସ୍ୱତନ୍ତ୍ରତା ପାଇଁ ପ୍ରସିଦ୍ଧି ଲାଭ କରିଥାଏ। ଏମିତି ଏକ ଗାଁ ହେଉଛି ପଶ୍ଚିମବଙ୍ଗର ମାନେଭଜ୍ୟାଙ୍ଗ। ଏହି ଗାଁଟି ଭାରତ ଓ ନେପାଳ ସୀମାବର୍ତ୍ତୀ ଅଞ୍ଚଳରେ ଅବସ୍ଥିତ। ଏହା ଦାର୍ଜିଲିଂରୁ ୨୦ କିଲୋମିଟର ଦୂରରେ ଅବସ୍ଥିତ। ମାନେଭଜ୍ୟାଙ୍ଗ ଗାଁର ସ୍ୱତନ୍ତ୍ରତା ହେଉଛି ଦୀର୍ଘ ୬୦ ବର୍ଷରୁ ଅଧିକ ସମୟ ହେବ ଏଠାକାର ଲୋକଙ୍କ ଜୀବନରେ ଲ୍ୟାଣ୍ଡରୋଭର ଏକ ଅଂଶ ପାଲଟିଯାଇଛି। ଏଠାକାର ଲୋକେ ଟ୍ୟାକ୍ସି ଭଳି ଏହାକୁ ବ୍ୟବହାର କରନ୍ତି। ଗାଁର ପ୍ରତ୍ୟେକ ଘର ସମ୍ମୁଖରେ ଏହି ଗାଡ଼ି ଠିଆ ହୋଇଥିବାର ଦେଖିବାକୁ ମିଳିବ। ବ୍ରିଟିଶ ଶାସନ ସମୟରେ ଇଂରେଜମାନେ ଏହି ଗାଡ଼ି ଏଠାକୁ ଆଣିଥିଲେ। ଦେଶ ସ୍ୱାଧୀନ ହେବା ପରେ ଇଂରେଜମାନେ ଏହି ଗାଡ଼ିଗୁଡ଼ିକୁ ସ୍ଥାନୀୟ ଲୋକଙ୍କୁ ଦେଇ ଯାଇଥିଲେ। ଅପରପକ୍ଷରେ ଏହି ଅଞ୍ଚଳ ପାହାଡ଼ିଆ ହୋଇଥିବାରୁ ଏଠାରେ ଆଧୁନିକ ଯାନବାହନ ଚଳାଚଳ ସମ୍ଭବ ନୁହେଁ। ତେଣୁ ପାହାଡ଼ିଆ ରାସ୍ତା ପାଇଁ ଲ୍ୟାଣ୍ଡରୋଭର ବାହନ ଏକ ସାଧନ। ଯଦି ଏବେ ଏହି ଗାଡ଼ିଗୁଡ଼ିକୁ ନିଲାମ କରାଯାଏ ଏହା ଲକ୍ଷାଧିକ ଟଙ୍କାରେ ବିକ୍ରି କରାଯାଇପାରିବ। ଏହା ଆଜି ବି ସ୍ଥାନୀୟ ଲୋକଙ୍କର ସଂସ୍କୃତି ଏବଂ ଅର୍ଥବ୍ୟବସ୍ଥାର ଏକ ମହତ୍ତ୍ୱପୂର୍ଣ୍ଣ ଅଂଶବିଶେଷ।



# ସୁବର୍ଣ୍ଣା

## ଆଳୁର ସହଫସଲ

**ଓଡ଼ିଶା ଏକ କୃଷି ପ୍ରଧାନ ରାଜ୍ୟ। ଗ୍ରାମାଞ୍ଚଳର ଅଧିକାଂଶ ଲୋକ ଧାନ ଚାଷ ସହିତ ପନିପରିବା ଯଥା ଆଳୁ ଚାଷ କରୁଛନ୍ତି। ଆଳୁ ଚାଷ ପାଇଁ ବର୍ତ୍ତମାନ ଉପଯୁକ୍ତ ସମୟ। ଅଧିକ ଉର୍ବରଯୁକ୍ତ ମାଟିରେ ଏହି ଚାଷ ଭଲ ହୋଇଥାଏ। ଅଧୁନା ଚାଷୀଭାଇମାନେ ଆଳୁ ଫସଲ ସହିତ ସହଫସଲ କରିବାକୁ ଗୁରୁତ୍ୱ ଦେଉଛନ୍ତି। ଏହାଦ୍ୱାରା ସେମାନଙ୍କ ଆୟ ଦ୍ୱିଗୁଣିତ ହୋଇ ପାରୁଛି।**



ଚାଷୀମାନେ ଆଳୁ ସହିତ ମୂଳା, ଗାଜର, ଶାଗ, ଶାଲଗମ ଆଦି ଚାଷ କରୁଛନ୍ତି। ଏଥିପାଇଁ ପ୍ରଥମେ ଜମିକୁ ତିନିରୁ ଚାରିଥର ଗଭୀର ଚାଷ କରାଯାଏ। ଏହାପରେ ସିଆର କରି ଖତ ଓ ରାସାୟନିକ ସାର ଦେଇ ଆଳୁ ଲଗାଯାଏ। ସମାନ ସମୟରେ ସଠିକ ଦୂରତ୍ୱ ଏବଂ ଗଭୀର ଅବଲମ୍ବନ କରି ମୂଳା, ଗାଜର ଓ ଶାଗ ଆଦି ଲଗାଇ ପାରିବେ। ଏହି ଫସଲ ଆଳୁ ଫସଲକୁ ପ୍ରଭାବିତ କରେ ନାହିଁ।

**ଆଳୁ ପଟାଳିରେ ଧନିଆ ଚାଷ:** ଆଳୁ ପଟାଳି ଚାରିପାଖରେ ଧନିଆ ଲଗାଇବା ଉତ୍ତମ ବିକଳ୍ପ। ଧନିଆ ପତ୍ର ଓ ମଞ୍ଜି ବିକ୍ରି କରି ଚାଷୀ ଲାଭ ପାଆନ୍ତି। ପଟାଳିରେ ଧନିଆ ଲଗାଇଲେ ଏହାର ସୁଗନ୍ଧରେ ବୁଲା ପ୍ରାଣୀଙ୍କ କବଳରୁ ଫସଲକୁ ସୁରକ୍ଷା ମିଳିପାରେ। ଏହା ପ୍ରାକୃତିକ ବାଡ଼ ପରି କାମ କରେ। ଶ୍ରମ ଲାଘବ ସହିତ ଖର୍ଚ୍ଚ କମ୍ ହୁଏ।

ଏହି ପଦ୍ଧତିରେ ଚାଷ କରିବା ଦ୍ୱାରା ମାଟିର ଉର୍ବରଶକ୍ତି ବଢ଼େ। ମୂଳା, ଗାଜର ଏବଂ ଶାଗ ଚାଷ ଦ୍ୱାରା ମାଟିରେ ବାୟୁଚଳାଚଳ ସହଜ ହୋଇପାରେ। ଧନିଆଗଛ ମାଟିର ପୋଷକତତ୍ତ୍ୱ ଉପଯୋଗରେ ବିବିଧତା ଆଣେ। ମାଟିର ଉର୍ବରତା ବଜାୟ ରହେ। ସହଫସଲ ଫସଲ ବୀମା ପରି ସାହାଯ୍ୟ କରେ। କୌଣସି କାରଣବଶତଃ ଆଳୁ ଫସଲ ନଷ୍ଟ ହେଲେ, ଚାଷୀ ମୂଳା, ଗାଜର ଏବଂ ଧଣିଆ ବିକ୍ରି କରି ଲାଭ ପାଇପାରନ୍ତି।

## ମାଟିର ଡାକ
## ବିଦେଶ ଚାକିରି ଛାଡି ଗାଁ'ରେ ଚାଷ

ଆମେରିକା, କାଲିଫର୍ଣ୍ଣିଆର ସିଲିକନ୍ ଭ୍ୟାଲିରେ ସେମାନେ ଚାକିରି କରୁଥିଲେ। ମାସକୁ ଲକ୍ଷାଧିକ ଟଙ୍କା ଥିଲା ତାଙ୍କର ଦରମା। ନିଜ ଭିଟାମାଟିରେ ଜୈବିକ ଚାଷ କରିବାକୁ ସେମାନେ ଭାରତ ଫେରି ଆସିଲେ। ଗୁଜୁରାଟ, ନଡ଼ିୟାଦ ସହରର ବିବେକ ଶାହ ଏବଂ ତାଙ୍କ ପତ୍ନୀ ବୃନ୍ଦା ଶାହ ଏବେ ବିଭିନ୍ନ ଚାଷ ସହିତ ଲୋକଙ୍କୁ ଚାଷ ସମ୍ପର୍କିତ ଗୁରୁତ୍ୱପୂର୍ଣ୍ଣ ଜ୍ଞାନ ବାଣ୍ଟି ଉଦାହରଣ ସୃଷ୍ଟି କରିଛନ୍ତି।

ଏହି ଦମ୍ପତିଙ୍କର ୧୦ ଏକର ଜମି ରହିଛି। ଜୈବିକ ଚାଷ କରିବାକୁ ଚିନ୍ତା କରି ପ୍ରଥମେ ସେମାନେ କୃଷି ସମ୍ପର୍କିତ କୋର୍ସ କରିଲେ। କୋର୍ସ ଶେଷ କରି ଜମିରେ ବାଜରା, ଗହମ, ଆଳୁ, କଦଳୀ, ଅମୃତଭଣ୍ଡା, ଜାମୁକୋଳି, ଧଣିଆ ଚାଷ ଆରମ୍ଭ କରିଥିଲେ। ଫସଲରେ ପାଣିର ଅଭାବ ଦୂର କରିବାକୁ ଜମିରେ ପୋଖରୀ ଖୋଳିଛନ୍ତି। ପୋଖରୀ ହୁଡାରେ ମଧ୍ୟ ସେମାନେ କିଛି ଗଛ ଲଗାଇଛନ୍ତି। ୨୦ ହଜାର ଲିଟରର ଜଳ ଅମଳ ପ୍ରଣାଳୀ ରହିଛି। ଫଳରେ ଜମିରେ ଦୀର୍ଘ ସମୟ ଧରି ଜଳ ଯୋଗାଣର ସମସ୍ୟା ରହୁନାହିଁ। ଫସଲରେ ରୋଗପୋକ ଦୂର ପାଇଁ ଅନ୍ତଃଫସଲ ଏବଂ ବିବିଧ ଫସଲ କୌଶଳକୁ ଆପଣାଇଛନ୍ତି। ଚାଷରେ ଜୈବିକ ଖତ ବ୍ୟବହାର କରନ୍ତି। ତୁଳସୀ ଏବଂ ଲେମନଗ୍ରାସ୍ ଚାଷରୁ ମଧ୍ୟ ସେମାନେ ଲାଭ ପାଉଛନ୍ତି। ମିଶ୍ରିତ ଚାଷରୁ ସେମାନଙ୍କ ଆୟ କେବଳ ବୃଦ୍ଧି ପାଇଛି ତାହା ନୁହେଁ, ସେମାନେ ଲୋକଙ୍କୁ ରୋଷେଇଶାଳା ବଗିଚା ବିଷୟରେ ଜ୍ଞାନ ମଧ୍ୟ ବାଣ୍ଟୁଛନ୍ତି।



## ବାଦାମ ଅମଳଯନ୍ତ୍ର



ବାଦାମ ଏକ ଅର୍ଥକରୀ ଫସଲ। ଅଧିକାଂଶ ଚାଷୀ ପନିପରିବା ସହିତ ବାଦାମ ଚାଷ କରିଥାନ୍ତି। ଯେଉଁମାନେ ଖରିଫ ଋତୁରେ ବାଦାମ ଚାଷ କରିଥିଲେ, ଏବେ ବାଦାମର ଅମଳ ସମୟ। ତେବେ ବାଦାମ ଚାଷରେ ସବୁଠୁ କଠିନ କାମ ହେଉଛି, ଗଛରୁ ମଞ୍ଜିକୁ ଅଲଗା କରିବା। ଏହି କାମ ମୁଖ୍ୟତଃ ଚାଷୀମାନେ ହାତରେ କରିଥାନ୍ତି। ଏଥିରେ ଅଧିକ ଶ୍ରମ ଦରକାର ପଡ଼େ। ଆଙ୍ଗୁଠି ଉପରେ ଚାପ ପଡ଼େ। ତେଣୁ କମ୍ ସମୟ ଓ ସୁବିଧାରେ ଅଧିକ ଅମଳ କରିବାକୁ ଏବେ ବାଦାମର ଅମଳ ଯନ୍ତ୍ର (ଥ୍ରେସର), ଉପଲବ୍ଧ ରହିଛି। ଏହା ବିଦ୍ୟୁତ, ଟ୍ରାକ୍ଟର କିମ୍ବା ପାୱାରଟିଲର ଦ୍ୱାରା ପରିଚାଳିତ ହୋଇଥାଏ। ଏହି ବାଦାମ ଅମଳ ଯନ୍ତ୍ରଟିରେ ଗୋଟିଏ କଣ୍ଟାଯୁକ୍ତ ଅବତଳ ରହିଥାଏ। ଅବତଳଟି ଘୂରିବା ସମୟରେ ବାଦାମର ଗଛରୁ ବାଦାମକୁ ଅଲଗା କରିଥାଏ। ତା ସହିତ ବାଦାମକୁ ସଫା କରି ସଂଗ୍ରହ କରାଯାଇଥାଏ। ତେବେ ଖୁସିର କଥା, ଓୟୁଏଟିରେ ଧାନ ଓ ବାଦାମ ଅମଳ ପାଇଁ ସୌରଚାଳିତ ଅମଳଯନ୍ତ୍ର ଉଦ୍ଭାବନ କରାଯାଇଛି। ଚାଷୀମାନେ ପ୍ରତି ବ୍ଲକ୍‌ରେ କୃଷି ଅଧିକାରୀଙ୍କୁ ଯୋଗାଯୋଗ କରି ଏହି ଯନ୍ତ୍ର ବିଷୟରେ ସବିଶେଷ ଜ୍ଞାନ ପାଇପାରିବେ। ଏହାସହ ସେମାନେ ସବସିଡ୍ ମୂଲ୍ୟରେ ଯନ୍ତ୍ରଟି କିଣି ପାରିବେ।

## କୃଷି ପାଣିପାଗ

### ଏ ସପ୍ତାହ ପାଇଁ କେତେକ ପରାମର୍ଶ

- ଅମଳ ଉପଯୋଗୀ ଫସଲ ଯଥା ପନିପରିବା ଏବଂ ଶସ୍ୟଜାତୀୟ ଫସଲକୁ ଅମଳ କରି ସୁରକ୍ଷିତ ସ୍ଥାନରେ ରଖନ୍ତୁ।
- ଫସଲରେ ପତ୍ର ପୋଡ଼ା, ଝାଉଁଳା ଓ ମୂଳ ସଢ଼ା ଦେଖା ଦେବାର ସମ୍ଭାବନା ଅଛି ତେଣୁ ଶୁଖିଲା ପାଗ ଦେଖି ପ୍ରତି ୧ ଲିଟର ପାଣିରେ ୨ ଗ୍ରାମ୍ ମେଟାଲାକ୍ସିଲ + ମାଙ୍କୋଜେବ ଓ ପ୍ଲାଣ୍ଟୋମାଇସିନ୍‌କୁ ମିଶାଇ ଫସଲ ମୂଳକୁ ସିଞ୍ଚନ କରନ୍ତୁ।
- ଉଚ୍ଚ –ମଧ୍ୟମ ଜମିରେ ମାଟିରେ ବତର ଦେଖି ରବି ଫସଲ ଯଥା ମୁଗ, ବିରି, ଝୁଡ଼ଙ୍ଗ, ମଟର, ଚିନାବାଦାମ, ରାଶି ଏବଂ ସୂର୍ଯ୍ୟମୁଖୀ ଚାଷ କରନ୍ତୁ।
- ମକାର ଉପର ଚୋପା ହଳଦିଆରୁ ବାଦାମି ରଙ୍ଗର ହୋଇ ଶୁଖିବା ପରେ ଅମଳ କରନ୍ତୁ।
- ଆଖୁରେ ନାଲିଶଢ଼ା ରୋଗର ପରିଚାଳନା ପାଇଁ ଏକର ପ୍ରତି ୪୦୦ ଗ୍ରାମ୍ କାର୍ବେଣ୍ଡାଜିମ୍ ଏବଂ ମାଙ୍କୋଜେବର ମିଳିତ ଫିମ୍ପିନାଶକ ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ।

## କୁକୁଡ଼ାଙ୍କୁ ମାରେକ୍ସ ରୋଗ



ଆମ ରାଜ୍ୟର ଅଧିକାଂଶ ଲୋକ କୁକୁଡ଼ା ପାଳନ କରୁଛନ୍ତି। କୁକୁଡା ପାଳନରେ ସେମାନଙ୍କର ଯତ୍ନ ନେବାର ଆବଶ୍ୟକତା ଅଧିକ ରହିଥାଏ। କାରଣ ବିଭିନ୍ନ ସମୟରେ କୁକୁଡ଼ାଙ୍କୁ ହେଉଥିବା ରୋଗ ଦ୍ୱାରା ଚାଷୀଭାଇଙ୍କୁ କ୍ଷତି ସହିବାକୁ ପଡ଼ିପାରେ। ତେବେ କୁକୁଡ଼ାଙ୍କୁ ମାରେକ୍ସ ରୋଗ ହେଲେ, ସେମାନଙ୍କଠାରେ ପକ୍ଷାଘାତ ଭଳି ଲକ୍ଷଣ ଦେଖାଯାଏ। କୁକୁଡ଼ା ଡେଣା, ଗୋଡ ମେଲାଇ ପଡ଼ିଯାଆନ୍ତି। ସେମାନେ ମୃତ୍ୟୁ ବରଣ କରନ୍ତି। ଏହା ଏକ ଭୂତାଣୁ ଜନିତ ରୋଗ। ରୋଗାକ୍ରାନ୍ତ କୁକୁଡାଠାରୁ ଅନ୍ୟ କୁକୁଡ଼ାଙ୍କୁ ଏହା ସହଜରେ ବ୍ୟାପିପାରେ। ବିଶେଷ କରି ଏହି ରୋଗର ନିର୍ଦ୍ଦିଷ୍ଟ ଉପଚାର ନାହିଁ। କେବଳ ଟିକାକରଣ ସୁବିଧା ରହିଛି। ତେଣୁ ଫାର୍ମରେ ଦିନିକିଆ ଚିଆଁଙ୍କୁ ସକାଳେ କିମ୍ବା ସନ୍ଧ୍ୟାରେ ଟିକା ଦିଆଯାଇଥାଏ। ଏହାକୁ ଚିଆଁଟିର ମୁଣ୍ଡର ଚର୍ମତଳେ ୦.୨ ମିଲି ମାତ୍ରାରେ ଦିଆଯାଇଥାଏ। ସାଧାରଣତଃ ଏହି ଟିକା ଫାର୍ମରେ ଦିଆଯାଇଥାଏ। ଯଦି ଫାର୍ମରେ ଟିକା ଦିଆଯାଇନଥାଏ, ଚାଷୀଭାଇ ନିଜେ ଟିକାକରଣ କରିପାରିବେ। କୁକୁଡାଙ୍କୁ ଏହା ଜୀବନବ୍ୟାପି ରୋଗ ପ୍ରତିରୋଧକ ଶକ୍ତି ଯୋଗାଇଥାଏ।

# ମହିଳା କ୍ରିକେଟ ଦଳକୁ ୫୧ କୋଟି ଟଙ୍କା ପୁରସ୍କାର

ନୂଆଦିଲ୍ଲୀ,୩।୧୧(ଏଜେନ୍ସି)



ଦକ୍ଷିଣ ଆଫ୍ରିକାକୁ ୫୨ ରନ୍‌ରେ ହରାଇ ଭାରତୀୟ ମହିଳା କ୍ରିକେଟ ଦଳ ଦିନିକିଆ ବିଶ୍ୱକପ୍ କ୍ରିକେଟ ଚାମ୍ପିଅନ ହୋଇଛି। ମହିଳା କ୍ରିକେଟର ଯେ କୌଣସି ଫର୍ମାଟ କିମ୍ବା ଆଇସିସି ଦ୍ୱାରା ଖେଳାଯାଉଥିବା ଯେ କୌଣସି ଟୁର୍ଣ୍ଣାମେଣ୍ଟରେ ଏହା ଭାରତର ପ୍ରଥମ ଟାଇଟଲ। ଏହି ଟାଇଟଲ ଜିତିବାରେ କେବଳ ଭାରତୀୟ କ୍ରିକେଟ ଖେଳାଳି କିମ୍ବା କର୍ମକର୍ତ୍ତା ନୁହଁନ୍ତି, ବରଂ କ୍ରୀଡ଼ାପ୍ରେମୀ ଭାରତୀୟ ଖୁସି ହେବା ସହ ଗର୍ବ ଅନୁଭବ କରୁଛନ୍ତି। ଖେଳାଳିମାନେ ଯେପରି ଦେଶକୁ ଗର୍ବିତ କରିଛନ୍ତି, ଠିକ୍ ସେହିପରି ଦେଶବାସୀ ସେମାନଙ୍କୁ ଅଭିନନ୍ଦନ ଓ ଶୁଭେଚ୍ଛା ଜଣାଇଛନ୍ତି। ରାଷ୍ଟ୍ରପତି ଓ ପ୍ରଧାନମନ୍ତ୍ରୀଙ୍କଠାରୁ ଆରମ୍ଭ କରି ସାଧାରଣ ଜନତା ଯାଏ ଭାରତୀୟ ମହିଳାଙ୍କ ଏହି ଉତ୍‌ଥାନରେ ଆନନ୍ଦ ପ୍ରକାଶ କରିଛନ୍ତି। ଏହି ଐତିହାସିକ, ଯୁଗାନ୍ତକାରୀ, ସୁଦୂରପ୍ରସାରୀ ଓ ସ୍ମରଣୀୟ ସଫଳତା ଲାଗି ଭାରତୀୟ କ୍ରିକେଟ ଦଳକୁ ବିଶ୍ୱର ସର୍ବୋଚ୍ଚ କ୍ରିକେଟ ସଂଗଠନ ବିସିସିଆଇ (ବୋର୍ଡ ଅଫ୍ କଣ୍ଟ୍ରୋଲ ଫର କ୍ରିକେଟ ଇନ୍ ଇଣ୍ଡିଆ) ପକ୍ଷରୁ ୫୧ କୋଟି ଟଙ୍କା ପ୍ରୋତ୍ସାହନ ରାଶଶି ପ୍ରଦାନ କରିବାକୁ ଘୋଷଣା କରିଛି। ବିସିସିଆଇ ସମ୍ପାଦକ ଦେବଜିତ ସାଇକିଆ ଏ ସମ୍ପର୍କରେ ଘୋଷଣା କରି କହନ୍ତି, ଏହି ପୁରସ୍କାର ରାଶି ସମସ୍ତ ଖେଳାଳି, ସପୋର୍ଟ ଷ୍ଟାଫ୍ ଓ ସିଲେକ୍ଟରଙ୍କୁ ଦିଆଯିବ। କିଏ କେତେ ଟଙ୍କା ପାଇବେ ତାହା ଘୋଷଣା କରାଯାଇ ନ ଥିଲେ ମଧ୍ୟ ଜଣେ ଖେଳାଳି ୨.୫ରୁ ୩ କୋଟି ଓ ସପୋର୍ଟ ଷ୍ଟାଫ୍ ୨୫ରୁ ୩୦ ଲକ୍ଷ ଲେଖାଏଁ ଟଙ୍କା ପଇବେ ବୋଲି ଆକଳନ କରାଯାଉଛି। କ୍ରିକେଟ ଖେଳର ଉନ୍ନତି ଲାଗି ବିସିସିଆଇ ସମସ୍ତ ପ୍ରକାର ସହଯୋଗ କରିବ ବୋଲି ସେ କହିଛନ୍ତି। ପୂର୍ବରୁ ପୁରୁଷଙ୍କ ଭଳି ମହିଳାଙ୍କୁ ସମାନ ମ୍ୟାଚ୍ ଫି ଦେବାକୁ ପୂର୍ବତନ ସମ୍ପାଦକ ତଥା ବର୍ତ୍ତମାନର ଆଇସିସି ଅଧ୍ୟକ୍ଷ ଘୋଷଣା କରିଥିଲେ ମଧ୍ୟ ତାହା କାର୍ଯ୍ୟକାରୀ ହୋଇନାହିଁ। କିନ୍ତୁ ଆଇସିସି ଦ୍ୱାରା ଆୟୋଜିତ ଟୁର୍ଣ୍ଣାମେଣ୍ଟରେ ପୁରୁଷଙ୍କ ଭଳି ମହିଳାଙ୍କୁ ସମାନ ପୁରସ୍କାର ଦେବାକୁ ସେ ଯେଉଁ ଘୋଷଣା କରିଥିଲେ ତାହା ଏହି ଟୁର୍ଣ୍ଣାମେଣ୍ଟରେ ପ୍ରତିଫଳିତ ହୋଇଛି।

ମହିଳା ଦିନିକିଆ ବିଶ୍ୱକପ୍‌ରେ ଏଥର ପୁରସ୍କାର ରାଶିକୁ ୧୩.୮୮ ନିୟୁତ ଡଲାର ବା ପାଖାପାଖି ୧୨୩ କୋଟିକୁ ବୃଦ୍ଧି କରାଯାଇଛି। ଯାହାକି ନ୍ୟୁଜିଲାଣ୍ଡରେ ଖେଳାଯାଇଥିବା ୨୦୨୨ ବିଶ୍ୱକପ୍‌ଠାରୁ ପାଖାପାଖି ୪ ଗୁଣା ଅଧିକ। ଏହି ରାଶି ମଧ୍ୟ ୨୦୨୩ ପୁରୁଷ ବିଶ୍ୱକପ୍ ରାଶିଠାରୁ ଅଧିକ। ୨୦୨୩ ପୁରୁଷ ବିଶ୍ୱକପ୍‌ରେ ୧୦ ନିୟୁତ ଡଲାର ବା ପାଖାପାଖି ୮୯ କୋଟି ପୁରସ୍କାର ପ୍ରଦାନ କରାଯାଇଥିଲା। ପୁରସ୍କାର ରାଶି ବୃଦ୍ଧି ହେବା ଫଳରେ ଏଥର ଚାମ୍ପିଅନ ଭାରତକୁ ପାଖାପାଖି ୪୦ କୋଟି ଓ ରନର୍ସଅପ୍ ଦକ୍ଷିଣ ଆଫ୍ରିକାକୁ ୨୦ କୋଟି ଟଙ୍କାର ପୁରସ୍କାର ଦିଆଯାଇଛି। ଏଥର ସେମିଫାଇନାଲରେ ପରାଜିତ ଦୁଇ ଦଳକୁ ପାଖାପାଖି ୧୦ କୋଟି ଲେଖାଏଁ ଟଙ୍କା ମିଳିଛି। ୨୦୨୨ରେ ଚାମ୍ପିଅନ ଅଷ୍ଟ୍ରେଲିଆକୁ ୧୨ କୋଟି ଟଙ୍କା ମିଳିଥିଲା। ଏଣୁ ଏଥର ପୁରସ୍କାର ରାଶି କେତେ ପରିମାଣରେ ବୃଦ୍ଧି ପାଇଛି ତାହା ଏଥିରୁ ସ୍ପଷ୍ଟ ହେଉଛି। ସୂଚନାଯୋଗ୍ୟ ଗତକାଲି ବା ରବିବାର ଖେଳାଯାଇଥିବା ମ୍ୟାଚ୍‌ରେ ଭାରତ ୫୨ ରନ୍‌ରେ ଦକ୍ଷିଣ ଆଫ୍ରିକାକୁ ପରାସ୍ତ କରି ପ୍ରଥମ ଚାମ୍ପିଅନ ହୋଇଥିଲା। ୧୩ତମ ସଂସ୍କରଣ ପରେ ଭାରତ ତୃତୀୟଥର ଫାଇନାଲରେ ପ୍ରବେଶ କରି ପ୍ରଥମଥର ଟାଇଟଲ ଜିତିଥିଲା। ଫାଇନାଲରେ ଶେଫାଳି ବର୍ମା ୮୭ ରନ୍ କରିବା ସହ ୨ଟି ୱିକେଟ ନେଇ ଶ୍ରେଷ୍ଠ ଖେଳାଳି ବିବେଚିତ ହୋଇଥିଲେ। ଅନ୍ୟତମ ଖେଳାଳି ଦୀପ୍ତି ଶର୍ମା ୫୮ ରନ୍ କରିବା ସହ ୫ଟି ୱିକେଟ ନେଇ ଦଳର ବିଜୟରେ ଗୁରୁତ୍ୱପୂର୍ଣ୍ଣ ଭୂମିକା ଗ୍ରହଣ କରିଥିଲେ। ଏହି ଟୁର୍ଣ୍ଣାମେଣ୍ଟରେ ମୋଟ ୨୧୫ ରନ୍ କରିବା ସହ ୨୨ଟି ୱିକେଟ ନେଇଥିବା ଦୀପ୍ତି ଶର୍ମାଙ୍କୁ ଟୁର୍ଣ୍ଣାମେଣ୍ଟର ଶ୍ରେଷ୍ଠ ଖେଳାଳି ବିବେଚିତ କରାଯାଇଥିଲା।

ଆଇସିସି ଓ ବିସିସିଆଇ ବ୍ୟତୀତ ବିଭିନ୍ନ ରାଜ୍ୟରୁ ପ୍ରତିନିଧିତ୍ୱ କରୁଥିବା ଖେଳାଳିମାନଙ୍କୁ ସମ୍ପୃକ୍ତ ରାଜ୍ୟ ସରକାରଙ୍କ ପକ୍ଷରୁ ପୁରସ୍କୃତ କରାଯିବାକୁ ଘୋଷଣା କରାଯାଇଛି। ଦଳର ଫାଷ୍ଟ ବୋଲର ରେଣୁକା ସିଂଙ୍କୁ ତାଙ୍କ ରାଜ୍ୟ ସରକାରଙ୍କ ପକ୍ଷରୁ ଏକ କୋଟି ଟଙ୍କା ପୁରସ୍କାର ଦେବାକୁ ମଧ୍ୟ ଘୋଷଣା କରାଯାଇଛି। ହିମାଚଳ ପ୍ରଦେଶ ମୁଖ୍ୟମନ୍ତ୍ରୀ ସୁଖବିନ୍ଦର ସିଂ ସୁଖୁ ରେଣୁକାଙ୍କୁ ଏକ କୋଟି ଟଙ୍କା ପୁରସ୍କାର ଦେବାକୁ ଘୋଷଣା କରିଛନ୍ତି। ସେହିପରି ମଧ୍ୟ ପ୍ରଦେଶ ମୁଖ୍ୟମନ୍ତ୍ରୀ ମୋହନ ଯାଦବ ନିଜ ରାଜ୍ୟର ଖେଳାଳି ତଥା ଅନ୍ୟତମ ଫାଷ୍ଟ ବୋଲର କ୍ରାନ୍ତି ଗୌଡାଙ୍କୁ ଏକ କୋଟି ଟଙ୍କା ପୁରସ୍କାର ଦେବାକୁ ଘୋଷଣା କରିଛନ୍ତି।

## ବୁଧବାର ପ୍ରଧାନମନ୍ତ୍ରୀଙ୍କୁ ଭେଟିବେ ଖେଳାଳି

ବିଶ୍ୱବିଜୟିନୀ ଭାରତୀୟ ମହିଳା କ୍ରିକେଟ ଦଳର ଖେଳାଳିମାନେ ବୁଧବାର ବା ନଭେମ୍ବର ୫ରେ ପ୍ରଧାନମନ୍ତ୍ରୀ ସମସ୍ତ ଖେଳାଳି ଓ କୋଚ୍‌ଙ୍କୁ ଭେଟିବେ ବୋଲି ଜଣାଯାଇଛି। ଏ ସମ୍ପର୍କରେ ପିଏମ୍‌ଓ ବା ପ୍ରଧାନମନ୍ତ୍ରୀଙ୍କ ଅଫିସ ପକ୍ଷରୁ ବିସିସିଆଇକୁ ନିମନ୍ତ୍ରଣ କରାଯାଇଛି। ବିଶ୍ୱକପ୍ ଜିତିବା ପରେ ଖେଳାଳିମାନେ ଏବେ ମୁମ୍ବଇରେ ଅବସ୍ଥାନ କରୁଛନ୍ତି। ସେମାନେ ଆସନ୍ତାକାଲି ବା ମଙ୍ଗଳବାର ସନ୍ଧ୍ୟା ସୁଦ୍ଧା ନୂଆଦିଲ୍ଲୀରେ ପହଞ୍ଚିବେ ବୋଲି ଆଶା କରାଯାଇଛି। ମଙ୍ଗବାର ସେମାନେ ଦିଲ୍ଲୀରେ ରହିବେ ଓ ବୁଧବାର ପ୍ରଧାନମନ୍ତ୍ରୀଙ୍କୁ ଭେଟିବେ ବୋଲି ସ୍ଥିର ହୋଇଛି। ଏହା ପରେ ଖେଳାଳିମାନେ ନିଜ ନିଜ ରାଜ୍ୟକୁ ଫେରିଯିବେ। ଏହା ମଧ୍ୟରେ ଉପଅଧିନାୟିକା ସ୍ମୃତି ମନ୍ଧାନାଙ୍କୁ ବିବାହ ଏହା ମଧ୍ୟରେ ଅନୁଷ୍ଠିତ ହେବ। ସେ ମଧ୍ୟପ୍ରଦେଶ ଇନ୍ଦୋରର ସଂଗୀତଜ୍ଞ ପଲାଶଙ୍କ ସହ ବିବାହ ବନ୍ଧନରେ ଆବଦ୍ଧ ହେବେ।

## ବିଶ୍ୱ ଚାମ୍ପିଅନଙ୍କ ଦ୍ରୋଣ 'ଅନମୋଲ୍'



ମୁମ୍ବଇ : ଭାରତ ପକ୍ଷରୁ କେବେ ମଧ୍ୟ ଖେଳିବାର ସୁଯୋଗ ପାଇ ନ ଥିଲେ। କେବଳ ଘରୋଇ କ୍ରିକେଟ୍‌ରେ ସୀମିତ ରହିଯାଇଥିଲେ। ପ୍ରଥମଶ୍ରେଣୀ କ୍ରିକେଟ୍‌ରେ ୧୭୧ ଓ ଲିଷ୍ଟ-ଏ'ରେ ୧୧୩ ମ୍ୟାଚ୍ ଖେଳିବାର ରହିଥିଲା ଅଭିଜ୍ଞତା। ଜୀବନରେ ଭାରତୀୟ ଦଳର ନୀଳ ଜର୍ସି ପରିଧାନ କରିବାର ସ୍ୱପ୍ନ ଅଧୁରା ରହିଯାଇଥିଲେ ମଧ୍ୟ ଏବେ ସେ ପାଲଟିଯାଇଛନ୍ତି ଜାତୀୟ ହିରୋ। ଭାରତୀୟ ମହିଳା କ୍ରିକେଟ୍ ଦଳକୁ ସର୍ବପ୍ରଥମ ବିଶ୍ୱକପ୍ ଟ୍ରଫି ଜିତାଇ ରାତାରାତି ଚର୍ଚ୍ଚାର ପରିସରକୁ ଆସିଛନ୍ତି ଅନମୋଲ୍ ମଜୁମଦାର। ଗତକାଲି ନଭି ମୁମ୍ବଇର ଡିୱାଇ ପାଟିଲ ଷ୍ଟାଡିୟମରେ ଦକ୍ଷିଣ ଆଫ୍ରିକାକୁ ୫୨ ରନରେ ପରାସ୍ତ କରି ଭାରତ ଆଇସିସି ମହିଳା ଦିନିକିଆ ବିଶ୍ୱକପ୍ ଚାମ୍ପିଅନ ହୋଇଥିଲା। ଦୀର୍ଘ ପାଞ୍ଚ ଦଶନ୍ଧିର ପ୍ରତୀକ୍ଷାର ଅନ୍ତ ଘଟାଇ ଭାରତୀୟ ଦଳକୁ ଏହି ବିଶ୍ୱବିଜୟିନୀ ଟୀକା ପିନ୍ଧାଇବାରେ ପ୍ରମୁଖ ଭୂମିକା ଗ୍ରହଣ କରିଥିଲେ ମୁଖ୍ୟ ପ୍ରଶିକ୍ଷକ ୫୦ ବର୍ଷୀୟ ଅନମୋଲ୍। ତାଙ୍କୁ ଏବେ 'ଗୁରୁଦ୍ରୋଣ' ଭାବେ ଆଖ୍ୟା ଦିଆଯାଇଛି। ସାମାଜିକ ଗଣମାଧ୍ୟମରେ ମଧ୍ୟ ଅନମୋଲ୍‌ଙ୍କୁ ବଲିଉଡ୍ ଫିଲ୍ମ 'ଚକ୍ ଦେ ଇଣ୍ଡିଆ'ର ହକି କୋଚ୍ କବୀର ଖାନଙ୍କ ସହ ତୁଳନା କରାଯାଇଛି। ଭାରତ ଚାମ୍ପିଅନ ହେବାପରେ ଅଧିନାୟିକା ହରମନପ୍ରୀତ୍ କୌର ପଡ଼ିଆ ମଧ୍ୟରେ ଅନମୋଲ୍‌ଙ୍କ ପାଦ ଛୁଇଁ ଭାବବିହ୍ୱଳ ହୋଇ କାନ୍ଦି ପକାଇବାର ଦୃଶ୍ୟ କ୍ରିକେଟପ୍ରେମୀଙ୍କ ଆଖିରେ ଲୁହ ଆଣିଦେଇଥିଲା।

ମୁମ୍ବଇ ଜନ୍ମିତ ଅନମୋଲ୍ ପ୍ରଥମଶ୍ରେଣୀରେ ୩୦ ଶତକ ସହ ୧୧,୧୬୭ ରନ ଓ ଲିଷ୍ଟ-ଏ'ରେ ୩୨୮୬ ରନ ସଂଗ୍ରହ କରିଛନ୍ତି। ଘରୋଇ କ୍ରିକେଟ୍‌ରେ ସେ ଜଣେ ଦକ୍ଷ ବ୍ୟାଟର୍ ଭାବେ ବିବେଚିତ ହେଉଥିଲେ। କିନ୍ତୁ ସଚିନ ତେନ୍ଦୁଲକର, ରାହୁଲ ଦ୍ରାବିଡ୍, ଭିଭିଏସ୍ ଲକ୍ଷ୍ମଣ ଓ ସୌରଭ ଗାଙ୍ଗୁଲିଙ୍କ ଭଳି ମହାନ ବ୍ୟାଟରଙ୍କ ସମୟରେ ଖେଳିବା ତାଙ୍କ ପାଇଁ ଅଭିଶପ୍ତ ସଦୃଶ ହୋଇଥିଲା। ଯେଉଁଥି ପାଇଁ ଘରୋଇ କ୍ରିକେଟରେ ଏତେ ଭଲ ପ୍ରଦର୍ଶନ ସତ୍ତ୍ୱେ ସେ ଭାରତୀୟ ଦଳରୁ ଖେଳିବାର ସୁଯୋଗ ପାଇପାରି ନ ଥିଲେ। କିନ୍ତୁ ଅବସର ପରେ କୋଚ୍ ଭାବେ ସେ ଯେଉଁ ସଫଳତା ଏବେ ପାଇଛନ୍ତି ତାହା ତାଙ୍କର ଭାରତୀୟ ଦଳରୁ ଖେଳି ନ ପାରିବାର ଅଧୁରା ସ୍ୱପ୍ନକୁ ପୂରଣ କରିପାରିଥିବା କୁହାଯାଉଛି।

## ବ୍ୟାଟିଂରେ ଲୌରାଙ୍କ ବିଶ୍ୱରେକର୍ଡ

ନଭି ମୁମ୍ବଇ : ଦକ୍ଷିଣ ଆଫ୍ରିକା ବିଶ୍ୱକପ୍ ବିଜୟୀ ହୋଇପାରି ନ ଥିଲେ ମଧ୍ୟ ଦଳର ଅଧିନାୟିକା ଲୌରା ୱଲଭର୍ଟଙ୍କ ପାଇଁ ଏହି ସଂସ୍କରଣ ସ୍ମରଣୀୟ ହୋଇରହିବ। ଲୌରା ଏହି ବିଶ୍ୱକପ୍‌ରେ ୯ ମ୍ୟାଚ୍ ଖେଳି ୨ ଶତକ ଓ ୩ ଅର୍ଦ୍ଧଶତକ ସହ ୭୧ରୁ ଊର୍ଦ୍ଧ୍ୱ ହାରରେ ୫୭୧ ରନ ସଂଗ୍ରହ କରିଥିଲେ। ମହିଳା ଦିନିକିଆ ବିଶ୍ୱକପ୍‌ର ଗୋଟିଏ ସଂସ୍କରଣରେ ସର୍ବାଧିକ ରନ ସଂଗ୍ରହ କରିବାରେ ଏହା ରେକର୍ଡ ହୋଇଛି। ପୂର୍ବରୁ ୨୦୨୨ ବିଶ୍ୱକପ୍‌ରେ ଅଷ୍ଟ୍ରେଲିଆର ଆଲିସା ହେଲୀ ୫୦୫ ରନ କରିଥିଲେ। ସେହିଭଳି ଏହି ବିଶ୍ୱକପ୍‌ରେ ଲୌରା ଟପ୍ ସ୍କୋରର୍ ରହିଥିଲେ। ତାଙ୍କ ପଛକୁ ଭାରତର ସ୍ମୃତି ମନ୍ଧାନା (୪୩୪ ରନ), ଅଷ୍ଟ୍ରେଲିଆର ଆସଲେ ଗାର୍ଡନର (୩୨୮), ପ୍ରତୀକା ରାଓଲ (୩୦୮) ଓ ଦକ୍ଷିଣ ଆଫ୍ରିକାର ଫୋଏବି ଲିଚଫିଲ୍ଡ (୩୦୪) ଯଥାକ୍ରମେ ପରବର୍ତ୍ତୀ ୪ଟି ସ୍ଥାନରେ ରହିଥିଲେ। ଅପରପକ୍ଷରେ ବୋଲିଂରେ ଭାରତର ଦୀପ୍ତି ଶର୍ମା ଏଥର ସର୍ବାଧିକ ୱିକେଟ୍ ହାସଲ କରିଛନ୍ତି। ଦୀପ୍ତି ୯ଟି ମ୍ୟାଚରୁ ୨୨ଟି ୱିକେଟ୍ ନେଇଛନ୍ତି।

### ସର୍ବାଧିକ ରନ୍

| ବ୍ୟାଟର୍ | ଦେଶ | ମ୍ୟାଚ୍ | ରନ୍ | ୧୦୦/୫୦ |
|---|---|---|---|---|
| ଲୌରା ୱଲଭର୍ଟ | ଦ.ଆଫ୍ରିକା | ୯ | ୫୭୧ | ୨/୩ |
| ସ୍ମୃତି ମନ୍ଧାନା | ଭାରତ | ୯ | ୪୩୪ | ୧/୨ |
| ଆସଲେ ଗାର୍ଡନର | ଅଷ୍ଟ୍ରେଲିଆ | ୭ | ୩୨୮ | ୨/୧ |
| ପ୍ରତୀକା ରାଓଲ | ଭାରତ | ୭ | ୩୦୮ | ୧/୧ |
| ଫୋଏବି ଲିଚଫିଲ୍ଡ | ଅଷ୍ଟ୍ରେଲିଆ | ୭ | ୩୦୪ | ୧/୧ |

### ସର୍ବାଧିକ ୱିକେଟ୍


| ବୋଲର | ଦେଶ | ମ୍ୟାଚ୍ | ୱିକେଟ | ଶ୍ରେଷ୍ଠ |
|---|---|---|---|---|
| ଦୀପ୍ତି ଶର୍ମା | ଭାରତ | ୯ | ୨୨ | ୫/୩୯ |
| ଆନାବେଲ୍ ସଦରଲାଣ୍ଡ | ଅଷ୍ଟ୍ରେଲିଆ | ୭ | ୧୭ | ୫/୪୦ |
| ସୋଫି ଇକଲେଷ୍ଟୋନ | ଇଂଲଣ୍ଡ | ୭ | ୧୬ | ୪/୧୬ |
| ଶ୍ରୀ ଚରଣି | ଭାରତ | ୯ | ୧୪ | ୩/୪୧ |
| ଆଲାନ କିଙ୍ଗ | ଅଷ୍ଟ୍ରେଲିଆ | ୭ | ୧୩ | ୭/୧୮ |

## ହୀରା ଗହଣା ଓ ସୋଲାର ପ୍ୟାନେଲ ଦେବେ ଶିଳ୍ପପତି

ଚାମ୍ପିଅନ ଭାରତୀୟ ଖେଳାଳିମାନଙ୍କୁ ଗୁଜରାଟର ରାଜ୍ୟସଭା ସାଂସଦ ତଥା ହୀରା ବ୍ୟବସାୟୀ ଗୋବିନ୍ଦ ଢୋଲକିଆ ସମସ୍ତ ଖେଳାଳିଙ୍କୁ ହୀରା ଖଚିତ ଗହଣା ଓ ସେମାନଙ୍କ ଘରେ ସୋଲାର ପ୍ୟାନେଲ ଲଗାଇବାକୁ ଘୋଷଣା କରିଛନ୍ତି। ଏ ସମ୍ପର୍କରେ ସେ ବିସିସିଆଇ ଉପସଭାପତି ରାଜୀବ ଶୁକ୍ଳାଙ୍କୁ ଚିଠି ଲେଖି ଏହି ପ୍ରସ୍ତାବ ଦେଇଛନ୍ତି। ବିସିସିଆଇ ମଧ୍ୟ ଏହାକୁ ସକରାତ୍ମକ ଭାବେ ଗ୍ରହଣ କରିଛି ଓ ଏକ ଶୁଭଦିନ ଦେଖି ଏହାକୁ କାର୍ଯ୍ୟକାରୀ କରାଯିବ ବୋଲି ଶୁକ୍ଳା ତାଙ୍କ ପ୍ରତିକ୍ରିୟାରେ କହିଛନ୍ତି।

### ବିବାହ ବନ୍ଧନରେ ଆବଦ୍ଧ ହେଲେ ରାମପଲ୍

## ରାଣୀଙ୍କୁ ମିଳିଲା ରାଜା



କୁରୁକ୍ଷେତ୍ର, ୩।୧୧ (ଏଜେନ୍ସି): ହକି ଆଇକନ୍ ତଥା ଭାରତୀୟ ମହିଳା ଦଳର ପୂର୍ବତନ ଅଧିନାୟିକା ରାଣୀ ରାମପଲ୍ ଜୀବନର ଦ୍ୱିତୀୟ ପାଳି ଆରମ୍ଭ କରିଛନ୍ତି। ଚାଟାର୍ଡ ଆକାଉଣ୍ଟାଟ୍ ପଙ୍କଜ ସରୋହାଙ୍କ ସହ ରବିବାର ରାଣୀଙ୍କ ବିବାହ ଅନୁଷ୍ଠିତ ହୋଇଛି। ହରିୟାଣାର କୁରୁକ୍ଷେତ୍ରରେ ଅନୁଷ୍ଠିତ ଏହି ଚର୍ଚ୍ଚିତ ବିବାହରେ ଉଭୟ ପରିବାର ନିକଟତମ ବନ୍ଧୁ, ପରିଜନ ସଦସ୍ୟ ଉପସ୍ଥିତ ରହିଥିଲେ। ତେବେ ରାଣୀଙ୍କ ଅସୁସ୍ଥ ପିତା ହ୍ୱିଲଚେୟାରରେ ବିବାହ ମଣ୍ଡପକୁ ଆସି ବର-କନ୍ୟାଙ୍କୁ ଆଶୀର୍ବାଦ ଦେବା ସମସ୍ତଙ୍କୁ ଭାବୁକ କରିଦେଇଥିଲେ। ମାତ୍ର ୧୪ ବର୍ଷ ବୟସରେ ଅନ୍ତର୍ଜାତୀୟ କ୍ୟାରିୟର ଆରମ୍ଭ କରିଥିବା ରାଣୀ ଭାରତୀୟ ମହିଳା ହକିର ଜଣେ ମହାନ ଖେଳାଳି ପାଲଟିଯାଇଥିଲେ। ତାଙ୍କ ନେତୃତ୍ୱରେ ଭାରତ ୨୦୨୦ ଟୋକିଓ ଅଲିମ୍ପିକ୍ସରେ ୪ର୍ଥ ସ୍ଥାନରେ ରହି ଅଳ୍ପକେ ପୋଡିୟମ ଫିନିଶରୁ ବଞ୍ଚିତ ହୋଇଥିଲେ। ରାଣୀ ଭାରତ ପାଇଁ ୨୫୪ଟି ମ୍ୟାଚ୍ ଖେଳି ୧୨୦ଟି ଗୋଲ୍ ଦେଇଛନ୍ତି। କ୍ରୀଡ଼ାକ୍ଷେତ୍ରରେ ଉଲ୍ଲେଖନୀୟ ସଫଳତା ଲାଗି ୨୦୨୦ରେ ତାଙ୍କୁ ଦେଶର ସର୍ବୋଚ୍ଚ କ୍ରୀଡ଼ା ସମ୍ମାନ 'ମେଜର ଧ୍ୟାନଚାନ୍ଦ ଖେଳରତ୍ନ ପୁରସ୍କାର' ପ୍ରଦାନ କରାଯାଇଥିଲା।

## ବୟୋଜ୍ୟେଷ୍ଠ ଅଲିମ୍ପିକ ଚାମ୍ପିଅନ ଚାର୍ଲସଙ୍କ ବିୟୋଗ

ପ୍ୟାରିସ, ୩।୧୧ (ଏଜେନ୍ସି): ବିଶ୍ୱର ବୟୋଜ୍ୟେଷ୍ଠ ପୂର୍ବତନ ଅଲିମ୍ପିକ ଚାମ୍ପିଅନ ଫ୍ରାନ୍ସର ଚାର୍ଲସ କୋଷ୍ଟେଙ୍କ ବିୟୋଗ ଘଟିଛି। ମୃତ୍ୟୁବେଳକୁ ଚାର୍ଲସଙ୍କୁ ୧୦୧ ବର୍ଷ ହୋଇଥିଲେ। ବିଶ୍ୱରେ ଜୀବିତ ଥିବା ଅଲିମ୍ପିକ ସ୍ୱର୍ଣ୍ଣ ବିଜେତାଙ୍କ ମଧ୍ୟରେ ସେ ବୟୋଜ୍ୟେଷ୍ଠ ଥିଲେ। ୧୯୪୮ ଲଣ୍ଡନ ଅଲିମ୍ପିକ୍ସରେ ଟ୍ରାକ୍ ସାଇକ୍ଲିଂର ଟିମ୍ ପୁରସିଟ୍ ଇଭେଣ୍ଟରେ ସ୍ୱର୍ଣ୍ଣିମ ସଫଳତା ପାଇଥିବା ଫ୍ରାନ୍ସର ଦଳରେ କୋଷ୍ଟେ ପ୍ରମୁଖ ସଦସ୍ୟ ରହିଥିଲେ। ଗତ ବର୍ଷ ପ୍ୟାରିସରେ ଅନୁଷ୍ଠିତ ଅଲିମ୍ପିକ କ୍ରୀଡ଼ାରେ ସେ ମଶାଲ ବାହକ ଭୂମିକା ତୁଲାଇଥିଲେ। ତାଙ୍କ ବିୟୋଗରେ ଫ୍ରାନ୍ସ କ୍ରୀଡ଼ାମନ୍ତ୍ରୀ ମାରିନା ଫେରାରି ଗଭୀର ଶୋକବ୍ୟକ୍ତ କରିଛନ୍ତି।

## ଡଃ ଜନାର୍ଦ୍ଦନ ଦାଶଙ୍କ ପରଲୋକ



କଟକ,୩।୧୧(ସମିସ): ଓଡ଼ିଶା ଅଲିମ୍ପିକ ସଂଘର ଉପସଭାପତି ଡଃ ଜନାର୍ଦ୍ଦନ ଦାଶଙ୍କ ୭୫ବର୍ଷ ବୟସରେ ପରଲୋକ ଘଟିଛି। ଦୀର୍ଘବର୍ଷ ଧରି ରାଜ୍ୟ କ୍ରୀଡ଼ା ଜଗତ ସହ ଜଡିତ ଥିବା ଜନାର୍ଦ୍ଦନ ଜଣେ ଦକ୍ଷ କ୍ରୀଡ଼ା ସଙ୍ଗଠକ ଭାବେ ସୁଖ୍ୟାତି ହାସଲ କରିଥିଲେ। ଓଡ଼ିଶା କ୍ରିକେଟ ଆସୋସିଏସନ, ଫୁଟବଲ ଆସୋସିଏସନ ଅଫ ଓଡ଼ିଶାର ପ୍ରାକ୍ତନ ଉପସଭାପତି ପଦରେ ରହିବା ସେ ମୃତ୍ୟୁ ପର୍ଯ୍ୟନ୍ତ ସେ କେନ୍ଦୁଝରର ଜିଲ୍ଲା ଆଥଲେଟିକ ସଂଘର ସମ୍ପାଦକ ପଦରେ ଅବସ୍ଥାପିତ ରହିଥିଲେ। ଡଃ ଦାଶଙ୍କ ବିୟୋଗରେ ବିଭିନ୍ନ ବର୍ଗରେ ଶୋକ ପ୍ରକାଶ ପାଇଛି। ଜନାର୍ଦ୍ଦନଙ୍କ ବିୟୋଗ ରାଜ୍ୟ କ୍ରୀଡ଼ା ଜଗତ ପାଇଁ ଅପୂରଣୀୟ କ୍ଷତି ବୋଲି ଓସିଏ ସଭାପତି ପଙ୍କଜ ଲୋଚନ ମହାନ୍ତି, ସମ୍ପାଦକ ସଞ୍ଜୟ ବେହେରା ଶୋକବାର୍ତ୍ତାରେ ଜଣାଇଛନ୍ତି।

## ସିକେ ନାଇଡୁ ଟ୍ରଫି: ବିଦର୍ଭ ଇନିଂସ୍ ଆଗୁଆ

କଟକ,୩।୧୧(ସମିସ): ୨୩ବର୍ଷରୁ କମ୍ ପୁରୁଷ ସିକେ ନାଇଡୁ ଟ୍ରଫିର ୩ୟ ଲିଗ୍ ମ୍ୟାଚ୍‌ରେ ଓଡ଼ିଶା ବିର୍ଦଭକୁ ଭେଟିଛି। କପୁରସିଂହସ୍ଥିତ ଏମଜିଏମ ଗ୍ରାଉଣ୍ଡରେ ଚାଲିଥିବା ଏହି ମ୍ୟାଚ୍‌ରେ ଘରୋଇ ଓଡ଼ିଶା ଦଳ ବିପକ୍ଷରେ ବିଦର୍ଭର ସ୍ଥିତି ଦୃଢ଼ ରହିଛି। ଟସ୍ ଜିତି ପ୍ରଥମେ ବ୍ୟାଟିଂ କରିଥିବା ବିଦର୍ଭ ୧୬୬ରନରେ ଅଲଆଉଟ ହୋଇଥିଲା। ଜବାବରେ ରବିବାର ଖେଳର ପ୍ରଥମ ଦିବସରେ ଓଡ଼ିଶା ୬ ୱିକେଟ ବିନିମୟରେ ୭୫ରନ କରିଥିଲା। ଆଜି ୫୩ରନରେ ଅବଶିଷ୍ଟ ୪ ୱିକେଟ ହରାଇ ଓଡ଼ିଶା ଇନିଂସ୍ ପଛୁଆ ରହିଛି। ଜବାବରେ ଦ୍ୱିତୀୟ ପାଳି ବ୍ୟାଟିଂ ଆରମ୍ଭ କରିଥିବା ବିଦର୍ଭ ଅଭିଷେକ ଅଗ୍ରୱାଲଙ୍କ ଅପରାଜିତ ଅର୍ଦ୍ଧଶତକୀୟ ପାଳି ସହାୟତାରେ ୪ ୱିକେଟ ହରାଇ ୧୮୩ରନ ସଂଗ୍ରହ କରିଛି। ଦଳକୁ ୨୨୧ରନର ଅଗ୍ରଣୀ ମିଳିଛି। ବିଦର୍ଭ ପକ୍ଷରୁ ଜଗଜୋତ ୫୪ରନରେ ଆଉଟ ହୋଇଥିବା ବେଳେ ବରୁଣ ବିଷ୍ଟ ୨୦ରନରେ ଅପରାଜିତ ରହିଛନ୍ତି। ଓଡ଼ିଶାର ସୌମ୍ୟରଞ୍ଜନ ଲେଙ୍କା, ଆଶୁତୋଷ ଛୁରିଆ, ଆୟୁଷ ବାରିକ ଏବଂ ରିତେଶ ପ୍ରିୟରଞ୍ଜନ ଗୋଟିଏ ଲେଖାଏ ୱିକେଟ ହାସଲ କରିଛନ୍ତି।

## ରଣଜୀ ଟ୍ରଫି
# ପରାଜୟ ଏଡ଼ାଇବା ଲକ୍ଷ୍ୟରେ ଓଡ଼ିଶା

କଟକ,୩।୧୧(ସମିସ)





ବାରବାଟୀରେ ଖେଳାଯାଉଥିବା ରଣଜୀ ଟ୍ରଫିର ୩ୟ ଲିଗ୍ ମ୍ୟାଚ୍‌ରେ ଆନ୍ଧ୍ରପ୍ରଦେଶ ଠାରୁ ଫଲୋଅନ ପାଇ ଘରୋଇ ଓଡ଼ିଶା ଦ୍ୱିତୀୟ ପାଳି ବ୍ୟାଟିଂ ଆରମ୍ଭ କରିଛି। ଭ୍ରମଣକାରୀ ଆନ୍ଧ୍ରପ୍ରଦେଶର ପ୍ରଥମ ଇନିଂସ୍ ୪୭୫/୭(ପାଳି ଘୋଷଣା) ଜବାବରେ ଓଡ଼ିଶାର ପ୍ରଥମ ପାଳି ୧୫୧ରନରେ ସୀମିତ ରହିଥିଲା। ସୋମବାର ମ୍ୟାଚ୍‌ର ୩ୟ ଦିବସ ଷ୍ଟମ୍ପ ଅପସାରଣ ସୁଦ୍ଧା ଓଡ଼ିଶା ଦ୍ୱିତୀୟ ପାଳିରେ ୨ ୱିକେଟ ହରାଇ ୧୯୦ରନ ସଂଗ୍ରହ କରିଛି। ଏବେ ବି ଦଳ ୧୩୪ରନ ପଛରେ ରହିଛି। ମଙ୍ଗଳବାର ମ୍ୟାଚ୍‌ର ଅନ୍ତିମ ଦିନରେ ଓଡ଼ିଶା କଳେବଳେ ମ୍ୟାଚ୍‌କୁ ଡ୍ର ରଖି ଅତିକମ୍‌ରେ ୧ ପଏଣ୍ଟ ହାସଲ କରିବାକୁ ଉଦ୍ୟମ କରିବ। ଚଳିତ ରଣଜୀ ସଂସ୍କରଣରେ ଓଡ଼ିଶାର ଦୁର୍ବଳ ବ୍ୟାଟିଂ ପ୍ରଦର୍ଶନ ଲାଗି ରହିଛି। ଅସମାପ୍ତ ପ୍ରଥମ ପାଳି ୮୦/୪ରୁ ଆଜି ଓଡ଼ିଶା ବ୍ୟାଟିଂ ଆରମ୍ଭ କରିଥିଲା। ସନ୍ଦୀପ ପଟ୍ଟନାୟକ ୨୪ରନ ଏବଂ ଗୋବିନ୍ଦ ପୋଦ୍ଦାର ୧ରନରେ ଅପରାଜିତ ଥିଲେ। ଆଜି ଖେଳର ୬ଷ୍ଠ ଓଭରରେ ଓଡ଼ିଶାର ୫ମ ୱିକେଟ ପତନ ଘଟିଥିଲା। ଅଭିଜ୍ଞ ଗୋବିନ୍ଦ ୧୪ରନରେ କାଭୁରି ସୈତେଜାଙ୍କ ୩ୟ ଶିକାର ପାଲଟିଥିଲେ। ନବାଗତ ସମ୍ବିତ ବରାଳ ଖାତା ଖୋଲିବା ଆଗରୁ ରନଆଉଟ ହୋଇ ପ୍ୟାଭିଲିୟନ ଫେରିଥିଲେ। ୧୩୧ବଲରୁ ୫୮ ରନ ସଂଗ୍ରହ କରି କ୍ରିଜରେ ତିଷ୍ଠି ଆସୁଥିବା ସନ୍ଦୀପଙ୍କୁ ଆଉଟ କରି ତ୍ରିପୁରନ ବିଜୟ ଓଡ଼ିଶାକୁ ଫଲୋଅନ ଦ୍ୱାର ଦେଶରେ ଛିଡ଼ା କରି ଦେଇଥିଲେ। ସନ୍ଦୀପ କ୍ରିଜ ଛାଡ଼ିବା ବେଳକୁ ଓଡ଼ିଶାର ଦଳୀୟ ସ୍କୋର ୧୪୦ ରହିଥିଲା। ୧୧ରନରେ ଦଳ ଶେଷ ୩ଟି ୱିକେଟ ହରାଇଥିଲା। ଆନ୍ଧ୍ର ପକ୍ଷରୁ କାଭୁରି ସୈତେଜା, ସୌରଭ କୁମାର ଏବଂ ତ୍ରିପୁରନ ବିଜୟ ୩ଟି ଲେଖାଏ ୱିକେଟ ହାସଲ କରିଛନ୍ତି। ତେବେ ଦ୍ୱିତୀୟ ପାଳିରେ ଓଡ଼ିଶା ଦୃଢ଼ତାର ସହ ବ୍ୟାଟିଂ କରିଥିବା ଦେଖିବାକୁ ମିଳିଛି। ଗୌରବ ଚୌଧୁରୀ ଓ ସ୍ୱସ୍ତିକ ସାମଲ ଓପନିଂ ଭାଗିଦାରୀରେ ୬୬ରନ ସଂଗ୍ରହ କରିଥିଲେ। ୭ଟି ଚୌକା ସହାୟତାରେ ୩୬ରନ କରିଥିବା ସ୍ୱସ୍ତିକ ଦୁର୍ଭାଗ୍ୟବଶତଃ ରନଆଉଟ ହୋଇଥିଲେ। ପ୍ରଥମ ପାଳିରେ ଅର୍ଦ୍ଧଶତକ ହାସଲ କରିଥିବା ସନ୍ଦୀପ ଏବଂ ଗୌରବ ୨ୟ ୱିକେଟରେ ୧୧୦ରନ ସଂଗ୍ରହ କରି ଓଡ଼ିଶାର ସ୍ଥିତିକୁ ମଜବୁତ କରିଥିଲେ। ମାତ୍ର ଷ୍ଟମ୍ପ ଅପସାରଣର କିଛି ସମୟ ପୂର୍ବରୁ ସନ୍ଦୀପଙ୍କ ୱିକେଟ ପତନ ଘଟିଥିଲା। ୧୨୫ବଲରୁ ୬ଟି ଚୌକା ଏବଂ ୨ଟି ଛକା ସହାୟତାରେ ୬୩ରନ କରି ସନ୍ଦୀପ ସୌରଭ କୁମାରଙ୍କ ଦ୍ୱାରା ଆଉଟ ହୋଇଥିଲେ। ଗୌରବ ୭୯ରନ ଏବଂ ଗୋବିନ୍ଦ ୪ରନରେ ଅପରାଜିତ ରହିଛନ୍ତି।

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED.
PRINTED AT THE SAKALA, SWOTI VILLAGE, PANIKOILI-755043, DIST: JAJPUR, ODISHA

କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦ୍ର ଦାସ
EXECUTIVE EDITOR: SAMARENDU DAS